

କିଆରାଙ୍କ ପାଇଁ ଯଶ୍‌ଙ୍କ ନିଷ୍ପତ୍ତି
▶ପୃଷ୍ଠା ୧୧ ଦେଖନ୍ତୁ...

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 42 ♦ISSUE-355 ♦BHUBANESWAR ♦MONDAY ♦23 JUNE 2025 ♦PAGE-12 ♦₹ 6.00 | PANIKOILI | ♦ବର୍ଷ-୪୨ ♦ସଂଖ୍ୟା-୩୫୫ ♦ଭୁବନେଶ୍ୱର ♦ସୋମବାର ♦୨୩ ଜୁନ୍ ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦


# ଯୁଦ୍ଧକୁ ଡେଇଁଲା ଆମେରିକା



## ଇରାନର ତିନିଟି ପରମାଣୁ କେନ୍ଦ୍ର ଉପରେ ବୋମାମାଡ଼

### ରୁଷ, ଚୀନର ନିନ୍ଦା; ମଧ୍ୟପ୍ରାଚ୍ୟ ଅଶାନ୍ତ
### ପ୍ରତିଶୋଧ ପାଇଁ ଇରାନର ଧମକ
### ଉଦବେଗ ଜଣାଇଲା ଭାରତ

■ **ତେହରାନ/ୱାସିଂଟନ, ୨୨।୬ (ଏଜେନ୍ସି):** ଗତ ଏକ ସପ୍ତାହ ଧରି ଇରାନ ଓ ଇସ୍ରାଏଲ ମଧ୍ୟରେ ଚାଲିଥିବା ଯୁଦ୍ଧରେ ସାମିଲ ହୋଇଛି ଆମେରିକା। ଆମେରକାର ଯୁଦ୍ଧ ବିମାନ ଆଜି ଇରାନର ତିନିଟି ପରମାଣୁ କେନ୍ଦ୍ର ଉପରେ ପ୍ରଚଣ୍ଡ ବୋମାମାଡ଼ କରି ଏଗୁଡ଼ିକୁ ଧ୍ୱଂସ କରିଦେଇଛନ୍ତି। ଆମରିକାର ଏଭଳି ଆକ୍ରମଣକୁ ନେଇ ବିଶ୍ୱବ୍ୟାପୀ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। ଜାତିସଂଘ ସମେତ ରୁଷ, ଚୀନ ଓ ଅନ୍ୟ କେତେକ ଦେଶ ଏହାର ନିନ୍ଦା କରିବା ସହିତ ସତର୍କ କରାଇ ଦେଇଛନ୍ତି ଯେ ଏହାଦ୍ୱାରା ମଧ୍ୟପ୍ରାଚ୍ୟରେ ପରିସ୍ଥିତି ଆହୁରି ବିଗିଡ଼ିଯିବାର ସମ୍ଭାବନା ରହିଛି। ଇରାନ ମଧ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିବା ସହିତ ପ୍ରତିଶୋଧ ନେବାକୁ ଧମକ ଦେଇଛି। ଇରାନର ଧମକ ପରେ ଆମେରିକାର ଅନେକ ସହରରେ ହାଇଆଲର୍ଟ ଜାରି କରାଯାଇଛି।

ଇରାନ ଉପରେ ଆକ୍ରମଣ ପାଇଁ ଦୁଇ ସପ୍ତାହ ସମୟ ନେଇଥିବା ଆମରେିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଆଜି ସକାଳେ ହିଁ ଇରାନ ଉପରେ ଆକ୍ରମଣ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ଆମେରିକାର ବୋମାବର୍ଷୀ ବିମାନ ବି-୨ ଇରାନର ତିନିଟି ପରମାଣୁ କେନ୍ଦ୍ର ଉପରେ ଶକ୍ତିଶାଳୀ ଜିବିୟୁ-୫୭ ଏମ୍‌ଓପି ନାମକ ବୋମା ମାଡ଼ କରିଥିଲା। ଫରଦୋ, ନତାଞ୍ଜ ଏବଂ ଏସ୍‌ଫାହନ୍ ପରମାଣୁ ପ୍ରତିଷ୍ଠାନ ଉପରେ ଦୁଇଟି ଲେଖାଏଁ ୬ଟି ଏଭଳି ବୋମା ପକାଇଥିଲା। ଗୋଟିଏ ବୋମାର ଓଜନ ୧୫ ଟନ୍ ଥିବା ବେଳେ ୨୦୦ ଫୁଟ୍ ଗଭୀର ଭୂତଳ ଟାର୍ଗେଟକୁ ଏହା ଭେଦ କରିପାରିବ। ଏହି ବୋମାମାଡ଼ରେ ▶ପୃଷ୍ଠା-୭

### ହର୍ମୁଜ ଷ୍ଟ୍ରେଟ ବନ୍ଦ କରିବ ଇରାନ
## ବଢ଼ିବ ତୈଳ ଦର !

■ **ତେହରାନ, ୨୨।୬ (ଏଜେନ୍ସି):** ଆମେରିକାର ଆକ୍ରମଣ ପରେ ଇରାନ ବଡ଼ ପଦକ୍ଷେପ ନେଇଛି। ଏହା ଦ୍ୱାରା ବିଶ୍ୱରେ ସଙ୍କଟ ସୃଷ୍ଟି ହୋଇପାରେ। ତୈଳ ଦର ଆକାଶ ଛୁଇଁପାରେ। ବିନା କ୍ଷେପଣାସ୍ତ୍ର ମାଡ଼ କରି ଇରାନ ଦୁନିଆକୁ ଦୋହଲାଇ ଦେଇପାରେ। ଆଜି ଇରାନ ସଂସଦରେ 'ଷ୍ଟ୍ରେଟ୍ ଅଫ ହର୍ମୁଜ' ବନ୍ଦ କରିବାକୁ ପ୍ରସ୍ତାବ ପାରିତ ହୋଇଯାଇଛି। ତେବେ ଇରାନ ସର୍ବୋଚ୍ଚ ନେତା ଅୟତୁଲ୍ଲା ଅଲ ଖାମନେଇ ଏହା ଉପରେ ଅନ୍ତିମ ନିଷ୍ପତ୍ତି ନେବେ। ହର୍ମୁଜ ଷ୍ଟ୍ରେଟ ବିଶ୍ୱର ସବୁଠୁ ଗୁରୁତ୍ୱପୂର୍ଣ୍ଣ ସାମୁଦ୍ରିକ ଚେକ୍ ପଏଣ୍ଟ। ଏହା ଓମାନ ଉପକୂଳ, ଓମାନ, ଇରାନ, ପାକିସ୍ତାନ ଏବଂ ୟୁଏଇ ମଧ୍ୟରେ ରହିଛି। ଏହା ଆରବ ସାଗରକୁ ପର୍ସିଆନ ଗଲ୍ଫ ସହ ଯୋଡୁଛି। ଏହି କ୍ଷେତ୍ର ଇରାନ-ଇସ୍ରାଏଲ ସଂଘର୍ଷର ମୁଖ୍ୟ କାରଣ ପାଲଟିଛି। କାରଣ ବିଶ୍ୱର ୨୦ ପ୍ରତିଶତ ତୈଳ ଏବଂ ଗ୍ୟାସ ଏହି ଷ୍ଟ୍ରେଟ ଦେଇ ଯାଉଛି। ଏହି ରାସ୍ତାକୁ ବନ୍ଦ କରିବା ପାଇଁ ପୂର୍ବରୁ ଇରାନ ଧମକ ଦେଇସାରିଛି। ଯଦି ଏହା ବନ୍ଦ ▶ପୃଷ୍ଠା-୭

# ଅସ୍ତ୍ରୋପଚାର ସଫଳ; ନବୀନ ସୁସ୍ଥ

■ **ମୁମ୍ବାଇ, ୨୨।୬ (ସମିସ):** ବିଜେଡି ସୁପ୍ରିମୋ ତଥା ବିରୋଧୀଦଳ ନେତା ନବୀନ ପଟ୍ଟନାୟକଙ୍କ ସର୍ଭିକାଲ ଆଥ୍ରାଇଟିସ୍ ଅପରେସନ ସଫଳତାର ସହ ଶେଷ ହୋଇଛି। ତାଙ୍କର ବ୍ୟକ୍ତିଗତ ସ୍ୱାସ୍ଥ୍ୟ ପରାମର୍ଶଦାତା ତଥା ପ୍ରଖ୍ୟାତ ଚିକିତ୍ସକ ଡା. ରମାକାନ୍ତ ପଣ୍ଡାଙ୍କ ତତ୍ତ୍ୱାବଧାନରେ ମୁମ୍ବାଇର କୋକିଲାବେନ୍ ଧୀରୁଭାଇ ଅମ୍ବାନୀ ହସ୍‌ପିଟାଲର ସ୍ନାୟୁ ବିଶେଷଜ୍ଞ ଡାକ୍ତର ରାଜଶେଖର ଅସ୍ତ୍ରୋପଚାର କରିଛନ୍ତି। ଏହି ସମୟରେ ଏସିଆନ ହାର୍ଟ ଇନଷ୍ଟିଚ୍ୟୁଟର ବିଶେଷଜ୍ଞମାନେ ମଧ ଉପସ୍ଥିତ ଥିଲେ। ଅପରେସନ ପରେ ନବୀନ ସମ୍ପୂର୍ଣ୍ଣ ସୁସ୍ଥ ଅଛନ୍ତି ଓ ଡାକ୍ତରଖାନାରେ ତାଙ୍କୁ ୪୮ ଘଣ୍ଟା ପର୍ଯ୍ୟବେକ୍ଷଣରେ ରଖାଯିବ। ଏହାପରେ ତାଙ୍କୁ କ୍ୟାବିନ୍‌କୁ ସ୍ଥାନାନ୍ତର କରାଯିବ। ୫ରୁ ୭ ଦିନ ମଧ୍ୟରେ ଷ୍ଟିଚ୍ ଖୋଲାଯିବ ଓ ଏହାପରେ ସେ ଭୁବନେଶ୍ୱର ପ୍ରତ୍ୟାବର୍ତ୍ତନ କରିବେ ବୋଲି ଡାକ୍ତର ପଣ୍ଡା ସୂଚନା ଦେଇଛନ୍ତି। ରବିବାର ସକାଳ ପ୍ରାୟ ୬ଟାରେ ନବୀନଙ୍କୁ ଅସ୍ତ୍ରୋପଚାର ପାଇଁ ଓଟିକୁ ନିଆଯାଇଥିଲା। ସକାଳ ୮ଟାରେ ତାଙ୍କର ଅସ୍ତ୍ରୋପଚାର ଆରମ୍ଭ ହୋଇଥିଲା। ୨ ଘଣ୍ଟା ▶ପୃଷ୍ଠା-୭



- ୪୮ ଘଣ୍ଟା ପର୍ଯ୍ୟବେକ୍ଷଣରେ ରହିବେ
- ୫-୭ ଦିନ ମଧ୍ୟରେ ଖୋଲାଯିବ ଷ୍ଟିଚ୍
- ଡା. ରମାକାନ୍ତ ପଣ୍ଡାଙ୍କ ତତ୍ତ୍ୱାବଧାନରେ ଚିକିତ୍ସା
- ଡାକ୍ତରଖାନାରେ ଭାଇ ପ୍ରେମ୍ ଓ ଭାଉଜ ଉପସ୍ଥିତ

# କମୁଛି ବନ୍ୟା; ବଢୁଛି ଦୁର୍ଦ୍ଦଶା

## ତିନି ଦିନ ପରେ ମିଳିଲା ମୁଠେ ଶୁଖିଲା ଖାଦ୍ୟ

■ **ବାଲେଶ୍ୱର(ଉତ୍ତର)/ ଭୋଗରାଇ/ ବାଲିଆପାଳ/ କାଳୀପଦା, ୨୨।୬ (ସମିସ):** ସୁବର୍ଣ୍ଣରେଖା ନଦୀରେ ବନ୍ୟାକୁ ତିନି ଦିନ ବିତିଛି। ବିପଦ ସଂକେତ ତଳେ ଏବେ ବନ୍ୟାଜଳ ପ୍ରବାହିତ ହେଉଥିଲେ ହେଁ ଭୋଗରାଇ ଓ ବାଲିଆପାଳରେ ବିପନ୍ନଙ୍କ ଦୁର୍ଦ୍ଦଶା ବଢ଼ିବାରେ ଲାଗିଛି।



ଭୋଗରାଇ ବ୍ଲକ୍‌ର ୮ଟି ପଞ୍ଚାୟତର ପ୍ରାୟ ୪୦ରୁ ଅଧିକ ଗାଁର ଲୋକେ ଏବେବି ପାଣିଘେରରେ ଅଛନ୍ତି। ତିନି ଦିନ ପରେ ଆଜି ବ୍ଲକ ପ୍ରଶାସନ ପକ୍ଷରୁ ଅଳ୍ପ କେତେକ ଗାଁରେ ଶୁଖିଲା ଖାଦ୍ୟ ଓ ପାଣି ବୋତଲ ବଣ୍ଟନ କରାଯାଇଛି। ମାତ୍ର ପର୍ଯ୍ୟାପ୍ତ ପରିମାଣରେ ପାନୀୟ ଜଳର ଆବଶ୍ୟକତା ଥିବା ବେଳେ ପ୍ରଶାସନ ଯୋଗାଇବାରେ ଫେଲ୍ ମାରିଥିବା ଅଭିଯୋଗ ହୋଇଛି। ଏବେ ବି ବ୍ଲକ୍‌ର ଖରିଦପିପଳ, ଆରୁହାବୃତ୍ତି-୧, ନାଚିନ୍ଦା, କୁସୁଡ଼ା, ଗବ ଗାଁ, ପୁଟିଣା, କୁମ୍ଭୀରଗଡ଼ି ଓ ଜୟରାମପୁର ପଞ୍ଚାୟତର ଅନେକ ଗାଁ ବନ୍ୟା ବନ୍ୟାଜଳ ଘେରରେ ରହିଛି। ମାତ୍ର ପ୍ରଶାସନ ପକ୍ଷରୁ ସେମାନଙ୍କୁ ଏ ପର୍ଯ୍ୟନ୍ତ ରନ୍ଧାଖାଦ୍ୟ ଯୋଗାଇ ଦିଆଯାଇନାହିଁ। ▶ପୃଷ୍ଠା-୭




# ପହଲ୍‌ଗାମ୍ ଆତଙ୍କୀଙ୍କୁ ଶରଣ ଦେଇ ୨ ଗିରଫ

ନୂଆଦିଲ୍ଲୀ,୨୨।୬(ଏଜେନ୍ସି): କଶ୍ମୀର ପହଲଗାମରେ ହୋଇଥିବା ଆତଙ୍କାବାଦୀ ଆକ୍ରମଣର ଦୁଇମାସ ପରେ ନ୍ୟାସନାଲ ଇନଭେଷ୍ଟିଗେସନ ଏଜେନ୍ସି (ଏନ୍‌ଆଇଏ) ଏହି ମାମଲାରେ ଦୁଇଜଣଙ୍କୁ ଗରିଫ କରିଛି। ଆତଙ୍କବାଦୀମାନଙ୍କୁ ଏହି ଦୁଇଜଣ ଶରଣ ଦେଇଥିଲେ ବୋଲି ଏଜେନ୍ସି ତରଫରୁ କୁହାଯାଇଛି। ଗିରଫ୍ ହୋଇଥିବା ଦୁଇ ଅଭିଯୁକ୍ତ ହେଲେ ବାରକୋଟର ପରଭେଜ ଅହମ୍ମଦ ଜୋଠାର ଓ ହିଲ୍ ପାର୍କର ବସୀର ଅହମ୍ମଦ ଜୋଠାର। ଏହି ୩ ଆତଙ୍କବାଦୀ ପାକିସ୍ତାନୀ ଥିଲେ ଓ ସେମାନେ କିଭଳି ଥିଲେ ସେ ନେଇ ଏହି ଦୁଇଜଣ ଏନ୍‌ଆଇଏକୁ ଗୁରୁତ୍ୱପୂର୍ଣ୍ଣ ସୂଚନା ଦେଇଥିଲେ। ଆତଙ୍କବାଦୀମାନେ ଲସ୍କର ଇ ତୋଏବା (ଏଲ୍‌ଇଟି) ଆତଙ୍କୀ ସଂଗଠନର ସଦସ୍ୟ ଥିଲେ ବୋଲି ଦୁହେଁ କହିଛନ୍ତି। ଏହି ୩ଜଣ ଆତଙ୍କବାଦୀଙ୍କୁ ପରଭେଜ ଓ ବସିର ଆକ୍ରମଣ ପୂର୍ବରୁ ହିଲ ପାର୍କ ସ୍ଥିତ ଏକ ଅସ୍ଥାୟୀ ବସ୍ତିରେ ଜାଣିଶୁଣି ରହିବା ପାଇଁ ସୁଯୋଗ ଦେଇଥିଲେ। ଆତଙ୍କବାଦୀଙ୍କୁ ସେଠାରେ ରଖିବା ସହ ସେମାନଙ୍କୁ ଅନ୍ୟାନ୍ୟ ସୁବିଧାସୁଯୋଗ ପ୍ରଦାନ କରିଥିଲେ। ତେବେ ଅଭିଯୁକ୍ତମାନେ ଏହି ୩ ଆତଙ୍କବାଦୀଙ୍କ ନାମ ବିଷୟରେ ସୂଚନା ଦେଇଛନ୍ତି କି ନା ସେ ନେଇ ଏନ୍‌ଆଇଏ କିଛି ସ୍ପଷ୍ଟ କରିନାହିଁ।

# ସମ୍ପୂର୍ଣ୍ଣ ୟୁକ୍ରେନ ଆମର: ପୁଟିନ୍

ସେଣ୍ଟ ପିଟର୍ସବର୍ଗ,୨୨।୬(ଏଜେନ୍ସି): ରୁଷି ରାଷ୍ଟ୍ରପତି ଭ୍ଲାଡିମୀର ପୁଟିନ ପୁଣି ଏକ ଅଜବ ମନ୍ତବ୍ୟ ଦେଇ ଚର୍ଚ୍ଚା ସୃଷ୍ଟି କରିଛନ୍ତି। ସମ୍ପୂର୍ଣ୍ଣ ୟୁକେନ୍ ହେଉଛି ଆମର। ୟୁକ୍ରେନ ଓ ରୁଷିଆର ଲୋକ ସମାନ ବୋଲି ସେ କହିଛନ୍ତି। ସେଣ୍ଟ ପିଟର୍ସବର୍ଗରେ ଅନୁଷ୍ଠିତ ଅନ୍ତର୍ଜାତୀୟ ଇକୋନୋମିକ ଫୋରମ୍‌ରେ ପୁଟିନ ଏହି କଥା କହିଛନ୍ତି। ୟୁକ୍ରେନ୍‌କୁ ଧ୍ୱଂସ କରିବା ରୁଷିଆ ଆଦୌ ଲକ୍ଷ୍ୟ ରଖିନାହିଁ। କିନ୍ତୁ ୟୁକ୍ରେନ୍ ରୁଷିଆର ଭୌଗଳିକ ସ୍ଥିତି ଓ ପ୍ରାଦେଶିକ ତଥା ଆଞ୍ଚଳିକ ପ୍ରାଧାନ୍ୟକୁ ସ୍ୱୀକାର କରିବା ଉଚିତ ବୋଲି ସେ ସ୍ପଷ୍ଟ କରିଛନ୍ତି। ରୁଷିଆ ଓ ୟୁକ୍ରେନ୍‌ର ନାଗରିକ ସବୁ ଦୃଷ୍ଟିକୋଣରୁ ସମାନ ବୋଲି ପୂର୍ବରୁ ଏକାଧିକବାର କହି ସାରିଛି। ତେଣୁ ଏହି ଦୃଷ୍ଟିକୋଣରୁ ଦେଖିବାକୁ ଗଲେ ସମ୍ପୂର୍ଣ୍ଣ ୟୁକ୍ରେନ ଆମର। କିନ୍ତୁ ଆମେ କେବେ ୟୁକ୍ରେନର ସାର୍ବଭୌମତ୍ୱକୁ ନେଇ ପ୍ରଶ୍ନ ଉଠାଇନାହୁଁ ବୋଲି ସେ କହିଛନ୍ତି। ୧୯୯୧ରେ ଯେତେବେଳେ ୟୁକ୍ରେନ ସ୍ୱାଧୀନତା ଲାଭ କରିଥିଲା, ସେତେବେଳେ ଏହି ଦେଶ କୌଣସି ଗୋଷ୍ଠୀରେ ସାମିଲ ନହେବାକୁ, ଆଣବିକ ଅସ୍ତ୍ର ପାଖରେ ନ ରଖିବାକୁ ଓ ଏକ ନିରପେକ୍ଷ ଦେଶ ହୋଇ ରହିବାକୁ ସର୍ତ୍ତ ରହିଥିଲା। ତେଣୁ ୟୁକ୍ରେନ ଏହି ସର୍ତ୍ତଗୁଡିକୁ ମାନିବା ଉଚିତ।

# ଗମ୍ଭୀର ରୋଗ ସହ ସଂଘର୍ଷ କରୁଛନ୍ତି ସଲମାନ

ନୂଆଦିଲ୍ଲୀ, ୨୨।୬(ଏଜେନ୍ସି): ବଲିଉଡ୍ ସୁପରଷ୍ଟାର ସଲମାନ ଖାନ୍ ଏକାଧିକ ଗମ୍ଭୀର ରୋଗ ସହ ସଂଘର୍ଷ କରୁଛନ୍ତି। ୫୯ ବର୍ଷୀୟ ସଲମାନଙ୍କ ମସ୍ତିସ୍କରେ ସମସ୍ୟା ରହିଛି। ସେ ବ୍ରେନ୍ ଆନେଉରିଜମ୍ ନାମକ ଏକ ରୋଗରେ ପୀଡିତ ଅଛନ୍ତି। କିଛିଦିନ ତଳେ 'ଦି ଗ୍ରେଟ୍ ଇଣ୍ଡିଆନ କପିଲ ଶର୍ମା' ଶୋ'ରେ ଯୋଗ ଦେଇ ସେ ଏ ନେଇ ଖୁଲାସା କରିଛନ୍ତି। କେବଳ ସେତିକି ନୁହଁ ସେ ଟ୍ରାଇଜେମିନାଲ ନେଉରାଲଜିଆ ଓ ଆର୍ଟେରିଓଭେନସ ମାଲଫର୍ମେସନ ରୋଗରେ ମଧ୍ୟ ପୀଡିତ ଅଛନ୍ତି। ଏହି କାରଣରୁ ତାଙ୍କ ଚେହେରା ଓ ମୁଣ୍ଡରେ ସେ ଯନ୍ତ୍ରଣା ଅନୁଭବ କରୁଛନ୍ତି। ବ୍ରେନ୍ ଆନେଉରିଜମ୍ ପାଇଁ ତାଙ୍କ ଚିକିତ୍ସା ହେଉଛି। ଏହା କାରଣରୁ ଜୀବନ ମଧ୍ୟ ଯାଇପାରେ। ଏତେ ସବୁ ରୋଗରେ ପୀଡିତ ଥିଲେ ମଧ୍ୟ ଯନ୍ତ୍ରଣା ସହ କାମ କରିବାକୁ ପଡୁଛି ବୋଲି ସେ କହିଛନ୍ତି।

# ଡିଜିସିଏର ନୂଆ ମାର୍ଗଦର୍ଶିକା

ନୂଆଦିଲ୍ଲୀ, ୨୨।୬ (ଏଜେନ୍ସି):ବିମାନ ନିୟାମକ ଡିଜିସିଏ ଖରାପ ପାଣିପାଗରେ ଉଡ଼ାଣକୁ ନେଇ ନୂଆ ନିୟମ ଜାରି କରିଛି। ବିମାନ ଉଡ଼ାଣ କାର୍ଯ୍ୟସୂଚୀଠାରୁ ଯାତ୍ରୀ ଏବଂ କ୍ରୁଙ୍କ ସୁରକ୍ଷା ଅଧିକ ଗୁରୁତ୍ୱପୂର୍ଣ୍ଣ ବୋଲି କୁହାଯାଇଛି। ପାଣିପାଗ ଖରାପ ଥିଲେ କିମ୍ବା ବିପଦ ଥିଲେ ବିମାନର ଗତିପଥ ବଦଳାଇବାକୁ ତୁରନ୍ତ ନିଷ୍ପତ୍ତି ନେବା ପାଇଁ ପାଇଲଟଙ୍କୁ ପରାମର୍ଶ ଦିଆଯାଇଛି। କେଦାରନାଥରେ ହେଲିକପ୍ଟର ଏବଂ ଅହମଦାବାଦ ଦୁର୍ଘଟଣା ପରେ ଡିଜିସିଏ ଏହି ନିଷ୍ପତ୍ତି ନେଇଛି। ଏ ନେଇ ସମସ୍ତ ବିମାନ କମ୍ପାନୀମାନଙ୍କୁ ନୂଆ ସର୍କୁଲାର ଜାରି କରାଯାଇଛି।

# ୩ କୋଟିର ସମ୍ପତ୍ତି ପାଇଁ ପ୍ରେମିକ ସହ ମିଶି ସ୍ୱାମୀକୁ ହତ୍ୟା

ଲକ୍ଷ୍ନୌ, ୨୨।୬ (ଏଜେନ୍ସି): ମଧ୍ୟପ୍ରଦେଶ ପରେ ଉତ୍ତର ପ୍ରଦେଶ ମୋରାଦାବାଦରୁ ଚାଞ୍ଚଲ୍ୟକର ମାମଲା ସାମ୍ନାକୁ ଆସିଛି। ୩ କୋଟିର ସମ୍ପତ୍ତି ପାଇଁ ପ୍ରେମିକ ସହ ମିଶି ସ୍ତ୍ରୀ ସ୍ୱାମୀକୁ ହତ୍ୟା କରିଛି। ଏହି ଜଘନ୍ୟ କାଣ୍ଡ ଘଟାଇବା ପରେ ମୃତଦେହକୁ ନେଇ ଉତ୍ତରାଖଣ୍ଡର କୋଟଦ୍ୱାର ଜଙ୍ଗଲରେ ପକାଇଛି। ସୂଚନା ଅନୁଯାୟୀ ପୀଡ଼ିତ ରବୀନ୍ଦ୍ର କୁମାର ନିଜର ୩ କୋଟିର ଘର ବିକ୍ରି କରି ଋଣ ପରିଶୋଧ କରିବାକୁ ଚାହୁଁଥିଲେ। ମାତ୍ର ପତ୍ନୀ ରୀନା ସିନ୍ଧୁ ଏହାକୁ ବିରୋଧ କରିଥିଲେ। ଏଥିପାଇଁ ଉଭୟଙ୍କ ମଧ୍ୟରେ ବିବାଦ ହୋଇଥିଲା। ପରେ ସେ ପ୍ରେମିକ ପରିତୋଷ କୁମାର ସହ ମିଶି ସ୍ୱାମୀକୁ ମାରି ଦେଇଥିଲେ।

# ଟ୍ରାକ୍ଟର-ଡମ୍ପର ଧକ୍କା; ୫ ମୃତ

କୋଲକାତା, ୨୨।୬ (ଏଜେନ୍ସି): ପଶ୍ଚିମବଙ୍ଗ ମୁର୍ଶିଦାବାଦ ଜିଲ୍ଲାର କାନ୍ଦି ଥାନା ଅଞ୍ଚଳର ଗୋରକାନ୍ ପାୱାର ହାଉସ୍ ଛକରେ ଭୟଙ୍କର ସଡ଼କ ଦୁର୍ଘଟଣା ଘଟିଛି। ଏଥିରେ ୫ ଜଣଙ୍କ ମୃତ୍ୟୁ ହୋଇଛି। ଏମାନଙ୍କ ମଧ୍ୟରେ ୩ ମହିଳା ଓ ଡ୍ରାଇଭର ସାମିଲ ଅଛନ୍ତି। ୧୦ ଜଣ ଆହତ ହୋଇଛନ୍ତି। ମୁର୍ଶିଦାବାଦ ମେଡିକାଲ୍ କଲେଜ୍ ହସ୍ପିଟାଲରେ ଏମାନଙ୍କର ଚିକିତ୍ସା ଚାଲିଛି। କିଛି ଲୋକଙ୍କ ସ୍ୱାସ୍ଥ୍ୟାବସ୍ଥା ଗୁରୁତର ଥିବାରୁ ମୃତ୍ୟୁସଂଖ୍ୟା ବୃଦ୍ଧି ପାଇବାର ଆଶଙ୍କା ରହିଛି। ସୂଚନା ଅନୁଯାୟୀ ୨୦ ଜଣିଆ ତୀର୍ଥଯାତ୍ରୀଙ୍କ ଏକ ଦଳ ବୀରଭୂମର ବାଲୁକା ଅଞ୍ଚଳରୁ ଗାଧୋଇ ଟ୍ରାକ୍ଟରରେ ଫେରୁଥିଲେ। ଏହି ସମୟରେ ଟ୍ରାକ୍ଟରଟି ଏକ ଡମ୍ପର ସହିତ ଧକ୍କା ହୋଇ ଓଲଟି ପଡ଼ିଥିଲା।



# ୩୭ ଘଣ୍ଟା ଉଡ଼ାଣ ପରେ ଇରାନରେ ଆକ୍ରମଣ କରିଥିଲା ବି-୨ ବମ୍ବର୍ସ

## ୧୨ ବଙ୍କର ବଷ୍ଟର, ୩୦ ଟନ୍ ହକ୍ କ୍ଷେପଣାସ୍ତ୍ର ଆକ୍ରମଣ

ୱାଶିଂଟନ, ୨୨।୬ (ଏଜେନ୍ସି):

ଇସ୍ରାଏଲ ଏବଂ ଇରାନ ସଂଘର୍ଷକୁ ଆମେରିକା ଡେଇଁଛି। ଏହି ଦେଶ 'ଅପରେସନ ମିଡ୍‌ନାଇଟ ହାମର' ଆରମ୍ଭ କରି ରବିବାର ସକାଳେ ଇରାନର ତିନୋଟି ପରମାଣୁ ଠିକଣାରେ ବୋମା ବର୍ଷା କରିଛି। ଏହି ଆକ୍ରମଣରେ ନତାଞ୍ଜ, ଫର୍ଦୋ ଏବଂ ଇସାଫାହନ ପରମାଣୁ କେନ୍ଦ୍ର ଧ୍ୱଂସ ହୋଇଯାଇଛି। ଦୁଇ ଦେଶ ମଧ୍ୟରେ ଚାଲିଥିବା


- 'ଅପରେସନ ମିଡ୍‌ନାଇଟ ହାମର'ରେ ସାମିଲ ଥିଲା ୧୨୫ ଯୁଦ୍ଧ ବିମାନ
- ଆକ୍ରମଣ ପୂର୍ବରୁ ଇରାନକୁ ଜଣାଇଥିଲା ଆମେରିକା

ଏହି ଯୁଦ୍ଧରେ ଆମେରିକା ସାମିଲ ହୋଇ ସ୍ଥିତିକୁ ଅଧିକ ଗମ୍ଭୀର କରିଦେଇଛି। ଇରାନ ଜବାବୀ କାର୍ଯ୍ୟାନୁଷ୍ଠାନର ଧମକ ଦେଇଛି। ତେବେ ଇରାନ କୌଣସି କାର୍ଯ୍ୟାନୁଷ୍ଠାନ ନେଲେ ଆମେରିକା ଜୋରଦାର ଆକ୍ରମଣ କରିବ ବୋଲି ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ କହିଛନ୍ତି। ଇରାନ ଉପରେ ଆଜି ହୋଇଥିବା ଆକ୍ରମଣରେ ଆମେରିକାର ବି-୨ ଷ୍ଟିଲଥ୍ ବମ୍ବର୍ସ ସହିତ ୧୨୫ ଲଢୁଆ ବିମାନ ସାମିଲ ହୋଇଥିଲା। ପାହାଡ଼ କାଟି ଇରାନ ପରମାଣୁ କେନ୍ଦ୍ର ବନାଇ ଥିଲା। ତେଣୁ ଏହାକୁ ଧ୍ୱଂସ କରିବା ପାଇଁ ବି-୨ ବମ୍ବରର ଆବଶ୍ୟକତା ପଡ଼ିଥିଲା। ୨୫୦ ଫୁଟ୍ ତଳେ ଥିବା ପରମାଣୁ କେନ୍ଦ୍ରକୁ ଧ୍ୱଂସ କରିବା ପାଇଁ ବଙ୍କର ବଷ୍ଟର ବ୍ୟବହାର କରାଯାଇଥିଲା। ପ୍ରଥମ ଥର ପାଇଁ ଆମେରିକା ଏହି ବୋମାକୁ ବ୍ୟବହାର କରିଛି। ତେବେ ଆକ୍ରମଣ ପରେ ପରମାଣୁ କେନ୍ଦ୍ରରୁ କୌଣସି ବିକିରଣ ହୋଇନାହିଁ ବୋଲି ଇରାନ ପକ୍ଷରୁ କୁହାଯାଇଛି। ଏହି ଅଭିଯାନ ପାଇଁ ବି-୨ ବମ୍ବର୍ସ ଅନବରତ ୩୭ ଘଣ୍ଟା ପର୍ଯ୍ୟନ୍ତ ଉଡ଼ାଣ କରିଥିଲା। ସିଧାସଳଖ ଲକ୍ଷ୍ୟ ସ୍ଥଳରେ ପହଞ୍ଚି ଇରାନର ପରମାଣୁ କେନ୍ଦ୍ର ଉପରେ ବଙ୍କର ବଷ୍ଟର ମାଡ଼ କରିଥିଲା। ଆମେରିକା ରାଷ୍ଟ୍ରପତି ଏହି ସୂଚନା ଦେଇଛନ୍ତି। ଆମେରିକାର ମିସୋରିରୁ ବି-୨ ବିମାନ ଉଡ଼ାଣ ଆରମ୍ଭ କରିଥିଲା। ଏହା ଲକ୍ଷ୍ୟଭେଦ କରିବା ପୂର୍ବରୁ ୩୭ ଘଣ୍ଟାର ଯାତ୍ରା କରିଥିଲା। ଆକାଶ ମାର୍ଗରେ ଇନ୍ଧନ ଭର୍ତ୍ତି କରି ଏହି ଅଭିଯାନକୁ ସଫଳତାର ସହ ଶେଷ କରିଥିଲା। ପ୍ରାୟ ୨ ବିଲିୟନ ଡଲାର (୧, ୭୩, ୧୬, ୬୦, ୨୦, ୪୦୦ ଟଙ୍କା) ମୂଲ୍ୟର ଏହି ଉନ୍ନତ ଲଢୁଆ ବିମାନ ମିସୋରିରୁ ଇରାନ ଏବଂ ପୁଣି ଆମେରିକା ଫେରିବା ପର୍ଯ୍ୟନ୍ତ ୧୧, ୪୦୦ କିମି ପଥ ଅତିକ୍ରମ କରିଥିଲା। ଆକ୍ରମଣ ଦ୍ୱାରା ଫରଦୋରେ ୬ଟି ବଡ଼ ଖାଲ ହୋଇଯାଇଛି। ମାକ୍ସାର ଟେକ୍ନୋଲୋଜି ପାଖରୁ ଏହାର ଫଟୋ ଜାରି କରାଯାଇଛି। ଏହାର ଆଖପାଖରେ ମାଟି ଧସି ଯାଇଥିବା ମଧ୍ୟ ଦେଖିବାକୁ ମିଳୁଛି।

ଫରଦୋ ଠିକଣାରେ ୬ଟି ବଙ୍କର ବଷ୍ଟର ତଥା ଜିବିୟୁ-୫୭ ମାସିଭ ଅର୍ଡନାନ୍ସ ପେନେଟ୍ରେଟର (ଏମଓପି) ବୋମା ମାଡ଼ କରାଯାଇଥିଲା। ସେହିପରି ୩୦ ଟମ୍‌ହକ୍ କ୍ଷେପଣାସ୍ତ୍ର ମଧ୍ୟ ଆକ୍ରମଣ କରାଯାଇଥିଲା। ଅନ୍ୟ ଏକ ରିପୋର୍ଟରେ ଆମେରିକା ୧୨ଟି ବଙ୍କର ବଷ୍ଟର ବୋମା ମାଡ଼ କରିଥିବା କୁହାଯାଇଛି। ଆମେରିକାର ଜଏଣ୍ଟ ଚିଫ୍ ଅଫ୍ ଷ୍ଟାଫ ଜେନେରାଲ ଡାନ କେନ କହିଛନ୍ତି ଯେ ଆକ୍ରମଣରେ ୭ଟି ବି-୨ ବିମାନ ସାମିଲ ଥିଲା। ଏହି ବିମାନ ଫର୍ଦୋ ଏବଂ ନତାଞ୍ଜରେ ପ୍ରାୟ ୧୪ ହଜାର କେଜିର ବୋମା ପକାଇ ଥିଲା। କିନ୍ତୁ ଇସ୍‌ଫାହନରେ ଟମ୍‌ହକ୍ ମିସାଇଲ ମାଡ଼ କରାଯାଇଥିଲା। ଏହି ଅଭିଯାନ ପାଇଁ ଧୋକାର ରଣନୀତି ଆପଣା ଯାଇଥିଲା। କିଛି ବୋମାବର୍ଷୀ ବିମାନକୁ ପ୍ରଶାନ୍ତ ମହାସାଗର ଅଭିମୁଖେ ପଠା ଯାଇଥିଲା। ଏହା ମାଧ୍ୟମରେ ଇରାନକୁ ଭୁଆଁ ବୁଲା ଯାଇଥିଲା। ସେହିଦିଗରୁ ଆକ୍ରମଣ ହେବ ବୋଲି ଇରାନ ଭାବିଥିଲା। କିନ୍ତୁ ଅନ୍ୟ ଦିଗରୁ ଆମେରିକା ଆକ୍ରମଣ କରିଥିଲା। ୨୦୦୧ ସେପ୍ଟେମ୍ବର ୧୧ ପରଠାରୁ ଏହା ସବୁଠୁ ବଡ଼ ବି-୨ ମିସନ ଥିଲା। ଏହି ଅଭିଯାନକୁ ଅତ୍ୟନ୍ତ ଗୁପ୍ତ ରଖାଯାଇଥିଲା। କିଛି ନିର୍ଦ୍ଦିଷ୍ଟ ସେନା ଅଧିକାରୀଙ୍କୁ ଏହି ସୂଚନା ଦିଆଯାଇଥିଲା। ଅନ୍ୟପଟେ ଆମେରିକା ଦିନକ ପୂର୍ବରୁ ଆକ୍ରମଣ ବିଷୟରେ ଇରାନକୁ ସୂଚନା ଦେଇଥିଲା ବୋଲି କୁହାଯାଉଛି। ଅମବାଜ ମିଡିଆ ପକ୍ଷରୁ ଏହି ସୂଚନା ଦିଆଯାଇଛି। ଜଣେ ବରିଷ୍ଠ ଅଧକାରୀ କହିଛନ୍ତି ଯେ ଆକ୍ରମଣ ପୂର୍ବରୁ ଆମେରିକା ଆଡଭାନ୍ସ ନୋଟିସ ପଠାଇ ଥିଲା। ନାମ ପ୍ରକାଶ ନ କରିବା ସର୍ତ୍ତରେ ଜଣେ ଅଧିକାରୀ କହିଛନ୍ତି ଯେ ଗତ ୨୧ ତାରିଖରେ ଟ୍ରମ୍ପ ପ୍ରଶାସନ ପକ୍ଷରୁ ଆକ୍ରମଣ ପାଇଁ ସୂଚନା ଦିଆଯାଇଥିଲା। ଇରାନ ସହ ଯୁଦ୍ଧ କରିବା ଆମେରିକାର ଉଦ୍ଦେଶ୍ୟ ନୁହେଁ ବୋଲି କୁହାଯାଇଥିଲା। କେବଳ ତିନୋଟି ପରମାଣୁ କେନ୍ଦ୍ର ଉପରେ ଆକ୍ରମଣ କରାଯିବ ବୋଲି ସୂଚନା ଦିଆଯାଇଥିଲା।

ଆମେରିକା ଆକ୍ରମଣ କରିବ ବୋଲି ପୂର୍ବରୁ ଇରାନ ଜାଣିପାରି ଥିଲା। ଏଥିପାଇଁ ସତର୍କ ହୋଇ ଯାଇଥିଲା। ଆକ୍ରମଣ ପୂର୍ବରୁ ଇରାନ ଫର୍ଦୋ ପରମାଣୁ କେନ୍ଦ୍ରରେ ଥିବା ଅଧିକାଂଶ ୟୁରାନିୟମକୁ ଅନ୍ୟ ସ୍ଥାନକୁ ସ୍ଥାନାନ୍ତର କରି ଦେଇଥିଲା। ଇରାନର ମେହର ନ୍ୟୁଜ୍ ଏଜେନ୍ସି ସୂତ୍ରକୁ ଏହି ସୂଚନା ମିଳିଛି। ଇସ୍ରାଏଲ ସହିତ ବଢୁଥିବା ଉତ୍ତେଜନାକୁ ଦୃଷ୍ଟିରେ ରଖି ଇରାନ ସରକାର ଏହି ପଦକ୍ଷେପ ନେଇଥିଲେ। ତେବେ ଏହି ୟୁରାନିୟମ କେଉଁଠାକୁ ନିଆଯାଇଛି ତାହାର କୌଣସି ସୂଚନା ଦିଆଯାଇ ନାହିଁ।





### ବଙ୍କର ବଷ୍ଟର କ'ଣ

ଜିବିୟୁ ତଥା ବଙ୍କର ବଷ୍ଟର ତଥା ଏମଓପି ଭାବେ ପରିଚିତ ଏହି କ୍ଷେପଣାସ୍ତ୍ରର ଲମ୍ବ ୨୦.୭ ଫୁଟ। ଏଥିରେ ୪ଟି ଷ୍ଟାବିଲାଇଜର ଫିନ୍ସ, ୪ଟି ୱିଙ୍ଗ, ଲେଜର ସେନ୍‌ସର ଏବଂ ୱାର ହେଡ୍ ରହିଛି। ଏହାର ଓଜନ ପ୍ରାୟ ୧୪ ଟନ୍। ଏହା ୫,୩୪୨ ପାଉଣ୍ଡର ବିସ୍ଫୋରକ ନେଇପାରିବ। ଭୂତଳ ଭଣ୍ଡାର ଏବଂ କଠିନ ଲକ୍ଷ୍ୟକୁ ଭେଦ କରିବା ପାଇଁ ଏହି ବଙ୍କର ବଷ୍ଟରକୁ ଡିଜାଇନ କରାଯାଇଛି। ଏହା ୨୦୦ ଫୁଟ ତଳେ ଥିବା ଠିକଣାକୁ ମଧ୍ୟ ଧ୍ୱଂସ କରିଦେବ। ଏହି ବଙ୍କର ବଷ୍ଟରର ମୂଲ୍ୟ ୩.୫ ନିୟୁତ ଡଲାର ଅର୍ଥାତ୍ ୨୯ କୋଟି ଟଙ୍କା। ଏହା ବିଶ୍ୱର ସବୁଠାରୁ ଶକ୍ତିଶାଳୀ ଅଣ ପରମାଣୁ ଅସ୍ତ୍ର। ଏହାକୁ ବୋଇଂ ଡିଜାଇନ କରିଥିଲା। ଉଚ୍ଚ କ୍ଷମତା ସମ୍ପନ୍ନ ଷ୍ଟିଲ ଏଲୟରେ ଏହାକୁ ପ୍ରସ୍ତୁତ କରାଯାଇଛି।

### ବି-୨ ଷ୍ଟିଲ୍‌ଥ ବମ୍ବରର କ୍ଷମତା

ଏହି ବିମାନକୁ ଆମେରିକା ବାୟୁସେନାର ମେରୁଦଣ୍ଡ ଧରାଯାଏ। ବିଶ୍ୱର ପ୍ରମୁଖ ଶକ୍ତିଶାଳୀ ବିମାନ ମଧ୍ୟରୁ ଏହା ଅନ୍ୟତମ। ଅତ୍ୟାଧୁନିକ ଜ୍ଞାନକୌଶଳ ସହ ଏହାକୁ ଡିଜାଇନ କରାଯାଇଛି। ଏହାର ପର୍ଯ୍ୟବେକ୍ଷଣ କ୍ଷମତା ଅତ୍ୟନ୍ତ ତୀକ୍ଷଣ। ଯେକୌଣସି ଉଚ୍ଚତାରେ ଏହା ଉଡ଼ାଣ କରିବାକୁ ସକ୍ଷମ। ଏହା ସବୁଠାରୁ ଅତ୍ୟାଧୁନିକ ବାୟୁ ପ୍ରତିରକ୍ଷା ବ୍ୟବସ୍ଥାକୁ ମଧ୍ୟ ଭେଦ କରିଦେବ। ଏହା ଥରକେ ୧୧ ହଜାର କିମି ପର୍ଯ୍ୟନ୍ତ ଉଡ଼ାଣ କରିପାରିବ। ପୁଣି ଇନ୍ଧନ ଭର୍ତ୍ତି କରିବା ପରେ ୧୯ ହଜାର କିମି ପର୍ଯ୍ୟନ୍ତ ଉଡ଼ିପାରିବ। ଏହି ବିମାନ ଏକାଥରକେ ୨ଟି ବଙ୍କର ବଷ୍ଟର ବୋମା ନେଇ ଯାତ୍ରା କରିପାରିବ। କାରଣ ଏହି ବୋମାର ଓଜନ ପ୍ରାୟ ୩୦ ହଜାର ପାଉଣ୍ଡ ତଥା ୧୪ ଟନ୍ ହୋଇଥାଏ। ଅଧିକ ଓଜନର ହୋଇଥିବାରୁ ବି-୨ କେବଳ ୨ଟି ଏମଓପି ସହିତ ଅନ୍ୟ ଅସ୍ତ୍ରଶସ୍ତ୍ର ନେଇପାରିବ। ଏହି ବିମାନର ମୂଲ୍ୟ ୨ ବିଲିୟନ ଡଲାର ଅର୍ଥାତ୍ ପ୍ରାୟ ୧୭ ହଜାର କୋଟି ଟଙ୍କା। ଏହାର ଓଜନ ୭୧ ହଜାର କେଜି। ଏହା ୧.୭୧ ଲକ୍ଷ କେଜି ସହ ଉଡ଼ାଣ କରିବାରେ ସକ୍ଷମ। ଏହି ବିମାନରେ ଏଫ୧୧୮-ଜିଇ-୧୦୦ ଇଞ୍ଜିନ ଲାଗିଛି। ଏହା ୪୦ ହଜାର ପାଉଣ୍ଡର ପେଲୋଡ ନେଇ ଯେକୌଣସି ଲକ୍ଷ୍ୟକୁ ୨୪ ଘଣ୍ଟା ମଧ୍ୟରେ ନଷ୍ଟ କରିପାରିବ।

# ମୋଦୀଙ୍କ ସହ କଥା ହେଲେ ଇରାନ ରାଷ୍ଟ୍ରପତି

ନୂଆଦିଲ୍ଲୀ,୨୨।୬(ଏଜେନ୍ସି): ଇରାନ ଆଣବିକ କେନ୍ଦ୍ର ଉପରେ ଆମେରିକା ଆକ୍ରମଣ କରିବା ପରେ ସାରା ବିଶ୍ୱରେ ଏ ନେଇ ତୀବ୍ର ପ୍ରତିକ୍ରିୟା ଦେଖିବାକୁ ମିଳିଛି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ମଧ୍ୟ ଏ ନେଇ ଇରାନ ରାଷ୍ଟ୍ରପତି ମାସୁଦ୍ ପେଜେସକିଆନ୍‌ଙ୍କ ସହ ଫୋନ୍‌ରେ କଥା ହୋଇଛନ୍ତି। ଇସ୍ରାଏ୍ ଓ ଇରାନ ମଧ୍ୟରେ ଚାଲିଥିବା ଯୁଦ୍ଧ କରାଣରୁ ସମ୍ପୂର୍ଣ୍ଣ ମଧ୍ୟପ୍ରାଚ୍ୟରେ ଅଶାନ୍ତି ଓ ଭୟର ବାତାବରଣ ସୃଷ୍ଟି ହୋଇଛି। ଏହି ଅଞ୍ଚଳରେ ଯଥାଶୀଘ୍ର ସଂଘର୍ଷ କମ୍ କରିବା ସହ କଥାବାର୍ତ୍ତା ଓ କୂଟନୈତିକ ପ୍ରୟାସ ଜରିଆରେ ଶାନ୍ତି ପ୍ରତିଷ୍ଠା କରିବାକୁ ମୋଦୀ ମାସୁଦ୍‌ଙ୍କୁ କହିଥିଲେ। ସମ୍ପ୍ରତିକ ସ୍ଥିତି ନେଇ ଦୁଇ ଦେଶର ରାଷ୍ଟ୍ରମୁଖ୍ୟ ବିସ୍ତୃତ ଭାବେ ୪୫ ମିନିଟ୍ ଧରି କଥା ହୋଇଥିଲେ। ଏଥିପାଇଁ ମାସୁଦ୍ ମୋଦୀଙ୍କୁ ଧନ୍ୟବାଦ୍ ଜଣାଇଛନ୍ତି। ଭାରତ ହେଉଛି ଇରାନ୍‌ର ମିତ୍ର ଏବଂ ଏହି ଅଞ୍ଚଳରେ ଶାନ୍ତି, ସ୍ଥିରତା ଓ ନିରାପତ୍ତା ଫେରାଇ ଆଣିବା ପାଇଁ ଭାରତର ଭୂମିକା ଗୁରୁତ୍ୱପୂର୍ଣ୍ଣ ବୋଲି ଇରାନ୍ ରାଷ୍ଟ୍ରପତି କହିଥିଲେ।

# ଇରାନକୁ ପରମାଣୁ ଅସ୍ତ୍ର ଯୋଗାଇବ ରୁଷ!

ତେହରାନ , ୨୨।୬(ଏଜେନ୍ସି):

ଇରାନ ପରମାଣୁ କେନ୍ଦ୍ର ଉପରେ ଆମେରିକାର ଆକ୍ରମଣକୁ ରୁଷ ଓ ଚୀନ ବିରୋଧ କରିବା ସହିତ ଏହାର ଦୃଢ଼ ନିନ୍ଦା କରିଛନ୍ତି। ଆମେରିକାର ଏଭଳି ଆକ୍ରମଣ ମଧ୍ୟପ୍ରାଚ୍ୟରେ ପରିସ୍ଥିତିକୁ ବିଗାଡ଼ିଦେବ ବୋଲି ସେମାନେ ସତର୍କ କରାଇଛନ୍ତି। ରୁଷ ଏହି ଘଟଣାରେ ଉଦବେଗ ପ୍ରକାଶ କରିବା ସହିତ କହିଛି ଯେ ଅନେକ ଦେଶ ଇରାନକୁ ପରମାଣୁ ଅସ୍ତ୍ର ଯୋଗାଇବାକୁ ପ୍ରସ୍ତୁତ ଅଛନ୍ତି। ରୁଷ ମଧ୍ୟ ଇରାନକୁ ପରମାଣୁ ଶକ୍ତି ଓ ଜ୍ଞାନକୌଶଳ ଯୋଗାଇବ ବୋଲି ରୁଷର ପୂର୍ବତନ ରାଷ୍ଟ୍ରପତି କହିଛନ୍ତି। ଇରାନକୁ ରୁଷ ପରମାଣୁ ଅସ୍ତ୍ର ଯୋଗାଇପାରେ ବୋଲି ସୂଚନା ମିଳିଛି।

## ଆକ୍ରମଣକୁ ଚୀନ୍, ଜାତିସଂଘର ନିନ୍ଦା

ଚୀନ୍ ମଧ୍ୟ ଇରାନ ଉପ।।ରେ ଆକ୍ରମଣକୁ କଡ଼ା ନିନ୍ଦା କରିଛି। ଆମେରିକା ଅନ୍ତର୍ଜାତୀୟ ନିୟମ ଓ ଜାତିସଂଘ ନିୟମାବଳୀର ଉଲ୍ଲଂଘନ କରିଛି ବୋଲି ଚୀନ୍ ବୈଦେଶିକ ମନ୍ତ୍ରଣାଳୟର ମୁଖପାତ୍ର କହିଛନ୍ତି। ଏଥିସହ ମଧ୍ୟପ୍ରାଚ୍ୟରେ ଶାନ୍ତି ଫେରାଇ ଆଣିବା ଉପରେ ସେ ଗୁରୁତ୍ୱ ଦେଇଛନ୍ତି। ଯେତେଶୀଘ୍ର ସମ୍ଭବ ଇସ୍ରାଏଲ୍ ଅସ୍ତ୍ରବିରତି ଘୋଷଣା କରୁ ଓ ସାଧାରଣ ନାଗରିକଙ୍କ ସୁରକ୍ଷାକୁ ଗୁରୁତ୍ୱ ଦେବା ସହ କଥାବାର୍ତ୍ତା ଉପରେ ଗୁରୁତ୍ୱ ଦେଉ ବୋଲି ସେ କହିଛନ୍ତି। ଇରାନ ଉପରେ ଆମେରିକାର ଆକ୍ରମଣକୁ ଜାତିସଂଘ ମହାସଚିବ ଆଣ୍ଟୋନିଓ ଗୁତରେସ୍ ନିନ୍ଦା କରିଛନ୍ତି। ଏହା ମଧ୍ୟପ୍ରାଚ୍ୟ ସମେତ ସାରା ବିଶ୍ୱରେ ଅନ୍ତର୍ଜାତୀୟ ଶାନ୍ତି ପ୍ରତିଷ୍ଠା ଓ ନିରାପତ୍ତା ବ୍ୟବସ୍ଥା ପାଇଁ ବିପଦ ସୃଷ୍ଟି କରିଛି ବୋଲି ସେ କହିଛନ୍ତି। ବାହୁବଳ ତଥା ସାମରିକ ଶକ୍ତି ଦ୍ୱାରା କୌଣସି ସମସ୍ୟାର ସମାଧାନ ହୋଇନାହିଁ। ସମସ୍ୟା ଓ ମତପାର୍ଥକ୍ୟ ଦୂର କରିବ ପାଇଁ କୁଟନୈତିକ ପ୍ରୟାସ ଜାରି ରଖିବା ଉଚିତ। ସାରା ବିଶ୍ୱରେ ଶାନ୍ତି ହିଁ ଏକମାତ୍ର ଆଶା ହେବା ଉଚିତ। ସବୁ ଦେଶ ଅନ୍ତର୍ଜାତୀୟ ନିୟମକୁ ଅନୁସରଣ କରିବା ଉଚିତ। ଯୁଦ୍ଧ କେବେ କୌଣସି ସମସ୍ୟାର ସମାଧାନ ନୁହେଁ ବୋଲି ସେ କହିଛନ୍ତି।

ଇରାନର ପରମାଣୁ କେନ୍ଦ୍ର ଉପରେ ଆମେରିକା କରିଥିବା ଆକ୍ରମଣକୁ ପାକିସ୍ତାନ ନିନ୍ଦା କରିଛି। ଏହି ଆକ୍ରମଣ ଅନ୍ତର୍ଜାତୀୟ ଆଇନ ବିରୋଧୀ ବୋଲି କୁହାଯାଇଛି। ଇରାନର ଆତ୍ମରକ୍ଷା କରିବାର ସମ୍ପୂର୍ଣ୍ଣ ଅଧିକାର ରହିଛି। ପାକିସ୍ତାନର ବୈଦେଶିକ ମନ୍ତ୍ରଣାଳୟ ପକ୍ଷରୁ କୁହାଯାଇଛି ଯେ ଜାତିସଂଘ ଚାର୍ଟର ଅନୁଯାୟୀ ସାର୍ବଭୌମତ୍ୱ ଏବଂ ଲୋକଙ୍କ ସୁରକ୍ଷା ପାଇଁ ଜବାବ ଦେବାର ଅଧିକାର ଇରାନର ରହିଛି। ପାକିସ୍ତାନ ଚେତାବନୀ ଦେଇଛି ଯେ ଯଦି ଉତ୍ତେଜନା ଆହୁରି ବୃଦ୍ଧି ପାଏ ତେବେ ଏହା କେବଳ ଏହି କ୍ଷେତ୍ର ନୁହେଁ, ବରଂ ସମଗ୍ର ବିଶ୍ୱକୁ ପ୍ରଭାବିତ କରିବ। ସାଉଦୀ ଆରବ ସମେତ ଅନେକ ଆରବ ରାଷ୍ଟ୍ର ସାଂପ୍ରତିକ ପରିସ୍ଥିତି ନେଇ ଚିନ୍ତା ପ୍ରକଟ କରିଛନ୍ତି। ସେମାନେ ପରିସ୍ଥିତି ଉପରେ ନଜର ରଖିଥିବା କହିଛନ୍ତି।

ଇରାନ ପରମାଣୁ ଠିକଣା ଉପରେ ଆକ୍ରମଣକୁ ନେଇ ଅନ୍ତର୍ଜାତୀୟ ଅଟୋମିକ ଏନର୍ଜି ଏଜେନ୍ସି (ଆଇଏଇଏ) ସୋମବାର ଜରୁରୀ ବୈଠକ ଡାକିଛି। ଆଇଏଇଏର ମୁଖ୍ୟ ରାଫେଲ ଗ୍ରୋସି ଏହି ସୂଚନା ଦେଇ କହିଛନ୍ତି ଯେ ଇରାନରେ ଜରୁରୀ ସ୍ଥିତି ଦେଖା ଦେଇଛି। ତେବେ ଇରାନର ଫରଦୋ, ନତାଞ୍ଜ ଏବଂ ଇସଫାହନ କେନ୍ଦ୍ରରୁ କୌଣସି ବିକିରଣ ହେଉ ନ ଥିବା କୁହାଯାଇଛି। ସ୍ଥିତି ଉପରେ ନଜର ରଖାଯାଇଛି।

# ଘରେ ପଶି ସ୍ୱାମୀଙ୍କୁ ଗୁଳି, ସ୍ତ୍ରୀ ଓ ପିଲାଙ୍କୁ ଅପହରଣ

ଭୋପାଳ, ୨୨।୬: ମଧ୍ୟପ୍ରଦେଶରେ ଛତରପୁର ଜିଲ୍ଲାରେ ରବିବାର ଏକ ଅଭାବନୀୟ ଘଟଣା ଘଟିଛି। ସ୍ପଷ୍ଟ ଦିବାଲୋକରେ କେତେକ ଲୋକ ଘରେ ପଶି ଜଣେ ପୁରୁଷଙ୍କୁ ଗୁଳିମାରିବା ସହ ବନ୍ଧୁକ ଦେଖାଇ ତାଙ୍କ ପତ୍ନୀ ଓ ଦୁଇ ଝିଅ (୫ ଓ ୭ ବର୍ଷର)ଙ୍କୁ ଅପହରଣ କରି ନେଇଛନ୍ତି। ଏହି ଘଟଣାର ଭିଡିଓ ଇଣ୍ଟରନେଟ୍ ବେଶ୍ ଭାଇରାଲ ହୋଇଛି। ବିଜେପି ଶାସିତ ମଧ୍ୟପ୍ରଦେଶରେ ଏହି ଘଟଣା ଘଟିଥିବାରୁ ବିରୋଧୀ ଦଳଗୁଡିକ ରାଜ୍ୟରେ ଆଇନ ଶୃଙ୍ଖଳା ସ୍ଥିତି ନେଇ ପ୍ରଶ୍ନ ଉଠାଇଛନ୍ତି।

ପାଖାପାଖି ୧୨ ଜଣ ଲୋକ ହାତରେ ପିସ୍ତଲ, ବାଡି, ରଡ୍ ଧରି ହରିରାମ ପାଲଙ୍କ ଘରେ ପଶିଥିଲେ। ଏକ ଏସ୍‌ୟୁଭି କାର ଓ ଏକାଧିକ ମଟର ସାଇକଲ ଚଢ଼ି ଅଭିଯୁକ୍ତମାନେ ହରିରାମଙ୍କ ଘରେ ପଶି ତାଙ୍କୁ ଗୁଳି ମାରିଥିଲେ ଓ ପରିବାର ସଦସ୍ୟଙ୍କୁ ଧକ୍କା ମାରିଥିଲେ। ହରିରାମ ଗୁରୁତର ଭାବେ ଆହତ ହୋଇଥିଲେ। ତାଙ୍କୁ ଜିଲ୍ଲା ହସ୍ପିଟାଲରେ ଭର୍ତ୍ତି କରାଯାଇଛି ଓ ତାଙ୍କ ସ୍ଥିତି ସଙ୍କଟାପର୍ଣ୍ଣ ବୋଲି କୁହାଯାଇଛି। ଏହି ଘଟଣାର ମୁଖ୍ୟ ଅଭିଯୁକ୍ତ ସଞ୍ଜୟ ସିଂ ରାଜପୁତ ସେହି ଗ୍ରାମର ବୋଲି ପୁଲିସ କହିଛି। ସଞ୍ଜୟର ନେତୃତ୍ୱରେ ୧୦ରୁ ୧୫ ଜଣ ଲୋକ ଏହି କାଣ୍ଡ ଘଟାଇଛନ୍ତି। ବ୍ୟକ୍ତିଗତ ଶତ୍ରୁତା କାରଣରୁ ସଞ୍ଜୟ ଏହି କାଣ୍ଡ ଭିଆଇଛି ବୋଲି କୁହାଯାଉଛି।

ଏନେଇ ଅଧିକ ତଦନ୍ତ ହେଲେ ଆହୁରି ତଥ୍ୟ ସାମ୍ନାକୁ ଆସିବ। ଏପର୍ଯ୍ୟନ୍ତ ୫ ଜଣଙ୍କୁ ଗିରଫ କରାଯାଇଛି ବୋଲି ପୁଲିସ କହିଛି। ଏହି ମାମଲାରେ ୯ ଜଣ ବିରୋଧରେ ଭାରତୀୟ ନ୍ୟାୟ ସଂହିତା (ବିଏନ୍‌ଏସ୍) ଧାରା ୧୧ ଅନୁସାରେ ମାମାଲା ରୁଜୁ କରାଯାଇଛି। ଅପହରଣ ଓ ହତ୍ୟା ଉଦ୍ୟମ ଧାରା ସାମିଲ ରହିଛି। ୮ ଜଣ ଅଭିଯୁକ୍ତଙ୍କ ପରିଚୟ ଏପର୍ଯ୍ୟନ୍ତ ଜଣାପଡିନାହିଁ।

## ଜମିଜମା ବିବାଦ — ବାପାକୁ କାଠଫାଳିଆରେ ପିଟି ହତ୍ୟା

ନୂଆପଡ଼ା,୨୨।୬(ସମିସ): ନୂଆପଡ଼ା ଜିଲ୍ଲା ବେଲଟୁକୁରି ଥାନା କୁରୁମୁଣ୍ଡା ଗାଁ (ଚିରାପଡ଼ା)ରେ ଶନିବାର ଏକ ଅଭାବନୀୟ ଅଘଟଣ ଘଟିଛି। ଜମିଜମା ବିବାଦକୁ କେନ୍ଦ୍ର କରି କାଠଫାଳିଆରେ ପିଟି ବାପାକୁ ହତ୍ୟା କରିଛି ପୁଅ। ମୃତକ ହେଲେ, ପବନ ବରିହା (୬୦)। ଏହିଘଟଣାରେଆଜିପୁଲିସ୍‌ଅଭିଯୁକ୍ତତୁଳାରାମବରିହା(୩୫)କୁଗିରଫକରିକୋର୍ଟଚାଲାଣ କରିଛି। ବାପା-ପୁଅ ଏକାଠି ମଦ ପିଇ ମାତାଲ ହେବା ପରେ ଏହି ଘଟଣା ଘଟିଥିଲା। ପବନଙ୍କୁ ହତ୍ୟା କରିବା ପରେ ତୁଳାରାମ ତାଙ୍କୁ କ୍ଷେତରେ ଫିଙ୍ଗି ଦେଇଥିଲା। ନୂଆପଡ଼ା ଏସ୍‌ପି ଜିଆର ରାଘବେନ୍ଦ୍ର ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଛନ୍ତି। ପୁଲିସ୍ ପବନଙ୍କ ମୃତଦେହ ବ୍ୟବଚ୍ଛେଦ ପରେ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି।


ଅଭିଯୁକ୍ତ ପୁଅ

ପବନଙ୍କ ୩ପୁଅ ଦିରବଲ, ଡିଲେଶ୍ୱର ଏବଂ ତୁଳାରାମଙ୍କ ମଧ୍ୟରୁ ଦିରବଲ ଏବଂ ଡିଲେଶ୍ୱର ଛତିଶଗଡ଼ରେ ନିଜ ନିଜ ଶଶୁର ଘରେ ରହୁଛନ୍ତି। ପବନ ତାଙ୍କ ସ୍ତ୍ରୀ ଏବଂ ନାତୁଣୀଙ୍କ ସହ ତୁଳାରାମଙ୍କ ସହ ଗାଁରେ ରହୁଥିଲେ। ୨ବର୍ଷ ହେବ, ଜମିବିକ୍ରିକୁ ନେଇ ବାପ-ପୁଅଙ୍କ ମଧ୍ୟରେ କଳହ ଲାଗି ରହୁଥିଲା। ସେବେଠାରୁ ପବନ ନିକଟସ୍ଥ ଆମୋଦି ଗାଁରେ ନିଜର ଜଣେ ସଂପର୍କୀୟ ଘରେ ଲୁଚି ରହୁଥିଲେ। ଗତ ଅକ୍ଟୋବରରେ ସ୍ତ୍ରୀ, ନାତୁଣୀ ସହ ପବନ ଦାଦନ ଖଟିବାକୁ ଉତ୍ତରପ୍ରଦେଶ ଯାଇଥିଲେ। ୩ ଦିନ ତଳେ ସେମାନେ ଘରକୁ ଫେରିଥିଲେ। ଶନିବାର ପବନ କୁରୁମୁଣ୍ଡା ଗାଁକୁ ଆସିଥିବା ବେଳେ ବାପ-ପୁଅ ଭେଟ ହୋଇଥିଲେ। ପରେ ଉଭୟ ଗାଁ ନିକଟ ନିଜ ଜମି ପାଖରେ ଏକାଠି ବସି ମଦ ପିଇଥିଲେ। ପରେ ନିଶାସକ୍ତ ଅବସ୍ଥାରେ ଜମିଜମା ବିକ୍ରିକୁ ନେଇ ଉଭୟଙ୍କ ମଧ୍ୟରେ ବଚସା ହୋଇଥିଲା। ଏଥିରେ ରାଗିଯାଇ ତୁଳାରାମ ତାଙ୍କ ବାପା ପବନଙ୍କୁ ନିଜ କ୍ଷେତକୁ ଟାଣି ନେଇଥିଲେ। ସେଠାରେ ଏକ କାଠ ଫାଳିଆରେ ନିର୍ଘାତ ମାଡ଼ ମାରିଥିଲେ। ଫଳରେ ପବନ ସେହିଠାରେ ହିଁ ଟଳି ପଡ଼ିଥିଲେ। ପରେ ତୁଳାରାମ ଘରକୁ ଯାଇ ବାପାଙ୍କୁ ହତ୍ୟା କରି ଫିଙ୍ଗି ଦେଇଥିବା ତା' ମା'କୁ କହିଥିଲା। ଏପରିକି, ବାପା ମରି ଯାଇଥିବାରୁ ମା'କୁ ଚୁଡ଼ି ଭାଙ୍ଗିବାକୁ କହିଥିଲା। କିନ୍ତୁ ଏହି ଘଟଣାକୁ ମା' ସହଜରେ ବିଶ୍ୱାସ କରି ନଥିଲେ। ହେଲେ ପରେ ଗାଁରେ କଥା ପ୍ରଘଟ ପରେ ହୋଇଥିଲା। ବିଳମ୍ବିତ ରାତିରେ ପୁଲିସ ଖବର ପାଇଥିଲା। ରବିବାର ସକାଳେ ବେଲଟୁକୁରୀ ଥାନାଧିକାରୀ ସୂର୍ଯ୍ୟକାନ୍ତୀ ଦାସଙ୍କ ନେତୃତ୍ୱରେ ପୁଲିସ ଟିମ୍ ଗାଁରେ ପହଞ୍ଚି ଶବ ଜବତ କରିବା ସହ ଅଭିଯୁକ୍ତ ପୁଅକୁ ଗିରଫ କରିଥିଲା।

## ଗୁଣିଆ ସନ୍ଦେହରେ କକାକୁ ଗଳାକାଟି ହତ୍ୟା

ତୁରେକେଲା, ୨୨।୬ (ସମିସ): ଗୁଣିଆ ସନ୍ଦେହରେ କକାକୁ ଗଳାକାଟି ହତ୍ୟା। ବଲାଙ୍ଗିର ଜିଲ୍ଲା ତୁରେକେଲା ଥାନା ଖୁଜେନଗାଁରେ ଏଭଳି ଏକ ଘଟଣା ଘଟିଛି। ମୃତକ ହେଲେ, ସେହି ଗାଁର ତୁଳାରାମ ଜାନି। ସାଇଣ୍ଟିଫିକ୍ ଟିମ୍ ସହାୟତାରେ ପୁଲିସ୍ ଘଟଣାସ୍ଥଳରେ ତଦନ୍ତ କରିବା ସହ ଶବକୁ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି। ଏହାସହ ନମ୍ବର ୧୬୩/୨୫ରେ ଏକ ହତ୍ୟା ମାମଲା ରୁଜୁ କରି ଅଭିଯୁକ୍ତ ପୁତୁରା ଡିଙ୍ଗର ଜାନିକୁ ଗିରଫ କରି କୋର୍ଟଚାଲାଣ କରିଛି। କୋର୍ଟରେ ତା'ର ଜାମିନ୍ ନାମଞ୍ଜୁର ହୋଇଯିବାରୁ ତାକୁ ବିଚାର ବିଭାଗୀୟ ଜେଲ୍ ହାଜତକୁ ପଠାଇ ଦିଆଯାଇଛି।

ସୂଚନାନୁସାରେ, କିଛି ଦିନ ତଳେ ଡିଙ୍ଗରର ବାପାଙ୍କ ଅସ୍ୱାଭାବିକ ମୃତ୍ୟୁ ହୋଇଥିଲା। ତେବେ, ଦୁଇ ପରିବାର ମଧ୍ୟରେ ଜମିବାଡ଼ିକୁ ନେଇ ଲାଗି ରହିଥିବା ବିବାଦରୁ ତୁଳାରାମ ହିଁ ତା' ବାପାଙ୍କୁ ଗୁଣିଗାରେଡ଼ି କରି ମାରିଦେଇଥିବା ଡିଙ୍ଗର ସନ୍ଦେହ କରିଥିଲା। ତେଣୁ ସେ ତୁଳାରାମଙ୍କୁ ହତ୍ୟା କରିବାକୁ ଯୋଜନା କରିଥିଲା। ପ୍ରବଳ ଗରମ ଯୋଗୁଁ ଶନିବାର ରାତିରେ ତୁଳାରାମ ଘର ବାହାରେ ଶୋଇଥିଲେ। ରାତି ପ୍ରାୟ ୧୦ଟା ବେଳେ ଡିଙ୍ଗର ତାଙ୍କ ଗଳା କାଟି ଦେଇଥିଲା। ରକ୍ତ ଜୁଡୁବୁଡୁ ଅବସ୍ଥାରେ ତୁଳାରାମ କବାଟ ବାଡ଼େଇ ଘର ଭିତରେ ଶୋଇଥିବା ସ୍ତ୍ରୀ ଏବଂ ଝିଅକୁ ଉଠାଇଥିଲେ। ପରିବାରଲୋକ ତୁରନ୍ତ ତାଙ୍କୁ ତୁରେକେଲା ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ମୃତକଙ୍କ ପରିବାର ପକ୍ଷରୁ ତୁରେକେଲା ଥାନାରେ ଅଭିଯୋଗ ହେବା ପରେ ପୁଲିସ୍ ତୁଳାରାମଙ୍କ ୪ପୁତୁରାଙ୍କୁ ଥାନାରେ ଅଟକ ରଖି ପଚରାଉଚରା କରିଥିଲା। ତଦନ୍ତ ବେଳେ ଡିଙ୍ଗର୍ ହିଁ ଏହି ହତ୍ୟାକାଣ୍ଡ ଭିଆଇଥିବା ପୁଲିସ୍ ଜାଣିବାକୁ ପାଇଥିଲା। ସେପଟେ ତୁଳାରାମଙ୍କ ମୃତ୍ୟୁ ପରେ ତାଙ୍କ ସ୍ତ୍ରୀ ଓ ଝିଅ ବେସାହାରା ହୋଇପଡ଼ିଛନ୍ତି।

## ଟ୍ରକ୍ ଧକ୍କାରେ ସ୍କୁଟି ଚାଳକ ମୃତ

ରାଉରକେଲା, ୨୨।୬ (ସମିସ): ରାଜଗାଙ୍ଗପୁର ଥାନା ଅନ୍ତର୍ଗତ ଲାଇଙ୍ଗ ଛକରେ ରବିବାର ଏକ ଟ୍ରକ୍ ଧକ୍କାରେ ଜଣେ ସ୍କୁଟି ଚାଳକଙ୍କ ମୃତ୍ୟୁ ହୋଇଛି। ଏଥିରେ ଆଉ ଜଣେ ଗୁରୁତର ଆହତ ହୋଇ ଡାକ୍ତରଖାନାରେ ଚିକିତ୍ସିତ ହେଉଛନ୍ତି। ମୃତକ ହେଲେ, ସୁକାନ୍ତ ଡୁଙ୍ଗଡୁଙ୍ଗ (୩୫)। ସେ ଲାଇଙ୍ଗ ଅନ୍ତର୍ଗତ ବରପାଲି ବସ୍ତିରେ ରହୁଥିଲେ। କାଂଶବାହାଲ ପୁଲିସ୍ ଘଟଣା ସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି। ଦୁର୍ଘଟଣା ଘଟାଇଥିବା ଟ୍ରକ୍‌କୁ ପୁଲିସ ଜବତ କରିଛି।




ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ଭୁବନେଶ୍ୱର ଶ୍ରୀ ଲିଙ୍ଗରାଜ ମନ୍ଦିର ଓ ଯାଜପୁର ବିରଜା ମନ୍ଦିରରେ ପୂଜାର୍ଚ୍ଚନା

## ଅସୁରକ୍ଷିତ ଓଡ଼ିଶା — ଅନ୍ତର୍ଜାତୀୟ ଲଜ୍ଜା ରାଜ୍ୟର ବର୍ଷକର ଉପଲବ୍ଧି

ଭୁବନେଶ୍ୱର,୨୨।୬(ସମିସ): ସାରା ଦେଶ ଓ ବିଶ୍ୱରେ ଶାନ୍ତିପ୍ରିୟ ରାଜ୍ୟ ଭାବେ ଏକଦା ସମ୍ମାନ ଅର୍ଜନ କରିଥିବା ଓଡ଼ିଶା ଏବେ ଅନ୍ତର୍ଜାତୀୟ ସ୍ତରରେ ନିନ୍ଦିତ । ନିଜ ନାଗରିକମାନଙ୍କୁ ଓଡ଼ିଶା ନ ଯିବା ପାଇଁ ଆମେରିକା ବାରଣ କରିବା ପରେ ରାଜ୍ୟବାସୀଙ୍କ ପାଇଁ ଲଜ୍ଜାଜନକ ପରିସ୍ଥିତି ସୃଷ୍ଟି ହୋଇଛି । ବିହାର, ପଶ୍ଚିମବଙ୍ଗ ପରି ଓଡ଼ିଶାର ଆଇନଶୃଙ୍ଖଳା ପରିସ୍ଥିତି ଏକପ୍ରକାର ଭୁଶୁଡ଼ି ପଡ଼ିଛି ଏବଂ ଦୁଷ୍କର୍ମ ଘଟଣା ଦ୍ରୁତଗତିରେ ବୃଦ୍ଧି ପାଉଥିବା ଦର୍ଶାଇ ଆମେରିକା ବୈଦେଶିକ ମନ୍ତ୍ରଣାଳୟ ଓଡ଼ିଶା ସହ ୬ ଭାରତୀୟ ରାଜ୍ୟ ନ ଯିବାକୁ ନିଜ ନାଗରିକମାନଙ୍କୁ ପରାମର୍ଶ ଦେଇଛି। ଓଡ଼ିଶାକୁ ନେଇ ଆମେରିକାର ଏଭଳି ଟିପ୍ପଣୀ ପରେ ରାଜ୍ୟ ସରକାରଙ୍କ ଉପରେ ବର୍ଷିଛନ୍ତି ବିରୋଧୀ ବିଜେଡି ଓ କଂଗ୍ରେସ। ବିଜେପି ସରକାର କ୍ଷମତା ଦଖଲର ମାତ୍ର ବର୍ଷକ ମଧ୍ୟରେ ଓଡ଼ିଶାକୁ ଆନ୍ତର୍ଜାତୀୟସ୍ତରରେ ଲଜ୍ଜିତ କରିଛନ୍ତି ବୋଲି ବିରୋଧୀ ଅଭିଯୋଗ କରିଛନ୍ତି ।

ବିଜେଡି ବରିଷ୍ଠ ବିଧାୟକ ଡଃ ଅରୁଣ ସାହୁ କହିଛନ୍ତି ଯେ ରାଜ୍ୟରେ ଆଇନ୍‌ଶୃଙ୍ଖଳା ସମ୍ପୂର୍ଣ୍ଣ ବିପର୍ଯ୍ୟସ୍ତ। ମହିଳାମାନେ ଅତ୍ୟାଚାର ଓ ବଳାତ୍କାରର ଶିକାର ହେଉଛନ୍ତି। ରାଜ୍ୟରେ ପ୍ରତିଦିନ ମୁଣ୍ଡ ଗଡୁଛି। ନବୀନ ସରକାରଙ୍କ ସମୟରେ ନକ୍ସଲ ଆକ୍ରମଣକୁ ଦମନ କରାଯାଇଥିବା ବେଳେ ଏବେ ଏହା ମୁଣ୍ଡ ଟେକୁଛି। ସମସ୍ତ କଥାକୁ ନେଇ ଆମେରିକା ପକ୍ଷରୁ ମାର୍ଗଦର୍ଶିକା ଜାରି କରାଯାଇଛି। ଏଭଳି ଘଟଣା ଦ୍ୱାରା ଓଡ଼ିଶା ବିଶ୍ୱଦରବାରରେ




- ଓଡ଼ିଶାର ନାଁ ବିଶ୍ୱଦରବାରରେ ଭୂଲୁଣ୍ଠିତ : ଅରୁଣ
- ଗାଦି ଛାଡ଼ନ୍ତୁ ଓଡ଼ିଶାର ବିଜେପି ସରକାର: ତାରା

ଯେଉଁ ନାଁ କରିଥିଲା, ତାହା ଏବେ ଭୂଲୁଣ୍ଠିତ ହୋଇଛି। ଆନ୍ତର୍ଜାତୀୟସ୍ତରରେ ଓଡ଼ିଶା ଲଜ୍ଜିତ ହୋଇଛି। ରାଜ୍ୟ ସରକାରଙ୍କ ସତ୍‌ସାହସ ଥିଲେ ସେମାନେ ଟ୍ରମ୍ପଙ୍କୁ ଜୋର୍‌ଦାର ବିରୋଧ କରନ୍ତୁ; ମାତ୍ର ଏମାନେ ତାହା କରିପାରିବେ ନାହିଁ ବୋଲି ଡଃ ସାହୁ କହିଛନ୍ତି। ଓଡ଼ିଶା ଏବେ ଅଧୋଗତି ଆଡ଼କୁ ଯାଉଛି। ଆମେ ଯାହା କହିଥିଲୁ, ଏବେ ସେଇଆ ଘଟୁଛି। ସରକାର ଏ ଘଟଣାରେ ତୁରନ୍ତ ପ୍ରତିକାର ନ କଲେ ଆଗକୁ ଭୟାନକ ଆନ୍ଦୋଳନ ହେବ ବୋଲି ଡଃ ସାହୁ କହିଛନ୍ତି। ଗୋପାଳପୁର ଏକ ଆନ୍ତର୍ଜାତିକ ପର୍ଯ୍ୟଟନ କ୍ଷେତ୍ର। ଗୋପାଳପୁର ଗଣଦୁଷ୍କର୍ମ ଏଭଳି ଘଟଣା ପାଇଁ ଖୋରାକ୍ ଯୋଗାଇଛି ବୋଲି ସେ କହିଛନ୍ତି।

ଓଡ଼ିଶା ଆନ୍ତର୍ଜତୀୟ ସ୍ତରରେ ନିନ୍ଦିତ ହେବା ପରେ ବରିଷ୍ଠ କଂଗ୍ରେସ ବିଧାୟକ ତାରା ପ୍ରସାଦ ବାହୀନିପତି ସରକାରଙ୍କୁ କଡ଼ା ଭର୍ତ୍ସନା କରିଛନ୍ତି। ସେ କହିଛନ୍ତି ଯେ ଓଡ଼ିଶା ପାଇଁ ଏହା ଏକ ଲଜ୍ଜାଜନକ ଘଟଣା। କଂଗ୍ରେସ ପୂର୍ବରୁ ମହିଳା ସୁରକ୍ଷା ନେଇ ବିଧାନସଭାରେ ପ୍ରଶ୍ନ ଉଠାଇଛି। ଏଭଳି କାମ ପାଇଁ ସରକାର ମତେ ଦୁଇ ଥର ନିଲମ୍ବନ କରିଛନ୍ତି। ମହିଳାମାନେ ଓଡ଼ିଶାରେ ସୁରକ୍ଷିତ ନୁହଁନ୍ତି ବୋଲି କଂଗ୍ରେସ କରିଥିବା ଅଭିଯୋଗ ଏବେ ସତ୍ୟ ବୋଲି ପ୍ରମାଣିତ ହୋଇଛି। ଆମେରିକା ଓଡ଼ିଶାକୁ ନେଇ ଏଭଳି ମନ୍ତବ୍ୟ ଦେବା ପରେ ସରକାରରେ ରହିବା ପାଇଁ ତାଙ୍କର ଆଉ କୌଣସି ନୈତିକତା ନାହିଁ। ରାଜ୍ୟର ମନ୍ତ୍ରୀମାନେ ଓ ମୁଖ୍ୟମନ୍ତ୍ରୀଙ୍କର ନିଜସ୍ୱ ବୋଲି ଦାୟିତ୍ୱ ନାହିଁ। ଏମାନେ ସମସ୍ତ ଦାୟିତ୍ୱହୀନ ଲୋକ। ସେମାନେ ଇସ୍ତଫା ଦେଇ ଗାଦି ଛାଡ଼ିବା ଦରକାର ବୋଲି ଶ୍ରୀ ବାହିନିପତି କହିଛନ୍ତି।

ରାଜ୍ୟରେ ସରକାର ପରିବର୍ତ୍ତନ ପରେ ଅକସ୍ମାତ ଭାବେ ଦୁଷ୍କର୍ମ ବଢ଼ିଛି। ବର୍ତ୍ତମାନ ରାଜ୍ୟରେ ଦୈନିକ ହାରାହାରି ୧୫ ଟି ଦୁଷ୍କର୍ମ ହେଉଛି। ଏହାସହିତ ଆଇନ୍‌ଶୃଙ୍ଖଳା ସ୍ଥିତି ମଧ୍ୟ ଭୁଶୁଡ଼ି ପଡ଼ିଥିବା ପରିଲକ୍ଷିତ ହେଉଛି। ପ୍ରଧାନମନ୍ତ୍ରୀଙ୍କ ଗସ୍ତବେଳେ ଖୋଦ୍ ରାଜଧାନୀ ରାଜରାସ୍ତାରେ ଅପରାଧୀମାନେ ଖଣ୍ଡାରେ ହାଣି ମୁଣ୍ଡ ଗଡ଼ାଇ ଦେଉଛନ୍ତି। ଜଣେ ସେନା ଅଧିକାରୀ ଓ ତାଙ୍କ ବାନ୍ଧବୀଙ୍କୁ ପ୍ରଥମେ ରାଜଧାନୀ ରାଜରାସ୍ତାରେ ଅସଦାଚରଣ କରାଯିବା ଓ ପରେ ତାଙ୍କୁ ଥାନାରେ ଅକଥନୀୟ ନିର୍ଯ୍ୟାତନା ଦେବା ଖବର ସାରା ଦେଶରେ ଓଡ଼ିଶାର ଛବିକୁ ମଳିନ କରିଛି। ଏହି ଘଟଣା ମନରୁ ନ ଲିଭୁଣୁ ରାଜ୍ୟ ତଥା ଦେଶର ଏକ ପ୍ରମୁଖ ପର୍ଯ୍ୟଟସ୍ଥଳୀ ଗୋପାଳପୁର ବେଳାଭୂମିରେ ଜଣେ ଯୁବତୀଙ୍କୁ ୧୦ ଜଣ ଗଣବଳାତ୍କାର ଘଟଣା ରାଜ୍ୟର ଆଇନଶୃଙ୍ଖଳା ସ୍ଥିତିକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି କରିଛି। ଏହି ସମୟରେ ନିଜ ନାଗରିକଙ୍କୁ ଓଡ଼ିଶା ନ ଯିବା ଲାଗି ଆମେରିକାର ପରାମର୍ଶ ରାଜ୍ୟ ସରକାରଙ୍କ ପାଇଁ ଆହ୍ୱାନ ସୃଷ୍ଟି କରିଛି ଓ ରାଜ୍ୟବାସୀଙ୍କୁ ଲଜ୍ଜିତ କରିଛି ।

## ୭ ରୁ କଳାବ୍ୟାଜ୍ ପିନ୍ଧିବେ ଅମଲା

**୧୪ରୁ ଅନିର୍ଦ୍ଦିଷ୍ଟ କାଳଯାଏଁ କାର୍ଯ୍ୟବନ୍ଦ**

ଭୁବନେଶ୍ୱର, ୨୨।୬(ସମିସ): ଓଡ଼ିଶା ରାଜସ୍ୱ ଅମଲା ସଂଘର କାର୍ଯ୍ୟକାରିଣୀ ବୈଠକ ରେଡ୍‌କ୍ରସ୍ ଭବନରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ରାଜ୍ୟର ୩୦ଟି ଜିଲ୍ଲାର ନେତୃବୃନ୍ଦ ଓ ରାଜ୍ୟ କାର୍ଯ୍ୟକାରିଣୀର ସମସ୍ତ ସଦସ୍ୟ/ସଦସ୍ୟା ଯୋଗ ଦେଇଥିଲେ। ଜିଲ୍ଲାସ୍ତରରେ କାର୍ଯ୍ୟରତ ରାଜସ୍ୱ ଅମଲାମାନଙ୍କର ଦାବିଗୁଡ଼ିକ ପ୍ରତି ରାଜ୍ୟ ସରକାରଙ୍କ ବୈମାତୃକ ମନୋଭାବ ସମ୍ବନ୍ଧରେ ବିସ୍ତୃତ ଆଲୋଚନା କରାଯାଇଥିଲା। ସମସ୍ତ ସଦସ୍ୟ/ସଦସ୍ୟାମାନେ ରାଜ୍ୟ ସରକାରଙ୍କର ମନୋଭାବକୁ ନେଇ କ୍ଷୋଭ ପ୍ରକାଶ କରିଥିଲେ। ଏଥିପ୍ରତି ରାଜ୍ୟ ସରକାରଙ୍କ ଦୃଷ୍ଟି ଆକର୍ଷଣ କରିବା ପାଇଁ ପୁନର୍ବାର କୌଣସି ଆଲୋଚନା ନକରି ସିଧାସଳଖ ଆନ୍ଦୋଳନମ୍ରକ ପନ୍ଥା ଆପଣାଇବାକୁ ସର୍ବସମ୍ମତିକ୍ରମେ ନିଷ୍ପତ୍ତି ହୋଇଥିଲା। ଆଗାମୀ ୧୫ଦିନ ଭିତରେ ରାଜ୍ୟ ସରକାର ଦାବିଗୁଡ଼ିକ ପୂରଣ ନକଲେ ସଂଘ ଜୁଲାଇ ୭ ରୁ ୧୧ ପର୍ଯ୍ୟନ୍ତ କଳାବ୍ୟାଜ୍ ପରିଧାନ କରିବ। ଏହାପରେ ବି ସରକାର ଉପରୋକ୍ତ ଦାବି ଉପରେ ପଦକ୍ଷେପ ନ ନେଲେ, ଜୁଲାଇ ୧୪ରୁ ସମ୍ପୂର୍ଣ୍ଣ କାର୍ଯ୍ୟବନ୍ଦ ଆନ୍ଦୋଳନ କରାଯିବ ବୋଲି ନିଷ୍ପତ୍ତି ନିଆଯାଇଥିବା ସଭାପତି ତ୍ରିପତି ବାଲାଜୀ ସାହୁ, ସାଧାରଣ ସମ୍ପାଦକ ନରେଶ ଚନ୍ଦ୍ର ମହାପାତ୍ର ଜଣାଇଛନ୍ତି। ଦାବିଗୁଡ଼ିକ ହେଲା, ଜିଲ୍ଲାସ୍ତରୀୟ କାର୍ଯ୍ୟରତ ରାଜସ୍ୱ ଅମଲାମାନଙ୍କ ମୂଳ ଦରମା ଓଆର୍‌ଏସ୍‌ପି-୨୦୧୭ ନିୟମ ଅନୁଯାୟୀ ଲେବେଲ-୯କୁ ବୃଦ୍ଧି, ନୂତନ ପଦ ସୃଷ୍ଟି ଓ ପଦବୀ ପୁନର୍ଗଠନ, କାର୍ଯ୍ୟରତ ସମସ୍ତ ସରକାରୀ କର୍ମଚାରୀଙ୍କୁ ବାର୍ଷିକ ୨୦ଲକ୍ଷ ଟଙ୍କା ପର୍ଯ୍ୟନ୍ତ ସ୍ୱାସ୍ଥ୍ୟବୀମା ଲାଗୁ, ୧୯ ୯୦ ମସିହାରେ ଲାଗୁ ନିୟମାବଳୀ ଅନୁଯାୟୀ ମୃତ ସରକାରୀ କର୍ମଚାରୀଙ୍କ ପରିବାରର ଯେକୌଣସି ଜଣେ ସଦସ୍ୟଙ୍କୁ ଯୋଗ୍ୟତା ଭିତ୍ତିରେ ନିଯୁକ୍ତି, ଓଡ଼ିଶା ରାଜସ୍ୱ ସେବା ପଦ୍ଧତିରେ ରାଜସ୍ୱ ଅମଲାମାନଙ୍କୁ ଶତପ୍ରତିଶତ ପଦୋନ୍ନତି ଇତ୍ୟାଦି।

ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ରାଜ୍ୟ ସଂଘ ଅଧ୍ୟକ୍ଷ ଲୋକେଶ୍ୱର ସାହୁ, କାର୍ଯ୍ୟକାରୀ ଅଧ୍ୟକ୍ଷ ପ୍ରସନ୍ନ କୁମାର ନାୟକ, ରାଜ୍ୟ ସଂଘର କର୍ମକର୍ତ୍ତା ଏବଂ ସମସ୍ତ ଜିଲ୍ଲା ଶାଖାର ସଭାପତି ସମ୍ପାଦକ ସହିତ ସମସ୍ତ କର୍ମକର୍ତ୍ତାମାନେ ଉପସ୍ଥିତ ଥିଲେ।

## ଜୁନ୍ ୩୦ରୁ ମାଟ୍ରିକ୍ ସପ୍ଲିମେଣ୍ଟାରୀ

କଟକ, ୨୨।୬ (ସମିସ): ଓଡ଼ିଶା ମାଧ୍ୟମିକ ଶିକ୍ଷା ପରିଷଦ (ବୋର୍ଡ) ଆନୁକୂଲ୍ୟରେ ପରିଚାଳିତ ଦଶମ ଶ୍ରେଣୀ ସପ୍ଲିମେଣ୍ଟାରୀ ପରୀକ୍ଷା ଆସନ୍ତା ଜୁନ୍ ୩୦ ତାରିଖରୁ ଆରମ୍ଭ ହେବ। ଚଳିତ ବାର୍ଷିକ ପରୀକ୍ଷାରେ ଅକୃତକାର୍ଯ୍ୟ ହୋଇଥିବା ଏବଂ ପରୀକ୍ଷା ଦେଇପାରିନଥିବା ୩୨୩୨ଜଣ ଛାତ୍ରଛାତ୍ରୀ ପରୀକ୍ଷା ଦେବାକୁ ଫର୍ମପୂରଣ କରିଥିଲେ। ସେମାନଙ୍କ ନିମନ୍ତେ ୯୮ଟି କେନ୍ଦ୍ରର ବ୍ୟବସ୍ଥା କରାଯାଇଛି। ଏହି ପରୀକ୍ଷା ଆସନ୍ତା ୩୦ରୁ ଆରମ୍ଭ ହୋଇ ଜୁଲାଇ ୧୦ ତାରିଖ ପର୍ଯ୍ୟନ୍ତ ଚାଲିବ। ଅନ୍ୟପକ୍ଷରେ ରାଜ୍ୟ ମୁକ୍ତ ବିଦ୍ୟାଳୟ ପ୍ରମାଣପତ୍ର ପରୀକ୍ଷା ନିମନ୍ତେ ୧୦୩ ପରୀକ୍ଷା କେନ୍ଦ୍ରର ବ୍ୟବସ୍ଥା ରହିଛି। ପ୍ରାୟ ୧୦ ହଜାର ୮୦୯ ପରୀକ୍ଷାର୍ଥୀ ଉକ୍ତ ପରୀକ୍ଷା ଦେବେ। ଉଭୟ ପରୀକ୍ଷା ପାଇଁ ବୋର୍ଡ ୱେବସାଇଟ୍‌ରେ ପ୍ରବେଶ ପତ୍ର ଉପଲବ୍ଧ ଥିବା ବୋର୍ଡ ସଭାପତି ଶ୍ରୀକାନ୍ତ ତରାଇ ସୂଚନା ଦେଇଛନ୍ତି।

**୯୮ କେନ୍ଦ୍ରରେ ପରୀକ୍ଷା ଦେବେ ୩୨୩୨ ପରୀକ୍ଷାର୍ଥୀ**

## ନିଯୁକ୍ତି ଆବେଦନ ପାଇଁ ଲାଗିବ ଫି'

ଭୁବନେଶ୍ୱର,୨୨।୬(ସମିସ): ବିଭିନ୍ନ ନିଯୁକ୍ତି ପାଇଁ ଆବେଦନ କରିବାକୁ ଏଣିକି ନିର୍ଦ୍ଧାରିତ ଫି' ଦେବାକୁ ପଡ଼ିବ। ପରୀକ୍ଷା ଦେଉଥିବା ପରୀକ୍ଷାର୍ଥୀଙ୍କୁ ସେହି ଅର୍ଥ ଫେରସ୍ତ କରାଯିବ। ହେଲେ ପରୀକ୍ଷା ଦେଉ ନ ଥିବା ପରୀକ୍ଷାର୍ଥୀଙ୍କୁ ଆଉ ସେହି ଆବେଦନ ଫି' ଫେରସ୍ତ ମିଳବ ନାହିଁ। ଖାମଖିଆଲି ଭାବେ ଆବେଦନ କରୁଥିବା ଆଶାୟୀଙ୍କୁ ନିରୁତ୍ସାହିତ କରିବା ପାଇଁ ଏପରି ବ୍ୟବସ୍ଥା ଆଣିବାକୁ ନିଷ୍ପତ୍ତି ହୋଇଛି।

ଆବେଦନ ସତ୍ତ୍ୱେ ବହୁସଂଖ୍ୟ ଆଶାୟୀ ପରୀକ୍ଷା ଦେଉ ନାହାନ୍ତି। ଏନେଇ ମୁଖ୍ୟ ସଚିବଙ୍କ ଅଧ୍ୟକ୍ଷତାରେ ଗତ ମାର୍ଚ୍ଚ ୪ରେ ଅନୁଷ୍ଠିତ ବୈଠକରେ ବିସ୍ତୃତ ଆଲୋଚନା ହୋଇଛି। ଏହାର ନିରାକରଣ ସମ୍ପର୍କରେ ବିଚାରବିମର୍ଶ ପରେ ଫି' ଲାଗୁ କରିବାକୁ ନିଷ୍ପତ୍ତି ହୋଇଛି। ରାଜ୍ୟରେ ନିଯୁକ୍ତି ପରିଚାଳନା କରୁଥିବା ଓଡ଼ିଶା ଲୋକ ସେବା ଆୟୋଗ (ଓପିଏସ୍‌ସି), ଓଡ଼ିଶା କର୍ମଚାରୀ ପ୍ରବରଣ ଆୟୋଗ (ଓଏସ୍‌ଏସ୍‌ସି) ଏବଂ ଓଡ଼ିଶା ଅଧସ୍ତନ କର୍ମଚାରୀ ଚୟନ ଆୟୋଗ (ଓଏସ୍‌ଏସ୍‌ଏସ୍‌ସି)କୁ ମତାମତ ଓ ପ୍ରସ୍ତାବ ଦେବାକୁ ସାଧାରଣ ପ୍ରଶାସନ ଓ ସାଧାରଣ ବିଭାଗ ପକ୍ଷରୁ କୁହାଯାଇଛି। କେଉଁ ପରୀକ୍ଷା ପାଇଁ କେତେ ଟଙ୍କା ଫି' ଧାର୍ଯ୍ୟ କରାଯିବ ଏବଂ ଆବେଦନକାରୀଙ୍କୁ କିପରି ତାହା ଫେରସ୍ତ କରାଯିବ ସେନେଇ ଆସନ୍ତା ୨୪ ତାରିଖ ମଧ୍ୟରେ ଅବଗତ କରିବାକୁ ନିର୍ଦ୍ଦେଶ ଦିଆଯାଇଛି।

ରେଲୱେ ବୋର୍ଡ ଓ ଏସ୍‌ଏସ୍‌ବି ପରି କେନ୍ଦ୍ର ସରକାରଙ୍କ ଅଧୀନସ୍ଥ ନିଯୁକ୍ତି ପ୍ରଦାନକାରୀ ସଂସ୍ଥାଗୁଡ଼ିକ ଏପରି ନୀତି ଆପଣାଇଛନ୍ତି। ଫଳରେ ଖାମଖିଆଲି ଆବେଦନକାରୀଙ୍କ ସଂଖ୍ୟା ପ୍ରାୟତଃ ନଥାଏ। କାରଣ ପରୀକ୍ଷା ନଦେଲେ ସେମାନଙ୍କ ଫି' ଫେରସ୍ତ ମିଳିବ ନାହିଁ ବୋଲି ଜାଣିବା ପରେ ସେମାନେ ଆବେଦନ କରୁନାହାନ୍ତି। ନୂଆ ନିଷ୍ପତ୍ତି ଦ୍ୱାରା ଆବେଦନକାରୀଙ୍କ ସଂଖ୍ୟା କମିବ। ଫଳରେ ପରୀକ୍ଷାକେନ୍ଦ୍ର କମିବା ସହ ଗୋଟିଏ ସିଫ୍ଟରେ ମଧ୍ୟ ପରୀକ୍ଷା ପରିଚାଳନା ହୋଇପାରିବ। ସରକାରଙ୍କ ବ୍ୟୟଭାର କମିବା ସହ ତ୍ୱରିତ ବେଗରେ ପରୀକ୍ଷା ହୋଇପାରିବ ବୋଲି ଓପିଏସ୍‌ସି ଆଶାୟୀ ଅମ୍ରିତ୍ ପାଣିଗ୍ରାହୀ ପ୍ରକାଶ କରିଛନ୍ତି।

## ରଥଯାତ୍ରାକୁ ଜଗିବ ୨୭୫ ଏଆଇ କ୍ୟାମେରା

ପୁରୀ,୨୨।୬(ସମିସ): ଏଥର ରଥଯାତ୍ରାରେ ବହୁ ସଂଖ୍ୟାରେ ଭକ୍ତଙ୍କ ସମାଗମ ହେବା ସମ୍ଭାବନା ରହିଛି। ଏହି ଭିଡ଼ ଭିତରେ କୌଣସି ପ୍ରକାର ଅଘଟଣକୁ ଏଡ଼ାଇବା ସହ ଭକ୍ତଙ୍କ ସୁରକ୍ଷା ଓ ଶୃଙ୍ଖଳିତ ଦର୍ଶନ, ଟ୍ରାଫିକ୍ ସୁପରିଚାଳନା ପାଇଁ ପୁଲିସ ବ୍ୟାପକ ପ୍ରସ୍ତୁତି କରିଛି। ରବିବାର ଅନୁଷ୍ଠିତ ରଥଯାତ୍ରାର ସ୍ୱତନ୍ତ୍ର ସମୀକ୍ଷା ବୈଠକରେ ପୁଲିସ୍ ମହାନିର୍ଦ୍ଦେଶକ ୱାଇ.ବି ଖୁରାନିଆ ବିଭାଗର ପ୍ରସ୍ତୁତି ସମ୍ପର୍କରେ ବିସ୍ତୃତ ଭାବେ ସୂଚନା ପ୍ରଦାନ କରିଥିଲେ।

- ପାଞ୍ଚଥାକିଆ ସୁରକ୍ଷା ବ୍ୟବସ୍ଥା, ୧୦ ହଜାର ସୁରକ୍ଷା କର୍ମୀ
- ଜଳ, ସ୍ଥଳ ଓ ଆକାଶରେ ସୁରକ୍ଷା ବ୍ୟବସ୍ଥା କଡ଼ାକଡ଼ି

ସେ କହିଥିଲେ ଯେ ଭକ୍ତଙ୍କ ସୁରକ୍ଷା, ଶୃଙ୍ଖଳିତ ଦର୍ଶନ ଏବଂ ଟ୍ରାଫିକ୍ ସୁପରିଚାଳନା ଉପରେ ପୁଲିସର ପ୍ରାଥମିକତା ରହିଛି। ଏଥର ରଥଯାତ୍ରା ଅବସରରେ ପୁରୀ-ଭୁବନେଶ୍ୱର, ପୁରୀ-କୋଣାର୍କ ଏବଂ ପୁରୀ-ବ୍ରହ୍ମଗିରି ରାସ୍ତା ସମେତ ସହରର ପ୍ରମୁଖ ଜାଗାରେ ୨୭୫ଟି ଏଆଇ କ୍ୟାମେରା ଲଗାଯାଉଛି। ତ୍ରୁଟିଶୂନ୍ୟ ରଥଯାତ୍ରା ପାଇଁ ଓଡ଼ିଶା ପୁଲିସ ଜାଗ୍ରତ ରହିଛି। ୩୬ଟି ପାର୍କିଂ ସ୍ଥାନ ଚିହ୍ନଟ କରାଯାଇଛି। କୌଣସି ପ୍ରକାର ଆତଙ୍କବାଦୀ କାର୍ଯ୍ୟକଳାପକୁ ମୁକାବିଲା ପାଇଁ କୁଇକ୍-ରିଆକ୍ସନ୍ ଟିମ୍ ଓ ଆଣ୍ଟି-ଟେରରିଷ୍ଟ ସ୍କ୍ୱାଡ୍ ମୁତୟନ ହେବେ। ଶ୍ରୀମନ୍ଦିର ସମ୍ମୁଖରେ ସଶସ୍ତ୍ର ସୁରକ୍ଷା କର୍ମୀ ରହିବେ। ଜଳ, ସ୍ଥଳ, ଆକାଶ ମାର୍ଗରେ ସୁରକ୍ଷା ବ୍ୟବସ୍ଥା କଡ଼ାକଡ଼ି କରାଯିବ। ୧୦ ହଜାର ସୁରକ୍ଷା କର୍ମୀ ମୁତୟନ ହେବେ। ସମୁଦାୟ ଟ୍ରାଫିକ୍ ବ୍ୟବସ୍ଥା ୩ ଭାଗରେ ବିଭକ୍ତ କରାଯିବ। ଡ୍ରୋନ୍ ସହାୟତାରେ ଟ୍ରାଫିକ୍ ପରିଚାଳନା କରାଯିବ। ଏଥର ରଥଯାତ୍ରା ପାଇଁ ପାଞ୍ଚଥାକିଆ ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଛି। ୩୯ଟି ଟ୍ରାଫିକ୍ ପୋଷ୍ଟ ରହିବ। ଏଆଇ କ୍ୟାମେରା ଓ ଡ୍ରୋନ୍ ବ୍ୟବହାର ଉପରେ ଗୁରୁତ୍ୱାରୋପ କରାଯାଇଛି। ନିଆଁ ଲାଗିବା, ଭିଡ଼ ନିୟନ୍ତ୍ରଣ ଓ ଗୁଜବ ରୋକିବା ପାଇଁ ପ୍ରୟାସ କରାଯିବ। ସମୁଦ୍ରରେ ତଟରକ୍ଷୀ ବାହିନୀ ପାଟ୍ରୋଲିଂ କରିବେ ବୋଲି ଡିଜିପି ଶ୍ରୀ ଖୁରାନିଆ କହିଛନ୍ତି।

## ବର୍ଷାରେ ଧୋଇଗଲା ଡାଇଭର୍ସନ୍ ରାସ୍ତା

ତେଲକୋଇ,୨୨।୬ (ସମିସ): କେନ୍ଦୁଝର ଜିଲ୍ଲା ତେଲକୋଇ କୁନ୍ତଳା ପୂର୍ତ୍ତ ବିଭାଗ ରାସ୍ତାର ଲୋକନାଥପୁର ନିକଟ ବାଉଁଶଯୋର ପୋଲର ଡାଇଭର୍ସନ୍ ରାସ୍ତା ଧୋଇଯାଇଛି। ଫଳରେ



ତେଲକୋଇ-ଜଗମୋହନପୁର, ତେଲକୋଇ-ଦେବଗଡ଼, ତେଲକୋଇ-ସମ୍ବଲପୁର ଏବଂ ତେଲକୋଇ-ରାଉରକେଲାକୁ ଯାତାୟାତ ବ୍ୟାହତ ହୋଇଛି। ଏପରିକି, ୪୯ ନମ୍ବର ଜାତୀୟ ରାଜପଥକୁ ଯୋଗାଯୋଗ ବିଚ୍ଛିନ୍ନ ହୋଇପଡ଼ିଛି। ସେହିପରି ତେଲକୋଇ ବ୍ଲକ୍‌ର ଛାମୁଣ୍ଡା, ଜଗମୋହନପୁର, ବିଞ୍ଜବାହାଳ ଆଦି ପଞ୍ଚାୟତର ୨୦ରୁ ଅଧିକ ଗ୍ରାମ ବ୍ଲକ୍ ମୁଖ୍ୟାଳୟରୁ ବିଚ୍ଛିନ୍ନ ହୋଇପଡ଼ିଛି। ପୂର୍ତ୍ତ ବିଭାଗର ଦାୟିତ୍ୱହୀନତା ଏବଂ ନିମ୍ନମାନର କାମ ଯୋଗୁଁ ଏଭଳି ସମସ୍ୟା ଉପୁଜିଥିବା ଅଭିଯୋଗ ହୋଇଛି।

ସୂଚନାନୁଯାୟୀ, ରବିବାର ଭୋର୍‌ରେ ପ୍ରବଳ ବର୍ଷା ଯୋଗୁଁ ନାଳରେ ଅତ୍ୟଧିକ ଜଳ ପ୍ରବାହିତ ହୋଇଥିଲା। ଠିକାସଂସ୍ଥା ଡାଇଭର୍ସନ ରାସ୍ତାରେ ଅତି ସଙ୍କୁଚିତ ପୋଲ ନିର୍ମାଣ କରିଥିବାରୁ ପ୍ରବାହିତ ଜଳରେ ପୋଲ ଧୋଇ ଯାଇଥିଲା। ତେବେ ଶେଷ ଖବର ଲେଖା ହେବା ସୁଦ୍ଧା ଏପର୍ଯ୍ୟନ୍ତ ଏହାକୁ ମରାମତି କରାଯାଇନାହିଁ। ଫଳରେ ଲୋକେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ବସ୍ ଓ ଅନ୍ୟାନ୍ୟ ଗାଡ଼ି ସବୁ ଦୋବଲାପାଳ, ଛାମୁଣ୍ଡା ଦେଇ ଏକ ସଂକୀର୍ଣ୍ଣ ରାସ୍ତାରେ ବିପଦସଙ୍କୁଳ ଭାବେ ଯା'ଆସ କରୁଛନ୍ତି। ଜିଲ୍ଲା ପ୍ରଶାସନ ଏ ଦିଗରେ ତୁରନ୍ତ ପଦକ୍ଷେପ ଗ୍ରହଣ କରିବାକୁ ସ୍ଥାନୀୟ ଅଞ୍ଚଳବାସୀ ଦାବି କରିଛନ୍ତି।

**୪୯ ନମ୍ବର ରାଜପଥକୁ ଯୋଗାଯୋଗ ବିଚ୍ଛିନ୍ନ**

## ମଣ୍ଡିରେ ପଡ଼ିରହିଛି ହଜାର ହଜାର କ୍ୱିଣ୍ଟାଲ ଧାନ

କଲମପୁର,୨୨।୬(ସମିସ): କଳାହାଣ୍ଡି ଜିଲ୍ଲା କଲମପୁର ଅଞ୍ଚଳର ମଣ୍ଡିଗୁଡ଼ିକରେ ଧାନ ଉଠାଣ ହୋଇ ନ ପାରି ହଜାର ହଜାର କ୍ୱିଣ୍ଟାଲ ପଡି ରହିଛି। ବର୍ଷାକୁ ଦୃଷ୍ଟିରେ ରଖି ଚାଷୀ ଧାନ ବିକିବାକୁ ତରତର ହେଉଛି; ହେଲେ ଧାନ ଉଠୁନି। ଏଥି ମଧ୍ୟରେ କେତେକଙ୍କ ଟୋକନ ତାରିଖ ସରିଗଲାଣି। ଆଉ କେତେକଙ୍କ ଟୋକନ ତାରିଖ ସରିବାକୁ ବସିଛି। ଧାନର ଆର୍ଦ୍ରତାକୁ ନେଇ ୫ରୁ ୭ କେଜି କଟିଂ କରି ନେବାକୁ ଚାଷୀ ରାଜି ହୋଇଥିଲେ ମଧ୍ୟ ମିଲର୍ସ ଧାନ ଉଠାଇବାକୁ ରାଜି ହେଉନାହିଁ। ୧୨ କିଲୋ କଟିଂ ନ ହେଲେ ଧାନ କିଣିବେ ନାହିଁ ବୋଲି ମିଲର ଜିଦ୍ ଧରି ବସିଛନ୍ତି। ମଣ୍ଡିଗୁଡ଼ିକରେ ଏମିତି ଧାନ ଜମା ହୋଇଛି ଯେ, ଆଉ ମହଜୁଦ ରଖିବାକୁ ଜାଗା ମିଳୁନାହିଁ। ଏହାଫଳରେ ଚାଷୀ ରାସ୍ତା କଡରେ ଧାନ ଜମା କରି ରଖିବାକୁ ବାଧ୍ୟ ହୋଇଛି। ଚାଷୀ ଧାନ ବିକି ପାରି ନ ଥିବା ବେଳେ ଆଗକୁ ଚାଷ ପାଇଁ ସଜବାଜ ହେବା କଷ୍ଟକର ହୋଇ ପଡ଼ିଛି।

ଗତବର୍ଷ ଏହି ସମୟ ମଧ୍ୟରେ ପ୍ରାୟ ଧାନ ଉଠି ମଣ୍ଡି ବନ୍ଦ ହେବାକୁ ବସିଥିଲା। ଚଳିତ ବର୍ଷ ଅଧାଅଧି ଧାନ ମଧ୍ୟ ଉଠିନି। ଅନ୍ୟପକ୍ଷେ ଏବେ ଟାର୍ଗେଟ ସମସ୍ୟା ମଧ୍ୟ ମୁଣ୍ଡ ଟେକିଛି। କିଛି ଏଜେଣ୍ଟ କହିଛନ୍ତି ଯେ ଟାର୍ଗେଟଠାରୁ ଅଧିକ ଧାନ ଉଠି ସାରିଲାଣି। ତେଣୁ ବର୍ତ୍ତମାନ ପଡିଥିବା ଧାନ କେଉଁଠୁ ଆସିଛି ତାହା ସନ୍ଦେହ ସୃଷ୍ଟି କରିଛି। କେତେକ ଚାଷୀ କହିଛନ୍ତି ଯେ ବଡବଡିଆଙ୍କ ଧାନ ଆରାମରେ ଉଠିଛି। ଏହା ବାଦ ଦଲାଲଙ୍କ ଧାନ ମଧ୍ୟ ଉଠୁଛି; କିନ୍ତୁ ଛୋଟ ଚାଷୀ ଓ ପ୍ରକୃତ ଚାଷୀ ବେଳକୁ ନିୟମ କାନୁନ ଦେଖା ଯାଉଛି।



**୧୨ କିଲୋ କଟନି ପାଇଁ ମିଲରଙ୍କ ଜିଦ୍**

ଚାଷୀଙ୍କ ଅଭିଯୋଗ ହେଲା ଯେ ମିଲର୍ସଙ୍କ ଏଜେଣ୍ଟ ବହୁ ବର୍ଷ ହେଲା ଏହି ବ୍ୟବସାୟରେ ଲିପ୍ତ ହୋଇ ଆସୁଛନ୍ତି। କେତେକ କର୍ମଚାରୀ ମଧ୍ୟ ଅନୁରୂପ ଭାବେ କାର୍ଯ୍ୟ କରି ଆସୁଛନ୍ତି। ଏହା ଫଳରେ ସେହି ପାରମ୍ପରିକ ଅଭ୍ୟାସର ପରିବର୍ତ୍ତନ ହୋଇ ପାରୁନାହିଁ। ଯଦି ବର୍ଷା ହେବ ତେବେ ବିପୁଳ ପରିମାଣରେ କ୍ଷୟକ୍ଷତି ହେବ ବୋଲି ସେମାନେ ଅଭିଯୋଗ କରିଛନ୍ତି। ବିଡ଼ମ୍ବନା ହେଉଛି ଚାଷୀମାନେ ଧାନ ବିକ୍ରିକୁ ନେଇ ଅସହଜ ପରିସ୍ଥିତିର ସମ୍ମୁଖୀନ ହୋଇଥିବାବେଳେ ପ୍ରଶାସନ ହାତବାନ୍ଧି ବସିଛି ଓ ସରକାର ଆଖି ମୁଦି ବସିଛନ୍ତି । ବିଧାୟକ ସୁଧୀର ରଞ୍ଜନ ପଟ୍ଟଯୋଶୀ କଲମପୁର ଗସ୍ତ ସମୟରେ ଧାନ ବିକ୍ରିରେ ସମସ୍ୟା ହେଲେ ସେ ନିଜେ ହସ୍ତକ୍ଷେପ କରିବେ ବୋଲି କହିଥିଲେ। ମାତ୍ର ଏହାପରେ ବିଧାୟକ ମଧ୍ୟ ତୁଣ୍ଡ ଖୋଲୁ ନାହାନ୍ତି। କଳାହାଣ୍ଡି ଜିଲ୍ଲାରେ ମୌସୁମୀ ବର୍ଷା ଆରମ୍ଭ ହୋଇ ସାରିଲାଣି, ମାତ୍ର ଚାଷୀଙ୍କ ହଜାର ହଜାର କ୍ୱିଣ୍ଟାଲ ଧାନ ଏବେ ବି ରାସ୍ତା ଉପରେ ଗଦା ହୋଇଛି । ଥରେ ବର୍ଷା ପାଣି ଖାଇବା ପରେ ଧାନଗୁଡ଼ିକ ନଷ୍ଟ ହେବା ଆଶଙ୍କା ଥିବାରୁ ଚାଷୀ ମୁଣ୍ଡରେ ହାତ ଦେଇ ବସିଛନ୍ତି ।

## ଇସ୍କନ ମନ୍ଦିରରେ ଯାମିନୀ ଏକାଦଶୀ

ଚନ୍ଦନେଶ୍ୱର,୨୨।୬ (ସମିସ): ବାଲେଶ୍ୱର ଜିଲ୍ଲାର ଭୋଗରାଇ ବ୍ଲକ ଅନ୍ତର୍ଗତ ଶଙ୍ଖାରୀସ୍ଥିତ ରାଧା ଗୋପୀନାଥଜୀଉ ଇସ୍କନ ମନ୍ଦିରରେ ଆଜି ପବିତ୍ର ଯାମିନୀ ଏକାଦଶୀ ଉପଲକ୍ଷେ ହଜାର ହଜାର ଭକ୍ତଙ୍କର ସମାଗମ ହୋଇଥିଲା । ଏଥିରେ ଇଂ ଅଭିଜିତ ଦାସ ଅତିଥି ଭାବରେ ଯୋଗଦେଇ ଏସିଆ ମହାଦେଶର ପ୍ରସିଦ୍ଧ ତଥା ଆଦ୍ୟ ଶିବଲିଙ୍ଗ ଭୂଷଣ୍ଡେଶ୍ୱରଙ୍କର ଏକ ତୈଳ ଚିତ୍ର ମନ୍ଦିରକୁ ଉପହାର ଦେବା ସହିତ ବିଶ୍ୱରେ ଚାଲିଥିବା ଘମାଘଟ ଯୁଦ୍ଧ ମଧ୍ୟରେ ବିଶ୍ୱ ଭ୍ରାତୃତ୍ୱ ଓ ଭାଇଚାରା ପ୍ରତିଷ୍ଠା ପାଇଁ ସେ ନିବେଦନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ମନ୍ଦିରର ମହନ୍ତ ଲାବଣ୍ୟ ପ୍ରଭୁ ଗୌର ଦାସ, ବ୍ରଜ ସୁନ୍ଦର ଦାସ, ପଞ୍ଚାନନ ଦାସ, ସୁଶାନ୍ତ ବେହେରା, ସୁବାସ ଦାସ ପ୍ରମୁଖ ଉପସ୍ଥିତ ଥିଲେ।



## ଗୋମାଂସ ସନ୍ଦେହରେ ଗାଡ଼ି ଜବତ

ଚନ୍ଦନେଶ୍ୱର,୨୨।୬ (ସମିସ): ବାଲେଶ୍ୱର ଜିଲ୍ଲାର ଭୋଗରାଇ ବ୍ଲକ ଅନ୍ତର୍ଗତ ବାରବାଟିଆ ଛକଠାରେ ଆଜି ଅପରାହ୍ନରେ ଗୋମାଂସ ସନ୍ଦେହରେ ସ୍ଥାନୀୟ ଯୁବକ ମାନେ କଟକ ରୁ ପଶ୍ଚିମବଙ୍ଗକୁ ଯାଉଥିବା ଏକ ଦୁର୍ଗନ୍ଧ ଯୁକ୍ତ କୁକୁଡା ଛାଟ ବୋଝେଇ ପିକଅପ ଭ୍ୟାନକୁ ଅଟକାଇ ପୁଲିସକୁ ଖବର ଦେଇଥିଲେ। ଖବରପାଇ ତାଳସାରୀ ମେରାଇନ ଥାନା ଅଧିକାରିଣୀ ଚମ୍ପାବତୀ ସୋରେନ, ଚନ୍ଦନେଶ୍ୱର ଫାଣ୍ଡି ଅଧିକାରୀ ବନବିହାରୀ ଶତପଥି ଓ ଭୋଗରାଇ ଥାନା ତରଫରୁ ମିଳିତ ଭାବେ ଉକ୍ତ କୁକୁଡ଼ା ଛାଟ ଭ୍ୟାନକୁ ଜବତ କରିବା ସହିତ ଉକ୍ତ ଗାଡିର ଡ୍ରାଇଭର ସେକ ରିଆଜକୁ ଅଟକ ରଖି ପଚରାଉଚରା କରାଯାଉଛି । ଅଟକ ଭ୍ୟାନର ଡ୍ରାଇଭର ସେକ ରିଆଜ କହିଛନ୍ତି କଟକ ନିକଟବର୍ତ୍ତୀ ଜବ୍ରାଆନିକଟ ନିକଟରୁ ଉକ୍ତ କୁକୁଡ଼ା ଛାଟ ବୋଝେଇ ଭ୍ୟାନଟି ପଶ୍ଚିମବଙ୍ଗର ଶଙ୍କରପୁର ନିକଟକୁ ଯାଉଥିଲା । ଏହି କୁକୁଡ଼ା ଛାଟ ଗୁଡ଼ିକ ହାଇବ୍ରିଡ ମାଗୁର ମାଛର ଖାଦ୍ୟ ରୂପରେ ବ୍ୟବହୃତ ହୋଇଥାଏ ବୋଲି ପ୍ରକାଶ କରିଛି । ଉକ୍ତ ଦୁର୍ଗନ୍ଧ ଯୁକ୍ତ କୁକୁଡ଼ା ଛାଟ ଗୁଡିକୁ ତାଳସାରୀ ବେଳାଭୂମି ନିକଟସ୍ଥ ଜଙ୍ଗଲ ମଧ୍ୟରେ ପୋତି ଦିଆଯିବ ବୋଲି ପ୍ରକାଶ କରିଛନ୍ତି।

## ଗୋଚର ଜମି ଜବରଦଖଲ, ଉଚ୍ଛେଦ ଦାବି

ଖଇରା,୨୨।୬ (ସମିସ): ବାଲେଶ୍ୱର ଜିଲା ଖଇରା ତହସିଲ ଅଧୀନ ଗରସଙ୍ଗ ମୌଜାରେ ପାଖାପାଖି ୭ଏକର ଜମିକୁ ଜବରଦଖଲ କରି ବାଡଘେରି ରଖିବା ସହ ବେଆଇନ ନିର୍ମାଣ କରୁଥିବାରୁ ଗୋରୁଗାଈଙ୍କ ଚଳପ୍ରଚଳରେ ବାଧା ସୃଷ୍ଟି ହୋଇଛି। ୨୦୧୯ ମସିହାରୁ ଗ୍ରାମବାସୀ ୪ଥର ବିଭିନ୍ନ ଅଧିକାରୀଙ୍କ ନିକଟରେ ଅଭିଯୋଗ କରି ସାରିବା ପରେ ପୁନଶ୍ଚ ଶୁକ୍ରବାର ଖଇରା ଅତିରିକ୍ତ ତହସିଲଦାରଙ୍କୁ ଅଭିଯୋଗ କରିଛନ୍ତି। ହେଲେ ଏପର୍ଯ୍ୟନ୍ତ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉନାହିଁ। ଏଭଳି ଅବରୋଧ ଜାରି ରହିଲେ ରେକର୍ଡରୁ ସରକାରୀ ଜମି ଶୁନ ହୋଇଯିବ ବୋଲି ଗ୍ରାମବାସୀ କହିଛନ୍ତି। ଗରସଙ୍ଗ ମୌଜାର ଖାତା ନମ୍ବର ୯୧୩ ପ୍ଲଟ ନମ୍ବର ୫୭୯,ପ୍ଲଟ ନମ୍ବର ୨୭୪ ଓ ପ୍ଲଟ ନମ୍ବର ୬୬୦ ଗୋଚର କିସମ ଜମି ହୋଇଥିବା ବେଳେ ଏହାକୁ ୬ଜଣ ବ୍ୟକ୍ତି ନିଜ କବ୍‌ଜାରେ ରଖିଛନ୍ତି। କିଛି ବେଆଇନ ଘର ନିର୍ମାଣ କରିଥିବା ବେଳେ ଆଉ କିଛି ପୋଖରୀ ଖୋଳି ମାଛଚାଷ କରୁଛନ୍ତି। ରାଜ୍ୟ ସରକାର ସରକାରୀ ଜମି ଜବରଦଖଲମୁକ୍ତ ପାଇଁ ବାରମ୍ବାର ରାଜସ୍ୱ ବିଭାଗ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଉଥିବା ବେଳେ ତଳସ୍ତରରେ ଏହା କାର୍ଯ୍ୟକାରୀ ହେଉନଥିବା ଗ୍ରାମବାସୀ ଅଭିଯୋଗ କରିଛନ୍ତି। ଏ ସମ୍ପର୍କରେ ଅତିରିକ୍ତ ତହସିଲଦାର ଗଦାଧର ସେଠୀଙ୍କୁ ଯୋଗାଯୋଗ କରିବାରେ ଯଥାଶୀଘ୍ର ଜବରଦଖଲ ଉଚ୍ଛେଦ ପାଇଁ ପଦକ୍ଷେପ ଗ୍ରହଣ କରାଯିବ ବୋଲି କହିଛନ୍ତି।

## ମୟୂରଭଞ୍ଜ ଛଉ ନୃତ୍ୟ ଆଧାରିତ ଚିତ୍ରକଳା ପ୍ରଦର୍ଶନୀ



ବାରିପଦା, ୨୨।୬(ସମିସ): ସ୍ଥାନୀୟ ଦେଉଳସାହିସ୍ଥିତ ଶ୍ରୀରାମଚନ୍ଦ୍ର ଉପ୍ରା ବିଦ୍ୟାଳୟରେ ରବିବାର ପ୍ରଥମ ମୟୂରଭଞ୍ଜ ଛଉନୃତ୍ୟ ଆଧାରିତ ଚିତ୍ରକଳା ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ବରିଷ୍ଠ ଚିତ୍ରୀଶିଳ୍ପୀ ସମ୍ପଦ କୁମାର ଦାସ ଯୋଗଦେଇ ଏହାକୁ ଉଦଘାଟନ କରିଥିଲେ। ପାଲବଣୀର ଶ୍ରୀଜଗନ୍ନାଥ କଳା ଆକାଡେମୀ, ଭଞ୍ଜପୁରର ମୟୂରଭଞ୍ଜ କଳା ଆକାଡେମୀ ଭଞ୍ଜପୁର, ଦେଉଳସାହିର କ୍ରିଏଟିଭ୍ ସ୍କୁଲ ଅଫ୍ ଆଣ୍ଡ କ୍ରାଫଟସର ମିଳିତ ଆନୁକୂଲ୍ୟରେ ଆୟୋଜିତ ପ୍ରତିଯୋଗିତାରେ ୭୦ଟି ଚିତ୍ରକଳା ସ୍ଥାନ ପାଇଥିଲା। ଉଦ୍‌ଯାପନୀ ଉତ୍ସବରେ ଅତିଥିଭାବେ ଚିତ୍ରୀ ଶିଳ୍ପୀ ଶୁଭସ୍ମିତା ଭାରତୀ ହୋତା, ସରୂପ କୁମାର ନାୟକ ଓ ରବିନ କୁମାର ମହାପାତ୍ର ଯୋଗଦେଇ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କାର ଓ ପ୍ରମାଣପତ୍ର ବଣ୍ଟନ କରିଥିଲେ। କ୍ରିଏଟିଭ୍ ସ୍କୁଲ ଅଫ ଆର୍ଟ ଆଣ୍ଡ କ୍ରାଫଟସର ମୁଖ୍ୟ ଉପଦେଷ୍ଟା ଏବଂ ଆର୍ଟ ଆଣ୍ଡ କଲଚରର ଜିଲ୍ଲା ଆଡଭାଇଜାରି ମେମ୍ବର ଚାରୁଚନ୍ଦ୍ର ଦାସଙ୍କ ତତ୍ତ୍ୱାବଧାନରେ ପରିଚାଳିତ କାର୍ଯ୍ୟକ୍ରମରେ ସମୟ କୁମାର ଦାସ, ସଦାଶିବ ଦାସ, ଶପଥ ଦାସ, ସମୀର ମହାନ୍ତ, କଳ୍ପନା ମହାନ୍ତ ଓ ଆଶା ରାମ ପ୍ରମୁଖ ସହଯୋଗ କରିଥିଲେ।

● ଗାଜିପୁର ଗ୍ରାମରେ ପିଇବା ପାଣି ପାଇଁ ମହିଳାଙ୍କ ପ୍ରତିବାଦ ପ୍ରସଙ୍ଗ

## ୧୫ ଦିନରେ ବସିବ ନୂଆ ପାଣି ପମ୍ପ

ଚନ୍ଦନେଶ୍ୱର,୨୨।୬ (ସମିସ): ବାଲେଶ୍ୱର ଜିଲ୍ଲାର ଭୋଗରାଇ ବ୍ଲକ ଅନ୍ତର୍ଗତ ଗାଜିପୁର ୫ ନମ୍ବର ୱାଡର୍‌ରେ ପିଇବା ପାଣିର ଘୋର ସଙ୍କଟ ଦେଖାଦେଇଥିବାରୁ ଗତ ୩ ଦିନ ତଳେ ଶତାଧିକ ମହିଳା ପିଇବା ପାଣି ଯୋଗାଇ ଦେବାକୁ ଦାବି କରିଥିବା ବେଳେ ଆଜି ରବିବାର ଭୋଗରାଇ ବିଜେପି ନେତା ଆଶିଷ ପାତ୍ରଙ୍କ ସମେତ ବିଭାଗୀୟ କନିଷ୍ଠ ଯନ୍ତ୍ରୀ ହରିପ୍ରିୟା ମହନ୍ତ ଘଟଣା ସ୍ଥଳରେ ପହଞ୍ଚି ଗାଁର ମହିଳା ମାନଙ୍କ ସହିତ ଆଲୋଚନା କରିବା ପରେ ଗାଁରେ ଏକ ନୂତନ ପାଣି ପମ୍ପ ବସିବାର ପ୍ରତିଶ୍ରୁତି ଦେବା ସହିତ ଅସ୍ଥାୟୀ ଭାବରେ ଟେଙ୍କର ସାହାଯ୍ୟରେ ପାଣି ଯୋଗାଇ ଦିଆଯିବ ବୋଲି ପ୍ରକାଶ କରିଛନ୍ତି । ଏଥିରେ ବିଜେପି ନେତା ଆଶିଷ ପାତ୍ର, ଜୟରାମପୁର ପଞ୍ଚାୟତ ସଦସ୍ୟ ରାଧାକାନ୍ତ ପ୍ରଧାନ, ମଣ୍ଡଳ ସଭାପତି ଚନ୍ଦନ ପ୍ରଧାନ, ଇନ୍ଦୁଭୂଷଣ ପଣ୍ଡା, ବୁଦ୍ଧଦେବ ପଣ୍ଡା ପ୍ରମୁଖ ଉପସ୍ଥିତ ଥିଲେ।



### ନିୟମିତ ହେଉନାହିଁ ଚଢ଼ଉ, ଯାଞ୍ଚ

# ଅଘଟଣ ଘଟିଲେ ଚେଇଁ ଉଠୁଛି ଖାଦ୍ୟ ସୁରକ୍ଷା ବିଭାଗ

ବାଲେଶ୍ୱର,୨୨।୬(ସମିସ)

କୌଣସି ଘଟଣା, ପର୍ବପର୍ବାଣୀ ବା ରୋଗ ବ୍ୟାପିଲେ ନୁହେଁ ବରଂ ନିୟମିତ ପରିଦର୍ଶନ ଓ ଚଢାଉ ହେଉ। ଖାଦ୍ୟ ସୁରକ୍ଷା ବିଭାଗର ଯାଞ୍ଚ ଜିଲ୍ଲାର ସବୁ ଅଞ୍ଚଳରେ କରାଯାଉ। କାରଣ ସବୁଠି ଖାଦ୍ୟ ନାମରେ ଲୋକଙ୍କୁ ବିଷ ଦେଉଛନ୍ତି। ବ୍ୟବସାୟ ନାମରେ ଲୋକଙ୍କ ଜୀବନ ସହ ଖେଳୁଛନ୍ତି ଦୋକାନୀ। ସେଥିପାଇଁ ନିୟମିତ ଚଢାଉ ପାଇଁ ବାଲେଶ୍ୱରବାସୀଙ୍କ ଦାବି ଜୋର ଧରିଛି। ସେହିପରି ବର୍ତ୍ତମାନ ହଇଜା ସମୟରେ ଖାଦ୍ୟରେ ମାଛି ବସିବା ବିପଦର କାରଣ। ତେଣୁ ଏସବୁ ଯାଞ୍ଚ ସହ ସହରର ନୂଆବଜାରରେ ବର୍ଷ ବର୍ଷ ଧରି ବିକ୍ରି ହେଉଥିବା ଖାଦ୍ୟ ସାମଗ୍ରୀରେ ମାଛି ବସୁଛି। ଗୁଡ, ଚୂଡା, ଶୁଖିଲା ପିଠା ଆଦି ଉପରେ ମାଛି ଭଣଭଣ ହେଉଛି। ଝାଡ଼ାବାନ୍ତି ବ୍ୟାପିବା ପରିପ୍ରେକ୍ଷୀରେ ବାଲେଶ୍ୱରରେ ଖାଦ୍ୟ ସୁରକ୍ଷା ବିଭାଗ ଓ ପୌରପାଳିକା ପକ୍ଷରୁ ଜୋରଦାର ଚଢାଉ ଚାଲିଛି। ହେଲେ ଏହି ଚଢାଉ ନିୟମିତ ଏବଂ ଜିଲ୍ଲାର ସବୁ ଜାଗାରେ ହେଉ ବୋଲି ବାଲେଶ୍ୱରବାସୀ ଦାବି କରିଛନ୍ତି। 'ବର୍ତ୍ତମାନ ସମୟରେ ଶୁଖିଲା ଖାଦ୍ୟ ଖାଇଲେ କିଛି ସମସ୍ୟା ହେବନି। କାରଣ ତାହା ଧୋଇକି ଖାଉଚୁ। ତେଣୁ ମାଛି ବସିଲେ ବି ସମସ୍ୟା ନାହିଁ। ଏମିତିକି ପନିପରିବା ଅଧିକ ପ୍ରଭାବିତ ହେବନି। କାରଣ ତାହାକୁ ଧୋଇକି ରୋଷେଇ କରି ଖିଆଯାଉଛି। ସେଥିପାଇଁ ଏଦିଗରେ ଚଢାଉ ହେଉନାହିଁ। ଏହା ସମୟରେ ବାହାରେ ବିକ୍ରି ହେଉଥିବା ପ୍ରସ୍ତୁତ ଖାଦ୍ୟ, ଗୁପଚୁପ, ଦହିବରା, ଫାଷ୍ଟ ଫୁଡ୍ ଓ ପିଇବା ପାଣି ଯାହା ସିଧାସଳଖ ସମସ୍ତେ ଖାଉଛନ୍ତି ତାହା ଉପରେ ଅଧିକ ଗୁରୁତ୍ୱ ଦିଆଯାଉଛି ଏବଂ ଯାଞ୍ଚ କରାଯାଉଛି। ଅନ୍ୟଗୁଡିକ ଅନ୍ୟ ସମୟରେ ଯାଞ୍ଚ କରିବୁ' ବୋଲି ଜିଲ୍ଲା ଖାଦ୍ୟ ସୁରକ୍ଷା ବିଭାଗ ଅଧିକାରୀ ଅନୁଶ୍ରୀ ଖଟୁଆ ମତବ୍ୟକ୍ତ କରିଛନ୍ତି। 'ଯେହେତୁ ଜିଲ୍ଲାରେ ଖାଦ୍ୟ ସୁରକ୍ଷା ବିଭାଗ ଏବଂ ପୌରପାଳିକାର ହେଲଥ୍ ବିଭାଗ ରହିଛି ସେଥିପାଇଁ ସେମାନେ ନିୟମିତ ଚଢାଉ ଓ ଯାଞ୍ଚ କରିବା ଦରକାର। ଯାହା ଦେଖାଯାଉଛି କିଛି ଗୋଟେ ଘଟଣା ଘଟିଲେ ଏହି ବିଭାଗ ଯୁଦ୍ଧକାଳୀନ ଭିତ୍ତିରେ ମାର୍କେଟକୁ ବାହାରି ପଦକ୍ଷେପ ନେଉଛନ୍ତି। କିନ୍ତୁ ଅନ୍ୟବେଳେ ଶୋଇପଡୁଛନ୍ତି। ଯଦି ନିୟମିତ ଅର୍ଥାତ୍ ସପ୍ତାହକୁ ନହେଲେ ମାସକୁ ପରିଦର୍ଶନ ହୁଅନ୍ତା ତାହେଲେ ଲୋକମାନଙ୍କର ଭୟ ରୁହନ୍ତା। ସଚେତନ ମଧ ହୁଅନ୍ତେ। ଅନ୍ୟପଟେ ହଇଜା ପାଇଁ ମାଛି ଗୁରୁତ୍ୱପୂର୍ଣ୍ଣ। ଖାଦ୍ୟରେ ମାଛି ବସିବା ଏକ ବଡ଼ ସମସ୍ୟା। ନୂଆ ବଜାରରେ ବିକ୍ରି ହେଉଥିବା ଖାଦ୍ୟରେ ଅହରହ ମାଛି ବସୁଛି। ସବୁବେଳେ ବାହାରେ ବିକ୍ରି ହେଉଥିବା ଖାଦ୍ୟରେ ମାଛି ବସୁଛି। ହେଲେ ଏଦିଗରେ ସମସ୍ତେ ନିଘା କରିବା ଦରକାର। ମାତ୍ର ଜିଲ୍ଲା ପ୍ରଶାସନଠୁ ଆରମ୍ଭ କରି ଜନ ପ୍ରତିନିଧି ସମସ୍ତେ କୁମ୍ଭକର୍ଣ୍ଣ ନିଦ୍ରାରେ ବୋଲି ସଚେତନ ନାଗରିକ ଦିଲ୍ଲୀପ ପରିଡ଼ା ମତବ୍ୟକ୍ତ କରିଛନ୍ତି। ଚଢାଉ ବା ଯାଞ୍ଚ ସମୟରେ ଆମେ ଦୋକାନକୁ ପଶିବା ମାତ୍ରେ ଖାଦ୍ୟରେ ମାଛି ବସିଥିବା ଦେଖିବା ମାତ୍ରେ ଜରିମାନା ଲଗାଉଛୁ। କାରଣ ଖାଦ୍ୟରେ ମାଛି ବସିବା ଦ୍ୱାରା ହିଁ ଡାଇରିଆ ହେବ ହିଁ ହେବ। ଏହାପରେ ଆମେ ବ୍ୟବସାୟିକ ଏବଂ ଖାଦ୍ୟର ଲାଇସେନ୍ସ ଅଛି କି ନାହିଁ ଯାଞ୍ଚ କରୁଛୁ। ଏବେ ରୁଟିନ୍ ଅନୁସାରେ ଚଢ଼ଉ ହେଉଛି। ଏହାପରେ ନୂଆବଜାର ମଧ ଯିବୁ। ଚଢାଉ କରିବୁ। ସେଠାରେ ମଧ ଖାଦ୍ୟ ଉପରେ ମାଛି ବସୁଛି। ନୂଆ ବଜାରରେ ମୁଁ ନିଜେ ମଧ ଜିବ୍। ତେବେ ଯାଞ୍ଚ ସମୟରେ ସବୁ ସ୍ଥାନରେ ଆମେ ଫାଷ୍ଟ ଫୁଡ୍ ଦୋକାନ ସହ ହୋଟେଲ ଗୁଡ଼ିକ ଯାଞ୍ଚ କରୁଛୁ ବୋଲି ପୌରପାଳିକା ସାନାଟାରି ଇନ୍ସପେକ୍ଟର କମଳ ଲୋଚନ ପାତ୍ର କହିଛନ୍ତି।



ଜନ ସଚେତନତା ସୃଷ୍ଟି ପାଇଁ ଚାରି ଆଡେ ପ୍ରଚାର ପ୍ରସାରର ବନ୍ଦୋବସ୍ତ କରିବା ସହ ଡାକ୍ତରଖାନା , ବସଷ୍ଟାଣ୍ଡ, ରେଳ ଷ୍ଟେସନ, ସିନେମା ହଲ, ଶିକ୍ଷା କେନ୍ଦ୍ର ମଧ୍ୟରେ କିମ୍ବା ଏହାର ଚାରି ପାଖେ ଥିବା ହୋଟେଲ, କାଫେରେ ଯେପରି ବାସି ଖାଦ୍ୟ କିମ୍ବା ଖୋଲା ଖାଦ୍ୟ ବିକ୍ରି ନ କରନ୍ତି ଏହା ଉପରେ ବିଶେଷ ଧ୍ୟାନ ଦେବା ଉଚିତ। ଏତଦ ବ୍ୟତୀତ ପ୍ରଶାସନ କେବଳ ସହର ପ୍ରତି ବେଶୀ ଧ୍ୟାନ ଦେଇ ଗ୍ରାମାଞ୍ଚଳକୁ ଅବହେଳା ନକରିବା ଉଚିତ ବୋଲି ଡାକ୍ତର ପ୍ରକାଶ କୁମାର ମହାପାତ୍ର କହିଛନ୍ତି।

## ଲକ୍ଷ୍ମୀବସ୍ ଅଟକାଇ ଧାରଣାରେ ବସିଲେ କଣ୍ଡକ୍ଟର




ସୋର,୨୨।୬(ସମିସ): ଲକ୍ଷ୍ମୀବସରେ ପୂର୍ବରୁ କାର୍ଯ୍ୟ କରୁଥିବା ଜଣେ କଣ୍ଡକ୍ଟରକୁ ଲକ୍ଷ୍ମୀବସର ସୁପରଭାଇଜର ମାନସିକ ନିର୍ଯାତନା ଦେବା ସହିତ କାର୍ଯ୍ୟରୁ ବାହାର କରିଥିବା ପ୍ରତିବାଦରେ ଉକ୍ତ କଣ୍ଡକ୍ଟର ଜଣଙ୍କ ଆଜି ଲକ୍ଷ୍ମୀବସ ଅଟକାଇ ଧାରଣାରେ ବସିଥିବା ଦେଖିବାକୁ ମିଳିଛି। ଏପରି ଘଟଣା ଦେଖିବାକୁ ମିଳିଛି ସୋର ବ୍ଲକ ଟେଣ୍ଟେଇ ପଞ୍ଚାୟତ ଟେଣ୍ଟେଇ ଗ୍ରାମରେ। ପ୍ରତିଦିନ ଭଳି ଆଜି ସକାଳେ ଏହି ଲାଇନରେ ଯାଉଥିବା ଲକ୍ଷ୍ମୀବସଟି ଟେଣ୍ଟେଇ ଗ୍ରାମକୁ ଯାଇଥିବା ବେଳେ ପୂର୍ବରୁ ସେହି ବସରେ କଣ୍ଡକ୍ଟର ଭାବେ କାମ କରୁଥିବା ରାଜେନ୍ଦ୍ର କୁମାର ମଲିକ ଗାଡିକୁ ଅଟକାଇ ପରିବାର ସହ ଗାଡି ସମ୍ମୁଖରେ ଧାରଣାରେ ବସି ରହିଥିଲେ। ତାଙ୍କୁ ସୁପରଭାଇଜର ମାନେ ମାନସିକ ନିର୍ଯାତନା ଦେବା ସହିତ ତାଙ୍କୁ ବଦନାମ କରିବାକୁ ଚେଷ୍ଟା କରାଯାଉଥିବା ସେ ଅଭିଯୋଗ କରିଥିଲେ। ମାତ୍ର ଏ ନେଇ ସେ ବାରମ୍ବାର ଉପରିସ୍ଥ ଅଧିକାରୀ ମାନଙ୍କୁ ଅବଗତ କରାଇଥିଲେ ମଧ ତାଙ୍କୁ ନ୍ୟାୟ ନ ମିଳିବାରୁ ସେ ଧାରଣା ଦେଇଥିବା ପ୍ରକାଶ କରିଛନ୍ତି। ଖବର ପାଇ ଅନନ୍ତପୁର ଫାଣ୍ଡି ପୁଲିସ ଘଟଣା ସ୍ଥଳରେ ପହଞ୍ଚି ତାଙ୍କୁ ବୁଝାସୁଝା କରିବା ପରେ ସେ ଧରଣାରୁ ଉଠିଥିଲେ। ରାସ୍ତାରେ ଦୀର୍ଘ ସମୟ ପର୍ଯ୍ୟନ୍ତ ବସ ବନ୍ଧ ରହିବାରୁ ଯାତ୍ରୀମାନେ ଅସୁବିଧାର ସମ୍ମୁଖୀନ ହୋଇଥିଲେ।

## ଅଭଣା ଗ୍ରାମର ଦୁଇଟି ମନ୍ଦିରରୁ ଚୋରି

ସୋର,୨୨।୬ (ସମିସ):ସୋରଗ୍ରାମାଞ୍ଚଳରେଦିନକୁଦିନଚୋରମାନଙ୍କରପ୍ରଦୁର୍ଭାବବଢ଼ିବାରେ ଲାଗିଛି। ପୁଲିସକୁ ଖାତିର ନକରି ଚୋର ମାନେ ପ୍ରତିଦିନ ଚୋରି କରୁଥିବା ଦେଖିବାକୁ ମିଳୁଛି। ଦୁଇ ଦିନ ତଳେ ଉଲ୍ଲାସ ଖଡ଼ଗପୁର ଗ୍ରାମରେ ୫ଟି ମନ୍ଦିରରୁ ସିରିଜ ଚୋରି ହୋଇଥିବା ବେଳେ ଗତକାଲି ବିଳମ୍ବିତ ରାତିରେ ଅଭଣା ଗ୍ରାମରେ ଥିବା ଦୁଇଟି ମନ୍ଦିରରୁ ୧୩ ଲକ୍ଷରୁ ଅଧିକ ଟଙ୍କାର ଅଳଙ୍କାରଚୋରୀହୋଇଥିବାଜଣାପଡିଛି। ଆଜି ସକାଳେ ଅଭଣା ଗ୍ରାମରେ ଥିବା ଲକ୍ଷ୍ମୀନାରାୟଣ ମନ୍ଦିର ଓ ବ୍ରହ୍ମାଣୀ ମନ୍ଦିରକୁ ପୂଜକ ପୁଜା ପାଇଁ ଯାଇଥିବା ବେଳେ ଠାକୁରଙ୍କ ଗହଣା ସମେତ ଦାନ ବାକ୍ସ ଚୋରୀ ହୋଇଥିବା ଜାଣିବାକୁ ପାଇ ସ୍ଥାନୀୟ ଲୋକଙ୍କୁ ଜଣାଇଥିଲେ। ଚୋରମାନେ ଲକ୍ଷ୍ମୀନାରାୟଣ ମନ୍ଦିରରୁ ରୁପା ମୁକୁଟ, ସୁନା ବାହୁଟି, ସୁନାର ଚନ୍ଦ୍ରାହାର, ଅଣ୍ଟାବିଛା, ୧୫ଟି ସୁନା ଚିତା ସମେତ ବ୍ରହ୍ମାଣୀ ମନ୍ଦିରରୁ ଅଷ୍ଟଧାତୁ ମୁକୁଟ, ୧୦ଟି ରୁପା ମୁକୁଟ, ୧୦ଟି ସୁନା ଚିତା, ସୁନା ସିନ୍‌ଥ, ସୁନା ମୁକୁଟ, ସୁନା ନେକଲେସ ଚୋରୀ ହୋଇଥିବା ପୂଜକ ଜାଣିବାକୁ ପାଇଥିଲେ। ଯାହାର ଆନୁମାନିକ ମୂଲ୍ୟ ୧୩ ଲକ୍ଷରୁ ଅଧିକ ହେବ ବୋଲି ଜଣାପଡିଛି। ସ୍ଥାନୀୟ ଗ୍ରାମବାସୀ ମାନେ ଏହା ଜାଣିବା ପରେ ଅନନ୍ତପୁର ଫାଣ୍ଡି ପୁଲିସକୁ ଖବର ଦେଇଥିଲେ। ଖବର ପାଇ ପୁଲିସ ଘଟଣାସ୍ଥଳରେ ପହଞ୍ଚି ଘଟଣାର ତଦନ୍ତ କରିଥିଲେ। ସନ୍ଧ୍ୟାରେ ଗ୍ରାମବାସୀ ମାନେ ଏ ବାବଦରେ ସୋର ଥାନାରେ ଅଭିଯୋଗ କରିବା ପରେ ପୁଲିସ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ ଆରମ୍ଭ କରିଛି।



## ୧୬୩ ଜଣକୁ ମିଳିଲା ରେସନ, ୧୪୯ ଜଣଙ୍କୁ ଭତ୍ତା


ଖଇରା,୨୨।୬ (ସମିସ): ବାଲେଶ୍ୱର ଜିଲା ଖଇରା ବ୍ଲକରେ ସରକାରଙ୍କ ବିଭିନ୍ନ ବିକାଶ ମୂଳକ କାର୍ଯ୍ୟ ବାର୍ତ୍ତାକୁ ଜନସାଧାରଣ ନିକଟରେ ପହଞ୍ଚାଇବାକୁ ୧୨ ତାରିଖରୁ ପରିକ୍ରମା କରୁଥିବା ବିକାଶ ବାହନ ରଥ ୧୨ ତାରିଖରେ ଶୁଭାରମ୍ଭ ହୋଇ ୨୧ତାରିଖରେ ଶେଷ ହୋଇଛି। ୩୭ ପଞ୍ଚାୟତରେ ମୋଟ ୧୬୩ଜଣଙ୍କୁ ଖାଦ୍ୟ ସରକ୍ଷା କାର୍ଡ ଓ ୧୪୯ଜଣଙ୍କୁ ଭତ୍ତା ବଣ୍ଟନ କରାଯାଇଛି। ଶେଷ କାର୍ଯ୍ୟକ୍ରମ ଭାବେ ରଥ ଡଗରପଡା ପଞ୍ଚାୟତରେ ପହଞ୍ଚିବା ପରେ ସରପଞ୍ଚ ରତ୍ନାକର ଦଳେଇ ଓ ସମିତିସଭ୍ୟ ବିମ୍ବାଧର ଦଳେଇ, ଅଙ୍ଗନୱାଡି ସୁପରଭାଇଜର ସ୍ୱାଗତ କରିଥିଲେ। ବ୍ଲକ ଅଧକ୍ଷା ଅଭିଲିପ୍ସା ସାହୁ ଅନ୍ୟତମ ଅତିଥି ଭାବେ ଯୋଗ ଦେଇ ୯ଜଣ ହିତାଧିକାରୀଙ୍କୁ ରେସନ କାର୍ଡ ଓ ୫ଜଣଙ୍କୁ ଭତ୍ତା,୧୦ଜଣଙ୍କୁ ଜବକାର୍ଡ ପ୍ରଦାନ କରିଥିଲେ। ବ୍ଲକ ସାମାଜିକ ସୁରକ୍ଷା ଅଧିକାରୀ ସରୋଜ ନାୟକ, ଜିପିଓ ଅଶୋକ ପାତ୍ର ଉପସ୍ଥିତ ଥିଲେ।



## ମାଙ୍କଡା ବୋଝେଇ ଟ୍ରାକ୍ଟର ଜବତ

ଖଇରା,୨୨।୬ (ସମିସ): ବାଲେଶ୍ୱର ଜିଲା ଖଇରା ତହସିଲ କୁପାରୀ ରାଜସ୍ୱ କ୍ଷେତ୍ର ଅଧୀନ କୁପାରୀ କଲେଜ ପଟେ ବେଆଇନ ଭାବେ ମାଙ୍କଡା ବୋଝେଇ କରୁଥିବା ବେଳେ କନିଷ୍ଠ କୃଷି ଅଧିକାରୀ ଅଭିଷେକ ବେହେରା ଉକ୍ତ ଗାଡିକୁ ଜବତ କରି ଖଇରା ତହସିଲରେ ରଖିଛନ୍ତି। ପ୍ରତ୍ୟେକ ରାତିରେ କଲେଜ ପାଖ, ବରପଦା, ହରିପୁର,କଳମଚୁଆ ଇତ୍ୟାଦି ଅଞ୍ଚଳରୁ ମାଙ୍କଡା ଲୁଟ ହେଉଥିଲା।

## ପିଏଚ୍‌ଡି ଲାଭ



ଶ୍ରୀ ଶ୍ରୀଧର ରଞ୍ଜନ ଦାସ Biju Patnaik University of Technology (BPUT), Rourkela ରୁ ଫାର୍ମାସି ବିଭାଗରେ କୃତିତ୍ୱ ସହ (Ph.D) ଉପାଧି ଲାଭ କରିଛନ୍ତି। Einstein College of Pharmacy, Khurda ର Prof. (Dr.) Bibhuti Bhusana Panigrahi ଏବଂ I.G.I.P.S, Bhubaneswar ର Prof. (Dr.) Manoj Kumar Paniଙ୍କ ତତ୍ତ୍ୱାବଧାନରେ "Formulation and Evaluation of Novel Bilayer Floating Tablet By Using Selective Drugs as GRDDS" ଉପରେ ଗବେଷଣା କରିଥିବା ସନ୍ଦର୍ଭଟି Examiner, Prof. (Dr.) Satyabrata Bhanja, RITEE college of Pharmacy, Raipur ଏବଂ Dr. Rakesh Gupta, Vaish institute of pharmaceutical education, Rohtak, Haryana ଙ୍କ ଦ୍ୱାରା ମୂଲ୍ୟାୟନ ଏବଂ ଉଚ୍ଚ ପ୍ରଶଂସିତ ହୋଇଛି। ଡ. ଶ୍ରୀଧର ରଞ୍ଜନ ଦାସ ବର୍ତ୍ତମାନ S.I.P.E.R, Cuttack ଠାରେ Associate Professor ଭାବେ କାର୍ଯ୍ୟରତ ଥିବା ସହ ତାଙ୍କର ଗବେଷଣାତ୍ମକ କାର୍ଯ୍ୟ ପାଇଁ ବିଦେଶର ଅନେକେ ଗବେଷଣା ସଂସ୍ଥା ଦ୍ୱାରା ପ୍ରଶଂସିତ ହେବାରେ ସୌଭାଗ୍ୟ ଲାଭ କରିଛନ୍ତି। ସେ ଅନେକ ବହୁ ପ୍ରତିଷ୍ଠିତ ଗବେଷଣାତ୍ମକ ପତ୍ରିକା ପ୍ରକାଶକ ସଂସ୍ଥା ରେ ସମୀକ୍ଷକ ଭାବେ କାର୍ଯ୍ୟ କରି ଦେଶ ଏବଂ ବିଦେଶ ରେ ପ୍ରତିଷ୍ଠା ଲାଭ କରିଛନ୍ତି । ଡ. ଶ୍ରୀଧର ରଞ୍ଜନ ଦାସ କଟକ ଜିଲ୍ଲାର ଯଶପଡା ନିବାସୀ, ଭାରତୀୟ ଖାଦ୍ୟ ନିଗମର ଅବସରପ୍ରାପ୍ତ କର୍ମଚାରୀ ଶ୍ରୀଯୁକ୍ତ ସୁଦାମ ଚରଣ ଦାସ ଏବଂ ଶ୍ରୀମତୀ ବାସନ୍ତୀ ଦାସଙ୍କ ମଧ୍ୟମ ପୁତ୍ର ଅଟନ୍ତି। ସେ କୁନି ବେହେରାଙ୍କ ଏକମାତ୍ର ଜାମାତା ଅଟନ୍ତି। ସେ ଏହି କାର୍ଯ୍ୟର ସଫଳତାର ଶ୍ରେୟ ପ୍ରଭୁ ଶ୍ରୀ ଜଗନ୍ନାଥ, ଝଙ୍କଡ ବାସିନୀ ମା ଶାରଳା, ପିତାମାତା, ପରିବାର, ବନ୍ଧୁ, ପରିଜନ ତଥା ଗବେଷଣା ପାଇଁ ଉତ୍ସାହିତ କରିଥିବା ବ୍ୟକ୍ତି ବିଶେଷଙ୍କୁ ପ୍ରଦାନ କରିଛନ୍ତି ।

## ଭୋଗରାଇ ବିଧାୟକଙ୍କ ପ୍ରଥମ ବର୍ଷର ରିପୋର୍ଟ କାର୍ଡ



ବାଲେଶ୍ୱର(ଉତ୍ତର)/ଭୋଗରାଇ,୨୨।୬(ସମିସ)

ଭୋଗରାଇର ଜନପ୍ରତିନିଧି ଭାବେ ନିର୍ବାଚିତ ହେବା ମୋ ପାଇଁ ନିଶ୍ଚିତ ଭାବେ ଜୀବନର ଶ୍ରେଷ୍ଠ ଉପଲବ୍‌ଧି ଓ ଗୌରବ ଥିଲା। ଏହାପଛରେ ଈଶ୍ୱର ଓ ପ୍ରିୟ ଭୋଗରାଇବାସୀଙ୍କ ଅକୁଣ୍ଠିତ ଆଶୀର୍ବାଦ ଥିଲା। ବର୍ଷେ ତଳେ ଏକ ବିକଶିତ ଭୋଗରାଇ ଗଠନ ପାଇଁ ସ୍ୱପ୍ନ ଓ ସଂକଳ୍ପ ନେଇ କାର୍ଯ୍ୟ ଆରମ୍ଭ କରିଥିଲି। ବର୍ଷକ ଭିତରେ ଜନ୍ମମାଟି ଭୋଗରାଇ ପାଇଁ କିଛି କାମ କରିଛି ଏବଂ ଅନେକ କିଛି କରିବାକୁ ବାକି ଅଛି। ମୁଁ ଜାଣିନି ମୋ ପ୍ରଦର୍ଶନ ପାଇଁ ମୋ ପ୍ରିୟ ଭୋଗରାଇବାସୀଙ୍କୁ କେତେ ସନ୍ତୁଷ୍ଟି ଦେବ। ବିଜୁ ଜନତା ଦଳ ସରକାରରେ ନଥିଲେ ବି ଭୋଗରାଇର ସର୍ବାଙ୍ଗୀନ ବିକାଶ ପାଇଁ ମୋର ନିରନ୍ତର ପ୍ରୟାସ ଜାରି ରହିବ ବୋଲି ଆଜି ଦେହୁର୍ଦ୍ଦା ସ୍ଥିତ ବିଜେଡି କାର୍ଯ୍ୟାଳୟ ପରିସରରେ ଆହୁତ ଏକ ବନ୍ଧୁମିଳନ ଉତ୍ସବରେ ଯୋଗ ଦେଇ ଭୋଗରାଇ ବିଧାୟକ ଗୌତମବୁଦ୍ଧ ଦାସ ଦଳୀୟ କର୍ମକର୍ତ୍ତାଙ୍କୁ ନିର୍ଭର ପ୍ରତିଶ୍ରୁତି ଦେଇଛନ୍ତି। ବିଜେଡି ବ୍ଲକ ସଭାପତି ରମାକାନ୍ତ କରଣଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭା ପ୍ରାରମ୍ଭରେ ଦଳର ସୁପ୍ରିମୋ ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କର ଆଜି ମୁମ୍ବାଇ ଠାରେ ଅସ୍ତ୍ରୋପଚାର ହେଉଥିବାରୁ ତାଙ୍କ ଆଶୁ ଆରୋଗ୍ୟ କାମନା କରି ୨ମିନିଟ ପ୍ରାର୍ଥନା କରାଯାଇଥିଲା। ପରେ ବିଧାୟକ ଶ୍ରୀ ଦାସ ବିଧାୟକ ଭାବେ ନିର୍ବାଚିତ ହେବା ପରେ ତାଙ୍କ ଦ୍ୱାରା ଭୋଗରାଇର ଉନ୍ନତି ମୂଳକ କାର୍ଯର ଆଲୋଚନା, ପ୍ରସ୍ତାବ ଓ ପ୍ରମୁଖ ଦାବି ଗୁଡିକ ମଧରୁ ଭୋଗରାଇ କୃଷିକ୍ଷେତ୍ରରୁ ବର୍ଷାଜଳ ନିଷ୍କାସନ ଲାଗି ସୁବର୍ଣ୍ଣରେଖା ସଂସ୍କାର ଯୋଜନାରେ ପୂର୍ବ ସରକାରଙ୍କ ଦ୍ୱାରା ମଞ୍ଜୁର ହୋଇଥିବା ଶହେ କୋଟି ଟଙ୍କାର କାର୍ଯ ଆରମ୍ଭ ପାଇଁ ଦାବି, ଏସିଆ ମହାଦେଶର ସର୍ବବୃହତ ଶିବଲିଙ୍ଗ ବାବା ଭୂଷଣ୍ଡେଶ୍ୱରଙ୍କ ନିର୍ମାଣଧିନ ନୂତନ ମନ୍ଦିର ପାଇଁ ବିଧାୟକ ପାଣ୍ଠିରୁ ୧କୋଟି ଟଙ୍କା ପ୍ରଦାନ ଘୋଷଣା ଏବଂ ପ୍ରଥମ ପର୍ଯ୍ୟାୟରେ ୧୦ଲକ୍ଷ ଟଙ୍କା ଦେବା ସହ ବ୍ଲକଗ୍ରାଣ୍ଟ ହାଇସ୍କୁଲରେ ଖାଲି ପଡିଥିବା ଶିକ୍ଷକ ନିଯୁକ୍ତି ସମସ୍ୟା ର ସମାଧାନ,କମର୍ଦ୍ଦାକୁ ନୂତନ ବ୍ଲକ ଓ ଚନ୍ଦେନେଶ୍ୱରକୁ ଏନ ଏ ସି ଘୋଷଣା ପାଇଁ ନଗର ଉନ୍ନୟନ ମନ୍ତ୍ରୀ ଓ ପଞ୍ଚାୟତ ରାଜ ମନ୍ତ୍ରୀଙ୍କ ଠାରେ ଦାବୀ, ବିଭିନ୍ନ ସେବା ସମବାୟ ସମିତି ପରିଦର୍ଶନ କରି ଚାଷୀମାନଙ୍କ ଉତ୍ପାଦିତ ଧାନ ବିକ୍ରୀ ପାଇଁ ଅଧିକ ଟାର୍ଗେଟ ପ୍ରଦାନ, ବିଧାନ ସଭାରେ ବିଭିନ୍ନ ପ୍ରସଙ୍ଗ ଉତଥାପନ, ଭୋଗରାଇ ରେ ପର୍ଯଟନର ବିକାଶ ପାଇଁ ସରକାରୀ ସ୍ତରରେ ଅନବରତ ଉଦ୍ୟମ, ଗମନା ଗମନକୁ ଗୁରୁତ୍ୱ ଦେଇ କମର୍ଦ୍ଦା ପଞ୍ଚାୟତର ଶଗଡା ଶାହି ଠାରୁ ପଶ୍ଚିମବଙ୍ଗକୁ ରାସ୍ତା ନିର୍ମାଣ। ଭୋଗରାଇରେ ଦୀର୍ଘଦିନ ଧରି ଦାବୀ ହୋଇଆସୁଥିବା ଏକ ଅତ୍ୟାଧୁନିକ ବିଜ୍ଞାନାଗାର ପ୍ରତିଷ୍ଠା ପାଇଁ ଅର୍ଥ ମଞ୍ଜୁର, ଗବଗାଁ ଉତ୍ତର ଛକଠାରୁ ଅଲାରବିନ୍ଧା ପଯ୍ୟନ୍ତ ୬ କିଲୋମିଟର ରାସ୍ତା ନିର୍ମାଣ ତଥା, ବିଧାୟକ ପାଣ୍ଠିରୁ ବହୁ ବିଭିନ୍ନ ପଞ୍ଚାୟତ ରେ ବିଭିନ୍ନ ଉନ୍ନତିମୂଳକ କାର୍ଯ୍ୟ ପାଇଁ ଅନୁଦାନ ବିତରଣ, ଗୋଦାବରୀଶ ଆଦର୍ଶ ବିଦ୍ୟାଳୟ ପାଇଁ ପ୍ରସ୍ତାବ ଆଦି ବହୁ କାର୍ଯ କରିଥିବା ଏବଂ ବହୁ କାର୍ଯ ପାଇଁ ଅର୍ଥ ମଞ୍ଜୁର କରାଇଥିବା ଓ ପ୍ରସ୍ତାବ ଦେଇଥିବା ଆଦି ସମ୍ପର୍କରେ ତଥ୍ୟ ପ୍ରଦାନ କରିଥିଲେ। ଏହି ଅବସରରେ ତଥ୍ୟ ସମ୍ବଳିତ ଏକ ରିପୋର୍ଟ କାର୍ଡକୁ ସାର୍ବଜନୀନ କରାଯାଇଥିଲା। ଏହି ସଭାରେ ବ୍ଲକ ଅଧକ୍ଷ ପ୍ରବୀର କୁମାର ଗିରି, ଉପାଧକ୍ଷା ମୀନାରାଣୀ ସାସମଲ, ଜିଲ୍ଲା ପରିଷଦ ସଭ୍ୟା ଦମୟନ୍ତୀ ସାହୁ ନିବେଦିତା ମହାନ୍ତି କବିତା ମହାନ୍ତି ପ୍ରତିମା ଚାନ୍ଦ, ଗିରିଶ ଦତ୍ତ, ବିଜୁ ଜନତାଦଳର ଜିଲ୍ଲା ଉପସଭାପତି ତପନ ପଣ୍ଡା, ବ୍ଲକ ଯୁବ ସଭାପତି ଅଶୋକ ସାହୁ, ସାଧାରଣ ସମ୍ପାଦକ ହେମନ୍ତ ବେହେରା, ପୂର୍ବତନ ସରପଂଚ ନଗେନ୍ଦ୍ର ପାତ୍ର, ଯୁବନେତା ତାପସ ଦାସ ମହାପାତ୍ର ଦେହୁର୍ଦ୍ଦା ସରପଞ୍ଚ ସରସ୍ୱତୀ କରଣ ଜୟରାମପୁର ସରପଂଚ ଦୀପ୍ତି ରାଣୀ ମିଶ୍ର, କୁମ୍ଭୀରମୁଳି ସରପଞ୍ଚ ବିବେକାନନ୍ଦ ବେହେରା, ଜଳେଶ୍ୱରପୁର ସରପଂଚ ବିରୁପାକ୍ଷ ଜେନା, ସହିତ ୪୦ ପଞ୍ଚାୟତର ସମସ୍ତ ସରପଞ୍ଚ ସଦସ୍ୟ ଓ ପଞ୍ଚାୟତ ବିଜେଡି ସଭାପତି, ଆଗଧାଡିର ବିଜେଡି ନେତା ମାନେ ଉପସ୍ଥିତ ଥିଲେ।

## ନବୀନ ବାବୁଙ୍କ ଆଶୁ ଆରୋଗ୍ୟ କାମନା

# ବିଜେଡି ପକ୍ଷରୁ ପୂଜାର୍ଚ୍ଚନା ଓ ସାମୂହିକ ପ୍ରାର୍ଥନା

ବାଲେଶ୍ୱର,୨୨।୬(ସମିସ)

ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଜୁ ଜନତା ଦଳର ସଭାପତି ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ବାଲେଶ୍ୱର ସଦର ବିଜୁ ଜନତା ଦଳ ପକ୍ଷରୁ ସଦରର ପୂର୍ବତନ ବିଧାୟକ ସ୍ୱରୂପ ଦାସଙ୍କ ନେତୃତ୍ୱରେ ବିଭିନ୍ନ ଧର୍ମ ସ୍ଥଳରେ ପୂଜାର୍ଚ୍ଚନା ସହ ସାମୁହିକ ପ୍ରାର୍ଥନା ଅନୁଷ୍ଠିତ ହୋଇଥିଲା। ଆଜି ସକାଳ ୯ଟାରେ ନୂଆ ବଜାର ସ୍ଥିତ ଝାଡେଶ୍ୱର ମନ୍ଦିରରେ୧୦୮ ଜଳାଭିଷେକ କରାଯିବା ସହ ସାମୁହିକ ଦୀପଦାନ ସହ ପୂଜାର୍ଚ୍ଚନା କରାଯାଇଥିଲା। ଏହା ପରେ








ମୋତିଗଞ୍ଜ ହନୁମାନ ମନ୍ଦିରରେ ପୂଜାର୍ଚ୍ଚନା କରାଯାଇଥିଲା। ଏହି ଅବସରରେ କ୍ୟାଥଲିକ ଚର୍ଚ୍ଚ, ବାବା ଭୁଜାଖିଆପୀର ଏବଂ ରେମୁଣା ଗୋଲାଇସ୍ଥିତ ଗୁରୁଦ୍ୱାରରେ ସାମୁହିକ ପ୍ରାର୍ଥନା କରାଯିବା ସହ ନବୀନ ବାବୁଙ୍କ ଆଶୁ ଆରୋଗ୍ୟ କାମନା କରାଯାଇଥିଲା ଏବଂ ରାଣୀପାଟଣାସ୍ଥିତ ଦୃଷ୍ଟିହୀନ ବିଦ୍ୟାଳୟରେ ମଧ୍ୟ ସାମୁହିକ ପ୍ରାର୍ଥନା ଆୟୋଜିତ ହୋଇଥିଲା। ଏହି ସମସ୍ତ କାର୍ଯ୍ୟକ୍ରମରେ ପୂର୍ବତନ ବିଧାୟକ ସ୍ୱରୂପ ଦାସଙ୍କ ସମେତ ଜିଲ୍ଲା ସଭାପତି ତଥା ପୂର୍ବତନ ମନ୍ତ୍ରୀ ଜ୍ୟୋତିପ୍ରକାଶ ପାଣିଗ୍ରାହୀ, ବରିଷ୍ଠ ବିଜେଡି ନେତା ରଞ୍ଜନ ବାଗ, ପୌର ଉପାଧ୍ୟକ୍ଷ କୈଳାସ ସେଠୀ, ପୂର୍ବତନ ଉନଗରପାଳ ମନୋଜ ରାଉତ,ସଦର ବ୍ଲକ ବିଜେଡି ସଭାପତି ବସନ୍ତ ପଣ୍ଡା, ରାଜ୍ୟ ବିଜୁ ଯୁବ ଜନତା ଦଳର ସାଧାରଣ ସମ୍ପାଦକ ଧୀରେନ ନାୟକ, ରାଜ୍ୟ ବିଜୁ ଛାତ୍ର ଜନତା ଦଳର ସମ୍ପାଦକ ବିଭୁଦତ୍ତ ପରିଡା,ସଦର ନିର୍ବାଚନ ମଣ୍ଡଳୀ ଯୁବ ସଭାପତି ସେକ ଅନସର,ଟାଉନ ଯୁବ ସଭାପତି ଉମାଶଙ୍କର ତିଆଡି, କାଉନସିଲର ତଥା ଟାଉନ ମହିଳା ସଭାପତି ମୀନା ମହାନ୍ତି, କାଉନସିଲର ମିତା ପଟ୍ଟନାୟକ,କବିତା ମୁର୍ମୁ, ମିରାଜ ବାନୋ, ସନ୍ଧ୍ୟାରାଣୀ ଜେନା, ଅର୍ପିତା ପ୍ରିୟଦର୍ଶିନୀ ପଟ୍ଟନାୟକ, ଶଶିରେଖା ମହାନ୍ତି, ସେକ ଆୟୁବ, କାର୍ତ୍ତିକ ସାହୁ, ପୂର୍ବତନ କାଉନସିଲର ସାକିର ଖାନ, ସଞ୍ଜୟ ବେହେରା, ନଳିନୀ ରଞ୍ଜନ ଦାସ, ରିତିକ ଜୀ, ଅଶୋକ ଆଢ୍ୟ, ଜଗନ୍ନାଥ ମହାରଣା, ଅଶୋକ ଦାସ, ସୁନିଆ ମୁର୍ମୁ, ରାଜଲକ୍ଷ୍ମୀ ଚାଟାର୍ଜୀ, ଅତୁଲ ଶତଥୀ, କୌଶିକ ପଣ୍ଡା, ଗୌତମ ଦାସ, ଦେବାଶିଷ ଦାଶ, ବାଦଲ ଦତ୍ତ, ଅଭିଜିତ ଦାସ, ସେକ ଆଲାମ, ରମାକାନ୍ତ ପପାଢ, ଅସଲମ ଖାନ ପ୍ରମୁଖ ଉପସ୍ଥିତ ଥିଲେ।

**ଲକ୍ଷ୍ମୀନାରାୟଣ ମନ୍ଦିରରେ ଦୀପଦାନ:** ବିଜେଡି ରାଜ୍ୟ ସଭାପତି ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ଆଜି ବାଲେଶ୍ୱର ବିଜୁ ଜନତା ଦଳର ଜିଲ୍ଲା ଉପସଭାପତି ବରଦା ପ୍ରସନ୍ନ ପଟ୍ଟନାୟକଙ୍କ ତତ୍ତ୍ୱାବଧାନରେ ସ୍ଥାନୀୟ ଲକ୍ଷ୍ମୀ ନାରାୟଣ ମନ୍ଦିରରେ ୧୦୮ ଦୀପ ଦାନ ସହ ପୂଜା ଅର୍ଚ୍ଚନା କରାଯାଇଥିଲା। କାର୍ଯ୍ୟକ୍ରମ ରେ ପୂର୍ବତନ ସାଂସଦ ଇଂ. ରବୀନ୍ଦ୍ର କୁମାର ଜେନା, ଜିଲ୍ଲା ପରିଷଦ ଅଧ୍ୟକ୍ଷ ନାରାୟଣ ପ୍ରଧାନ, ସଦର ବ୍ଲକ ଅଧ୍ୟକ୍ଷା ସୁନିତା ବେହେରା, ବ୍ରିଟର ପୂର୍ବତନ ଚେୟାରମ୍ୟାନ ଆଲୋକ ସାହୁ, ପୌର ପାଳିକାର ଅଧ୍ୟକ୍ଷା ସବିତା ସାହୁ, ବାଲେଶ୍ୱର ଭଦ୍ରକ କେନ୍ଦ୍ରୀୟ ସମବାୟ ବ୍ୟାଙ୍କ ସଭାପତି ଗଣେଶ ମହାପାତ୍ର, ଜିଲ୍ଲା ପରିଷଦ ସଭ୍ୟ ସଞ୍ଜୟ ସେଠୀ, ଅରବାନ ସମବାୟ ବ୍ୟାଙ୍କ ସଭାପତି ସୂର୍ଯ୍ୟକାନ୍ତ କର, ଶାନ୍ତନୁ ଦାସ,, ଘନ ଶ୍ୟାମ ଗିରି, ଅସିତ ଦାସ, ଭାଗବତ ସାହୁ, ସାଇରୁଲ ହକ, ରୋଜି ପଟ୍ଟନାୟକ, ଇନ୍ତେଖାବ ଅଲ୍ଲୀ ଖାନ, ଜୟନ୍ତୀ ଦତ୍ତ, ଆଶ୍ରିତା ତରେଇ, କାଉନ ସିଲର ସଂଜୀବ ଦାସ,ପ୍ରୀତି ଲତା ସେଠୀ, ସଲିମା ବିବି, ଗଂଜିତା ମହାପାତ୍ର, ଓ ରାଧା ଦାସ, ସିମନ ଦାସ ମହାପାତ୍ର, ଶକ୍ତିପଦ ରାୟ, ଅନିରୁଦ୍ଧ ପ୍ରଧାନ, ଅମିତ କୁମାର ନାୟକ, ଗିରିଶ ଦତ୍ତ ଙ୍କ ସମେତ ବହୁ କାଉନସିଲର, ଯୁବ ଛାତ୍ର ମହିଳା ବିଜେଡି ର ସଦସ୍ୟ ସଦସ୍ୟା ସାମିଲ ହୋଇ ପୂଜାର୍ଚ୍ଚନା କରିଥିଲେ। ।

**ରେମୁଣା ବିଜୁ ଜନତା ଦଳ ପକ୍ଷରୁ ପୂଜାର୍ଚ୍ଚନା:** ଓଡ଼ିଶାର ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା ନିମନ୍ତେ ରେମୁଣା ବିଜୁ ଜନତା ଦଳ ତରଫରୁ ବିଧାୟିକା ପ୍ରାର୍ଥୀ ବିଦ୍ୟାସ୍ମିତା ମହାଲିକଙ୍କ ନେତୃତ୍ୱ ଏବଂ ବ୍ଲକ୍ ସଭାପତି ମନୋରଂଜନ ରାଉତଙ୍କ ତତ୍ତ୍ୱାବଧାନରେ ପ୍ରଭୁ କ୍ଷୀରଚୋରା ଗୋପୀନାଥ ମନ୍ଦିର ପ୍ରାଙ୍ଗଣରେ ପ୍ରଦୀପ ପ୍ରଜ୍ୱଳନ ସହିତ ପୂଜାର୍ଚ୍ଚନା କରାଯାଇଛି। ଉକ୍ତ କାର୍ଯ୍ୟକ୍ରମରେ ଜିଲ୍ଲା ପରିଷଦ ସଦସ୍ୟା କବିତା ପାଣି, ଚଷାଖଣ୍ଡ ସରପଞ୍ଚ କେଦାର ସାହୁ, ଦହପଡ଼ା ସରପଞ୍ଚ ପ୍ରଣତୀ ଜେନା, ମଙ୍ଗଳପୁର ସରପଞ୍ଚ ରାମଚନ୍ଦ୍ର ଦାସ, ମନ୍ଦାରପୁର ସରପଞ୍ଚ ମଞ୍ଜୁଲତା ଦାସ, ନୁଆପାଢ଼ୀ ସରପଞ୍ଚ ମମତା ପରିଡ଼ା, କଲ୍ୟାଣପୁର ସରପଞ୍ଚ ରଞ୍ଜିତା ସାହୁ, ବଡ଼ପାଳ ସରପଞ୍ଚ କମଳ ଲୋଚନ ପଣ୍ଡା, ସୁତେଇ ସମିତି ସଭ୍ୟ ଗିରିଶଚନ୍ଦ୍ର ଦଳେଇ, ପତ୍ରିପାଳ ସମିତି ସଭ୍ୟ ହରିମୋହନ ମାଝୀ, ହରିଶ ଜେନା, ଗଣେଶ୍ୱର ସାହୁଙ୍କ ସମେତ ଅନେକ ପଞ୍ଚାୟତର ନେତୃବୃନ୍ଦ ପ୍ରମୁଖ ଉପସ୍ଥିତ ରହି ସହଯୋଗ କରିଥିଲେ।

## ଘୋଷ ଯାତ୍ରା ପାଇଁ ଚଳଚଞ୍ଚଳ ଇମାମୀ ନଗର



ବାଲେଶ୍ୱର,୨୨।୬(ସମିସ): ବାଲଗୋପାଳପୁରସ୍ଥିତ ଇମାମୀ ନଗର ଶ୍ରୀ ଶ୍ରୀ ଜଗନ୍ନାଥ ମହାପ୍ରଭୁଙ୍କ ବହୁ ପ୍ରତୀକ୍ଷିତ ଦୁର୍ଲଭ ନବଯୌବନ, ନେତ୍ରଉତ୍ସବ, ଉଭାଯାତ୍ରା ଓ ଘୋଷଯାତ୍ରା ନିମନ୍ତେ ସମସ୍ତ ପ୍ରସ୍ତୁତି କାର୍ଯ୍ୟ ସାଙ୍ଗକୁ ଚଳଚଞ୍ଚଳ ହୋଇଉଠିଛି ଇମାମୀ ନଗର। ମନ୍ଦିର ପ୍ରଶାସନ ସୂଚନା ମୁତାବକ ଶ୍ରୀକ୍ଷେତ୍ରର ମହାପ୍ରଭୁଙ୍କର ରୀତିନୀତି ମୁତାବକ ଜୁନ୍ ୨୬ ତାରିଖ ଘ ୯.୦୦ମି.ରେ ଶ୍ରୀଜୀଉମାନଙ୍କ ନବଯୌବନ, ନେତ୍ରଉତ୍ସବ ଓ ଉଭାଯାତ୍ରାରେ ଭକ୍ତମାନଙ୍କୁ ଦର୍ଶନ ଦେବେ। ସେହିପରି ଜୁନ୍ ୨୭ ତାରିଖ ଶୁକ୍ରବାର ୯ ଘଟିକା ୧୦ ମିନିଟରେ ଆରତି ଅବକାଶ, ୧୦ ଘଟିକାରେ ମଙ୍ଗଳାର୍ପଣ, ୧୦ଘ. ୧୫ମି. ରେ ଆଜ୍ଞାମାଳ, ୧୧ଘ. ୩୦ମି.ରେ ଧାଡ଼ି ପହଣ୍ଡି, ୩.୦୦ମି.ରେ ଛେରାପହଁରା, ଅପରାହ୍ନ ୪ଘଟିକାରେ ରଥଟଣା ଅନୁଷ୍ଠିତ ହେବ। ରାତ୍ର ୮ ଘ.୪୫ମି. ରେ ଶୟନ ଆରତି ପରେ ଆଲୋକମାଳା ଓ ଭକ୍ତିମୟ ପରିବେଶରେ ଗୁଣ୍ଡିଚା ମନ୍ଦିରରେ ପ୍ରବେଶ କରିବେ ଶ୍ରୀଜୀଉମାନେ। ଜୁନ୍ ୨୮ ତାରିଖ ଶନିବାରଠାରୁ ଜୁଲାଇ ୪ ତାରିଖ ଶୁକ୍ରବାର ପର୍ଯ୍ୟନ୍ତ ପ୍ରତ୍ୟେହ ଗୁଣ୍ଡିଚା ମନ୍ଦିରସ୍ଥିତ ମେଳା ପଡ଼ିଆରେ ବୃନ୍ଦାବନରୁ ଆସୁଥିବା ବିଶିଷ୍ଟ ଆଧ୍ୟାତ୍ମିକ ସଂସ୍ଥାନର କଳାକାରଙ୍କ ଦ୍ୱାରା ଶ୍ରୀକୃଷ୍ଣ ଚରିତ ରାସଲୀଳା ଅନୁଷ୍ଠିତ ହେବ। ଜୁଲାଇ ୫ ତାରିଖ ଶନିବାର ଶ୍ରୀଗୁଣ୍ଡିଚା ମନ୍ଦିରରେ ଶ୍ରୀଜୀଉମାନଙ୍କ ସମସ୍ତ ରୀତିନୀତି ସମ୍ପନ୍ନ ସାଙ୍ଗକୁ ରଥଟଣା ଅନୁଷ୍ଠିତ ହେବ। ରାତ୍ର ୮ ଘଟିକାରେ ରଥମାନଙ୍କ ସିଂହଦ୍ୱାର ବିଜେ ଏବଂ ଅଧରପଣା ନୀତି ସମ୍ପନ୍ନ ହେବ। ରାତ୍ର ୯.୦୦ମି.ରେ ଧାଡି ପହଣ୍ଡିରେ ଶ୍ରୀଜୀଉମାନଙ୍କ ରତ୍ନ ସିଂହାସନକୁ ବିଜେ କରିବେ। ସେହିପରି ଜୁଲାଇ ୬ ତାରିଖ ରବିବାର ସମସ୍ତ ରୀତିନୀତି ସମ୍ପନ୍ନ ପରେ ସକାଳ ୮.୩୦ମି. ଠାରୁ ସୁନାବେଶରେ ମହାପ୍ରଭୁ ଲକ୍ଷଲକ୍ଷ ଭକ୍ତଙ୍କୁ ଦର୍ଶନ ଦେବେ। ଏଥିପାଇଁ ସମସ୍ତ ବ୍ୟବସ୍ଥା ପାଇଁ ପ୍ରସ୍ତୁତି ସରିଥିବା ବେଳେ ଶ୍ରୀ ଶ୍ରୀଜଗନ୍ନାଥ ମନ୍ଦିରର ପ୍ରତିଷ୍ଠାତା ତଥା ଇମାମୀ ଗ୍ରୁପ୍ର ଯୁଗ୍ମ ନିର୍ଦ୍ଦେଶକ ରାଧେଶ୍ୟାମ ଅଗ୍ରୱାଲ୍ ଓ ରାଧେଶ୍ୟାମ ଗୋୟେଙ୍କାଙ୍କ ନିର୍ଦ୍ଦେଶରେ ମନ୍ଦିର ପ୍ରଶାସନର ମୁଖ୍ୟ ପୁରୋଧା ସୁଶୀଲ କୁମାର ଗୋୟେଙ୍କାଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ସମସ୍ତ କାର୍ଯ୍ୟ ସମ୍ପନ୍ନ ହୋଇଥିବା ସମ୍ପର୍କରେ ମନ୍ଦିର ପ୍ରଶାସନ ତଥା ଇମାମୀ କାଗଜ କଳର ବରିଷ୍ଠ ଲୋକସଂପର୍କ ଅଧିକାରୀ ମନୋଜ କୁମାର ପାଢୀ ଏକ ପ୍ରେସ୍ ବିବୃତ୍ତିରେ ପ୍ରକାଶ କରିଛନ୍ତି।

## ବନ୍ୟା ପ୍ରପୀଡ଼ିତଙ୍କୁ ବିଶୁଦ୍ଧ ପାନୀୟ ଜଳ ଯୋଗାଣ

ବାଲେଶ୍ୱର,୨୨।୬(ସମିସ): ସୁବର୍ଣ୍ଣରେଖା ନଦୀରେ ବନ୍ୟା ଦେଖାଦେଇଛି। ଏହାର ପ୍ରଭାବରେ ଭୋଗରାଇ, ବାଲିଆପାଳ, ଜଳେଶ୍ୱର ବ୍ଲକର ବିଭିନ୍ନ ଗାଁରେ ଏବେ ପାଣି ପଶିଯାଇଛି। ଫଳରେ ଲୋକେ ବିଶୁଦ୍ଧ ପାନୀୟ ଜଳ ପାଇବା ପାଇଁ ବହୁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଏଣୁ ଜିଲ୍ଲା ପ୍ରଶାସନର ନିର୍ଦ୍ଦେଶ କ୍ରମେ ଜିଲ୍ଲା ଗ୍ରାମ୍ୟ ପରିମଳ ବିଭାଗ ପକ୍ଷରୁ ବାଲିଆପାଳ ଓ ଭୋଗରାଇ ବ୍ଲକରେ ବନ୍ୟା ପ୍ରଭାବିତ ଅଂଚଳର ଲୋକମାନଙ୍କୁ ଶୁଦ୍ଧ ପାନୀୟ ଜଳ ଯୋଗାଣ କରାଯାଉଛି। ବିଶେଷ କରି ବାଲିଆପାଳ ବ୍ଲକର ଜାମକୁଣ୍ଡା ପଂଚାୟତ ଓ ଭୋଗରାଇ ବ୍ଲକର ଖାରଦିପିପଲ ପଂଚାୟତରେ ପାଣି ଟ୍ୟାଙ୍କର ନିଯୁକ୍ତ କରାଯାଇଛି । ଏହା ସହିତ ବନ୍ୟା ପ୍ରଭାବିତ ଗ୍ରାମ ପଂଚାୟତ ଗୁଡିକୁ ଯଥା ବାଲିଆପାଳ ବ୍ଲକର ଜାମକୁଣ୍ଡା, ବିଷ୍ଣୁପୁର, ମଧୁପୁର ସହ ଭୋଗରାଇ ବ୍ଲକର ଅରୁହାବୃତି, କୁମ୍ଭୀରଗଡି, ଖରଦିପିପଲ, ଗବାଗାଁ, କୁସୁଡା ଆଦି ଗ୍ରାମରେ ପାଣି ବୋତଲ ମଧ୍ୟ ବଂଟନ କରାଯାଇଛି। ଅତିରିକ୍ତ ଟ୍ୟାଙ୍କର ମଧ୍ୟ ଆବଶ୍ୟକତା ଅନୁଯାୟୀ ନିଯୁକ୍ତ ହେବା ସହ କୌଣସି ଜଳ ଯୋଗାଣ ଜନିତ ସମସ୍ୟା ରହିବ ନାହିଁ ବୋଲି ଆରଡବ୍ଲ୍ୟୁଏସଏସର ଅଧୀକ୍ଷଣ ଯନ୍ତ୍ରୀ ସମୀର କୁମାର ଦେ ସୂଚନା ଦେଇଛନ୍ତି।

## ବନ୍ୟା ପ୍ରଭାବିତଙ୍କୁ କଂଗ୍ରେସ ପକ୍ଷରୁ ରିଲିଫ ବଣ୍ଟନ




ବାଲେଶ୍ୱର,୨୨।୬(ସମିସ): ସୁବର୍ଣ୍ଣରେଖା ନଦୀରେ ବନ୍ୟା ଆସିବା ଫଳରେ ଜିଲ୍ଲାର ଭୋଗରାଇ, ବାଲିଆପାଳ ଏବଂ ଜଳେଶ୍ୱର ବ୍ଲକ ବିଶେଷ ଭାବେ ପ୍ରଭାବିତ ହୋଇଛି। ଏହାକୁ ଆଖି ଆଗରେ ରଖି ଏଆଇସିସି ସଭ୍ୟ ତଥା ଓଡିଶା କଂଗ୍ରେସର ନବଜ୍ୟୋତି ପଟ୍ଟନାୟକଙ୍କ ସହାୟତାରେ ଜିଲ୍ଲା କଂଗ୍ରେସ ପକ୍ଷରୁ ବନ୍ୟା ବିପନ୍ନମାନଙ୍କୁ ସହାୟତାର ହାତ ବଢ଼ାଇଛି। ଶ୍ରୀ ପଟ୍ଟନାୟକଙ୍କ ସହାୟତା ଏବଂ ଜିଲ୍ଲା କଂଗ୍ରେସ ସଭାପତି ସଞ୍ଜୀବ ଗିରିଙ୍କ ନେତୃତ୍ୱରେ ବନ୍ୟା କ୍ଷତିଗ୍ରସ୍ତ ଅଂଚଳ ବାଲିଆପାଳ, ଜଳେଶ୍ୱର ଓ ଭୋଗରାଇକୁ ରିଲିଫ ସାମଗ୍ରୀ ଆଜି ପଠାଯାଇଛି। ସମ୍ପୃକ୍ତ ନିର୍ବାଚନ ମଣ୍ଡଳୀର କଂଗ୍ରେସ ନେତୃତ୍ୱ ଓ କର୍ମକର୍ତ୍ତା ଗତ ଦୁଇ ଦିନ ଧରି ବନ୍ୟାଂଚଳରେ ଲୋକଙ୍କୁ ସାହାଯ୍ୟ କରୁଥିବା ବେଳେ ଏବେ ରିଲିଫ ସାମଗ୍ରୀକୁ ମଧ୍ୟ ବନ୍ୟାରେ କ୍ଷତିଗ୍ରସ୍ତ ପରିବାର ପହଁଚାଇଛନ୍ତି। ଏହାଛଡା ଆସନ୍ତା ୨୫ତାରିଖ ଦିନ ପିସିସି ଉପସଭାପତି ଦେବାଶିଷ ପଟ୍ଟନାୟକ ଓ ନବଜ୍ୟୋତି ପଟ୍ଟନାୟକଙ୍କ ସମେତ ପିସିସିର ଏକ ପ୍ରତିନିଧି ମଣ୍ଡଳୀ ବାଲିଆପାଳ, ଜଳେଶ୍ୱର ଓ ଭୋଗରାଇ ନିର୍ବାଚନ ମଣ୍ଡଳୀର ବନ୍ୟା କ୍ଷତିଗ୍ରସ୍ତ ଅଂଚଳ ପରିଦର୍ଶନ କରିବାର ମଧ୍ୟ କାର୍ଯ୍ୟକ୍ରମ ରହିଛି ବୋଲି ଜିଲ୍ଲା ସଭାପତି ଶ୍ରୀ ଗିରି ସୂଚନା ଦେଇଛନ୍ତି।

## କୁଅଁରପୁର ଆୟୁଷଗ୍ରାମ ଓ ଆୟୁଷ୍ମାନ ଆରୋଗ୍ୟ କେନ୍ଦ୍ରରେ ଯୋଗଦିବସ

ବାଲେଶ୍ୱର,୨୨।୬ (ସମିସ): କୁଅଁରପୁରସ୍ଥିତ ଆୟୁଷଗ୍ରାମ ଓ ଆୟୁଷ୍ମାନ୍ ଆରୋଗ୍ୟକେନ୍ଦ୍ର ଦ୍ୱାରା ୧୧ତମ ଯୋଗ ଦିବସ ପାଳିତ ହୋଇଯାଇଛି। ଆରୋଗ୍ୟକେନ୍ଦ୍ରର ଚିକିତ୍ସାଧିକାରୀ ଡା. ଲୋପାମୁଦ୍ରା ମହାନ୍ତିଙ୍କ ସଭାପତିତ୍ୱରେ ଏକ ସାଧାରଣ ସଭାରେ ଡା. ଜୟନ୍ତ ପ୍ରଧାନ, ଆୟୁର୍ବେଦିକ ଚିକିତ୍ସାଧିକାରୀ ମୁଖ୍ୟ ଅତିଥି ଓ ଆୟୁଷ ବିକାଶ ମଂଚର ସାଧାରଣ ସଂପାଦକ ହିମାଂଶୁ ଶେଖର ଦାସ ମୁଖ୍ୟବକ୍ତା ଭାବେ ଯୋଗଦାନ କରି ମତପୋଷଣ କରିଥିଲେ। ଯୋଗଶିକ୍ଷକ ମନୋଜ କୁମାର ଦେ ଓ ଶିକ୍ଷୟିତ୍ରୀ ଅନୁପମା ଦେ ଗ୍ରାମ ଗ୍ରାମବାସୀ ତଥା ବିଦ୍ୟାଳୟର ପିଲାମାନଙ୍କୁ ଯୋଗ ଅଭ୍ୟାସ କରାଇବା ସହିତ ଯୋଗ ଓ ପ୍ରାଣାୟାମର ଉପକାରିତା ବିଷୟରେ ଅବଗତ କରାଇଥିଲେ। ଏହି ଅବସରରେ ଆୟୁଷଗ୍ରାମ ତରଫରୁ ସମସ୍ତ ଅତିଥି ଓ କର୍ମକର୍ତ୍ତାମାନେ ଔଷଧୀୟ ବୃକ୍ଷରୋପଣ କରି କରି ଏହାର ଆବଶ୍ୟକତାକୁ ହୃଦବୋଧ କରିବା ପାଇଁ ସମସ୍ତଙ୍କୁ ପରାମର୍ଶ ଦେଇଥିଲେ। କାର୍ଯ୍ୟକ୍ରମକୁ ସୁଶାନ୍ତ ପରିଡ଼ା, ପ୍ରଶାନ୍ତ ପାଣି, ପ୍ରଶାନ୍ତ ନାୟକ, ଅଙ୍ଗନବାଡ଼ିକର୍ମୀ ସୁଜାତା ପଣ୍ଡା ପ୍ରମୁଖ ସହଯୋଗ କରିଥିଲେ।

## କୁନ୍ତଳା କୁମାରୀ ସାବତ ମହାବିଦ୍ୟାଳୟରେ ଆଲୋଚନାଚକ୍ର



ବାଲେଶ୍ୱର,୨୨।୬ (ସମିସ): କୁନ୍ତଳା କୁମାରୀ ସାବତ ମହିଳା ମହାବିଦ୍ୟାଳୟରେ ବୃକ୍ଷରୋପଣ ଓ ଓଡ଼ିଆ ଭାଷା ସାହିତ୍ୟ ବିଭାଗର ଆଲୋଚନାଚକ୍ର ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ମହାବିଦ୍ୟାଳୟ ଅଧ୍ୟକ୍ଷା ଡ. ଝାନ୍ସୀ ଜେନା ଯୋଗର ଉପକାରିତା ସଂପର୍କରେ ବକ୍ତବ୍ୟ ରଖିଥିଲେ। ଯୋଗ ପ୍ରଶିକ୍ଷିକା ଦର୍ଶନ ବିଭାଗର ମୁଖ୍ୟ ରେଣୁବାଳା ସୁନ୍ଦରରାୟ ଯୋଗ ପ୍ରଶିକ୍ଷଣ ପ୍ରଦାନ କରିଥିଲେ। ଏହି ଅବସରରେ ମହାବିଦ୍ୟାଳୟ ପରିସରରେ ବୃକ୍ଷରୋପଣ କରାଯାଇଥିଲା। ଜାତୀୟ ସେବା ଯୋଜନା ଗ୍ରୁପ୍-୧ର କାର୍ଯ୍ୟକ୍ରମ ଅଧିକାରୀ ଡ. ଶୁଭସ୍ମିତା ମିଶ୍ର ଏବଂ ଗ୍ରୁପ୍-୨ କାର୍ଯ୍ୟକ୍ରମ ଅଧିକାରୀ ଡ. ଅର୍ଚ୍ଚନା ପଟ୍ଟାୟତଙ୍କ ମିଳିତ ଉଦ୍ୟମରେ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ପୂର୍ବାହ୍ନରେ ଓଡ଼ିଆ ସ୍ନାତକ ଓ ସ୍ନାତକୋତ୍ତର ଭାଷା ସାହିତ୍ୟ ବିଭାଗ ଦ୍ୱାରା "ଓଡ଼ିଆ ସାହିତ୍ୟରେ ନବଜାଗରଣ ଓ ତା'ର ପ୍ରଭାବ' ବିଷୟବସ୍ତୁ ଆଧାରିତ ଏକ ଦିବସୀୟ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଥିଲା। ମହାବିଦ୍ୟାଳୟର ଅଧ୍ୟକ୍ଷା ଡ. ଜେନା କାର୍ଯ୍ୟକ୍ରମରେ ସଭାପତିତ୍ୱ କରିଥିଲେ। ମୁଖ୍ୟଅତିଥି ଭାବେ ସାହିତ୍ୟିକ ପ୍ରଫେସର ବିଜୟନନ୍ଦ ସିଂହ ଯୋଗଦେଇ ଉତ୍ସବକୁ ଉଦ୍‌ଘାଟନ କରିଥିଲେ। ପ୍ରାରମ୍ଭିକ ବକ୍ତବ୍ୟ ବିଭାଗ ମୁଖ୍ୟ ରାଜକିଶୋର ପଣ୍ଡିତ୍ ଦେବା ସହିତ ଅତିଥି ପରିଚୟ ଦେଇଥିଲେ। ଅଧ୍ୟାପିକା ଡ. ଅର୍ଚ୍ଚନା ପଟ୍ଟାୟତଙ୍କ "ସାତକଡ଼ି ହୋତାଙ୍କ ଉପନ୍ୟାସରେ ସାମାଜିକ ଚେତନା ଏକ ସାରସ୍ୱତ ମୂଲ୍ୟାୟନ' ପୁସ୍ତକ ସହିତ ଡ. ପ୍ରତୀଚି ନନ୍ଦଙ୍କ "ଆଞ୍ଜୁଡ଼ାଏ କ୍ଷେତର ତାନ୍‌ପୁରା' ପୁସ୍ତକକୁ ମୁଖ୍ୟ ଅତିଥି ଉନ୍ମୋଚନ କରିଥିଲେ। ଶେଷରେ ଅଧ୍ୟାପିକା ଡ. ପଟ୍ଟାୟତ ଧନ୍ୟବାଦ ଦେଇଥିଲେ। ମହାବିଦ୍ୟାଳୟର ଛାତ୍ରୀ, ଅଧ୍ୟାପିକା, ଅଧ୍ୟାପକ, ବିଭାଗର ସହକର୍ମୀ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

## ଅନ୍ତର୍ଜାତୀୟ ଯୋଗ ଦିବସ

# 'ଯୋଗ' ପ୍ରାଚୀନ ଭାରତୀୟ ସଂସ୍କୃତିର ଅବଦାନ









ବାଲେଶ୍ୱର,୨୨।୬(ସମିସ)

ଅନ୍ତର୍ଜାତୀୟ ଯୋଗ ଦିବସ ଉତ୍କଳା ସ୍ୱୟଂ ସହାୟକ ଗୋଷ୍ଠୀ ଓ ମୋ ଭାରତ ଯୁବ କେନ୍ଦ୍ରର ଯୁବ ଅଧିକାରୀ ଏମ ବିଗ୍ନେଶ ତତ୍ତ୍ୱାବଧାନରେ ଯୋଗ ଦିବସ ଅନୁଷ୍ଠିତ ହୋଇଯାଇଛି। ଉକ୍ତ ଉତ୍ସବରେ ଓଡ୍ରାଫର ହାବିଲଦାର ଯୋଗେନ୍ଦ୍ର ହେମ୍ବ୍ରମ ସଭାପତିତ୍ୱ କରିଥିବା ବେଳେ ଅନ୍ୟତମ ଅତିଥି ଭାବେ ଅବନୀକାନ୍ତ ଭୂୟାଁ ଯୋଗ ବିଷୟରେ ଅଭିଭାଷଣ ରଖିଥିଲେ। ଅନ୍ୟତମ ଅତିଥି ଭାବେ ସମ୍ବିତ ପଣ୍ଡା ଯୋଗ ଦେଇଥିଲେ। ଏକ ପୃଥିବୀ ଏକ ସ୍ୱାସ୍ଥ୍ୟ ପାଇଁ ଯୋଗ ଶପଥ ପାଠ କରାଯିବ ସହ ଏକ ସଚେତନତା ରାଲି କରାଯାଇଥିଲା। ଶେଷରେ ଗୋପୀନାଥପୁର ଉପ ସ୍ୱାସ୍ଥ୍ୟକେନ୍ଦ୍ର ଯୋଗ ଶିକ୍ଷକ ବିକ୍ରମ ବାରିକ ଦ୍ୱାରା ଯୋଗ କାର୍ଯ୍ୟକ୍ରମ ପରିଚାଳନା କରିଥିବା ବେଳେ ଉତ୍କଳା ସ୍ୱୟଂ ସହାୟକ ଗୋଷ୍ଠୀର ବାସନ୍ତୀ ବାରିକ ଧନ୍ୟବାଦ ଦେଇଥିଲେ।

**ଫକୀରମୋହନ ବିଶ୍ୱବିଦ୍ୟାଳୟ:** ଫକୀରମୋହନ ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ସନ୍ତୋଷ କୁମାର ତ୍ରିପାଠୀଙ୍କ ମାର୍ଗଦର୍ଶନରେ ସଂସ୍କୃତ ବିଭାଗ ଓ ଏନଏସଏସ ମିଳିତ ସହଯୋଗରେ ତଥା ଭାରତୀୟ ଦାର୍ଶନିକ ଗବେଷଣା ପରିଷଦ ନୂଆଦିଲ୍ଲୀ ଦ୍ୱାରା ଯୋଗ ଦିବସ ପାଳିତ ହୋଇଯାଇଛି। ଏହି ଅବସରରେ ବିଶ୍ୱବିଦ୍ୟାଳୟ ଅଧ୍ୟାପକ-ଅଧ୍ୟାପିକା, ଅଣଶିକ୍ଷକ କର୍ମଚାରୀ ଓ ଛାତ୍ରଛାତ୍ରୀମାନଙ୍କ ପାଇଁ ଏକ ଯୋଗ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ମହାରାଜା ଶ୍ରୀରାମ ଚନ୍ଦ୍ର ଭଞ୍ଜଦେଓ ବିଶ୍ୱବିଦ୍ୟାଳୟର ପୂର୍ବତନ କୁଳପତି ପ୍ରଫେସର ପ୍ରଫୁଲ୍ଲ କୁମାର ମିଶ୍ର ସମ୍ମାନିତ ଅତିଥି ଭାବେ ତଥା ବିଶ୍ୱଭାରତୀ-ଶାନ୍ତିନିକେତନ ପୂର୍ବତନ ପ୍ରଫେସର, ପ୍ରଫେସର ଜଗତ ରାମ ଭଟ୍ଟାଚାର୍ଯ୍ୟ ମୂଖ୍ଯ ଯୋଗ ପ୍ରଶିକ୍ଷକ ରୂପେ ଯୋଗ ଦେଇଥିଲେ। ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ସନ୍ତୋଷ କୁମାର ତ୍ରିପାଠୀଙ୍କ ଅଧ୍ୟକ୍ଷତାରେ କାର୍ଯ୍ୟକ୍ରମରେ ବିଶ୍ୱବିଦ୍ୟାଳୟ ସ୍ନାତକୋତ୍ତର ପରିଷଦ ଅଧ୍ୟକ୍ଷ ପ୍ରଫେସର ଭାସ୍କର ବେହେରା ନିଜ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। କାର୍ଯ୍ୟକ୍ରମରେ ପ୍ରଫେସର ପ୍ରଫୁଲ୍ଲ କୁମାର ମିଶ୍ର "ଶ୍ରୀମଦ୍ ଭାଗବତଗୀତା ଆଧାରରେ ଯୋଗର ମହତ୍ତ୍ୱ "ବିଷୟରେ ସାରଗର୍ଭକ ଅଭିଭାଷଣ ରଖିଥିଲେ। ଏଥିସହ ପ୍ରଫେସର ଜଗତ ରାମ ଭଟ୍ଟାଚାର୍ଯ୍ୟ" ଭାରତୀୟ ଯୋଗ ପରମ୍ପରା ସହ ଜୈନଧର୍ମର ସଂପର୍କ" ସମ୍ବନ୍ଧିତ ଅଭିଭାଷଣ ପ୍ରଦାନ କରିଥିଲେ। ପଞ୍ଜାବ ବିଶ୍ୱବିଦ୍ୟାଳୟର ସଂସ୍କୃତ ବିଭାଗ ପ୍ରଫେସର ସୁଧାଂଶୁ କୁମାର ଷଡ଼ଙ୍ଗୀ ଯୋଗଦେଇ "ମୁଖ୍ୟ ଯୋଗ-ଉପନିଷଦ ଗୁଡ଼ିକରେ ପ୍ରମାଣିତ ଯୋଗ ସିଦ୍ଧାନ୍ତ "ସଂପର୍କରେ ବ୍ୟାଖ୍ୟାନ ଉପସ୍ଥାପନ କରିଥିଲେ। ବିଶ୍ୱବିଦ୍ୟାଳୟ ଏନଏସଏସ ପ୍ରୋଗ୍ରାମ ସଂଯୋଜକ ଡ. ଅମୂଲ୍ୟ କୁମାର ଆଚାର୍ଯ୍ୟ ଯୋଗ ପ୍ରଶିକ୍ଷଣ କାର୍ଯ୍ୟକ୍ରମର ପରିଚାଳନା ଦାୟିତ୍ୱ ନିର୍ବାହ କରିଥିଲେ ଓ ପ୍ରଫେସର ଦେବାଶିଷ ପାତ୍ର ବୈଠକ କାର୍ଯ୍ୟକ୍ରମକୁ ସଂଚାଳିତ କରିଥିଲେ। ଏନଏସଏସ ପ୍ରୋଗ୍ରାମ ଅଫିସର ଡ଼କ୍ଟର ପ୍ରତିମା ପ୍ରଧାନ ବୈଠକର ସଫଳ ରୂପାୟନ ହୋଇଥିଲା।

**ଶାନ୍ତିକାନନ ହ୍ୟାପିନେସ ସେଣ୍ଟର:** ଆନ୍ତର୍ଜାତିକ ଯୋଗ ଦିବସ ପାଳନ ଅବସରରେ ବାଲେଶ୍ୱରର ସହରର ମଲ୍ଲିକାଶପୁର ସ୍ଥିତ ଶାନ୍ତିକାନନ ଠାରେ ଶାନ୍ତିକାନନ ହ୍ୟାପିନେସ ସେଂଟର ପକ୍ଷରୁ ଯୋଗ ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି ପରିପ୍ରେକ୍ଷୀରେ ଆୟୋଜିତ କାର୍ଯ୍ୟକ୍ରମରେ ବାଲେଶ୍ୱର ପୌରାଧ୍ୟକ୍ଷା ସବିତା ସାହୁ ମୁଖ୍ୟ ଅତିଥି ଭାବେ ଯୋଗଦେଇ ସାମ୍ପ୍ରତିକ ବ୍ୟସ୍ତ ବହୁଳ ଜୀବନଚର୍ଯ୍ୟାରେ ଯୋଗ ଓ ପ୍ରାଣାୟମର ଆବଶ୍ୟକତା ସମ୍ପର୍କରେ ଆଲୋଚନା କରିଥିଲେ। ନିରୋଗ ଶରୀର ଗଠନ ସାଙ୍ଗକୁ ସଂଯମ ଆଚରଣ ଓ ବିକଶିତ ମାନସିକତା ପାଇଁ 'ଯୋଗ' ପ୍ରାଚୀନ ଭାରତୀୟ ସଂସ୍କୃତିର ଅବଦାନ ବୋଲି ଶ୍ରୀମତି ସାହୁ ମତ ପ୍ରକାଶ କରିଥିଲେ। ହେଲଦି ଲାଇଫ ଯୋଗ ମହାବିଦ୍ୟାଳୟର ପ୍ରତିଷ୍ଠାତା ଡାକ୍ତର ଚିତ୍ତରଞ୍ଜନ ସାହୁ ଏଥିରେ ମୁଖ୍ୟ ବକ୍ତାଭାବେ ଯୋଗଦେଇ ସବୁ ବର୍ଗର ବ୍ୟକ୍ତି ନିତ୍ୟ ଯୋଗ ଓ ପ୍ରାଣାୟମ କରିବାର ଆବଶ୍ୟକତା ରହିଛି ବୋଲି କହିଥିଲେ। ବାଲେଶ୍ୱର ପୌର ପରିଷଦର କାଉନସିଲର ସନ୍ଧ୍ୟାରାଣୀ ଜେନା ଓ ବୟୋଜ୍ୟେଷ୍ଠ ସମାଜସେବୀ ଅନୁସୂୟା ନାୟକ ସମ୍ମାନିତ ଅତିଥି ଭାବେ ଯୋଗଦେଇ ଯୋଗ ଓ ପ୍ରାଣାୟମ ପାଇଁ ବାଲେଶ୍ୱରର ଜନସାଧାରଣଙ୍କୁ ଅନୁପ୍ରାଣିତ କରିବାରେ ଶାନ୍ତିକାନନ ହ୍ୟାପିନେସ ସେଂଟରର ଅବଦାନକୁ ପ୍ରଶଂସା କରିଥିଲେ। ସେଣ୍ଟରର ଯୋଗ ପ୍ରଶିକ୍ଷକ କିର୍ତୀ ସୁନ୍ଦର ସେନ ସଭାପତିତ୍ୱ କରିବା ସହିତ ଯୋଗ ଶିବିର ଆୟୋଜନର ଆଭିମୁଖ୍ୟ ସମ୍ପର୍କରେ ଆଲୋକପାତ କରିଥିଲେ। ସୋନାଲୀ ଚୌଧୁରୀ, ଅନୁପମା ଜେନା, ମଧୁସ୍ମିତା ଦାସ,ରଶ୍ମିତା ବେହେରା, ଆରତୀ ପରିଡା, ବବିତା ନାୟକ, କଲ୍ୟାଣୀ ସାହୁ, ଅମିତା ମହାପାତ୍ର, ଜୟନ୍ତୀ ଦାସ, ରାଜଶ୍ରୀ ପତି, କାନନବାଳା ଦାସ ପ୍ରମୁଖ ହ୍ୟାପିନେସ ସେଂଟରର ସଦସ୍ୟାମାନେ ଶିବିର ପରିଚାଳନା କରିଥିଲେ।

**ଜିଲ୍ଲା ଆଇନସେବା ପ୍ରାଧିକରଣ:** ଜିଲ୍ଲା ଆଇନସେବା ପ୍ରାଧିକରଣ ଆଂଚଳିକ ନ୍ୟାୟିକ ବିଦ୍ୟାପୀଠ ପରିସରରେ ବିଶ୍ୱ ଯୋଗ ଦିବସ ପାଳିତ ହୋଇ ଯାଇଛି। ଏହି ଅବସରରେ ଜିଲ୍ଲା ଏବଂ ଦୌରାଜଜ ସତ୍ୟ ନାରାୟଣ ମିଶ୍ର ପୌରାହିତ୍ୟ କରି ସାଂପ୍ରତିକ ବ୍ୟସ୍ତ ବହୁଳ ଜୀବନରେ ଯୋଗର ଉପାଦେୟତା ସମ୍ପର୍କରେ ଆଲୋଚନା କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ମୁଖ୍ୟାଳୟର ଅନ୍ୟାନ୍ୟ ବିଚାର ବିଭାଗୀୟ ଅଧିକାରୀ, ପ୍ୟାନେଲ୍ ଲୟର୍, ପାରାଲିଗାଲ୍ ସ୍ୱେଚ୍ଛାସେବୀ ଏବଂ କର୍ମଚାରୀ ମାନେ ଯୋଗ ଦେଇଥିଲେ। ପତଞ୍ଜଳି ଯୋଗ ସମିତି, ଶାଖାର ଯୋଗ ପ୍ରଶିକ୍ଷକ କରୁଣାକର ଶିଅଳ, ଯଶୋମିତି ଶିଅଳ, ଜ୍ୟୋତ୍ସ୍ନା ଚୌଧୁରୀ ପ୍ରମୁଖ ଯୋଗଦେଇ ଉପସ୍ଥିତ ଅଧିକାରୀ, ପ୍ୟାନେଲ୍ ଲୟର, ପାରାଲିଗାଲ୍ ସ୍ୱେଚ୍ଛାସେବୀ ଏବଂ କର୍ମଚାରୀ ମାନଙ୍କୁ ବିଭିନ୍ନ ଯୋଗମୁଦ୍ରାର ଅଭ୍ୟାସ କରାଇଥିଲେ। ଉପରୋକ୍ତ କାର୍ଯ୍ୟକ୍ରମକୁ ଜିଲ୍ଲା ସ୍ଥାୟୀ ଏବଂ ନିରନ୍ତର ଲୋକ ଅଦାଲତର ବିଚାରପତି ତଥା ଜିଲ୍ଲା ଆଇନସେବା ପ୍ରାଧିକରଣ ସଚିବ ସୁମନ୍ ଜେନା ପରିଚାଳନା କରିଥିଲେ।

# ସମ୍ପାଦକୀୟ



ଉପଯୁକ୍ତ ବୌଦ୍ଧିକ ଓ ଆର୍ଥିକ ସହାୟତା ମିଳିଲେ କୃଷି କ୍ଷେତ୍ର ନିଯୁକ୍ତିଭିତ୍ତିକ ଅର୍ଥନୈତିକ ପ୍ରଗତିରେ ଉଲ୍ଲେଖନୀୟ ଯୋଗଦାନ ଦେଇପାରିବ।
-ଏମ୍ ଏସ୍ ସ୍ୱାମୀନାଥନ୍

ସକାଳ THE SAKALA

## ଶ୍ରମିକ ମାରଣ ନୀତି

ଦେଶରେ ବେରୋଜଗାରୀ ହାର ଗତ ମେ’ ମାସରେ ପୂର୍ବ ମାସ ତୁଳନାରେ ୦.୫ ପ୍ରତିଶତ ବୃଦ୍ଧି ପାଇଛି। ୧୪୫ କୋଟି ଜନସଂଖ୍ୟା ବିଶିଷ୍ଟ ଏକ ଦେଶ ପାଇଁ ଏହି ପରିସଂଖ୍ୟାନ କେତେ ଉଦ୍‌ବେଗଜନକ ତାହା ବୁଝାଇ କହିବା ଆବଶ୍ୟକ ନାହିଁ। ଉଭୟ ସହରାଞ୍ଚଳ ଓ ଗ୍ରାମାଞ୍ଚଳକୁ ମିଶାଇ ଏହି ପରିସଂଖ୍ୟାନ ପ୍ରକାଶ ପାଇଥିବା ବେଳେ ଅମଳ ପରେ କୃଷି ଶ୍ରମିକମାନଙ୍କ ହାତରେ ଆଉ କାମ ନଥିବାରୁ ତାହାର ପ୍ରଭାବ ସାମଗ୍ରିକ ଭାବେ ଦେଶର ବେରୋଜଗାରୀ ସୂଚକାଙ୍କ ଉପରେ ପଡ଼ିଛି ବୋଲି ସରକାରୀ ଭାବେ କୁହାଯାଇଛି। ଅଥଚ କେନ୍ଦ୍ର ସରକାର ରୋଜଗାରର ନିଶ୍ଚିତ ଓ ନିର୍ଭରଯୋଗ୍ୟ ପନ୍ଥା ‘ଏମ୍‌ନରେଗା’ର ପାଣ୍ଠି ପ୍ରଦାନକୁ ସାମୟିକ ସ୍ଥଗିତ କରିଦେଇଛନ୍ତି। ଏହି ଦୁଇ ବିପରୀତଧର୍ମୀ ତଥ୍ୟକୁ ମିଶାଇ ଦେଖିଲେ ଯୋଜନା ପ୍ରଣୟନ ଓ ରୂପାୟନ ମଧ୍ୟରେ ଯେ ତ୍ରୁଟି ରହିଛି ତାହା ଅସ୍ୱୀକାର କରାଯାଇପାରିବ ନାହିଁ।

ଗ୍ରାମୀଣ ଭାରତରେ ଶ୍ରମଜୀବୀଙ୍କ ହାତକୁ ଅଧିକରୁ ଅଧିକ କାମ ଦେଇ ବେରୋଜଗାରୀ ସମସ୍ୟାର ସମାଧାନ ଲକ୍ଷ୍ୟରେ ଯୁଗାନ୍ତକାରୀ ‘ମହାତ୍ମାଗାନ୍ଧୀ ଜାତୀୟ ଗ୍ରାମୀଣ କର୍ମନିଯୁକ୍ତି ନିଶ୍ଚିତ ଯୋଜନା(ଏମ୍‌ନରେଗା)’ ଆରମ୍ଭ କରାଯାଇଥିଲା। ବିଶେଷକରି ବେଉଷଣ ଓ ଅମଳ ପରବର୍ତ୍ତୀ ସମୟରେ ଶ୍ରମଜୀବୀଙ୍କ ପାଖରେ ଆଉ ବିଶେଷ କାମ ରହୁ ନଥିବାରୁ ସେମାନଙ୍କ ରୋଜଗାରର ପନ୍ଥା ସଂକୁଚିତ ହୋଇଯାଏ। ତେଣୁ ସେହି ସମୟରେ ଭିତ୍ତିଭୂମି ବିକାଶ ଓ ନିର୍ମାଣ କାର୍ଯ୍ୟ ଆରମ୍ଭ କରି ଶ୍ରମଜୀବୀଙ୍କୁ ଅନ୍ତତଃ ପରବର୍ତ୍ତୀ ଚାଷବାସ ପର୍ଯ୍ୟନ୍ତ ଶହେ ଦିନର କାମ ଯୋଗାଇ ଦେବାର ପ୍ରତିଶ୍ରୁତି ଏହି ଯୋଜନାରେ ରହିଛି। ଉପା ସରକାର ଅମଳରେ ଆରମ୍ଭ ହୋଇଥିବା ଏହି ଯୋଜନା ପ୍ରତି ଏନ୍‌ଡିଏ ସରକାର ସମୟୋପଯୋଗୀ ଗୁରୁତ୍ୱ ଦେଉ ନଥିବା ଅଭିଯୋଗ ହୋଇଆସୁଛି। କ୍ରମବର୍ଦ୍ଧିଷ୍ଣୁ ଜନସଂଖ୍ୟାକୁ ଦୃଷ୍ଟିରେ ରଖି କାର୍ଯ୍ୟଦିବସ ଓ ବଜେଟ୍ ବ୍ୟୟବରାଦ ବୃଦ୍ଧି ପାଇବା ବଦଳରେ ଦୀର୍ଘବର୍ଷ ଧରି ଏହା ଅପରିବର୍ତ୍ତିତ ରହିବା ଦ୍ୱାରା ସ୍ୱାଭାବିକ ଭାବେ କେନ୍ଦ୍ର ସରକାରଙ୍କ ଶ୍ରମିକ ରୋଜଗାର ପ୍ରସଙ୍ଗରେ ଥିବା ଆନ୍ତରିକତା ଓ ଅଙ୍ଗୀକାରବଦ୍ଧତା ଉପରେ ପ୍ରଶ୍ନବାଚୀ ସୃଷ୍ଟି ହେଉଛି। ଆହୁରି ମଧ୍ୟ ଯନ୍ତ୍ରଚାଳିତ କାମ ଉପରେ ଅଧୁନା ଅଧିକ ଗୁରୁତ୍ୱ ଦିଆଯାଉଥିବାରୁ ଶ୍ରମଜୀବୀମାନଙ୍କ ହାତକୁ ଆଉ ସେପରି ଆଖିଦୃଶିଆ କାମ ଆସୁନି। ଏହି ପୃଷ୍ଠଭୂମିରେ କେନ୍ଦ୍ର ସରକାର ଚଳିତ ଆର୍ଥିକ ବର୍ଷର ପ୍ରଥମ ଛଅ ମାସ ପାଇଁ ଏମ୍‌ନରେଗା ବାବଦ ମୋଟ ବ୍ୟୟବରାଦର କେବଳ ୬୦% ଅର୍ଥ ମଞ୍ଜୁର କରିବାକୁ କଟକଣା ଜାରି କରିଛନ୍ତି। ଏମ୍‌ନରେଗାରେ ପ୍ରଥମ ଥର ପାଇଁ ଏଭଳି କଟକଣା ଜାରି ହେବା ପଛରେ ନିର୍ଦ୍ଦିଷ୍ଟ ଯୁକ୍ତିଯୁକ୍ତତା ମଧ୍ୟ ନାହିଁ।

ସମସ୍ତ ଯୋଜନା, ପ୍ରକଳ୍ପର ବ୍ୟୟମଞ୍ଜୁରୀକୁ ମାସିକ ଓ ତ୍ରୈମାସିକ ଭିତ୍ତିକ କରିବା ଲାଗି ୨୦୧୭ ମସିହାରେ କେନ୍ଦ୍ର ସରକାର ଏମ୍ଇପି ଓ କ୍ୟୁଏପି ନାମକ ସରକାରୀ ବ୍ୟବସ୍ଥା ଆରମ୍ଭ କରିଥିଲେ। ଏମ୍‌ନରେଗାକୁ ଏହି ବ୍ୟବସ୍ଥାରୁ ବାଦ୍ ଦିଆଯାଇଥିବା ବେଳେ ଚଳିତ ଆର୍ଥିକ ବର୍ଷରେ ସାମିଲ୍ କରାଯାଇଛି। ନିର୍ଦ୍ଦିଷ୍ଟ ସମୟ ସୀମା ଭିତରେ ବିଭିନ୍ନ ଯୋଜନା ଓ ପ୍ରକଳ୍ପର ବ୍ୟୟବରାଦ ଅର୍ଥ ଖର୍ଚ୍ଚ ନ ହୋଇପାରି ପଡ଼ି ରହୁଥିବାରୁ ତାହା ଅତିରିକ୍ତ ବଜେଟ୍ ଓ ପରବର୍ତ୍ତୀ ଆର୍ଥିକ ବର୍ଷ ପାଇଁ ପୂର୍ଣ୍ଣାଙ୍ଗ ବଜେଟ୍ ପ୍ରସ୍ତୁତ କରିବା ବେଳେ ସମସ୍ୟା ସୃଷ୍ଟି କରୁଛି। ଏଥିରେ ସମାନୁପାତିତା ଆଣିବା ପାଇଁ ଉପରୋକ୍ତ ଏମ୍ଇପି ଓ କ୍ୟୁଏପି ବଜେଟ୍ ପରିଚାଳନାର ଏକ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ ହୋଇପାରେ। କିନ୍ତୁ ଏହା ଅଧୀନକୁ ଗ୍ରାମୀଣ ଗରିବ ଲୋକଙ୍କ ପେଟପାଟଣା ସହିତ ଜଡ଼ିତ ଜନକଲ୍ୟାଣ ଯୋଜନାଗୁଡ଼ିକୁ ଆଣିବା ଠିକ୍ ନୁହେଁ ବୋଲି ମତ ପ୍ରକାଶ ପାଇଛି। ଏମ୍‌ନରେଗାରେ କାର୍ଯ୍ୟ ଚାହିଦା ଏପ୍ରିଲ୍‌ରୁ ଜୁନ୍ ମାସରେ ସର୍ବାଧିକ ହୋଇଥିବା ବେଳେ ସେହି ସମୟରେ ହିଁ ବଜେଟ୍ କଟକଣା ଲାଗୁ ହେବାରୁ ବିଭିନ୍ନ ମହଲରୁ ସମାଲୋଚନା ଆରମ୍ଭ ହୋଇଛି।

ଏମ୍‌ନରେଗାରେ କାର୍ଯ୍ୟଦିବସ ବଣ୍ଟନ ସରକାରଙ୍କ ଏକ ବୈଧାନିକ ଦାୟିତ୍ୱ। ଏଥିରୁ ହିତାଧିକାରୀଙ୍କୁ ବଞ୍ଚିତ କରିବା ସମ୍ବିଧାନର ଧାରା ୨୧ର ଉଲ୍ଲଙ୍ଘନ ବୋଲି ଧରାଯିବ। ଅତୀତରେ ଦେଶର ସର୍ବୋଚ୍ଚ ନ୍ୟାୟାଳୟ ମଧ୍ୟ ସ୍ପଷ୍ଟ କରିଛନ୍ତି ଯେ ସରକାର ପାଣ୍ଠି ଅଭାବ କିମ୍ବା ଅନ୍ୟ କୌଣସି ଆର୍ଥିକ ଦୁରବସ୍ଥା ଆଳରେ ଲୋକମାନଙ୍କ ରୋଜଗାର ଉତ୍ସକୁ ବନ୍ଦ କରିପାରିବେ ନାହିଁ। ଏମ୍‌ନରେଗାର ଧାରା ୩ ଅନୁଯାୟୀ ହିତାଧିକାରୀମାନେ କାମ ମାଗିବାର ୧୫ ଦିନ ଭିତରେ ସରକାର ସେମାନଙ୍କୁ କାମ ଦେବାକୁ ବାଧ୍ୟ ଏବଂ କାମ ସରିବାର ୧୫ ଦିନ ମଧ୍ୟରେ ସେମାନେ ନିଜର ପାଉଣା ବା ପାରିଶ୍ରମିକ ପାଇବାକୁ ହକ୍‌ଦାର। ଏବେ କେନ୍ଦ୍ର ସରକାର ଏହା ଉପରେ କଟକଣା ଜାରି କରିଥିବାରୁ ରାଜ୍ୟମାନେ ଅସୁବିଧା ଓ ଆଇନଗତ ଆହ୍ୱାନର ସମ୍ମୁଖୀନ ହୋଇପାରନ୍ତି। ଏମ୍‌ନରେଗାରେ ଦାବି କରିବା ସତ୍ତ୍ୱେ ଧାର୍ଯ୍ୟ ସମୟରେ କାମ ନ ମିଳିଲେ ହିତାଧିକାରୀମାନଙ୍କୁ ରାଜ୍ୟ ସରକାରମାନେ ବେକାରୀ ଭତ୍ତା ଦେବାକୁ ବାଧ୍ୟ ହେବେ ଏବଂ ପାରିଶ୍ରମିକ ବାବଦ ପାଉଣା ଦେବାରେ ବିଳମ୍ବ ହେଲେ ସୁଧ ବୋଝ ମଧ୍ୟ ରାଜ୍ୟ ରାଜକୋଷମାନଙ୍କ ଉପରେ ବଢ଼ି ଚାଲିବ।

କେନ୍ଦ୍ର ସରକାରଙ୍କ ନୀତି ନିର୍ଦ୍ଧାରକ ଓ ନିଷ୍ପତ୍ତି ନେଉଥିବା ଅଧିକାରୀମାନେ ଯେ ଏ ବିଷୟରେ ଅଜ୍ଞ ଥିବେ ତାହା ନୁହେଁ। ତଥାପି ଏମ୍ଇପି ଓ କ୍ୟୁଏପି ପ୍ରକ୍ରିୟାରେ ଏମ୍‌ନରେଗାକୁ ଅନ୍ତର୍ଭୁକ୍ତ କରିବା ପଛର କାରଣ ସେମାନେ ହିଁ କହିପାରିବେ। କିନ୍ତୁ ଯାହା ଆଖିକୁ ଦେଖାଯାଉଛି ତାହା ସାଧାରଣ ଭାଷାରେ ଶ୍ରମିକ ମାରଣ ନୀତି ଭାବରେ ଅଭିହିତ କରାଗଲେ ଭୁଲ୍ ହେବ ନାହିଁ। କେନ୍ଦ୍ର ସରକାର କେବଳ ମାଗଣା ରାସନ୍ ଯୋଗାଣର ଦ୍ୱାହି ଦେଇ ଏ କ୍ଷେତ୍ରରେ ନିଜ ଦାୟିତ୍ୱରୁ ଓହରି ଯାଇପାରିବେ ନାହିଁ। କାରଣ ମାଗଣା ରାସନ୍ ଯୋଜନାରେ ଯେତିକି ଚାଉଳ ଓ ଗହମ ମିଳୁଛି ସେଥିରେ ଖାଦ୍ୟ ସୁରକ୍ଷା ସମ୍ପୂର୍ଣ୍ଣ ନିଶ୍ଚିତ କରିହେବ ନାହିଁ, ତାହାକୁ କେବଳ ଏକ ସହାୟକ ରୂପେ ଗ୍ରହଣ କରାଯାଇପାରିବ। ଅଧିକନ୍ତୁ ବର୍ତ୍ତମାନ ବଜାରରେ ଖାଦ୍ୟ ଶସ୍ୟର ଦରଦାମ ଯେଉଁଭଳି ବଢ଼ି ଚାଲିଛି ସେଥିରେ କେବଳ ମାଗଣା ରାସନ୍ ଲୋକଙ୍କ ଜୀବନକୁ ଧାରଣଯୋଗ୍ୟ କରିବାରେ ସକ୍ଷମ ହେବ ନାହିଁ।

ଶୀତତାପ ନିୟନ୍ତ୍ରିତ କୋଠରିରେ ବସି ନିଆଯାଉଥିବା ନିଷ୍ପତ୍ତି ଏବଂ ତୃଣମୂଳସ୍ତରର ବାସ୍ତବତା ଭିତରେ ଆକାଶପାତାଳ ଫରକ ଅଛି। ତେଣୁ ସରକାର ବାସ୍ତବତାକୁ ହୃଦୟଙ୍ଗମ କରନ୍ତୁ। ନୀତି ନିର୍ଦ୍ଧାରକମାନେ କ୍ଷେତ୍ର ପରିଦର୍ଶନ କରନ୍ତୁ। ଖୋଦ୍ ସରକାରଙ୍କ ବେରୋଜଗାରୀ ପରିସଂଖ୍ୟାନକୁ ଆଧାର ଭାବେ ଗ୍ରହଣ କରି ନୀତି ନିର୍ଦ୍ଧାରକମାନେ ଏଭଳି ଶ୍ରମିକ ମାରଣ ନିଷ୍ପତ୍ତିର ପୁନର୍ବିଚାର କରନ୍ତୁ।

## ଜିଜ୍ଞାସା ପ୍ରେରିତ ବନାମ ବଜାର ପରିଚାଳିତ ବିଜ୍ଞାନ

ଡକ୍ଟର ଚିତ୍ତରଞ୍ଜନ ମିଶ୍ର

୧୮୭୬ରେ କୋଲକାତାରେ ପ୍ରତିଷ୍ଠିତ ‘ଦି ଇଣ୍ଡିଆନ ଆସୋସିଏସନ୍ ଫର ଦି କଲ୍‌ଟିଭେସନ ଅଫ ସାଇନ୍ସ’ରେ ଗବେଷଣା କରି ସାର୍ ଚନ୍ଦ୍ରଶେଖର ଭେଙ୍କଟ ରମଣ ଭାରତବର୍ଷ ଏବଂ ଏସିଆ ମହାଦେଶର ପ୍ରଥମ ନୋବେଲ ପୁରସ୍କାର ବିଜେତା ଭାବେ ଅଦ୍ୱିତୀୟ ଗୌରବର ଅଧିକାରୀ ହୋଇଥିଲେ। ଏଠାରେ ପ୍ରଶ୍ନ ଉଠିପାରେ ରମଣଙ୍କ ମୂଳ ଲକ୍ଷ୍ୟ କ’ଣ ଥିଲା? ସେ କ’ଣ ତାତ୍କାଳିକ ସାମାଜିକ ସମସ୍ୟା ସମାଧାନର ସମ୍ଭାବନା ଦ୍ୱାରା ଅଭିପ୍ରେରିତ ହୋଇଥିଲେ ନା ବିଜ୍ଞାନ ପଛରେ ଅଣନିଃଶ୍ୱାସୀ ହୋଇ ଅନୁଧାବନ କରିବାର ଅଦମ୍ୟ ନିଶା ତାଙ୍କୁ ଘାରିଥିଲା ? ନା ପଦାର୍ଥ ବିଜ୍ଞାନ କ୍ଷେତ୍ରରେ ଗଭୀର ଅନୁଧ୍ୟାନ ଓ ଅନୁସନ୍ଧାନ ପାଇଁ ସେ ଅମଡ଼ାବାଟର ପଥିକଟିଏ ହେବା ପାଇଁ ଅଧିକ ପସନ୍ଦ ମଣିଥିଲେ?

ରମଣଙ୍କ ଉଦ୍‌ଭାବନ କୌଣସି ବାଣିଜ୍ୟିକ ଲାଭ କିମ୍ବା ତୁରନ୍ତ ବ୍ୟବହାର ଲକ୍ଷ୍ୟରେ ପରିଚାଳିତ ହୋଇନଥିଲା। ଏହା ଜନ୍ମ ନେଇଥିଲା ମାନବୀୟ ଜିଜ୍ଞାସା ଓ କଳ୍ପନାର ଗର୍ଭାଶୟରୁ। କିନ୍ତୁ ଆଜି ବୈଜ୍ଞାନିକ ଅନ୍ୱେଷଣର ଧର୍ମ ଅର୍ଥନୈତିକ ଓ ବଜାର ସମ୍ବନ୍ଧୀୟ ଚିନ୍ତାଧାରା ଦ୍ୱାରା ବହୁଳ ପ୍ରଭାବିତ ହେଉଥିବା ଲକ୍ଷ୍ୟ କରାଯାଉଛି। ଭାରତ ସମେତ ସମଗ୍ର ବିଶ୍ୱରେ ଗବେଷଣା ପ୍ରକଳ୍ପ ପାଇଁ ପାଣ୍ଠି ସହାୟତା ପ୍ରଦାନ କରୁଥିବା ସଂସ୍ଥାମାନେ ବ୍ୟାବସାୟିକ ରୂପରେ ସଂଚାଳିତ ଅନୁସନ୍ଧାନକୁ ପ୍ରାଥମିକତା ଦେଉଛନ୍ତି। ଫଳତଃ ଗବେଷଣାର ଫଳାଫଳ ପେଟେଣ୍ଟ, ଉଦ୍ୟମଶୀଳତା, ବାଣିଜ୍ୟିକ ଉପକ୍ରମ, ଷ୍ଟାର୍ଟଅପ୍ ଏବଂ କନ୍‌ସଲ୍‌ଟ୍ୟାନ୍ସି, ଇଣ୍ଡଷ୍ଟ୍ରି ପାର୍ଟନରସିପ୍ ଆଧାରରେ ଦ୍ରୁତଗତିରେ ମୂଲ୍ୟାଙ୍କନ କରାଯାଉଛି। ‘ଆପ୍ଲାଏଡ ରିସର୍ଚ୍ଚ’ ବା ବ୍ୟାବହାରିକ ଗବେଷଣା ସଂପ୍ରତି ପ୍ରମୁଖ ପ୍ରତିମାନ ପାଲଟିଯାଇଛି।

ଥରେ ବିଶ୍ୱ ପ୍ରସିଦ୍ଧ ପ୍ରାୟୋଗିକ ବୈଜ୍ଞାନିକ ମାଇକେଲ ଫାରାଡେ ଜଣେ ଉଚ୍ଚ ପଦସ୍ଥ ବ୍ରିଟିଶ ଅଧିକାରୀଙ୍କୁ ଇଲେକ୍‌ଟ୍ରୋ- ମ୍ୟାଗ୍ନେଟିଜିମ୍ ଉପରେ ତାଙ୍କ ଆବିଷ୍କାରକୁ ପ୍ରଦର୍ଶିତ କରାଉଥିଲେ। ଏକ କୁଣ୍ଡଳିତ ସ୍ପ୍ରିଙ୍ଗ୍ ମଧ୍ୟରେ ଏକ ଚୁମ୍ବକକୁ ଘୂରାଇଲେ କିଭଳି ଭାବେ ତାହା ବିଦ୍ୟୁତ ତରଙ୍ଗ ସୃଷ୍ଟି କରୁଛି ତାହା ସେ ପରୀକ୍ଷା କରି ବୁଝାଉଥିଲେ। ବରିଷ୍ଠ ବ୍ରିଟିଶ ଅଧିକାରୀଜଣକ ଏହି ପରୀକ୍ଷା ନିରୀକ୍ଷା ଦ୍ୱାରା ପ୍ରଭାବିତ ନହୋଇ ମାଇକେଲ୍ ଫାରେଡଙ୍କୁ ପଚାରିଲେ- ଇଲେକ୍‌ଟ୍ରିସିଟି ଉତ୍ପାଦନରେ ତୁମର ଏ ପରୀକ୍ଷା ନିରୀକ୍ଷା ରାଷ୍ଟ୍ରକୁ କ’ଣ ବ୍ୟାବହାରିକ ଲାଭ ପହଞ୍ଚାଇବ? ଉତ୍ତରରେ ଫାରାଡ଼େ କହିଥିଲେ - ସାର୍, ମୁଁ ଜାଣିନାହିଁ। ହେଲେ ମୁଁ ଏତିକି ଜାଣିଛି ଯେ ଦିନେ ଆପଣଙ୍କ ସରକାର ଏହା ଉପରେ ଟିକସ ଲଗାଇପାରନ୍ତି।

ଯଦିଓ ବିଜ୍ଞାନର ବ୍ୟାବହାରିକ ଉପଯୋଗ ନିଃସନ୍ଦେହରେ ମହତ୍ତ୍ୱପୂର୍ଣ୍ଣ, କିନ୍ତୁ ଏହି ଉପଯୋଗିତାବାଦୀ ଦୃଷ୍ଟିକୋଣ ବୈଜ୍ଞାନିକ ଅନୁସନ୍ଧାନର ପ୍ରକୃତ ଧର୍ମର ଅବକ୍ଷୟ ହେବାର ଆଶଙ୍କା ସୃଷ୍ଟି କରିଥାଏ। ଅନ୍ୟ ଅର୍ଥରେ କହିଲେ ବୈଜ୍ଞାନିକ ଗବେଷଣା ବଜାର ଶକ୍ତି ଦ୍ୱାରା ନିର୍ଦ୍ଧାରିତ, ପ୍ରଭାବିତ ଓ ପରିଚାଳିତ ହେଲେ ମୁକ୍ତ ଅନ୍ୱେଷଣ ବହୁଳ ବାଧାପ୍ରାପ୍ତ ହେବା ସହ ଉଦ୍‌ଭାବନ ଅଧୋଗତିର ସମ୍ମୁଖୀନ ହେବ। ବୈଜ୍ଞାନିକ ପ୍ରଗତିକୁ କେବଳ ମାତ୍ର ପ୍ରୌଦ୍ୟୋଗିକୀ ନବାଚାର ସହ ସମୀକୃତ କରିବା ଦ୍ୱାରା ବିଜ୍ଞାନର ଗଭୀର ବୌଦ୍ଧିକ ଓ ଅନ୍ୱେଷଣାତ୍ମକ ଅନୁସନ୍ଧାନ ଉପେକ୍ଷିତ ହୋଇଯାଏ। ଗତ ଦୁଇ ଦଶନ୍ଧିରୁ ଊର୍ଦ୍ଧ୍ୱ ସମୟ ମଧ୍ୟରେ ବିଜ୍ଞାନ ଓ ପ୍ରଯୁକ୍ତିବିଦ୍ୟା ଅଭୂତପୂର୍ବ ସଫଳତା ହାସଲ କରିପାରିଛି ଏବଂ କୃତ୍ରିମ ବୁଦ୍ଧିମତ୍ତା ବିପ୍ଳବ ଅସାଧାରଣ ଗତିରେ ତା’ର ରୂପ ଲାବଣ୍ୟ ଆମ ସମ୍ମୁଖରେ ଉନ୍ମୋଚନ କରିଚାଲିଛି। ସ୍ୱାସ୍ଥ୍ୟ ସେବାଠୁଁ ଆରମ୍ଭ କରି ଅଣପାରମ୍ପରିକ ଶକ୍ତି ଉତ୍ସର ବିକାଶ ପର୍ଯ୍ୟନ୍ତ ଏକାଧିକ ଆହ୍ୱାନର ମୁକାବିଲା କରିବା କ୍ଷେତ୍ରରେ ବିଜ୍ଞାନ ପ୍ରମୁଖ ଭୂମିକା ସୁଚାରୁରୂପେ ସଂପାଦିତ ହୋଇଚାଲିଛି। ଯଦିଓ ଏହି ସବୁ ନବଉନ୍ମେଷର ବାସ୍ତବିକ ମୂଲ୍ୟ ରହିଛି ତଥାପି ଆମ ମନରେ ଏକ ମହତ୍ତ୍ୱପୂର୍ଣ୍ଣ ପ୍ରଶ୍ନ ଉତ୍ଥାପନ ହୋଇଥାଏ ଯେ ବିଜ୍ଞାନକୁ କ’ଣ ବାସ୍ତବିକ ସମସ୍ୟାର ସମାଧାନ ଓ ପୋଷଣୀୟ ବିକାଶ ପାଇଁ ପରିଚାଳିତ କରାଯାଇଥାଏ? ଜିଜ୍ଞାସା, ଗଭୀର ଅନୁଧ୍ୟାନ, ଅନୁସନ୍ଧାନ ଓ ଅନ୍ୱେଷଣ ମାଧ୍ୟମରେ ଜ୍ଞାନର ଦିଗ୍‌ବଳୟକୁ ସଂପ୍ରସାରଣ କରିବା ମଧ୍ୟ ଏକ ମହତ୍ତର କାର୍ଯ୍ୟ, ଯାହାକୁ ବିଜ୍ଞାନ ସମ୍ପାଦିତ କରିଥାଏ।

ସଂଗୀତ, ସାହିତ୍ୟ, କଳା ପରି ବିଜ୍ଞାନ ମଧ୍ୟ ଏକ ରଚନାତ୍ମକ ପ୍ରୟାସ। ଏହା ସଦାସର୍ବଦା ବାସ୍ତବତା ସମ୍ବନ୍ଧୀୟ ମୌଳିକ ପ୍ରଶ୍ନକୁ ନେଇ ଅନ୍ୱେଷଣ କରିବା ପାଇଁ ଇଚ୍ଛା ପ୍ରକଟ କରିଥାଏ। ଆଇନଷ୍ଟାଇନଙ୍କ ଆପେକ୍ଷିତ ତତ୍ତ୍ୱ ହେଉ କିମ୍ବା ରମଣଙ୍କ ଆଲୋକର ବିଚ୍ଛୁରଣକୁ ନେଇ ହେଉ, ବିଜ୍ଞାନ କ୍ଷେତ୍ରରେ ଏକାଧିକ ସର୍ବଶ୍ରେଷ୍ଠ ଆବିଷ୍କାର ତାହା ବ୍ୟାବହାରିକ ସମାଧାନର ଦାବି ଦ୍ୱାରା ନୁହେଁ, ବରଂ ଭୌତିକ ବ୍ରହ୍ମାଣ୍ଡ ବିଷୟରେ ଅନିର୍ବଚନୀୟ ଜିଜ୍ଞାସା ବା ଅତୃପ୍ତ ଜିଜ୍ଞାସା ଦ୍ୱାରା ସଂଚାଳିତ ହୋଇଥାଏ। ଏକାଧିକ କ୍ଷେତ୍ରରେ ଏ ସମସ୍ତ ଆବିଷ୍କାର ବର୍ଷ ବର୍ଷ ପରେ କିମ୍ବା ଦଶନ୍ଧି ଦଶନ୍ଧି ପରେ ତାହାର ବ୍ୟାବହାରିକ ଉପଯୋଗକୁ ଖୋଜି ପାଇଥିଲା। କ୍ୱାଣ୍ଟମ୍ ମେକାନିକ୍ସର କାହାଣୀ,ଯାହାକି ଏବେ ଆଧୁନିକ ଇଲେକ୍‌ଟ୍ରୋନିକ୍ସ ଓ କମ୍ପ୍ୟୁଟିଂ କ୍ଷେତ୍ରକୁ ସମୃଦ୍ଧ କରିଛି କିମ୍ବା ସାଧାରଣ ଆପେକ୍ଷିକ ତତ୍ତ୍ୱର ସିଦ୍ଧାନ୍ତ ଯାହାକି ସଠିକ ଜି.ପି.ଏସ୍ ନାଭିଗେସନ୍ ବା ମାର୍ଗଦର୍ଶନକୁ ସକ୍ଷମ କରିଛି, ତାହା ବିଳମ୍ବରେ ହେଲେ ମଧ୍ୟ ମୌଳିକ ବିଜ୍ଞାନର ଗଭୀର ପ୍ରଭାବ ସଂପର୍କରେ ଅନନ୍ୟ ଉଦାହରଣ ସୃଷ୍ଟି କରିଛି।

ଯେଉଁ ମନଟି ସଦାସର୍ବଦା ଲାଭ କ୍ଷତିର ହିସାବ ନିକାଶ କରୁଥାଏ ତାହା ଆବଶ୍ୟକତାର ସଂକୀର୍ଣ୍ଣ ଗଳିରେ ଛନ୍ଦି ହୋଇ ପଡ଼ିଯାଇଥାଏ। ରଚନାତ୍ମକ ବା ସୃଜନଶୀଳ ମନଟି ହିଁ ସଦାସର୍ବଦା ମାନବତାକୁ ଆଡ଼କୁ ବାଟ କଢ଼େଇ ନେଇଥାଏ। ଯେଉଁ ମୁହୂର୍ତ୍ତରେ ଆମେ ଆମର ଅସ୍ତିତ୍ୱକୁ କ୍ରିୟାଶୀଳ କରିବାର ପ୍ରକ୍ରିୟା ପ୍ରତି ଉଦାସୀନ ହୋଇପଡୁ, ସେତେବେଳେ ଆମେ ନିଜକୁ ଏକ ଯନ୍ତ୍ରରେ ପରିଣତ କରିଦେଇଥାଉ। ବିସ୍ତୀର୍ଣ୍ଣ ଆକାଶର ଛାତି ଉପରେ ଏକ ଇନ୍ଦ୍ରଧନୁ ତା’ର ରୂପ ଲାବଣ୍ୟର ଅମୂଲ୍ୟ ପସରା ମେଳେଇ ଦେଇଥିଲେ ବି ତାହା ବ୍ୟସ୍ତବହୁଳ ଜୀବନ ବିତାଉଥିବା ସହରୀ ମଣିଷ ପାଇଁ କୌଣସି ବ୍ୟାବାହାରିକ ମୂଲ୍ୟ ରଖିନଥାଏ, ପରନ୍ତୁ ଜଣେ କୋମଳମତି ପିଲା ଓ ଜଣେ କବି ସେହି ଇନ୍ଦ୍ରଧନୁର ଅପରୂପ ସୌନ୍ଦର୍ଯ୍ୟରେ ବିମୁଗ୍ଧ ହୋଇ ତା’ର ବିଦଗ୍ଧ ମନକୁ ଶୀତଳ କରିଥାଏ।

ଜ୍ୟୋତିର୍ବିଜ୍ଞାନ ବିନା ଏକ ବିଶ୍ୱର ଚିନ୍ତା କରନ୍ତୁ, ଯେଉଁଠାରେ କି ମଣିଷମାନେ କେବେ ବି ଥରେ ନିଜ ମୁଣ୍ଡ ଟେକି ଉପରକୁ ଚାହିଁ ନଥିବେ। କେବେ କୌଣସି ପ୍ରଶ୍ନ ପଚାରି ନଥିବେ ବା କେବେ କୌଣସି ସ୍ୱପ୍ନ ବି ଦେଖି ନ ଥିବେ। ନକ୍ଷତ୍ରମାନଙ୍କ ଅବସ୍ଥିତି ବାସ୍ତବତା ବା ଉପଯୋଗିତା ଦୃଷ୍ଟିକୋଣରୁ ଯାହା ଖଗୋଳ ବିଜ୍ଞାନୀଙ୍କ ପାଇଁ ତାହା ଜ୍ୟୋତିଷକାରଙ୍କ ପାଇଁ ନୁହେଁ। ଆମେ କିଏ? ଆମେ କେଉଁଠୁ ଆସିଲୁ? ଏହି ବିଶ୍ୱ ବ୍ରହ୍ମାଣ୍ଡରେ ଆମର ସ୍ଥାନ କେଉଁଠି? ଏହା ସେହି ପ୍ରଶ୍ନ ନୁହେଁ, ଯାହାର ଉତ୍ତର ଗୋଟେ ହିସାବ ଖାତା ଦେଇପାରିବ। ଏହା ହେଉଛି ସେହି ପ୍ରଶ୍ନ, ଯାହାକି ଆମେ ଜଣେ ଜଣେ ମଣିଷ ବୋଲି ଆମକୁ ପରିଭାଷିତ କରିଥାଏ, ନିର୍ଦ୍ଧାରିତ କରିଥାଏ, ନିରୂପଣ କରିଥାଏ। ଆମେ ସତ୍ୟ, ଶିବ ଓ ସୁନ୍ଦରର ପୂଜାରୀ, ଅନ୍ୱେଷକ ଓ ଜିଜ୍ଞାସୁ ବୋଲି ଆମକୁ ପରିଚିତ କରାଇଥାଏ। କବିଟିଏ, ଚିତ୍ରକରଟିଏ, ସଂଗୀତଜ୍ଞଟିଏ, ରହସ୍ୟବାଦୀଟିଏ ଯେ କି ଈଶ୍ୱରଙ୍କର ସାକ୍ଷାତ ଦର୍ଶନର ଅଭିଳାଷୀଟିଏ, ଆଧ୍ୟାତ୍ମିକବାଦୀଟିଏ କିମ୍ବା ଜଣେ ବୈଜ୍ଞାନିକଟିଏ ଏମାନେ ସମସ୍ତେ ଅନନ୍ତ, ଅସୀମିତ ଓ ଅପରିମିତର ଜଣେ ଜଣେ ସନ୍ଧାନୀ। ଏହା ସାଂସାରିକତାର ବହୁ ଊର୍ଦ୍ଧ୍ୱରେ ଅନନ୍ତ ଅସୀମର ଉପଲବ୍ଧି ପାଇଁ ସଦା ଉନ୍ମୁକ୍ତ ହୋଇଥିବା ଏକ ଦ୍ୱାରଦେଶ।

(ଯୁଗ୍ମ ମ୍ୟାନେଜିଂ ଟ୍ରଷ୍ଟି, କଳିଙ୍ଗ ଫାଉଣ୍ଡେସନ ଟ୍ରଷ୍ଟ)
ଭୁବନେଶ୍ୱର, ମୋ: ୯୩୩୮୨୦୪୯୯୩

## ଅବିଶ୍ରାନ୍ତ ସବୁଜ ଅଭିଯାନର ନାୟିକା

ମିନାକ୍ଷୀ ଦ୍ୱିବେଦୀ

ପୃଥିବୀର ମଙ୍ଗଳ ପାଇଁ ବୃକ୍ଷ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ବିଶ୍ୱ ତାପମାନ ବୃଦ୍ଧି ନିୟନ୍ତ୍ରଣରେ ଗଛଗୁଡ଼ିକ ପ୍ରକୃତିର ସୈନିକ। ସେମାନେ ପ୍ରାକୃତିକ ବାୟୁ ବିଶୋଧକ ଭାବରେ କାର୍ଯ୍ୟ କରନ୍ତି; ଅଙ୍ଗାରକାମ୍ଳ ଶୋଷଣ କରି ଅମ୍ଳଜାନ ତ୍ୟାଗ କରନ୍ତି। ଏହା ସହିତ ସେମାନେ ମୃତ୍ତିକା ସ୍ୱାସ୍ଥ୍ୟ ଓ ମୃତ୍ତିକା ସଂରକ୍ଷଣରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରନ୍ତି। ଏହାବ୍ୟତୀତ, ବୃକ୍ଷଗୁଡ଼ିକ ଅଗଣିତ ପ୍ରଜାତି ପାଇଁ ବାସସ୍ଥାନ ଓ ସମ୍ପଦ ପ୍ରଦାନ କରନ୍ତି, ଜୈବ ବିବିଧତା ଏବଂ ପରିବେଶ ସନ୍ତୁଳନରେ ଅବଦାନ ରଖନ୍ତି।

ପରିବେଶ ସୁରକ୍ଷାରେ ବୃକ୍ଷଲତାଙ୍କ ଏହି ଗୁରୁତ୍ୱପୂର୍ଣ୍ଣ ଭୂମିକା ଓ ମହତ୍ତ୍ୱକୁ ଉପଲବ୍ଧି କରିଥିବା ‘ମଦର ଅଫ୍ ଟ୍ରି’ ବା ‘ଗଛର ମାଆ’ ଭାବେ ପରିଚିତ ସାଲୁମାରାଦା ଥିମ୍ମାକା ସମଗ୍ର ବିଶ୍ୱ ପାଇଁ ଏକ ଆଦର୍ଶ। କର୍ଣ୍ଣାଟକର ଗ୍ରାମୀଣ ଜିଲ୍ଲାର ମାଗାଡ଼ି ତାଲୁକ ଅନ୍ତର୍ଗତ ହୁଲିକାଲ ନାମକ ଏକ ଗ୍ରାମରେ ସାଧାରଣ ପରିବାରରେ ଜନ୍ମଗ୍ରହଣ କରିଥିବା ଏହି ଅସାଧାରଣ ମହିଳା ପରିବେଶ ସୁରକ୍ଷା ନିମନ୍ତେ ଅତ୍ୟନ୍ତ ମୂଲ୍ୟବାନ ଅଂଶଦାନ କରିଛନ୍ତି। ସେ କୌଣସି ଆନୁଷ୍ଠାନିକ ଶିକ୍ଷା ପାଇ ନଥିଲେ। ବାଲ୍ୟକାଳରୁ ଘର ପାଖରେ ଏକ ପଥର ଖଣିରେ ଶ୍ରମିକ ଭାବରେ କାମ କରୁଥିଲେ। ତାଙ୍କର ବିବାହ ହୁଲିକାଲ ଗାଁର ଶ୍ରୀବିକ୍କାଲା ଚିକ୍କାୟାଙ୍କ ସହିତ ହୋଇଥିଲା। ବିବାହର ୨୫ ବର୍ଷ ପରେ ମଧ୍ୟ ସନ୍ତାନସନ୍ତତି ଜନ୍ମ ନ ହେବାରୁ ଦିନ କାଟିବା ପାଇଁ ଦମ୍ପତି ଗଛ ଲଗାଇବାକୁ ନିଷ୍ପତ୍ତି ନେଇଥିଲେ। ନିଃସନ୍ତାନ ଦମ୍ପତିଙ୍କ ଦୁଃଖ ଓ ନିଃସଙ୍ଗତା ଦୂର ଲକ୍ଷ୍ୟରୁ ଆରମ୍ଭ ହୋଇଥିବା ଏହି ପ୍ରୟାସ ପରବର୍ତ୍ତୀ ସମୟରେ ଏକ ଅସାଧାରଣ ଅଭିଯାନର ରୂପ ନେଇଥିଲା।

ଥିମ୍ମାକ୍କା ଓ ତାଙ୍କ ସ୍ୱାମୀ ରାସ୍ତା ପାର୍ଶ୍ୱରେ ଗଛ ଲଗାଇବାକୁ ନିଷ୍ପତ୍ତି ନେଇଥିଲେ ଏବଂ ପରବର୍ତ୍ତୀ ସମୟରେ ବୃକ୍ଷଶୂନ୍ୟ ଗ୍ରାମ କୁଦୁରକୁ ବାଛିଥିଲେ। ସେମାନେ ବର ଗଛରୁ ଚାରା କଲମୀ କରିବା ଆରମ୍ଭ କରିଥିଲେ। ପ୍ରଥମ ବର୍ଷ ୧୦ଟି ଚାରା କଲମୀ କରି ରାସ୍ତାରେ ୪ କିଲୋମିଟର ପର୍ଯ୍ୟନ୍ତ ରୋପଣ କରିଥିଲେ। ଦ୍ୱିତୀୟ ବର୍ଷରେ ୧୫ଟି ଏବଂ ତୃତୀୟ ବର୍ଷରେ ୨୦ଟି ଗଛ ଲଗାଇଥିଲେ। ଏହିକ୍ରମରେ ପ୍ରତି ବର୍ଷ ଚାରାରୋପଣ ସଂଖ୍ୟା ବୃଦ୍ଧି କରିଚାଲିଲେ। ସେମାନେ ଚାରା ଲଗାଇବା ସହିତ ସନ୍ତାନସନ୍ତତିଙ୍କ ପରି ସେଗୁଡ଼ିକର ଯତ୍ନ ମଧ୍ୟ ନେଲେ। ଚାରାଗୁଡ଼ିକ ବଡ଼ ଗଛରେ ପରିଣତ ହେବା ପରେ ସେମାନଙ୍କର ଅକ୍ଳାନ୍ତ ପରିଶ୍ରମ ଫଳ ଦେବା ଆରମ୍ଭ କରିଥିଲା। ଏହି ଦମ୍ପତି ପ୍ରାୟତଃ ବର୍ଷା ଋତୁରେ ଚାରା ରୋପଣ କରୁଥିଲେ। ଥିମ୍ମାକ୍କା ତାଙ୍କ ସ୍ୱାମୀଙ୍କ ସହିତ ମିଶି ୮, ୦୦୦ ରୁ ଅଧିକ ଗଛ ଲଗାଇ ଯତ୍ନ ନେବା ଫଳରେ ଏକ ବୃକ୍ଷଶୂନ୍ୟ ଜମି ସବୁଜ ପ୍ରାନ୍ତରେ ପରିଣତ ହୋଇଗଲା।



୧୯୯୧ ମସିହାରେ ସ୍ୱାମୀଙ୍କ ଦେହାନ୍ତ ପରେ ଥିମ୍ମାକ୍କା ଏକାକୀ ନିରନ୍ତର ଭାବରେ ତାଙ୍କର ଅଭିଯାନ ଜାରିଲେ। ସେ ଆଲା ମାରାଦା ଥିମ୍ମାକ୍କା ନାମରେ ମଧ୍ୟ ପରିଚିତ ଥିଲେ। ୩୮୫ ବର ଗଛ ସମେତ ୮୦୦୦ରୁ ଅଧିକ ଗଛ ଲଗାଇ ଯତ୍ନ ନେବାର ଉଲ୍ଲେଖନୀୟ ଅବଦାନ ପାଇଁ ତାଙ୍କୁ ‘ସାଲୁମାର୍ଦା ଥିମ୍ମାକ୍କା’ କୁହାଯାଉଥିଲା। କନ୍ନଡ ଭାଷାରେ ‘ସାଲୁମାର୍ଦା’ ଅର୍ଥ ଗଛର ଧାଡ଼ି। ରାସ୍ତାରେ ସେ ଓ ତାଙ୍କ ସ୍ୱାମୀଙ୍କୁ ସମ୍ମୁଖୀନ ହେବାକୁ ପଡ଼ିଥିବା ଅନେକ କଷ୍ଟ ସତ୍ତ୍ୱେ ଚାରା ରୋପଣ ଏବଂ ପରିବେଶ ସଂରକ୍ଷଣ ପ୍ରତି ତାଙ୍କର ଉତ୍ସର୍ଗକୁ ସମ୍ମାନ ଜଣାଇବା ପାଇଁ ତାଙ୍କୁ ଏହି ନାମ ଦିଆଯାଇଥିଲା।

ସାଲୁମାର୍ଦା ଥିମ୍ମାକ୍କା କେବଳ ଗଛ ଲଗାଇ ନଥିଲେ। ସେ ତାଙ୍କ ଗ୍ରାମର ବାର୍ଷିକ ମେଳା ପାଇଁ ବର୍ଷା ଜଳ ସଂରକ୍ଷଣ କରିବା ପାଇଁ ଏକ ଟାଙ୍କି ନିର୍ମାଣ ଭଳି ବିଭିନ୍ନ ସାମାଜିକ କାର୍ଯ୍ୟକଳାପରେ ସାମିଲ ହୋଇଥିଲେ। ତାଙ୍କର ଜୀବନର ସରଳ ଦର୍ଶନ ହେଉଛି ଯେ ଏହି ପୃଥିବୀର ପ୍ରତ୍ୟେକ ବ୍ୟକ୍ତି ମାନବତା ପାଇଁ କିଛି ସମ୍ପତ୍ତି ଛାଡ଼ିଯିବା ଉଚିତ। ତାଙ୍କର ଆର୍ଥିକ ଅବସ୍ଥା ସ୍ୱଚ୍ଛଳ ନଥିଲା। ବିଭିନ୍ନ ପୁରସ୍କାର ଓ ଅତ୍ୟଳ୍ପ ମାସିକ ପେନସନରୁ କୌଣସି ପ୍ରକାରେ ଜୀବିକା ନିର୍ବାହ କରୁଥିଲେ। କିନ୍ତୁ ଆର୍ଥିକ ଦୁରବସ୍ଥା କେବେବି ମାନବଜାତି ପାଇଁ ଭଲ କାମ କରିବାରେ ତାଙ୍କ ଆଗ୍ରହକୁ ଭାଙ୍ଗି ପାରି ନାହିଁ। ସାଲୁମାର୍ଦା ଥିମ୍ମାକ୍କା ଆଜି ପ୍ରତ୍ୟେକ ପରିବେଶବିତଙ୍କ ଆଦର୍ଶ। ସେ ବିଶ୍ୱକୁ ଦେଖାଇଛନ୍ତି ଯେ ଜଣେ ନିରକ୍ଷର ମହିଳା ତାଙ୍କ କଠିନ ପରିଶ୍ରମ ଏବଂ ଧୈର୍ଯ୍ୟ ବଳରେ ସମାଜରେ ଏକ ବିରାଟ ପରିବର୍ତ୍ତନ ଆଣିପାରନ୍ତି।

ଯଦିଓ ଥିମ୍ମାକ୍କା କୌଣସି ଆନୁଷ୍ଠାନିକ ଶିକ୍ଷା ପାଇ ନଥିଲେ, ତାଙ୍କ କାର୍ଯ୍ୟକୁ ଭାରତର ଜାତୀୟ ନାଗରିକ ପୁରସ୍କାରରେ ସମ୍ମାନିତ କରାଯାଇଛି। ଭାରତ ସରକାରଙ୍କ ଦ୍ୱାରା ସ୍ୱୀକୃତି ଦିଆଯାଇଛି ଏବଂ ତାଙ୍କୁ ୨୦୧୯ରେ ‘ପଦ୍ମଶ୍ରୀ’ରେ ସମ୍ମାନିତ କରାଯାଇଛି। ଆମେରିକାରେ ତାଙ୍କ ନାମରେ ‘ଥିମ୍ମାକ୍କାର ରିସୋର୍ସ ଫର୍ ଏନଭାର୍ନାମେଣ୍ଟାଲ୍ ଏଜୁକେସନ୍’ ନାମରେ ଏକ ପରିବେଶ ସଂଗଠନ ମଧ୍ୟ ଅଛି। ସେ ମଧ୍ୟ ବନମିତ୍ର, ନିସର୍ଗରତ୍ନ, ବୃକ୍ଷପ୍ରେମୀ ଓ ବୃକ୍ଷଶ୍ରୀ ଭଳି ଉପାଧିରେ ସମ୍ମାନିତ ହୋଇଛନ୍ତି। ପରିବେଶ ରକ୍ଷା ଦିଗରେ ତାଙ୍କର ଅବିଶ୍ରାନ୍ତ ପ୍ରୟାସ ପାଇଁ ତାଙ୍କୁ ଅନେକ ପୁରସ୍କାର ଏବଂ ପ୍ରଶଂସାପତ୍ରରେ ସମ୍ମାନିତ କରାଯାଇଛି।

୧୧୩ ବର୍ଷ ବୟସରେ ଆଜି ମଧ୍ୟ ସେ ଅଧିକ ଗଛ ଲଗାଇବାର ସ୍ୱପ୍ନକୁ ଦେଖି ତାହାକୁ ବାସ୍ତବତାରେ ରୂପାୟନ କରୁଛନ୍ତି। ଯୁଗରେ ଦ୍ରୁତଜଙ୍ଗଲ କ୍ଷୟ ଏବଂ ଜଳବାୟୁ ପରିବର୍ତ୍ତନ ପାଇଁ ଥିମ୍ମାକାଙ୍କ ବାର୍ତ୍ତା ଆଜି ବହୁ ଅଧିକ ପ୍ରାସଙ୍ଗିକ। ତାଙ୍କ କାହାଣୀ ଆମକୁ ଶିଖାଏ ‘ଗୋଟିଏ ମଣିଷ ମଧ୍ୟ ପରିବର୍ତ୍ତନ ଆଣିପାରେ। ଆଜି ଗଛ ଲଗାଇଲେ, ଆସନ୍ତା କାଲି ଉଜ୍ଜ୍ୱଳ ହେବ। ସମୁଦାୟ ଉଦ୍‌ଯୋଗ ଭୂଦୃଶ୍ୟର ପରିବର୍ତ୍ତନ କରିପାରେ।’

ଆମେ ଯଦି ସମସ୍ତେ ତାଙ୍କ ଉଦାହରଣକୁ ଅନୁସରଣ କରିବା ଆମ ଜଗତ ସତରେ କେତେ ସବୁଜ, ସୁନ୍ଦର, ଶ୍ୟାମଳ ହୋଇ ଗଢ଼ି ଉଠିବ। ପ୍ରକୃତି ସଂରକ୍ଷଣ ହେଉଛି ଆମର କର୍ତ୍ତବ୍ୟ। ଗଛ ଲଗାନ୍ତୁ, ପରିବେଶ ସୁରକ୍ଷିତ ରଖନ୍ତୁ। ଏକ ସବୁଜ ଓ ସୁସ୍ଥ ଭବିଷ୍ୟତ ପାଇଁ ଆଜିଠାରୁ ପଦକ୍ଷେପ ନିଅନ୍ତୁ। ସବୁଜ ଥିଲେ ସ୍ୱାସ୍ଥ୍ୟ ମିଳିବ, ପରିବେଶ ସୁନ୍ଦର ରହିବ। ଏକ ଗଛ ଏକ ପ୍ରାଣ, ଗଛ ବଞ୍ଚାଏ ଜୀବନ। ପ୍ରତି ଘରେ ଗଛ ହେଉ, ପୃଥିବୀ ସବୁଜ ହେଉ।

ଗୁରୁଗ୍ରାମ, ମୋ: ୭୯୭୮୦୮୨୮୩୪

## ଆମ ବୃକ୍ଷଲତା ଆମ ଜୀବନ

### ଅଗ୍ନିଶିଖା

### ପ୍ରକୃତି-ପରିବେଶ

ସୌଭାଗ୍ୟସୁନ୍ଦର

ଅଗ୍ନିଶିଖାକୁ ଓଡ଼ିଶାରେ ସାଧାରଣତଃ ଲଙ୍ଗଲଙ୍ଗଳିଆ, ଟାଙ୍ଗି ଫୁଲ, ଦଶହରା ଫୁଲ, ଶିବଲିଙ୍ଗି, ପାଞ୍ଚ ଆଙ୍ଗୁଳିଆ, ଗର୍ଭ ଘଟନ, ଖଣ୍ଡାଫୁଲ, ଡାଙ୍ଗଗହଣା ଭାବରେ ଜଣାଯାଏ। ଭାରତୀୟ ଉପମହାଦେଶ ଓ ଦକ୍ଷିଣପୂର୍ବ ଏସିଆର ମୂଳଜାତ ଏହି ସୁନ୍ଦର ତୃଣଜାତୀୟ ଆରୋହୀ ଉଦ୍ଭିଦ ଦକ୍ଷିଣ-କେନ୍ଦ୍ରୀୟ ଚୀନ୍ ଓ ଆଫ୍ରିକାର ଅଧିକାଂଶ ସ୍ଥାନ, ପୂର୍ବ ଅଷ୍ଟ୍ରେଲିଆ, ଆମେରିକାର ଆଲାବାମା, ସୁରିନାମ, କାରିବିଆନର କିଛି ଅଂଶ ଏବଂ ବିଭିନ୍ନ ପ୍ରଶାନ୍ତ ମହାସାଗରୀୟ ଦ୍ୱୀପପୁଞ୍ଜରେ ଦେଖିବାକୁ ମିଳେ। ଏହା ତାମିଲନାଡୁର ‘ରାଜ୍ୟ ଫୁଲ’। ଏହା ଜିମ୍ବାୱେର ମଧ୍ୟ ଜାତୀୟ ଫୁଲ। ୧୯୪୭ ମସିହାରେ ରାଣୀ ଏଲିଜାବେଥ(ଦ୍ୱିତୀୟ) ରୋଡେସିଆରେ (ବର୍ତ୍ତମାନ ଜିମ୍ବାୱେ) ଯାତ୍ରା କରିବା ସମୟରେ ତାଙ୍କର ଏକବିଂଶତମ ଜନ୍ମଦିନ ପାଳନ ପାଇଁ ଏହି ଫୁଲ ଆକୃତିର ଏକ ହୀରା ବ୍ରୁଚ୍ ତାଙ୍କୁ ଉପହାର ଦିଆଯାଇଥିଲା।

ପ୍ରାୟ ୬ ମିଟର ପର୍ଯ୍ୟନ୍ତ ବଢ଼ିପାରୁଥିବା ଏହି ବୃକ୍ଷର ପତ୍ରଗୁଡ଼ିକ ଡେଙ୍ଗ ବିହୀନ, ପ୍ରତ୍ୟେକ ଗଣ୍ଠିରୁ ଗୋଟିଏ ଲେଖାଏଁ ପତ୍ର ବିପରୀତ ଭାବରେ ସଜାଯାଇଥାଏ, ପତ୍ର ଅଗ୍ରରୁ ସରୁ ତାର ଭଳି ଡଙ୍କ ସୃଷ୍ଟି ହୋଇଥାଏ, ଯାହା ସାହାଯ୍ୟରେ ଏହା ଅନ୍ୟାନ୍ୟ ଗଛଲତା ଉପରେ ଆରୋହଣ କରେ। ୫ ରୁ ୭ ସେମି ପର୍ଯ୍ୟନ୍ତ ଲମ୍ବା ଛଅଟି ପାଖୁଡ଼ା ବିଶିଷ୍ଟ ଫୁଲଗୁଡ଼ିକ ପ୍ରଥମେ ସବୁଜ, ପରେ ହଳଦିଆ ଏବଂ ଶେଷରେ ଲାଲ ରଙ୍ଗର ହୋଇଥାଏ। ୬ ରୁ ୧୨ ସେମି ପର୍ଯ୍ୟନ୍ତ ଲମ୍ବ ଫଳଟି ଏକ ମାଂସଳ କ୍ୟାପସୁଲ୍, ଯେଉଁଥିରେ ଅନେକ ଲାଲ ରଙ୍ଗର ବିହନ ଥାଏ। ଗଛରେ ସେପ୍ଟେମ୍ବର - ଅକ୍ଟୋବର ମାସରେ ଫୁଲ ଫୁଟେ।

ଆୟୁର୍ବେଦରେ ଅଗ୍ନିଶିଖା ବହୁଳ ବ୍ୟବହୃତ ଔଷଧି, ଯାହା ମାଂସପେଶୀ ଯନ୍ତ୍ରଣା, ଗଣ୍ଠିବାତ, ସନ୍ଧି ପ୍ରଦାହ, କାନ ଓ ଚର୍ମ ରୋଗ, କୋଲିକ୍, ଦୀର୍ଘକାଳୀନ ଅଲସର, ପାଇଲ୍ସ, ଗନୋରିଆ, ଶ୍ୱାସରୋଗ, ଉକୁଣୀ, କୁଷ୍ଠ, ଆଘାତ, ଅର୍ଶ, କୃମି, କର୍କଟ, ନପୁଂସକତା, ଯୌନ ସଂକ୍ରମିତ ରୋଗ ଉପଶମ ପାଇଁ ବ୍ୟବହାର କରାଯାଏ। ଏହାର ରାଇଜୋମଗୁଡ଼ିକୁ ଏକ ଟନିକ୍, ସାମୟିକ-ପ୍ରତିରୋଧୀ, କୃମି-ପ୍ରତିରୋଧୀ ଏବଂ ସାପ କାମୁଡ଼ା ଏବଂ ବିଛା ଦଂଶନ ଚିକିତ୍ସା, ପ୍ରସବ ଯନ୍ତ୍ରଣାକୁ ପ୍ରୋତ୍ସାହିତ କରିବା ସହିତ ଗର୍ଭପାତ ପାଇଁ ବ୍ୟବହାର କରାଯାଏ। ଉଦ୍ଭିଦର ଔଷଧୀୟ ଗୁଣ ମୁଖ୍ୟତଃ କୋଲଚିସିନ୍ ଓ ଗ୍ଲୋରିଓସିନ୍ ଆଲକାଲଏଡ୍ ଉପସ୍ଥିତି ଯୋଗୁଁ ହୋଇଥାଏ।

ବିହନରେ କୋଲଚିସିନ୍ ବ୍ୟତୀତ ଆଇସୋପରଲୋଲିରିନ୍ ଓ ସମ୍ପର୍କିତ ଟ୍ରୋପୋଲେନ୍ ଆଲକାଲଏଡ୍, ଶୃଙ୍ଖଳା ରାଇଜୋମ୍ରେ- ସିଟୋଷ୍ଟେରୋଲ୍, ଗ୍ଲୁକୋସାଇଡ୍, ୨-ହାଇଡ୍ରୋକ୍ସି, ୬-ମେଥୋକ୍ସି ବେଞ୍ଜୋଇକ୍ ଏସିଡ୍ ଥାଏ। ଉଦ୍ଭିଦର ପ୍ରତ୍ୟେକ ଅଂଶ ବିଷାକ୍ତ। କନ୍ଦକୁ ମିଠା ଆଳୁ କିମ୍ବା କନ୍ଦମୂଳ ଭାବି ଭୁଲ୍‌ବଶତଃ ଖାଇଲେ କିମ୍ବା ଏହା ପ୍ରତ୍ୟକ୍ଷ ପେଟକୁ ଗଲେ ମଣିଷ ଓ ପଶୁଙ୍କ ପ୍ରାଣହାନି ଘଟିପାରେ। ପାର୍ଶ୍ୱ ପ୍ରଭାବରେ ବାନ୍ତି, ପାଟି ଚାରିପାଖରେ ଝିମ୍ଝିମ୍, ଗଳାରେ ଜଳାପୋଡ଼ା, ପେଟ ଯନ୍ତ୍ରଣା ଏବଂ ରକ୍ତାକ୍ତ ଡାଇରିଆ, ଚର୍ମ ଛଡ଼ାଇ ଦେବା ଏବଂ ମହିଳାମାନଙ୍କ ଦୀର୍ଘକାଳୀନ ଯୋନି ରକ୍ତସ୍ରାବ ହୋଇପାରେ। ତେଣୁ ନାଇଜେରିଆରେ ତୀରରେ ବିଷ ଏବଂ ଭାରତରେ ସାପ ପାଇଁ ବିଷ ଦେବାରେ ଏହା ବ୍ୟବହାର କରାଯାଏ। ତେଣୁ ଆୟୁର୍ବେଦ ଶାସ୍ତ୍ର ଅନୁଯାୟୀ ଏହାର ଅନୁପାନ ବାଞ୍ଛନୀୟ।

ସାଧାରଣତଃ, ଏହି ଗଛ ଜଙ୍ଗଲରେ ପ୍ରାକୃତିକ ଭାବରେ ବଢ଼ିଥାଏ। ଔଷଧୀୟ ବ୍ୟବହାର ପାଇଁ ଏହାର ବହୁତ ଚାହିଦା ଅଛି। ତେଣୁ ଏହାକୁ ଭାରତରେ ଫାର୍ମଗୁଡ଼ିକରେ ଚାଷ କରାଯାଏ। କିନ୍ତୁ ଔଷଧ ବାଣିଜ୍ୟରେ ବିକ୍ରି ହେଉଥିବା ଅଧିକାଂଶ ଉଦ୍ଭିଦ ସାମଗ୍ରୀ ଜଙ୍ଗଲୀ ପରିସଂସ୍ଥାରୁ ଆସିଥାଏ। ଫୁଲଗୁଡ଼ିକ ଧାର୍ମିକ ରୀତିନୀତିର ଏକ ଅଂଶ। ଓଡ଼ିଶାରେ ଏହା ବିଲୁପ୍ତ ହେବାକୁ ଯାଉଛି ଏବଂ ଶ୍ରୀଲଙ୍କାରେ ଏହା ବିରଳ ହୋଇଯାଇଛି। ଅନ୍ୟପକ୍ଷରେ ଏହା ଅଷ୍ଟ୍ରେଲିଆ, ସିଙ୍ଗାପୁର ଏବଂ ଅନ୍ୟ କିଛି ଦେଶରେ ଏକ ଆକ୍ରମଣାତ୍ମକ ଜାତୀୟ ଲତା ବୋଲି କୁହାଯାଉଛି। ପ୍ରାକୃତିକ ସଂରକ୍ଷଣ ପାଇଁ ଆନ୍ତର୍ଜାତିକ ସଂଘ ଏହି ଲତାକୁ ଲାଲ୍ କିତାବରେ ସଙ୍କଟାପନ୍ନ ଉଦ୍ଭିଦ ବର୍ଗରେ ସ୍ଥାନିତ କରିଥିବା ଜଣାଯାଏ।

ଭୁବନେଶ୍ୱର, ମୋ: ୯୪୩୭୧୯୦୪୭୦

ସକାଳ THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ ‘ସକାଳ’ ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ ‘ସକାଳ’ କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

**+୩ ଦ୍ୱିତୀୟ ରାଉଣ୍ଡ ମେଧା ତାଲିକା**

## ନାମଲେଖା ପାଇଁ ୪୫,୫୦୨ ଚୟନ

ଭୁବନେଶ୍ୱର,୨୨।୬(ସମିସ): ପ୍ରଥମ ପର୍ଯ୍ୟାୟ +୩ ନାମଲେଖା ପାଇଁ ଦ୍ୱିତୀୟ ରାଉଣ୍ଡ ମେଧା ତାଲିକା ରବିବାର ପ୍ରକାଶ ପାଇଛି। ସମୁଦାୟ ୪୫,୫୦୨ ପିଲା ନାମଲେଖା ପାଇଁ ଚୟନ ହୋଇଛନ୍ତି। ତନ୍ମଧ୍ୟରେ ୨୦,୦୩୧ ଛାତ୍ର ଥିବା

- ପ୍ରଥମ ରାଉଣ୍ଡରେ ଦୂରେଇ ରହିଲେ ୪୩,୮୪୪
- ଖାଲି ପଡ଼ିବ ୫୪ ହଜାର ସିଟ୍

ବେଳେ ୨୫,୪୭୮ ଛାତ୍ରୀ ଓ ୩ଜଣ ତୃତୀୟ ଲିଙ୍ଗୀ ରହିଛନ୍ତି। ବଡ଼ କଥା ହେଲା, ୪୩,୮୪୪ଜଣ ଚୟନ ହୋଇଥିଲେ ମଧ୍ୟ ନାମଲେଖା ପ୍ରକ୍ରିୟାରେ ଆଦୌ ସାମିଲ ହୋଇନାହାନ୍ତି। ଫଳରେ ଅବଶିଷ୍ଟ ପ୍ରକ୍ରିୟାରୁ ସେମାନେ ବାଦ୍ ପଡ଼ିଛନ୍ତି। ପ୍ରଥମ ରାଉଣ୍ଡରେ ୭୯,୭୫୨ଜଣ ନାମ ଲେଖାଇଥିବା ବେଳେ ୫୨,୧୨୭ ଜଣ ସ୍ଲାଇଡ୍ ଅପସନ୍ ଦେଇଥିଲେ। ସମୁଦାୟ ୧,୭୫,୭୨୨ ଜଣଙ୍କୁ ନାମଲେଖା ପାଇଁ ଚୟନ କରାଯାଇଥିବାରୁ ପ୍ରାୟ ୪୪ ହଜାର ସିଟ୍ ଖାଲି ପଡ଼ିବା ସୁନିଶ୍ଚିତ ହୋଇଛି। ପ୍ରାୟ ୧୦ ହଜାର ପିଲା କମ୍ ଆବେଦନ କରିଥିବାରୁ ୫୪ ହଜାର ସିଟ୍ ଖାଲି ପଡ଼ିବ।

ଏହି ରାଉଣ୍ଡରେ ଚୟନ ହୋଇଥିବା ପିଲାମାନେ ୨୫ତାରିଖ ମଧ୍ୟରେ ନାମଲେଖାଇ ପାରିବେ। ଜୁଲାଇ ୧ରେ ତୃତୀୟ ରାଉଣ୍ଡ ମେଧା ତାଲିକା ପ୍ରକାଶ ପାଇବ ଓ ୪ ତାରିଖ ମଧ୍ୟରେ ନାମଲେଖା ହେବ। ଏହାପରେ ସ୍ପୋଟ୍ ଭିତ୍ତିକ ରାଉଣ୍ଡ ପାଇଁ ଜୁଲାଇ ୭ରୁ ୧୦ତାରିଖ ମଧ୍ୟରେ ଆବେଦନ ହେବ। ୧୨ତାରିଖରେ ଇ-ସ୍ପେସ୍‌ରେ ଓ ୧୩ ତାରିଖରେ ଚୟନ ହୋଇଥିବା ଶିକ୍ଷାନୁଷ୍ଠାନର ନୋଟିସ୍ ବୋର୍ଡରେ ମେଧା ତାଲିକା ପ୍ରକାଶ ପାଇବ। ୧୫ ତାରିଖରେ ନାମଲେଖା ହେବ। +୨ ଇନ୍‌ଷ୍ଟାଣ୍ଟ ଓ ସପ୍ଲିମେଣ୍ଟାରୀ ପରୀକ୍ଷା ଫଳ ବାହାରିବା ପରେ ଦ୍ୱିତୀୟ ପର୍ଯ୍ୟାୟ ନାମଲେଖା ପାଇଁ ପ୍ରକ୍ରିୟା ଆରମ୍ଭ ହେବ।

ଅପରପକ୍ଷେ, ପୂର୍ବରୁ ଦିନ ୧୧ଟାରେ ମେଧା ତାଲିକା ପ୍ରକାଶ କରିବାକୁ ବିଜ୍ଞପ୍ତିରେ ଦର୍ଶାଯାଇଥିଲେ ମଧ୍ୟ ବିଭାଗ ବିଫଳ ହୋଇଛି। ସନ୍ଧ୍ୟା ୭ଟାରେ ମେଧା ତାଲିକା ପ୍ରକାଶ ପାଇଥିବାରୁ ନାମଲେଖା ପାଇଁ ପ୍ରକ୍ରିୟା ସାମାନ୍ୟ ବିଳମ୍ବ ହୋଇଛି। ବିଳମ୍ବର କାରଣ ସମ୍ପର୍କରେ ବୈଷୟିକ କାର୍ଯ୍ୟ କରୁଥିବା ଫାର୍ମର ଜଣେ କର୍ମଚାରୀ କହିଛନ୍ତି ଯେ ପୂର୍ବ ସୂଚୀରେ ପରିବର୍ତ୍ତନ କରି ନାମଲେଖା ପାଇଁ ଦୁଇଦିନ ଅତିରିକ୍ତ ସମୟ ଦିଆଯାଇଥିଲା। ଶନିବାର ଅପରାହ୍ନ ୩ଟାରେ ନାମଲେଖା ଅବଧି ସରିବା ପରେ ରାତିଦିନ କାମ କରିଛନ୍ତି। ଆଗକୁ ପ୍ରକ୍ରିୟା ମଧ୍ୟରେ ପରିବର୍ତ୍ତନ କରାଗଲେ ବିଳମ୍ବ ହୋଇପାରେ ଏବଂ ସମ୍ପୂର୍ଣ୍ଣ ପ୍ରକ୍ରିୟା ନିର୍ଭୁଲ୍ ହେବା ନେଇ ମଧ୍ୟ ସେ ଆଶଙ୍କା ପ୍ରକାଶ କରିଛନ୍ତି।

**ବାହାରୁନି ଉଚ୍ଚଶିକ୍ଷା ବିଭାଗ ଏଚ୍‌ପିସି ପ୍ରୋସିଡିଂ**

## ନୂତନ ଶିକ୍ଷାନୁଷ୍ଠାନ ଖୋଲିବାକୁ ଡିଲ୍!

ଭୁବନେଶ୍ୱର,୨୨।୬(ସମିସ): ଉଚ୍ଚଶିକ୍ଷା ବିଭାଗର ଉଚ୍ଚକ୍ଷମତା ସମ୍ପନ୍ନ କମିଟି (ଏଚ୍‌ପିସି) ବୈଠକ ଗତ ୧୧ତାରିଖରେ ଅନୁଷ୍ଠିତ ହୋଇଛି। ନୂତନ ଉଚ୍ଚଶିକ୍ଷାନୁଷ୍ଠାନ ଖୋଲିବା ପାଇଁ ହୋଇଥିବା ସମସ୍ତ ଆବେଦନ ଉପରେ ଆଲୋଚନା ହୋଇଛି। ସାଧାରଣ ପାଠ୍ୟକ୍ରମ ସହ ଏମ୍‌ବିଏ, ଏମ୍‌ସିଏ ପାଠ୍ୟକ୍ରମ ପାଇଁ ଅନୁମତି ଦେବା ସମ୍ପର୍କରେ ବିଚାରବିମର୍ଷ ହୋଇଛି। ହେଲେ ବୈଠକକୁ ୧୨ଦିନ ଅତିକ୍ରମ କରିଥିଲେ ମଧ୍ୟ ଏହାର ଚୂଡ଼ାନ୍ତ ନିଷ୍ପତ୍ତି (ପ୍ରୋସିଡିଂସ୍) ବାହାରିନାହିଁ। ଚୂଡ଼ାନ୍ତ ନିଷ୍ପତ୍ତି ନ ବାହାରିବା ପଛରେ ଯେଉଁ କାରଣଟି କୁହାଯାଉଛି, ତାହା ଅତ୍ୟନ୍ତ ସାଂଘାତିକ। ଏବେ କିଛି ନିର୍ଦ୍ଦିଷ୍ଟ ଶିକ୍ଷାନୁଷ୍ଠାନ ନୂତନ ପାଠ୍ୟକ୍ରମ ଖୋଲିବା ପାଇଁ ଆଗ୍ରହୀ ଥିବାରୁ ଶିକ୍ଷା ବିଭାଗ ସହ ସେମାନଙ୍କ ଡିଲ୍ ଚୂଡ଼ାନ୍ତ ହୋଇ ପାରୁନାହିଁ। ଯାହା ଫଳରେ ସମସ୍ୟା ସୃଷ୍ଟି ହୋଇଛି ବୋଲି କୁହାଯାଉଛି।

ପୂର୍ବରୁ ଏଚ୍‌ପିସି ବୈଠକ ସରିବାର ଅଳ୍ପ ଦିନ ମଧ୍ୟରେ ନିଷ୍ପତ୍ତି ସମ୍ପର୍କରେ ପ୍ରୋସିଡିଂସ୍ ପ୍ରକାଶ ପାଉଥାଏ। ନୂତନ ଶିକ୍ଷାନୁଷ୍ଠାନ ପାଇଁ ହୋଇଥିବା ସମସ୍ତ ଆବେଦନକାରୀଙ୍କ ତଥ୍ୟ ସଦସ୍ୟମାନଙ୍କ ପାଖରେ ଥାଏ। ବିଭିନ୍ନ ଦିଗକୁ ଯାଞ୍ଚ କରିବା ପରେ ଅନୁମୋଦନ କିମ୍ବା ନାକଚ ସମ୍ପର୍କରେ ନିଷ୍ପତ୍ତି ହୋଇଥାଏ। ବୈଠକରେ ଅଧ୍ୟକ୍ଷତା କରୁଥିବା ଅଧିକାରୀଙ୍କ ଅନୁମୋଦନ ପରେ ବିଜ୍ଞପ୍ତି ପ୍ରକାଶ ପାଏ। କେବେ ପ୍ରୋସିଡିଂ ପ୍ରକାଶ କରାଯିବ ସେନେଇ ନିର୍ଦ୍ଦିଷ୍ଟ ନିୟମ ନ ଥିବାବେଳେ ଅତିବେଶୀରେ ସପ୍ତାହେ ମଧ୍ୟରେ ବାହାରିବା କଥା। ହେଲେ ଚଳିତଥର ୧୨ଦିନ ବିତିଥିଲେ ମଧ୍ୟ ପ୍ରୋସିଡିଂ ପ୍ରକାଶ ପାଇନଥିବାରୁ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

ଅପରପକ୍ଷରେ ନୂତନ ଶିକ୍ଷାନୁଷ୍ଠାନ ପାଇଁ ଆବେଦନ କରିଥିବା ଜଣେ ଆବେଦନକାରୀ ନିଜ ନାମ ଗୋପନ ରଖିବା ସର୍ତ୍ତରେ କହିଛନ୍ତି ଯେ ସେମାନେ ନୂତନ ଶିକ୍ଷାନୁଷ୍ଠାନ ପାଇଁ ସମସ୍ତ ପ୍ରକାର ମାନଦଣ୍ଡ ପୂରଣ କରୁଛନ୍ତି। ହେଲେ ଅନୁମତି ସୁନିଶ୍ଚିତ କରିବା ପାଇଁ ୟୁନିଟ୍-୬ ଅଞ୍ଚଳରେ ରହୁଥିବା ଜଣେ ନିର୍ଦ୍ଦିଷ୍ଟ ଅଧିକାରୀଙ୍କୁ ସାକ୍ଷାତ କରିବାକୁ କୁହାଯାଉଛି। ଉଚ୍ଚଶିକ୍ଷା ବିଭାଗର ବରିଷ୍ଠ ଅଧିକାରୀଗଣଙ୍କ ଆବେଦନରେ ବିଭିନ୍ନ ତ୍ରୁଟି ରହିଥିବା ଦର୍ଶାଇବା ସହ ଅନୁମତି ପାଇଁ ପରୋକ୍ଷ ଭାବେ ଅର୍ଥ ଦାବି କରୁଛନ୍ତି। ଏପରିକି ସେ ଅଗ୍ରୀମ ମଧ୍ୟ ଦେଇସାରିଛନ୍ତି। ଏଚ୍‌ପିସି ନିଷ୍ପତ୍ତିକୁ ବିଳମ୍ବ କରି ଅର୍ଥ ଆଦାୟ କରିବାକୁ ଏହା ଏକ ନୂଆ ବ୍ୟବସ୍ଥା ବୋଲି ମଧ୍ୟ ସେ ଅଭିହିତ କରିଛନ୍ତି। ଅପରପକ୍ଷରେ ଆବେଦନକାରୀଙ୍କ ଡିମାଣ୍ଡ ସନେଡ ଭିତ୍ତିରେ ଯାଞ୍ଚ କରିବାକୁ ଏକ ସବ୍-କମିଟି ଗଠନ କରାଯାଇଛି। ତାଙ୍କ ରିପୋର୍ଟ ଆଧାରରେ ନିଷ୍ପତ୍ତି ନିଆଯିବ। ଏଣୁ ପ୍ରୋସିଡିଂ ପ୍ରକାଶରେ ବିଳମ୍ବ ହେଉଥିବା ଜଣେ ବିଭାଗୀୟ ଅଧିକାରୀ କହିଛନ୍ତି।

## ବ୍ୟବସାୟୀଙ୍କୁ ଗୁଳିମାଡ଼ ଘଟଣା: ଡିଆଇଜିଙ୍କ ତନାଘନା

ଭଦ୍ରକ, ୨୨।୬(ସମିସ): ଭଦ୍ରକ ସହରର ଚରମ୍ପାଠାରେ ହୋଇଥିବା ଗୁଳିକାଣ୍ଡ ଘଟଣା ପରେ ପୁଲିସର ତନାଘନା ଆରମ୍ଭ ହୋଇଛି। ପୂର୍ବାଞ୍ଚଳ ଡିଆଇଜି ଓ ଏସ୍‌ପି ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ପ୍ରକ୍ରିୟା ଯାଞ୍ଚ କରିଛନ୍ତି। ଶନିବାର ଚରମ୍ପା ଛକ ନିକଟରୁ କିଛି ଦୂରରେ ବ୍ୟବସାୟୀ ବିଦ୍ୟାଧର ପାତ୍ରଙ୍କୁ କେତେକ ଦୁର୍ବୃତ୍ତ ଦୁଇରାଉଣ୍ଡ ଗୁଳି ଚଳାଇଥିଲେ। ପରେ ସ୍ଥାନୀୟ ଲୋକେ ବିଦ୍ୟାଧରଙ୍କୁ ଗୁରୁତର ଭାବେ ପ୍ରଥମେ ଭଦ୍ରକ ମେଡିକାଲ ଓ ପରେ କଟକ ମେଡିକାଲକୁ ସ୍ଥାନାନ୍ତର କରିଥିଲେ। ବିଦ୍ୟାଧରଙ୍କ ଦେହରୁ ଅପରେସନ ପରେ ଗୁଳି ବାହାର କରାଯାଇଛି ବୋଲି ସୂଚନା ମିଳିଛି। ତେବେ ଘଟଣା ପରେ ପୂର୍ବାଞ୍ଚଳ ଡିଆଇଜି ଡ. ସତ୍ୟଜିତ ନାୟକ, ଭଦ୍ରକ ଏସ୍‌ପି ମନୋଜ କୁମାର ରାଉତଙ୍କ ସହ ଅନ୍ୟ ଅଧିକାରୀମାନେ ଗୁଳିକାଣ୍ଡ ହୋଇଥିବା



ସ୍ଥାନକୁ ଯାଇ ତଦନ୍ତ କରିଛନ୍ତି। ବିଦ୍ୟାଧରଙ୍କ ପରିବାର ଲୋକଙ୍କ ସହ ଆଲୋଚନା କରିଛନ୍ତି ଡିଆଇଜି। ଏପର୍ଯ୍ୟନ୍ତ ଗୁଳିକାଣ୍ଡର କାରଣ ଅସ୍ପଷ୍ଟ ହୋଇଥିବା ବେଳେ ସିସିଟିଭି ଯାଞ୍ଚ ସହ ବିଭିନ୍ନ ସ୍ଥାନରେ ବ୍ଲକିଂ ଓ ଚଢ଼ଉ ଚାଲିଥିବା କହିଛନ୍ତି ଡିଆଇଜି। ଘଟଣା ପରେ ପୁଲିସ ତଦନ୍ତ ଆରମ୍ଭ କରିଥିବା ବେଳେ ଖୁବ୍‌ଶୀଘ୍ର ଅପରାଧୀଙ୍କୁ ପୁଲିସ ଧରିବ ବୋଲି କହିଛନ୍ତି। ଉଲ୍ଲେଖଯୋଗ୍ୟ ଯେ, ଭଦ୍ରକ ସହରର ଚରମ୍ପା ଛକ ନିକଟରେ ବ୍ୟବସାୟୀଙ୍କୁ ଗୁଳିମାଡ ହୋଇଥିଲା। ଗୁଳିମାଡର ଶିକାର ହୋଇଥିଲେ ଭଦ୍ରକ ଗ୍ରାମାଞ୍ଚଳ ଥାନା ବେଳାମଳା ଗ୍ରାମର ବିଦ୍ୟାଧର ପାତ୍ର। ଚରମ୍ପା ସ୍ଥିତ ନିଜ ଦୋକାନ ବନ୍ଦ କରି ଘରକୁ ଯାଉଥିବା ସମୟରେ କେତେକ ଦୁର୍ବୃତ୍ତ ଆସି ଗୁଳି ଫୁଟାଇଥିଲେ। ଲୁଟ୍ ଉଦ୍ଦେଶ୍ୟରେ ବିଦ୍ୟାଧରଙ୍କୁ ଗୁଳି ମାଡ଼ କରାଯାଇଥିବା ସନ୍ଦେହ କରାଯାଉଥିଲା। ପରେ ଗୁଳି ଶବ୍ଦ ଶୁଣି ସ୍ଥାନୀୟ ଲୋକେ ଦୌଡ଼ି ଆସିଥିଲେ। ଦୁର୍ବୃତ୍ତ ମାନେ ଘଟଣାସ୍ଥଳରୁ ଚମ୍ପଟ ମାରିଥିଲେ। ପ୍ରତ୍ୟକ୍ଷଦର୍ଶୀଙ୍କ ଅନୁଯାୟୀ ଦୁଇ ରାଉଣ୍ଡ ଗୁଳି ଫୁଟିଥିଲା। ବାଇକରେ ଯାଉଥିବା ବିଦ୍ୟାଧର ରାସ୍ତାରେ ଟଳି ପଡ଼ିଥିଲେ। ତାଙ୍କୁ ଉଦ୍ଧାର କରି ଭଦ୍ରକ ମେଡିକାଲରେ ଭର୍ତ୍ତି କରାଯାଇଥିଲା। ପରେ ଗୁରୁତର ଭାବେ କଟକ ମେଡିକାଲକୁ ସ୍ଥାନାନ୍ତର କରାଯାଇଥିଲା।

## ଅନ୍‌ଲାଇନ୍ ଟ୍ରେଡିଂ ଆଳରେ ୧୯ ଲକ୍ଷର ଚୂନ

ବାରିପଦା, ୨୨।୬ (ସମିସ): ବାରିପଦା ମଧୁବନ ଅଞ୍ଚଳର ଜଣେ ଯୁବକଙ୍କୁ ସାଇବର୍ ଠକ ୧୯ ଲକ୍ଷ ଟଙ୍କାର ଚୂନ ମାରିଛନ୍ତି। ଠକେଇର ଶିକାର ହୋଇଥିବା ଯୁବକଜଣଙ୍କ ହେଲେ, ଶିବେନ୍ଦୁ ସୁରଜିତ ଜେନା। ଏ ସଂପର୍କରେ ସେ ସାଇବର ଓ ଅର୍ଥନୈତିକ ଅପରାଧ ଥାନାରେ ଅଭିଯୋଗ କରିଛନ୍ତି। ଅଭିଯୋଗ ଅନୁଯାୟୀ, ତାଙ୍କୁ ଏକ ଅଜଣା ନମ୍ବରରୁ ଫୋନ୍ ଆସିଥିଲା। ଘରେ ବସି ଅନ୍‌ଲାଇନ ଜରିଆରେ କାମ କରିବାକୁ ତାଙ୍କୁ ଠକମାନେ ପ୍ରବର୍ତ୍ତାଇଥିଲେ। ଏଥିପାଇଁ ମୋଟା ଅଙ୍କର ଟଙ୍କା ମିଳିବ ବୋଲି ପ୍ରଲୋଭନ ମଧ୍ୟ ଦେଖାଇଥିଲେ। ଅଧିକ ଅର୍ଥ ଉପାର୍ଜନ ଆଶାରେ ସୁରଜିତ୍ ସେମାନଙ୍କ କଥାରେ ରାଜି ହୋଇ କାମ ଆରମ୍ଭ କରିଥିଲେ। ତାଙ୍କ ବିଶ୍ୱାସ ଜିତିବା ପାଇଁ ଠକ ପ୍ରଥମେ ପ୍ରଥମେ ତାଙ୍କୁ ଟଙ୍କା ପ୍ରଦାନ କରିଥିଲେ। ପରେ ତାଙ୍କ ରୋଜଗାର ଟଙ୍କାକୁ ଅନ୍‌ଲାଇନ୍ ଟ୍ରେଡିଂରେ ବିନିଯୋଗ କରିବାକୁ ଠକ ପ୍ରବର୍ତ୍ତାଇଥିଲେ। ଠକଙ୍କ କହିବା ମୁତାବକ ସେ ଅନ୍‌ଲାଇନ୍ ଟ୍ରେଡିଂରେ ଟଙ୍କା ବିନିଯୋଗ କରିବା ଆରମ୍ଭ କରିଥିଲେ। ବିଭିନ୍ନ ପର୍ଯ୍ୟାୟରେ ସୁରଜିତ୍ ସମୁଦାୟ ୧୯,୯୭,୦୭୩ ଟଙ୍କା ବିନିଯୋଗ କରିବା ପରେ ଠକମାନେ ଆଉ ଧରାଛୁଆଁ ଦେଇନଥିଲେ। ସୁରଜିତ୍ ବାରମ୍ବାର ଯୋଗାଯୋଗ କରିଥିଲେ ହେଁ ସଫଳ ହୋଇନଥିଲେ। ତେଣୁ ଠକେଇର ଶିକାର ହୋଇଥିବା ଜାଣିବା ପରେ ଏନେଇ ସେ ଥାନାର ଦ୍ୱାରସ୍ଥ ହୋଇଥିଲେ।

## ଯୁବତୀଙ୍କ ଭିଡିଓ ଭାଇରାଲ

ବାରିପଦା,୨୨।୬(ସମିସ): ଜଣେ ଯୁବତୀଙ୍କ ଆପତ୍ତିଜନକ ଭିଡିଓ ଭାଇରାଲ କରିବାକୁ ନେଇ ଭଞ୍ଜପୁର ଥାନାରେ ଅଭିଯୋଗ ହୋଇଛି। ପରିବାରଲୋକଙ୍କ ଅଭିଯୋଗ ପରେ ମଧ୍ୟ କାର୍ଯ୍ୟାନୁଷ୍ଠାନ ନହେବାରୁ ପୁନଃ ଅଭିଯୋଗ କରିଛନ୍ତି। ଅଭିଯୋଗ ଅନୁଯାୟୀ, ଜଣେ ଯୁବକ ତାଙ୍କ ଝିଅର ଭିଡିଓ ମୋବାଇଲରେ ଉତ୍ତୋଳନ କରି ସୋସିଆଲ ମିଡିଆରେ ଭାଇରାଲ କରିଛି। ଅଭିଯୋଗକ୍ରମେ ପୁଲିସ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିଲେ ସୁଦ୍ଧା ଅଭିଯୁକ୍ତ ଗିରଫ ହୋଇନାହିଁ। ଫଳରେ ଯୁବତୀ ଓ ତାଙ୍କ ପରିବାରକୁ ନାନାଦି ଅପବାଦ ଶୁଣିବାକୁ ପଡୁଛି ବୋଲି ଅଭିଯୋଗ କରିଛନ୍ତି।

**ଗୋ-ଦାନ ପାଇଁ ଝିଅ ଘରକୁ ଯିବାବେଳେ ଆକ୍ରମଣ**

## ଲଣ୍ଡା କରି ଘାସ ଖୁଆଇଲେ, ନର୍ଦ୍ଦମା ପାଣି ବି ପିଆଇଲେ

■ ଧରାକୋଟ, ୨୨।୬ (ସମିସ): ମୁଖ୍ୟମନ୍ତ୍ରୀଙ୍କ ଗଞ୍ଜାମ ଜିଲ୍ଲା ଗସ୍ତ ପୂର୍ବରୁ ଅଭାବନୀୟ ଦୃଶ୍ୟ ଦେଖିବାକୁ ମିଳିଛି। ଗୋ-ଚାଲାଣ ସନ୍ଦେହରେ ୨ ଜଣଙ୍କୁ ଅଧାଲଣ୍ଡା କରି ଘାସ ଖୁଆଇବା ଏବଂ ଆଣ୍ଠେଇ ଆଣ୍ଠେଇ ଚଲେଇବା ସହ ନର୍ଦ୍ଦମା ପାଣି ପିଆଇବା ଘଟଣା ରାଜ୍ୟର ଆଇନଶୃଙ୍ଖଳା ସ୍ଥିତି ଉପରକୁ ଅଙ୍ଗୁଳି ନିର୍ଦ୍ଦେଶ କରିଛି। ଝିଅକୁ ଦେବାପାଇଁ ଗାଈ ନେଇ ଯାଉଥିବା ଦୁଇ ଦଳିତ ବ୍ୟକ୍ତିଙ୍କୁ କଙ୍ଗାରୁ କୋର୍ଟ ବସାଇ ଅଧା ଲଣ୍ଡା କରି ଗାଁ ଦାଣ୍ଡରେ ଆଣ୍ଠେଇ ଆଣ୍ଠେଇ ପ୍ରାୟ ୨ କିଲୋମିଟର ନେବା ସହ ନର୍ଦ୍ଦମା ପାଣି ପିଆଇଛନ୍ତି ଲୋକେ। ଏମିତି ଏକ ଅମାନବୀୟ ଘଟଣା ଦେଖିବାକୁ ମିଳିଛି ଗଞ୍ଜାମ ଜିଲ୍ଲା ଧରାକୋଟ ଥାନା ଅନ୍ତର୍ଗତ ଖାରିଗୁମ୍ମା ଗ୍ରାମ ରାଜରାସ୍ତାରେ। ଏହି ଦୁଇ ବ୍ୟକ୍ତି ହେଲେ ଧରାକୋଟ ବ୍ଲକର ସିଙ୍ଗିପୁର ଗ୍ରାମର ବୁଲୁ ନାୟକ ଓ ବାବୁଲା ନାୟକ।



ସୂଚନା ଅନୁଯାୟୀ, ଝିଅକୁ ଯୌତୁକ ଦେବା ପାଇଁ ବୁଲୁ ଓ ବାବୁଲା ହରିପୁରରୁ ତିନୋଟି ଗାଈ ଧରି ସିଙ୍ଗିପୁର ଯିବାବେଳେ ଖାରିଗୁମ୍ମାଠାରେ ତାଙ୍କୁ କିଛି ଲୋକ ଅଟକାଇବା ସହ ଗୋ-ଚାଲାଣ କରୁଥିବା କହି ପଇସା ମାଗିଥିଲେ। ପଇସା ନ ଦେବାରୁ ସେମାନେ ଦୁହିଁଙ୍କୁ ମାଡ଼ ମାରିବା ସହ ସେଲୁନକୁ ଟେକିନେଇ ଅଧା ଲଣ୍ଡା କରି ଖାରିଗୁମ୍ମାଠାରୁ ଖାଲି ପାଦରେ ଚଲାଇ ଚଲାଇ ଜାହାଡା ଯାଏଁ ଆଣିଥିଲେ। ପାଖାପାଖି ଦୁଇ କିଲୋମିଟର ଚଲାଇବା ପରେ ତାଙ୍କୁ ଜାହାଡା ଗାଁ ଦାଣ୍ଡରେ ଆଣ୍ଠେଇ ଆଣ୍ଠେଇ ଚଲାଇଥିଲେ। କେବଳ ଏତିକିରେ ନିର୍ଯାତନା ସରି ନ ଥିଲା। ଦୁଇ ଜଣଙ୍କୁ ଘାସ ଖାଇବାକୁ ମଧ୍ୟ ଦେବା ସହ ନର୍ଦ୍ଦମା ପାଣି ପିଇବାକୁ ବାଧ୍ୟ କରାଇଥିଲେ। ତେବେ କୌଶଳକ୍ରମେ ଦୁଇଜଣ ସେଠାରୁ ଖସି ଆସି ଧରାକୋଟ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି।

ଅଭିଯୁକ୍ତଙ୍କ ମୁଣ୍ଡ ଆଉ ପିଠିରେ ଆଘାତ ଲାଗିଥିବା ବେଳେ ଧରାକୋଟ ପୁଲିସ ତାଙ୍କୁ ମେଡ଼ିକାଲରେ ଭର୍ତ୍ତି କରି ଘଟଣାରେ ତଦନ୍ତ କରୁଛି। ଏହି ଘଟଣାରେ ୭ରୁ ୮ ଜଣଙ୍କ ସଂପୃକ୍ତି ଥିବା ଧରାକୋଟ ଥାନା ଅଧିକାରୀ ଚନ୍ଦ୍ରିକା ସ୍ୱାଇଁ ସୂଚନା ଦେଇଛନ୍ତି। ଏ ସଂକ୍ରାନ୍ତରେ ଜଣକୁ ଧରାକୋଟ ପୁଲିସ ଅଟକ ରଖି ତଦନ୍ତ କରୁଛି।

ମୁଖ୍ୟମନ୍ତ୍ରୀ ସୋମବାର ଆସିକା ଗସ୍ତ କରିବାର କାର୍ଯ୍ୟକ୍ରମ ରହିଥିବା ବେଳେ ତା' ପୂର୍ବରୁ ଏଭଳି ଘଟଣା ସମସ୍ତଙ୍କୁ ଚକିତ କରିଛି। ପୁଲିସ ପ୍ରଶାସନକୁ ଲୋକଙ୍କ ଖାତିର ରହୁ ନ ଥିବା ବେଳେ ପ୍ରତିଦିନ ଏଭଳି ହୃଦୟବିଦାରକ ଘଟଣା ଘଟୁଛି। ଫଳରେ ସରକାର ଓ ପୁଲିସ ପ୍ରତି ଲୋକଙ୍କ ବିଶ୍ୱାସ ତୁଟିବାରେ ଲାଗିଛି ଓ ଜିଲ୍ଲାବାସୀ ନିଜକୁ ନିରାପଦ ମଣୁନାହାନ୍ତି ବୋଲି ମତ ପ୍ରକାଶ ପାଇଛି।

## ଓଡ଼ିଶା ବିଶ୍ୱବିଦ୍ୟାଳୟ ଶିକ୍ଷକ ସଂଘର ନିର୍ବାଚନ

ଭୁବନେଶ୍ୱର,୨୨।୬(ସମିସ): ଓଡ଼ିଶା ବିଶ୍ୱବିଦ୍ୟାଳୟ ଶିକ୍ଷକ ସଂଘର କର୍ମକର୍ତ୍ତା ନିର୍ବାଚନ ରେଭେନ୍ସା ବିଶ୍ୱବିଦ୍ୟାଳୟ ସେଭେନ୍ ପିଲାର୍ସ କକ୍ଷରେ ଅନୁଷ୍ଠିତ ହୋଇଯାଇଛି। ରେଭେନ୍ସା ବିଶ୍ୱବିଦ୍ୟାଳୟର ପ୍ରଫେସର୍ ଧର୍ମବ୍ରତ ମହାପାତ୍ର ସଭାପତି ଭାବେ ନିର୍ବାଚିତ ହୋଇଥିବା ବେଳେ ପ୍ରଫେସର୍ ମଧୁସ୍ମିତା ପତି, ବିଶ୍ୱଜିତ ପ୍ରସାଦ ଛାଟୋଇ, ଏକାମ୍ରର କରେଇଲା, ପ୍ରସନ୍ନ କୁମାର ପାତ୍ର ଓ ଈଶ୍ୱର ଚନ୍ଦ୍ର ନାୟକ ଉପ-ସଭାପତି ଭାବେ ନିର୍ବାଚିତ ହୋଇଛନ୍ତି। ସେହିପରି ସମ୍ପାଦକ ଭାବେ ମନୋରଞ୍ଜନ ମିଶ୍ର, ଯୁଗ୍ମ ସମ୍ପାଦକ ଭାବେ ସଂଯୁକ୍ତା ପାଢ଼ୀ ଓ ପ୍ରିୟଙ୍କା ଚକ୍ରବର୍ତ୍ତୀ ଏବଂ କୋଷାଧ୍ୟକ୍ଷ ଭାବେ ପରେଶ କୁମାର ଲେଙ୍କା ନିର୍ବାଚିତ ହୋଇଛନ୍ତି। ରାଜ୍ୟର ବିଭିନ୍ନ ବିଶ୍ୱବିଦ୍ୟାଳୟରୁ ପ୍ରାୟ ଦୁଇଶହରୁ ଅଧିକ ଅଧ୍ୟାପକ/ଅଧ୍ୟାପିକା ନିର୍ବାଚନ ପ୍ରକ୍ରିୟାରେ ଅଂଶଗ୍ରହଣ କରିବା ସହ ଉଚ୍ଚଶିକ୍ଷା ବ୍ୟବସ୍ଥା ସମ୍ପର୍କରେ ବିସ୍ତୃତ ଆଲୋଚନା କରିଛନ୍ତି। ଏହାସହ ଓଡ଼ିଶା ବିଶ୍ୱବିଦ୍ୟାଳୟ ସଂଶୋଧିତ ଅଧିନିୟମ-୨୦୨୪ କାର୍ଯ୍ୟକାରୀ କରିବା, ବିଶ୍ୱବିଦ୍ୟାଳୟଗୁଡ଼ିକର ସ୍ୱାୟତ୍ତତା ଉପରେ ଆଲୋଚନା ହୋଇଥିଲା। ବିଶ୍ୱବିଦ୍ୟାଳୟରେ ଆରମ୍ଭ କରାଯାଇଥିବା ଶିକ୍ଷକ ପଦ ସଂଗଠୀକରଣ (ସ୍କୁଲ୍ ଗଠନ)କୁ ବିରୋଧ କରିବା ସହ ତୁରନ୍ତ ବନ୍ଦ କରିବାକୁ ସଦସ୍ୟମାନେ ଦାବି କରିଛନ୍ତି।

**ପୁଲିସ ଇନ୍‌ଫର୍ମର ସନ୍ଦେହ**

## ଦୁଇ ଗ୍ରାମବାସୀଙ୍କୁ ମାଓବାଦୀଙ୍କ ହତ୍ୟା

■ ମାଲକାନଗିରି, ୨୨।୬ (ସମିସ): ସୀମାନ୍ତରେ ପୁଣି ସକ୍ରିୟ ହୋଇଉଠିଛନ୍ତି ମାଓବାଦୀ। ସୂଚନାଦାତା ସନ୍ଦେହରେ ଦୁଇ ଗ୍ରାମବାସୀଙ୍କୁ ନିର୍ମମ ଭାବେ ହତ୍ୟା କରିଛନ୍ତି ମାଓବାଦୀ। ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ ରାଜ୍ୟ ବିଜାପୁର ଜିଲ୍ଲାରେ ମାଓବାଦୀମାନେ ଗତ କିଛି ଦିନ ହେଲା ନିରୀହ ଗ୍ରାମବାସୀଙ୍କୁ ଟାର୍ଗେଟ କରି ଚାଲିଛନ୍ତି। ଆଜି ସକାଳେ ମାଓବାଦୀମାନେ ଛତିଶଗଡ ରାଜ୍ୟ ବିଜାପୁର ଜିଲ୍ଲାର ପାମେଡ ଥାନା ଅନ୍ତର୍ଗତ ସେଣ୍ଡ୍ରାବୋର ଏବଂ ଏମ୍ପୁର ଗାଁରେ ଦୁଇଜଣ ଗ୍ରାମବାସୀଙ୍କୁ ନିର୍ମମ ଭାବରେ ହତ୍ୟା କରିଛନ୍ତି। ମୃତକଙ୍କ ମଧ୍ୟରେ ସେଣ୍ଡ୍ରାବୋର ଗାଁର ସମୟା ସୁନମ ରହିଛନ୍ତି। ସେ କିଛି ଦିନ ପୂର୍ବରୁ ମାଓ ସଂଗଠନ ଛାଡି ପୁଲିସ ନିକଟରେ ଆତ୍ମ ସମର୍ପଣ କରିଥିଲେ। ସେ ଆରପିସି ସଦସ୍ୟ ଭାବେ ମାଓବାଦୀ ସଂଗଠନରେ ସକ୍ରୀୟ ଥିଲେ। ସେହିପରି ଏମପୁର ଗାଁର ବେକୋ ଦେବାଙ୍କୁ ମାଓବାଦୀ ମାନେ ହତ୍ୟା କରିଛନ୍ତି। ପୁଲିସ ଘଟଣା ସ୍ଥଳରେ ପହଞ୍ଚି ତଦନ୍ତ ଜାରି ରଖିଛି। ଗ୍ରାମବାସୀଙ୍କୁ ବାରମ୍ବାର ହତ୍ୟା କରାଯିବା ଫଳରେ ଅଞ୍ଚଳରେ ଗ ଭୟର ବାତାବରଣ ଖେଳିଯାଇଛି। ପୁଲିସ ପକ୍ଷରୁ ତଲାସି ଅଭିଯାନକୁ ଜୋରଦାର କରାଯାଇଛି।


**SALE**

Booking Open 2/3 BHK Flats Price Starts from 60 Lakhs BHPL KRISHNA BHARATPUR, BHPL RUDRA in front of CET College, Ghatikia, BHPL SB HOMES, Ghatikia, BHPL PNM, Satya Vihar, BHPL GRAND-4, Jagamara & Ready to move 3 BHK Flats BHPL ARYA, Ghatikia & R.J Palace, Samantarapur, Bhubaneswar.

Contact

GADHWAL GROUP

Mob.: 9437015112

**AFFIDAVIT**

By virtue of an Affidavit No. 596 Dt: 12.06.2025 sworn before the Executive Magistrate, Lephripara, I Manash Ranjan Sahoo, S/o- Nityananda Sahoo R/o At/P.O./P.S.- Lephripara, Dist-Sundargarh - 770012 declare that my minor daughter SRUSTI KUMARI SAHOO changed her name to SONAKSHI SAHOO. Henceforth, she will be known as SONAKSHI SAHOO for all purposes.

**NOTICE**

(above 18 years of age)

By virtue of an affidavit sworn before Notary Public, Udala, Mayurbhanj, dated 21st June, 2025 I, Narayan Tudu, Address At- Badaolia, PO- Bholagadia, PS- Khunta, Dist- Mayurbhanj, PIN- 757104 declare that I have changed my name from Narayan Majhi to Narayan Tudu. Henceforth, I shall be known as Narayan Tudu for all purposes.

Narayan Tudu

**NOTICE**

ମୁଁ ଶ୍ରୀ ଢକଚା ଟୁଡୁ ବୟସ ୪୮ ବର୍ଷ, ପିତା- ସ୍ୱର୍ଗତ ସବନ ଟୁଡୁ, ସା- ଉଦଳା ୱାର୍ଡ ନଂ.-୧୨, ଜ୍ୟୋତି ନଗର, ପୋ.ଅ./ଥା- ଉଦଳା, ଜି- ମୟୂରଭଞ୍ଜ। ଏତଦ୍ୱାରା ଘୋଷଣା କରୁଅଛୁ କି, ମୋର ଝିଅ କୁମାରୀ ଟି. କୌଶଲ୍ୟା କୁମାରୀଙ୍କ ପ୍ରକୃତ ଜନ୍ମ ତାରିଖ ୦୨.୦୮.୨୦୦୮ ଅଟେ। ଯାହାକି ତା'ର ବୋର୍ଡ ସାର୍ଟିଫିକେଟ୍ (BSE) ରେଜିଷ୍ଟ୍ରେସନ ନଂ. B123/17249/ 0031 ଲେଖାଅଛି। ମାତ୍ର ତା'ର ଆଧାର ନ.- 680347351865 ରେ ଭୁଲ କ୍ରମେ ତା. ୦୮.୦୨.୨୦୦୮ ଲେଖା ଅଛି। ଏଥିପାଇଁ ଆମେ ଶ୍ରୀଯୁକ୍ତ ଏକଜିକ୍ୟୁଟିଭ ମାଜିଷ୍ଟ୍ରେଟ୍ କପ୍ତିପଦା, ଉଦଳାଙ୍କ ଠାରେ ନଂ. 3833/ 21.6.25ମୂର ମୂଳେ ସତ୍ୟପାଠ କରିଅଛୁ।

ଢକଚା ଟୁଡୁ

**TO-LET**

Commercial Space available on rent for Shopping Mall, Bank, Office, Restaurant, Banquet Hall, Saloon & Spa, Gym, Godown, Rooftop restaurant and other purposes. Beside Vipul Gardens, Kalinga Nagar, Ghatikia, Bhubaneswar. Basement - 2755 sqft, Ground - 2191 sqft, 1st, 2nd & 3rd floor - 2757 sqft and Terrace / Rooftop - 2755 sqft. with Anandban scenery view.

CONTACT : 6371093914


## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଯୁଦ୍ଧକୁ ଡେଇଁଲା...

ତିନିଟି ପରମାଣୁ କେନ୍ଦ୍ର ଧ୍ୱଂସ ହୋଇଥିବା ଆମେରିକା ଦାବି କରିଛି। ୧୯୭୯ରେ ଇରାନ ବିପ୍ଳବ ପରେ ପ୍ରଥମ ଥର ଲାଗି ଇରାନ ଭିତରେ ଆକ୍ରମଣ କରିଛି ଆମେରିକା। ରାଷ୍ଟ୍ରପତି ଟ୍ରମ୍ପ ଏହି ଆକ୍ରମଣ ସଫଳ ହୋଇଛି ଏବଂ ଇରାନର ପରମାଣୁ କ୍ଷମତା ଶୂନ ହୋଇଯାଇଛି ବୋଲି କହିଛନ୍ତି। ଏବେ ମଧ୍ୟପ୍ରାଚ୍ୟ ଓ ଇସ୍ରାଏଲ ବିପଦମୁକ୍ତ ବୋଲି ସେ କହିଛନ୍ତି। ଇରାନ ତୁରନ୍ତ କଥାବାର୍ତ୍ତା କରୁ, ନହେଲେ ଆହୁରି ଭୟଙ୍କର ଆକ୍ରମଣ କରାଯିବ ବୋଲି ସେ ଧମକ ଦେଇଛନ୍ତି। ଆମେରିକାର ପ୍ରତିରକ୍ଷା ସଚିବ କହିଛନ୍ତି ଯେ 'ମିଡନାଇଟ୍ ହାମର' ନାମରେ ହୋଇଥିବା ଆକ୍ରମଣରେ ୧୨୫ଟି ଲଢୁଆ ବିମାନ ମଧ୍ୟ ସାମିଲ ହୋଇଥିଲେ। ଏହାସହିତ ଆମେରିକା ନୌସେନାର ସବମେରିନରୁ ୨୪ଟି ଟୋମହକ୍ କ୍ଷେପଣାସ୍ତ୍ର ମଧ୍ୟ ମାଡ଼ କରାଯାଇଛି।

ଏହି ଆକ୍ରମଣ ନେଇ ଇରାନ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିଛି। ଇରାନର ବୈଦେଶିକ ମନ୍ତ୍ରୀ ଅଦ୍ଧାସ କହିଛନ୍ତି ଯେ ଇରାନ ଉପରେ ଆକ୍ରମଣ କରି ଆମେରିକା ସବୁ ସୀମା ଅତିକ୍ରମ କରିଛି। ଇରାନ ଏହାର ଦୃଢ଼ ଜବାବ ଦେବ। ଇରାନ ମଧ୍ୟ ମଧ୍ୟପ୍ରାଚ୍ୟେରେ ଥିବା ଆମେରିକାର ସାମରିକ ପ୍ରତିଷ୍ଠାନକୁ ଟାର୍ଗେଟ କରିବ ବୋଲି ସେ କହିଛନ୍ତି। ଏସଂପର୍କରେ ଅଧିକ ବିଚାରବିମର୍ଶ ଲାଗି ଆଜି ସେ ମସ୍କୋ ଯାଉଛନ୍ତି। ସେଠାରେ ରୁଷ ରାଷ୍ଟ୍ରପତି ଭ୍ଲାଦିମିର ପୁଟିନଙ୍କ ସହିତ ଆଲୋଚନା କରିବେ। ଇରାନ ଉପରେ ଆମେରିକାର ଆକ୍ରମଣକୁ ଜାତିସଂଘ ମହାସଚିବ ନିନ୍ଦା କରିବା ସହିତ ତୁରନ୍ତ ଯୁଦ୍ଧ ବନ୍ଦ କରିବାକୁ ପରାମର୍ଶ ଦେଇଛନ୍ତି। ରୁଷ ଏବଂ ଚୀନ ମଧ୍ୟ ଏହାର ନିନ୍ଦା କରି କହିଛନ୍ତି ଯେ ଏହାଦ୍ୱାରା ମଧ୍ୟପ୍ରାଚ୍ୟ ସ୍ଥିତି ଆହୁରି ବିଗିଡ଼ିଯିବ। ରୁଷ ରାଷ୍ଟ୍ରପତି ପୁଟିନଙ୍କ ବରିଷ୍ଠ ପରାମର୍ଶଦାତା ତଥା ପୂର୍ବତନ ରାଷ୍ଟ୍ରପତି ଡୁମିଟ୍ରି ମେଦଭେଦେଭ କହିଛନ୍ତି ଯେ ଆମେରିକାର ଆକ୍ରମଣ ସଫଳ ହୋଇନାହିଁ। ଏହା ଆମେରିକା ପାଇଁ ମହଙ୍ଗା ପଡ଼ିବ। ରୁଷ ସମେତ ଅନେକ ଦେଶ ଇରାନକୁ ପରମାଣୁ ଅସ୍ତ୍ର ଯୋଗାଇବାକୁ ପ୍ରସ୍ତୁତ ଅଛନ୍ତି ବୋଲି ସେ କହିଛନ୍ତି। ଅନ୍ୟପକ୍ଷରେ ବ୍ରିଟେନ ଓ ଇସ୍ରାଏଲ ଏହି ଆକ୍ରମଣକୁ ସମର୍ଥନ କରିଛନ୍ତି।

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆଜି ଏସଂପର୍କରେ ଇରାନ ରାଷ୍ଟ୍ରପତିଙ୍କ ସହିତ ଫୋନରେ କଥା ହୋଇଛନ୍ତି। ମଧ୍ୟପ୍ରାଚ୍ୟ ସ୍ଥିତି ନେଇ ଉଦବେଗ ପ୍ରକାଶ କରିବା ସହିତ ତୁରନ୍ତ ଉତ୍ତେଜନା ଦୂର କରିବା ସପକ୍ଷରେ ମତ ରଖିଛନ୍ତି। ଦୁଇ ନେତାଙ୍କ ମଧ୍ୟରେ ୪୫ ମିନିଟ୍ ଧରି କଥାବାର୍ତ୍ତା ହୋଇଥିଲା।

ଟ୍ରମ୍ପଙ୍କୁ ନୋବେଲ ଶାନ୍ତି ପୁରସ୍କାର ଦେବାପାଇଁ ଅଭିଯାନ ଚଳାଇଥିବା ପାକିସ୍ତାନର ଆଜିର ଆମେରିକୀୟ କାର୍ଯ୍ୟାନୁଷ୍ଠାନକୁ ନିନ୍ଦା କରିଛି। ପାକିସ୍ତାନ ପ୍ରଧାନମନ୍ତ୍ରୀ ଶେହବାଜ ସରିଫ ଇରାନ ଉପରେ ଆମେରିକା ଆକ୍ରମଣକୁ ନିନ୍ଦା କରି କହିଛନ୍ତି ଯେ ଏହା ମଧ୍ୟପ୍ରାଚ୍ୟରେ ଉଦବେଗଜନକ ପରିସ୍ଥିତି ସୃଷ୍ଟି କରିଛି।

ଆମେରିକା ଆକ୍ରମଣ ପରେ ଇରାନ ଓ ଇସ୍ରାଏଲ ମଧ୍ୟରେ ଯୁଦ୍ଧ ଆହୁରି ଭୟଙ୍କର ରୂପ ଧାରଣ କରିଛି। ଆମେରିକା ଆକ୍ରମଣର କିଛି ସମୟ ମଧ୍ୟରେ ଇସ୍ରାଏଲ ଉପରେ ପ୍ରଚଣ୍ଡ କ୍ଷେପଣାସ୍ତ୍ର ମାଡ଼ କରିଛି। ଇସ୍ରାଏଲର ୪ଟି ସହରକୁ ଟାର୍ଗେଟ କରି ଇରାନ ଏହାର ସବୁଠାରୁ ଶକ୍ତିଶାଳୀ କ୍ଷେପଣାସ୍ତ୍ର ମାଡ଼ କରିଛି। ଇସ୍ରାଏଲ ମଧ୍ୟ ଏହା ଯୁଦ୍ଧବିମାନ ଜରିଆରେ ଇରାନର ଅନେକ ସାମରିକ ପ୍ରତିଷ୍ଠାନ ଉପରେ ଆକ୍ରମଣ କରିଥିବା କହିଛି।

### ବଢ଼ିବ ତୈଳ...

ହୋଇଯାଏ ତେବେ ତାହାର ପ୍ରଭାବ ବିଶ୍ୱ ଅର୍ଥ ବ୍ୟବସ୍ଥା ଉପରେ ପଡ଼ିବ। ମଧ୍ୟ ପ୍ରାଚ୍ୟକୁ ସାମଗ୍ରୀ ଯୋଗାଣ ପାଇଁ ଏହି ମାର୍ଗ ଗୁରୁତ୍ୱପୂର୍ଣ୍ଣ। ଏହାର ପ୍ରଭାବରେ ଭାରତରେ ମଧ୍ୟ ତୈଳ ଦର ବୃଦ୍ଧି ପାଇପାରେ। ଭାରତର ପ୍ରାୟ ୫୦ ପ୍ରତିଶତ ତୈଳ ଏବଂ ଗ୍ୟାସ ହର୍ମୁଜ ଦେଇ ଆସୁଛି।

### କମୁଛି ବନ୍ୟା...

ପ୍ରଶାସନ ପକ୍ଷରୁ ଭୋଗରାଇ ବ୍ଲକ୍‌ର ମାତ୍ର ୮ଟି ଗ୍ରାମରେ ଚୁଡା ଗୁଡ଼, ପାଣି ବୋତଲ ବଣ୍ଟନ କରାଯାଇଛି। ଅପରପକ୍ଷେ, ବନ୍ୟା ପାଣି ସ୍ରୋତରେ ଗତକାଲି ଭାସି ଯାଇଥିବା କୁମ୍ଭୀରଗଡ଼ି ପଞ୍ଚାୟତର କୁହ୍ଲା ଗ୍ରାମର ନବକୃଷ୍ଣ ପିଲାଙ୍କ ପୁଅ ମହେଶ୍ୱର ପିଲାଙ୍କ ମୃତଦେହ ଆଜି ଉଦ୍ଧାର ହୋଇଛି। ସକାଳେ ସ୍ଥାନୀୟ ଲୋକେ ନଦୀରେ ଏକ ଶବ ଭାସୁଥିବା ଦେଖି ପ୍ରଶାସନକୁ ଖବର ଦେବା ପରେ ଓଡ୍ରାଫ ଟିମ ପହଁଚି ଶବକୁ ଉଦ୍ଧାର କରିଥିଲା। ଉକ୍ତ ଶବକୁ ଜଳେଶ୍ୱରପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ନିଆଯାଇଥିଲା। ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ।

ଶନିବାର ଅପରାହ୍ଣରେ ବାଲେଶ୍ୱର ସାଂସଦ ପ୍ରତାପ ଷଡ଼ଙ୍ଗୀ ବୋଟ୍ ଯୋଗେ ବନ୍ୟା ପ୍ରପୀଡ଼ିତ ଗାଁକୁ ଯାଇ ସ୍ଥିତି ଅନୁଧ୍ୟାନ କରିବା ସହ ଲୋକଙ୍କ ସହ ଆଲୋଚନା କରିଥିଲେ। ଏଥି ସହିତ କୁମ୍ଭୀରଗଡ଼ି ପଞ୍ଚାୟତ କୁହ୍ଲା ଗ୍ରାମର ବନ୍ୟା ପାଣିରେ ବୁଡ଼ି ପ୍ରାଣ ହରାଇଥିବା ଯୁବକଙ୍କ

- ପାଣି ଘେରରେ ଭୋଗରାଇର ୪୦ ଓ ବାଲିଆପାଳର ୫୦ ଗାଁ
- ପାନୀୟ ଜଳର ଅଭାବ ମେଣ୍ଟାଇବାରେ ପ୍ରଶାସନ ବିଫଳ
- ଗତକାଲି ଭାସିଯାଇଥିବା ଯୁବକଙ୍କ ମୃତଦେହ ମିଳିଲା

ଘରକୁ ଯାଇ କିଛି ଆର୍ଥିକ ସାହାଯ୍ୟ କରିଥିଲେ। ତା ଛଡ଼ା ମୁଖ୍ୟମନ୍ତ୍ରୀଙ୍କ ରିଲିଫ ପାଣ୍ଠିରୁ କିଛି ଆର୍ଥିକ ଆଣିଦେବେ ବୋଲି ପ୍ରତିଶ୍ରୁତି ଦେଇଥିଲେ। ତୁରନ୍ତ ଭୋଗରାଇ ପ୍ରଶାସନକୁ ବନ୍ୟା ଅଞ୍ଚଳର ଲୋକମାନଙ୍କୁ ଶୁଖିଲା ଖାଦ୍ୟ ବାଣ୍ଟିବାକୁ ମଧ୍ୟ ନିର୍ଦ୍ଦେଶ ଦେଇଥିଲେ। ସାଂସଦ ଶ୍ରୀ ଷଡ଼ଙ୍ଗୀଙ୍କ ସହିତ ବିଜେପି ନେତା ଆଶିଷ ପାତ୍ର, ମଣ୍ଡଳ ସଭାପତି ପରମାନନ୍ଦ ପରିଡ଼ା ତଥା ଦଳୀୟ କର୍ମୀମାନେ ଉପସ୍ଥିତ ଥିଲେ।

ସେହିପରି ବନ୍ୟାରେ ବାଲିଆପାଳ ବ୍ଲକର ୧୦ ପଞ୍ଚାୟତର ୫୦ରୁ ଅଧିକ ଗ୍ରାମ ବିଶେଷ ମାତ୍ରାରେ ପ୍ରଭାବିତ ହୋଇଛନ୍ତି। ଏବେବି ଏହି ସବୁ ଗ୍ରାମରେ ବନ୍ୟାପାଣି ପ୍ରବାହିତ ହେଉଥିବାରୁ ଲୋକଙ୍କ ଯାତାୟାତରେ ବାଧା ସୃଷ୍ଟି ହେଉଛି। କୁଦମାନସିଂ, ଆଠବାଟିଆ, ରାଉତୁରାପୁର, ତଳ ବାଲିଆପାଳ, ଶୁଙ୍ଗମୁହଁ, ପାଳଚମ୍ପେ, ବିଷ୍ଣୁପୁର, ଇକଡପାଳ, ଚୌଧୁରିକୁଦ, କୁହ୍ଲାଚଡ, ବଡତାଳପଦା, ନଖପାଳ ପ୍ରଭୃତି ଗ୍ରାମ ସଂପୂର୍ଣ୍ଣ ରୂପେ ବାହ୍ୟଜଗତରୁ ବିଚ୍ଛିନ୍ନ ହୋଇଛି। ବନ୍ୟା ଯୋଗୁଁ ୨ଦିନ ହେଲା ଗ୍ରାମର ଅନେକ ଲୋକଙ୍କ ଘରେ ଚୁଲି ଜଳି ନଥିବା ବେଳେ ସେମାନେ ଭୋକ ଉପବାସରେ ଦିନ ବିତାଉଛନ୍ତି। ପିଇବା ପାଣି ପାଇଁ ଲୋକେ ସବୁଠାରୁ ଅଧିକ ସଙ୍କଟର ସମ୍ମୁଖୀନ ହେଉଛନ୍ତି। ନଳକୂପଗୁଡ଼ିକ ପାଣିରେ ବୁଡ଼ି ରହିଥିବାରୁ ଲୋକେ ଦୂଷିତ ପାଣି ପିଇବାକୁ ବାଧ୍ୟ ହେଉଛନ୍ତି। ପ୍ରଶାସନ ପକ୍ଷରୁ ଟ୍ୟାଙ୍କର ଯୋଗେ ପାନୀୟ ଜଳ ଯୋଗାଇ ଦେବାର ବ୍ୟବସ୍ଥା କରାଯାଇଥିଲେ ମଧ୍ୟ ଲୋକମାନେ ଟ୍ୟାଙ୍କର ପାଖକୁ ପାଣି ନେବା ପାଇଁ ଅଣ୍ଟେ ପେଟେ ପାଣିରେ ପଶି ରାସ୍ତା ଉପରକୁ ଆସିବାକୁ ପଡୁଛି। ଏହା ପର୍ଯ୍ୟାପ୍ତ ନୁହଁ ବୋଲି ବହୁ ବିପନ୍ନ ଅଭିଯୋଗ କରିଛନ୍ତି। ସେହିପରି ବନ୍ୟା ଯୋଗୁଁ ଗୃହପାଳିତ ପଶୁ ଘରୁ ପଦାକୁ ବାହାରି ନପାରି ଭୋକିଲା ଅଛନ୍ତି। ବନ୍ୟା ପାଣି ସମ୍ପୂର୍ଣ୍ଣ ଛାଡ଼ିବାକୁ ଆହୁରି ଦିନେ ଦୁଇଦିନ ଲାଗିବ। ତେବେ ପ୍ରଶାସନ ପକ୍ଷରୁ ଲୋକମାନଙ୍କ ପାଖରେ ରିଲିଫ ପହଂଚାଇ ନପାରିବା ପ୍ରଶାସନର ଅପାରଗତାକୁ ପଦାରେ ପକାଇଛି। ବନ୍ୟା ପରେ ଗ୍ରାମବାସୀମାନେ ଝାଡାବାନ୍ତିରେ ଆକ୍ରାନ୍ତ ହେବାର ସମ୍ଭାବନା ଅଧିକ ଥିବାରୁ ପ୍ରସାସନ ପକ୍ଷରୁ ଯୁଦ୍ଧକାଳୀନ ଭିତ୍ତିରେ ସମସ୍ତ ନଳକୂପ ଏବଂ ଗ୍ରାମ ଗୁଡିକ ବିଶୋଧନ ପାଇଁ ଦାବି ହୋଇଛି। ସେହିପରି ଶହଶହ ଏକର ଜମିରେ ହୋଇଥିବା ପରିବା ଚାଷ ପାଣିରେ ବୁଡି ରହି ସମ୍ପୂର୍ଣ୍ଣ ନଷ୍ଟ ହେବାକୁ ବସିଛି। ବାଲେଶ୍ୱର ଉପଜିଲ୍ଲାପାଳ ଡ. ମଧୁସ୍ମିତା ସାମନ୍ତରାୟ, ତହସିଲଦାର ଜ୍ୟୋତ୍ସ୍ନାରାଣି ନାୟକ ବିଭିନ୍ନ ବନ୍ୟାଂଚଳ ବୁଲି ସ୍ଥିତି ଉପରେ ନଜର ରଖିଛନ୍ତି। ପ୍ରଶାସନ ପକ୍ଷରୁ ୬ଟି ପଞ୍ଚାୟତର ୧୮ ହଜାର ଲୋକଙ୍କ ପାଇଁ ୯୫ କୁଇଣ୍ଟାଲ ଚୁଡା ୧୦ କୁଇଣ୍ଟାଲ ଗୁଡ ଏବଂ ପାଣି ବୋତଲ ଯୋଗାଇ ଦିଆଯାଇଥିବା ବାଲିଆପାଳ ବ୍ଲକ ବନ୍ୟା ଦାୟିତ୍ୱରେ ଥିବା ବାଲେଶ୍ୱର ଉପଜିଲ୍ଲାପାଳ ଡ. ମଧୁସ୍ମିତା ସାମନ୍ତରାୟ କହିଛନ୍ତି। ସେହିପରି ବିଭିନ୍ନ ସ୍ଥାନରେ ୬ଟି ପାଓାର ବୋଟ ନିୟୋଜିତ ହୋଇଛି। ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ୬ଟି ଟିମ କରାଯାଇ ବିଭିନ୍ନ ଅଂଚଳରେ ସ୍ୱାସ୍ଥ୍ୟସେବା ତଦାରଖ କରାଯାଉଥିବା ଉପଜିଲ୍ଲାପାଳ ଡ. ସାମନ୍ତରାୟ କହିଛନ୍ତି। ପ୍ରଶାସନ ପକ୍ଷରୁ ତୁରନ୍ତ କ୍ଷତିଗ୍ରସ୍ତ ଗ୍ରାମ ଗୁଡିକର ସ୍ଥିତି ଅନୁଧ୍ୟାନ କରି ଲୋକଙ୍କୁ ସହାୟତା ଯୋଗଇ ଦେବାକୁ ଦାବି ହେଉଛି।

### ଅସ୍ତ୍ରୋପଚାର ସଫଳ...

ମଧ୍ୟରେ ଅସ୍ତ୍ରୋପଚାର ଶେଷ ହୋଇଛି। ଡାକ୍ତର ରମାକାନ୍ତ ପଣ୍ଡା କହିଛନ୍ତି ଯେ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଆଶୀର୍ବାଦରୁ ନବୀନ ପଟ୍ଟନାୟକଙ୍କ ସଫଳତା ସହ ଅପରେସନ ହୋଇଛି। ବୟସ ବଢିଲେ ସର୍ଭିକାଲ୍ ଆର୍ଥ୍ରାଇଟିସ୍ ହୁଏ। ଏଥିପାଇଁ ସେ (ନବୀନ) ଟିକିଏ କଷ୍ଟ ଅନୁଭବ କରୁଥିଲେ। ଏବେ ଚିକିତ୍ସା ପରେ ଆଉ ତାଙ୍କୁ କଷ୍ଟ ହେବ ନାହିଁ। ଦୁଇ ଘଣ୍ଟା ଅପରେସନ ହୋଇଛି ଓ ଗୋଟେ ଛୋଟ ଷ୍ଟିଚ ପଡିଛି। ୫ ରୁ ୭ ଦିନ ପରେ ଷ୍ଟିଚ ଖୋଲାଯିବ ବୋଲି ସେ କହିଛନ୍ତି। ଅପରେସନ ସମୟରେ ଏହି ସମୟରେ ନବୀନଙ୍କ ଭାଇ ପ୍ରେମ୍ ପଟ୍ଟନାୟକ ଓ ଭାଉଜ, ନବୀନଙ୍କ ରାଜନୈତିକ ସଚିବ ସଂତୃପ୍ତ ମିଶ୍ର ମଧ୍ୟ ଉପସ୍ଥିତ ରହିଥିଲେ। ଶ୍ରୀ ମିଶ୍ର କହିଛନ୍ତି ଯେ ନବୀନ ବାବୁ ଅବଜରଭେସନରେ କେତେ ସମୟ ରହିବେ, ଡାକ୍ତରଙ୍କ ମତାମତ ଉପରେ ନିର୍ଭର କରେ। ସେ ଏବେ ଆଇସିୟୁରେ ଅଛନ୍ତି। ଅନେକ ପ୍ରତିଷ୍ଠିତ ଲୋକ ନବୀନ ପଟ୍ଟନାୟକଙ୍କୁ ଦେଖା କରିବାକୁ ଚାହୁଁଛନ୍ତି। ଅପରେସନ ପରେ ସଂକ୍ରମଣର ଭୟ ରହିଥାଏ। ତେଣୁ ଆଇସିୟୁରୁ କ୍ୟାବିନ୍‌କୁ ସ୍ଥାନାନ୍ତର ହେବା ପର୍ଯ୍ୟନ୍ତ ସମସ୍ତଙ୍କୁ ଅପେକ୍ଷା କରିବାକୁ ଆମେ ବିନମ୍ର ଭାବରେ ଅନୁରୋଧ କରିଛୁ ବୋଲି ଶ୍ରୀ ମିଶ୍ର କହିଛନ୍ତି।

ଦୀର୍ଘ ବର୍ଷ ଧରି ଓଡ଼ିଶାର ମୁଖ୍ୟମନ୍ତ୍ରୀ ଭାବରେ ନବୀନ ପଟ୍ଟନାୟକ ନିରଳସ ଓ ନିସ୍ୱାର୍ଥପର ଭାବରେ ରାଜ୍ୟବାସୀଙ୍କ ପାଇଁ କାର୍ଯ୍ୟ କରିଛନ୍ତି। ବିରୋଧୀଦଳ ନେତା ଭାବରେ ମଧ୍ୟ ସମର୍ପିତ ଭାବରେ ରାଜ୍ୟବାସୀଙ୍କ ସ୍ୱାର୍ଥ ପାଇଁ କାର୍ଯ୍ୟ କରି ଚାଲିଛନ୍ତି। ନବୀନଙ୍କ ସ୍ୱାସ୍ଥ୍ୟ ଖବର ଶୁଣି ସାରା ରାଜ୍ୟବାସୀ ତାଙ୍କର ସୁସ୍ୱାସ୍ଥ୍ୟ କାମନା କରିଛନ୍ତି। ଉପବାସ, ପୂଜାର୍ଚ୍ଚନା ସହ ଦୀପଦାନ କରି ନବୀନଙ୍କ ଶୀଘ୍ର ଆରୋଗ୍ୟ ଲାଭ ପାଇଁ ପ୍ରାର୍ଥନା କରିଛନ୍ତି। ଆଜି ତାଙ୍କର ଅସ୍ତ୍ରୋପଚାର ସଫଳ ହେବା ସୂଚନା ମିଳିବା ପରେ ରାଜ୍ୟବାସୀ ଆଶ୍ୱସ୍ତ ହୋଇଛନ୍ତି।

# ବାହାନଗା ତହସିଲରେ କର୍ମଚାରୀ ଅଭାବ

ବାହାନଗା, ୨୨।୬ (ସମିସ)




ବାଲେଶ୍ୱର ଜିଲ୍ଲା ବାହାନଗା ତହସିଲରେ କର୍ମଚାରୀ ଅଭାବ ଯୋଗୁଁ ଅଚଳାବସ୍ଥା ସୃଷ୍ଟି ହୋଇଥିବା ବେଳେ ସାଧାରଣ ଲୋକେ ନାହିଁ ନଥିବା ଅସୁବିଧା ଭୋଗ କରୁଛନ୍ତି। ଲୋକଙ୍କ ସମସ୍ୟା ଏବଂ କର୍ମଚାରୀଙ୍କ ଅଭାବ ଉପରିସ୍ଥ ଅଧିକାରୀଙ୍କ ନଜର ପଡୁନଥିବା ବେଳେ ନିଜର ଜମି ଜମା ସଂକ୍ରାନ୍ତୀୟ କାର୍ଯ୍ୟ ପାଇଁ ସାଧାରଣ ଲୋକଙ୍କୁ ବର୍ଷ ବର୍ଷ ଦୌଡି ଦୌଡି ନୟାନ୍ତ ହେବାକୁ ପଡୁଛି। ସେପଟେ ବାହାନଗା ତହସିଲରେ ସରକାରୀ ଏବଂ ଘରୋଇ ଜମି ଚିହ୍ନଟ ମାମଲା ସଂଖ୍ୟା ଅଧିକ ରହିଥିବା ବେଳେ ଅମିନ ନଥିବାରୁ ବର୍ଷ ବର୍ଷ ଧରି ଜମି ଚିହ୍ନଟ ହୋଇପାରୁନାହିଁ। ବାହାନଗା ତହସିଲ ଅଧୀନରେ ୨୪ଟି ପଞ୍ଚାୟତ ଥିବା ବେଳେ ପ୍ରତ୍ୟେକ ଦିନ ଶତାଧିକ ଲୋକେ ନିଜ ନିଜର କାର୍ଯ୍ୟ ପାଇଁ ତହସିଲ କାର୍ଯ୍ୟାଳୟକୁ ଦୌଡି ଆସିଥାନ୍ତି। ହେଲେ ସରକାରୀ କର୍ମଚାରୀଙ୍କ ଅଭାବ ଯୋଗୁଁ କାର୍ଯ୍ୟ ନ ହେବା ସମସ୍ତଙ୍କୁ ବ୍ୟଥିତ କରିଛି। ବାହାନଗା ତହସିଲରେ ବରିଷ୍ଠ ରେଭିନ୍ୟୁ ଆସିଷ୍ଟାଣ୍ଟ ପଦବୀ ୪ଟି ଥିବା ବେଳେ ସେଥିରୁ ୨ ଖାଲି ପଡିଛି। ସେହିପରି ବାହାନଗା ତହସିଲରେ ଜମି ଚିହ୍ନଟ ମାମଲାର ୩ ବର୍ଷର ତଥ୍ୟକୁ ଦୃଷ୍ଟିକୁ ନେଲେ ୨୦୨୩ ମସିହାରେ ଘରୋଇ ଜମି ଚିହ୍ନଟ ମାମଲା ୧୪୯ଟି ପଞ୍ଜୀକୃତ ହୋଇଥିବା ଥିବା ବେଳେ ୨୦୨୪ ମସିହାରେ ୬୬ଟି ରହିଥିଲା। ସେହିପରି ଚଳିତ ୨୦୨୫ ମସିହାରେ ମାତ୍ର ଅଢେଇ ମାସରେ ୯୮ଟି ଜମି ଚିହ୍ନଟ ମାମଲା ପଞ୍ଜୀକୃତ ହୋଇ ସରିଲାଣି। ସେପଟେ ଘରୋଇ ଜମି ଚିହ୍ନଟ ମାମଲା ବ୍ୟତୀତ ସରକାରୀ ଜବର ଦଖଲ ଉଚ୍ଛେଦ ଏବଂ ସରକାରୀ ଜମି ଚିହ୍ନଟ ମାମଲା ସଂଖ୍ୟା ବାର୍ଷିକ ୫୦ ପାର କରୁଛି। ବାହାନଗା ତହସିଲରେ ଜମି ଚିହ୍ନଟ ସହ ନକ୍ସା ସମ୍ପର୍କିତ କାର୍ଯ୍ୟ ପାଇଁ ତହସିଲରେ ୫ ଜଣ ଅମିନ ପଦବୀ ଥିବା ବେଳେ ବର୍ତ୍ତମାନ ଦେବଦତ୍ତ ଖିଲାର ନାମକ ଜଣେ ଆମିନ ନିଯୁକ୍ତ ଥିବା ବେଳେ ୪ ପଦବୀ ଫାଙ୍କା ପଡ଼ିଛି। ନିଯୁକ୍ତ ଥିବା ଅମିନ ଦେବଦତ୍ତଙ୍କ କିଛିଦିନ ତଳେ ଦୁର୍ଘଟଣାରେ ହାତ ଭାଙ୍ଗି ଯାଇଥିବାରୁ ସେ ଅସୁସ୍ଥ ଥିବାରୁ ଜମି ଚିହ୍ନଟ କାର୍ଯ୍ୟ କରିବା ସମ୍ଭବପର ହେଉନାହିଁ। ଜମି ଚିହ୍ନଟ ପ୍ରକ୍ରିୟା ମାମଲାର ସଂଖ୍ୟା କ୍ରମଶ ବୃଦ୍ଧି ପାଉଥିବା ବେଳେ ୫ ବଦଳରେ ଜଣେ ଅମିନ ରହିବା ଏବଂ ସେ ଅସୁସ୍ଥ ଥିବା କାରଣରୁ ଜମି ମାପ କରି ନ ପାରିବା କାରଣରୁ ଜମି ଚିହ୍ନଟ ପ୍ରକ୍ରିୟାରେ ଏକ ପ୍ରକାର ଠପ ହୋଇ ପଡିଛି। ପ୍ରତିଦିନ ସାଧାରଣ ଲୋକେ ତହସିଲ କାର୍ଯ୍ୟାଳୟକୁ ଆସି ଫେରୁଥିବା ବେଳେ ଉପରିସ୍ଥ ଅଧିକାରୀଙ୍କର ଦୃଷ୍ଟି ନ ପଡିବା ସମସ୍ତଙ୍କୁ ଆଶ୍ଚର୍ଯ୍ୟ କରିଛି। ସେହିପରି ଚୌକିଦାର ଏବଂ ସୁଇପର ପଦବୀ ଗୋଟିଏ ଲେଖାଏ ଥିବା ବେଳେ ତାହା ସମ୍ପୂର୍ଣ ଫାଙ୍କା ପଡିଛି। କର୍ମଚାରୀ ଅଭାବରୁ ସାଧାରଣ ଲୋକେ ଉଚିତ ସେବା ପାଇପାରୁନାହାନ୍ତି। ଏପରିସ୍ଥଳେ ଲୋକଙ୍କ ସରକାର ବୋଲାଯାଉଥିବା ମୋହନ ସରକାର ତହସିଲରେ ଜମିଜମା କାର୍ଯ୍ୟର ସରଳୀକରଣ ପାଇଁ ପଞ୍ଚାୟତ ସ୍ତରକୁ ତହସିଲ ପ୍ରଶାସନ ଯାଇ ଲୋକଙ୍କ ଜମିଜମା ସଂକ୍ରାନ୍ତ ଅଭିଯୋଗର ସମାଧାନ କରିବା କଥା କହିବା ହାସ୍ୟାସ୍ପଦ ବୋଲି ବୁଦ୍ଧିଜୀବୀ ମହଲରେ ଚର୍ଚ୍ଚା ହେଉଛି। ତୁରନ୍ତ ତହସିଲରେ ଆବଶ୍ୟକୀୟ ପଦବୀ ପୂରଣ କରି ଉଚିତ ସେବା ଯୋଗାଇ ଦେବାକୁ ଅଞ୍ଚଳବାସୀ ଦାବି କରିଛନ୍ତି। ଏ ନେଇ ବାହାନଗା ତହସିଲଦାର ଶଙ୍କର ପଟ୍ଟନାୟକ କୁହନ୍ତି କାର୍ଯ୍ୟାଳୟରେ କର୍ମଚାରୀଙ୍କ ଅଭାବ ରହିଛି, ଯେତିକି କର୍ମଚାରୀ ଅଛନ୍ତି ସେମାନଙ୍କୁ ନେଇ ଲୋକଙ୍କ କାର୍ଯ୍ୟ ଶତ ପ୍ରତିଶତ କରିବାକୁ ଚେଷ୍ଟା କରୁଛୁ। ଅମିନ ନିଯୁକ୍ତ ବାବଦରେ ଜିଲ୍ଲା ପ୍ରଶାସନଙ୍କୁ ଅବଗତ କରିଛୁ, ଅମିନ ନିଯୁକ୍ତ ହେଲେ ଜମି ଚିହ୍ନଟ ମାମଲା ନେଇ ଲୋକଙ୍କର ଉପୁଜିଥିବା ସମସ୍ୟା ଦୂର ହୋଇ ପାରିବ ବୋଲି ସେ ପ୍ରକାଶ କରିଛନ୍ତି।

**ବଢୁଛି ଜମି ଚିହ୍ନଟ ମାମଲା ସଂଖ୍ୟା, ୫ ବଦଳରେ ଅଛନ୍ତି ଜଣେ ମାତ୍ର ଅମିନ**

## ମା' ବାରପଡ଼ା ନାୟିକାଣୀଙ୍କ ଝାମୁଯାତ୍ରା ଓ ଉଡ଼ାପର୍ବ

ସୋର,୨୨।୬(ସମିସ): ସୋର ପୌରପାଳିକା ୧୩ ନଂ ୱାର୍ଡ ଅନ୍ତର୍ଗତ ମୁଳେଶ୍ୱର ଗ୍ରାମରେ ମା' ବାରପଡ଼ା ନାୟିକାଣୀଙ୍କ ଝାମୁ ଯାତ୍ରା ସହ ଉଡ଼ା ପର୍ବ ମହାସମାରୋହରେ ଅନୁଷ୍ଠିତ ହୋଇଯାଇଛି। ବହୁ ସଂଖ୍ୟାରେ ଶ୍ରଦ୍ଧାଳୁ ଯୋଗ ଦେଇ ମା'ଙ୍କ ଆଶୀର୍ବାଦ ଭିକ୍ଷା କରିବା ସହ ଉଡ଼ା ପର୍ବରେ ଉପସ୍ଥିତ ରହି ପାଟୁଆ ମାନଙ୍କ ମନୋବଳ ବୃଦ୍ଧି କରିଥିଲେ। ମୁଖ୍ୟ ପୂଜକଙ୍କ ଅନୁସାରେ ସୁର ରାଜାଙ୍କ ଗଡ଼ ଚଣ୍ଡୀ ଦେବୀ ରୂପେ ସୁରେଶ୍ୱରୀ ପୂଜା ପାଇ ଆସୁଛନ୍ତି। ଏହି ଉଡ଼ା ପର୍ବରେ ଖଣ୍ଡା ପାଟୁଆ ନାମରେ ଏକ ସ୍ୱତନ୍ତ୍ର ଓ ନିଆରା ଧରଣର ଜଣେ ପାଟୁଆ ନିଜର ନିଷ୍ଠା ଓ ଭକ୍ତି ରୂପକ ଖଣ୍ଡାରେ ପ୍ରଦର୍ଶନ କରନ୍ତି। ପୂର୍ବରୁ ବାରଟି ପଡ଼ାକୁ ନେଇ ଉଡ଼ା ପର୍ବ ପାଳିତ ହେଉଥିବାରୁ ଏହାକୁ ବାରପଡ଼ା ଉଡ଼ା ରୂପେ ଖ୍ୟାତ ହୋଇ ଆସିଛି। ସମଗ୍ର ସୋରରେ ସବୁଠାରୁ ଅଧିକ ସଂଖ୍ୟକ ୯୦ ରୁ ଅଧିକ ସାନ ବଡ଼ ପାଟୁଆ ମାନସିକ ପୂରଣ ପାଇଁ ମାଙ୍କ ଉଡ଼ା ଯାତ୍ରାରେ ଭାଗ ନେଇଥାନ୍ତି। ଦୀର୍ଘ ୫ ଦିନ ଧରି ପାଳିତ ହୋଇଯାଇଥିବା କାର୍ଯ୍ୟକ୍ରମରେ ପାଣିପଟି, ନିଆଁପାଟ, ଝୁଣାପାଟ, ନିଶାଘଟ ଏବଂ ଶେଷରେ ଉଡ଼ାଯାତ୍ରା ଅନୁଷ୍ଠିତ ହୋଇଥିଲା। ଏହି ଉଡ଼ା ପର୍ବ ଶହ ଶହ ବର୍ଷ ହେଲା ପାଳିତ ହୋଇ ଆସୁଛି। ଏହି ଉଡ଼ା ପର୍ବରେ ଦୁଇଟି ଖୁମ୍ବ ପୋତାଯାଇଥାଏ। ଉକ୍ତ ଖୁମ୍ବରେ ଘଟ ପାଟୁଆଙ୍କ ସହ ସମସ୍ତ ପାଟୁଆ ମାନେ ଉଡ଼ି ଥାନ୍ତି। ଏହି ଉଡ଼ା ପର୍ବକୁ ଶାନ୍ତି ଶୃଙ୍ଖଳା ସହ ସମ୍ପାଦିତ କରିବାରେ ସ୍ଥାନୀୟ ଗ୍ରାମବାସୀଙ୍କ ସହ ମା ସୁରେଶ୍ୱରୀ କ୍ଲବର ସଦସ୍ୟ ମାନେ ସହଯୋଗ କରିଥିଲେ।



## ବାଲିଆପାଳ ସୂଚନା ଅଧିକାର ଅଭିଯାନର ବାର୍ଷିକ ସମ୍ମିଳନୀ

ବାଲିଆପାଳ\କାଳିପଦା, ୨୨।୬ (ସମିସ): ବାଲିଆପାଳ ସୂଚନା ଅଧିକାର ଅଭିଯାନର ବାର୍ଷିକ ସମ୍ମିଳନୀ ରବିବାର ସ୍ଥାନୀୟ ପୂର୍ତ୍ତ ବିଭାଗ ଡାକ ବଙ୍ଗଳା ଗୃହରେ ପାଳିତ ହୋଇ ଯାଇଛି। ବାଲିଆପାଳ ଶାଖାର ସଭାପତି ଅନୁଜ କୁମାର ମହାପାତ୍ରଙ୍କ ପୌରହିତ୍ୟରେ ଅନୁଷ୍ଠିତ ଏହି ସମ୍ମିଳନୀରେ ରାଜ୍ୟ ସଭାପତି ପ୍ରଦୀପ ପ୍ରଧାନ ମୁଖ୍ୟ ଅତିଥି, ଆଇନଜୀବୀ ଅଖଣ୍ଡ ସମ୍ମାନିତ ଅତିଥି, ପୂର୍ବତନ ବାଲେଶ୍ୱର ଜିଲ୍ଲା ଓକିଲ ସଂଘ ସଭାପତି ମନୋଜ କୁମାର ନାୟକ ମୁଖ୍ୟବକ୍ତା ଭାବେ ଯୋଗ ଦେଇ ସୂଚନା ଅଧିକାର ଅଭିଯାନର ବିଭିନ୍ନ ଦିଗ, ଏନେଇ ଉପୁଜୁଥିବା ସମସ୍ୟା, ସରକାରଙ୍କ ଆଭିମୁଖ୍ୟ, ଭ୍ରଷ୍ଟାଚାରମୁକ୍ତ ରାଷ୍ଟ୍ର ଗଠନରେ ଏହାର ଭୂମିକା ସମ୍ପର୍କରେ ଆଲୋଚନା କରିଥିଲେ। ଏହି ଅବସରରେ ବାଲିଆପାଳ ବ୍ଲକରେ ବିଭିନ୍ନ ସରକାରୀ ଯୋଜନା ଠିକ ଭାବରେ କାର୍ଯ୍ୟକାରୀ ନ ହେବା, ବିଭିନ୍ନ ବିଭାଗରେ କର୍ମଚାରୀ ମରୁଡି, ଗରିବ ଲୋକଙ୍କୁ ନ୍ୟାୟ ନ ମିଳିବା, ସରକାରୀ ସହାୟତାକୁ କର୍ମଚାରୀ ମାନେ ଲୁଟି ନେବା ଆଦି ସମ୍ପର୍କରେ ଅବଗତ କରାଇବା ପାଇଁ ରାଜ୍ୟ ସଭାପତିଙ୍କୁ ଏହି ଅବସରରେ ଏକ ଦାବି ପତ୍ର ପ୍ରଦାନ କରାଯାଇଛି। କୁଶ ଧ୍ୱଜ ଜେନା, ସୁବୋଧ ପାତ୍ର, ବିପିନ ଦାସ, ସୁନୀଲ କୁମାର ସି, ଅଶୋକ କୁମାର ଦତ୍ତ, ଗୋପୀନାଥ ଗଙ୍ଗାଇ, କାହ୍ନୁ ଚରଣ ପାତ୍ର, ବାଦଲ କୁମାର ପାତ୍ର, ଶେଖ ମୁନ୍ନା, ଶରତ କୁମାର ପାତ୍ର, ଅରୁଣ ମଣ୍ଡଳ, କାମଳ ଲୋଚନ ରାଉତ, ଚନ୍ଦନ କୁମାର ଭଞ୍ଜ, ତନୁଜ ମିଶ୍ର ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।



## ସିପିଏମ୍ ଜଳେଶ୍ୱର ଓ ଭୋଗରାଇ ଆଞ୍ଚଳିକ କମିଟିର ଆଲୋଚନାଚକ୍ର




ଜଳେଶ୍ୱର ବ୍ଲକ୍, ୨୨।୬ (ସମିସ) : ଭାରତୀୟ କମ୍ୟୁନିଷ୍ଟ ପାର୍ଟି (ମାର୍କ୍ସବାଦୀ)ର ଜଳେଶ୍ୱର ଓ ଭୋଗରାଇ ଆଞ୍ଚଳିକ କମିଟି ଦ୍ୱାରା ମିଳିତ ଭାବେ ଏକ ଆଲୋଚନା ଚକ୍ର ଅନୁଷ୍ଠିତ ହୋଇଯାଇଛି। ୨୪ତମ ପାର୍ଟି କଂଗ୍ରେସରେ ଗୃହୀତ ରାଜନୈତିକ ରିପୋର୍ଟ ଓ ସାଂଗଠନିକ କର୍ତ୍ତବ୍ୟକୁ ପାର୍ଟିର ତୃଣମୂଳ ସ୍ତର ପର୍ଯ୍ୟନ୍ତ ନେଇଯିବା ଏବଂ ସରକାରଙ୍କ ସମସ୍ତ ଜନବିରୋଧୀ ନୀତି ବିରୋଧରେ ଲଢ଼େଇ ଜାରି ରଖିବା ପାଇଁ ମାର୍ଗ ନିର୍ଦ୍ଧାରଣର ଲକ୍ଷ୍ୟ ନେଇ ଏହି ଆଲୋଚନା ଚକ୍ରର ଆୟୋଜନ ହୋଇଥିଲା। ପାର୍ଟିର ଆଞ୍ଚଳିକ କମିଟି ସମ୍ପାଦକ ଅକ୍ଷୟ କୁମାର ମିଶ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି କର୍ମୀ ସମାବେଶରେ ରାଜ୍ୟ ସମ୍ପାଦକ ସୁରେଶ ପାଣିଗ୍ରାହୀ ଯୋଗ ଦେଇ କହିଥିଲେ ଆମ ଦେଶ ଏବେ ଗଭୀର ସଙ୍କଟ ଦେଇ ଗତି କରୁଛି। ନବ୍ୟ ଉଦାରବାଦୀ ତଥା କର୍ପୋରେଟ ସପକ୍ଷବାଦୀ ଅର୍ଥନୀତିକୁ ଆପଣେଇ ସରକାର ଯେଉଁ ବିକାଶର ଚିତ୍ର ଲୋକଙ୍କ ସମ୍ମୁଖରେ ଥୋଉଛନ୍ତି ତାହା ନକଲି, ମନଗଢା ଏବଂ ପ୍ରାୟୋଜିତ। ବାଲେଶ୍ୱର ଜିଲ୍ଲା ସମ୍ପାଦକ ଶିଶିର ହୁଇ ପାର୍ଟି ସଭ୍ୟମାନଙ୍କର ସାଂଗଠନିକ କର୍ତ୍ତବ୍ୟ' ସମ୍ପର୍କରେ ଆଲୋଚନା କରିବାକୁ ଯାଇ କହିଥିଲେ ପ୍ରତ୍ୟେକ ପାର୍ଟି ସଭ୍ୟ ନିୟମିତ ଭାବେ ବୈଠକରେ ଯୋଗଦେବା, ପାର୍ଟି ପତ୍ରିକା ପଢିବା ଓ ଆଦର୍ଶଗତ ଭାବେ ନିଜକୁ ଶାଣିତ କରିବା ହେଉଛି ପ୍ରାଥମିକ କର୍ତ୍ତବ୍ୟ। ରାଜ୍ୟ କମିଟି ସଦସ୍ୟ ସୀତାଂଶୁ ସେନାପତି ବକ୍ତବ୍ୟ ରଖିଥିଲେ। ଭୋଗରାଇ ଆଞ୍ଚଳିକ କମିଟି ସମ୍ପାଦକ ବିଶ୍ୱଜିତ ଦାସ ଉପସ୍ଥିତ ଥିବା ବେଳେ ଜିଲ୍ଲା କମିଟି ସଭ୍ୟ ନାରୀ ନେତ୍ରୀ ମମି ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ। ଏହି ଆଲୋଚନା ଚକ୍ରରେ ଦୁଇଶହ ପାର୍ଟି ସଭ୍ୟ ଯୋଗଦେଇଥିଲେ।

## ମହମ୍ମଦପୁର ବିଦ୍ୟାଳୟର ସୁବର୍ଣ୍ଣ ଜୟନ୍ତୀ ଉପଲକ୍ଷେ ସାଧାରଣ ସଭା



ସିମୁଳିଆ,୨୨।୬ (ସମିସ): ସିମୁଳିଆ ବ୍ଲକ ଅନ୍ତର୍ଗତ ଆନନ୍ଦପୁର ପଞ୍ଚାୟତ ମହମ୍ମଦପୁର ଉଚ୍ଚ ବିଦ୍ୟାଳୟରେ ଆସନ୍ତା ଡିସେମ୍ବର ୧୨, ୧୩ ଓ ୧୪ତାରିଖରେ ହେବାକୁ ଥିବା ସୁବର୍ଣ୍ଣ ଜୟନ୍ତୀ ଉପଲକ୍ଷେ ଆଜି ସାଧାରଣ ସଭା ପୁରାତନ ଛାତ୍ରଛାତ୍ରୀଙ୍କୁ ନେଇ ଅନୁଷ୍ଠିତ ହୋଇଯାଇଛି । ଏହି ସଭାରେ ସୁବର୍ଣ୍ଣ ଜୟନ୍ତୀ କମିଟିର ସଭାପତି ସୁଶିଲ କୁମାର ପଣ୍ଡା ସଭାପତିତ୍ୱ କରିଥିଲେ । ୩ ଦିନ ଧରି ହେବାକୁ ଥିବା ଉତ୍ସବରେ ବିଭିନ୍ନ ବିଭାଗର ଛାତ୍ରଛାତ୍ରୀଙ୍କୁ ସୁବର୍ଣ୍ଣ ଜୟନ୍ତୀ କମିଟିର ସମ୍ପାଦକ ଗଣେଶ ତ୍ରିପାଠୀ ଦାୟିତ୍ୱ ବଣ୍ଟନ କରିଥିଲେ । ରକ୍ତଦାନ ଶିବିର, ସ୍ୱାସ୍ଥ୍ୟ ଶିବିର, ବିଜ୍ଞାନମେଳା, କବି ସମ୍ମିଳନୀ, ବିଭିନ୍ନ ଦିଗରେ ପାରଦର୍ଶୀତା ଲାଭ କରିଥିବା ପ୍ରତିଭା ମାନଙ୍କୁ ସମ୍ମାନିତ କରିବା । ପୁରାତନ ଛାତ୍ର ମାନଙ୍କୁ ନେଇ ଏକ ବନ୍ଧୁତ୍ୱପୂର୍ଣ୍ଣ କ୍ରିକେଟ ଟୁର୍ନାମେଣ୍ଟ ହେବା ନେଇ ସର୍ବସମ୍ମତି କ୍ରମେ ପ୍ରସ୍ତାବ ଆଗତ ହୋଇଥିଲା । ଶେଷରେ ସୁବର୍ଣ୍ଣ ଜୟନ୍ତୀର ଏକ ଲୋଗୋ ଉନ୍ମୋଚନ ହେବା ସହିତ ପୂର୍ବତନ ଶିକ୍ଷକ ମାନଙ୍କ ଦ୍ୱାରା ବିଦ୍ୟାଳୟ ପରିସର ରେ ବୃକ୍ଷ ରୋପଣ କରାଯାଇଥିଲା । ଏଥିରେ ପ୍ରଧାନ ଶିକ୍ଷକ ତପନ ମଲ୍ଲିକ, ପୂର୍ବତନ ପ୍ରଧାନ ଶିକ୍ଷକ ବିରାଜ କୁମାର ପାଢ଼ୀ, ପୂର୍ବତନ ଶିକ୍ଷକ ନିର୍ମଳ କାନ୍ତ ପଣ୍ଡା, କୃତିଭାସ ପଣ୍ଡା, ମଧୁସୁଦନ ଦାସ, ଗଣେଶ ଦାସ ପ୍ରମୁଖ ଉପସ୍ଥିତ ଥିଲେ ।

## କଳିଙ୍ଗ ପବ୍ଲିକ ସ୍କୁଲରେ ଷୋଡ଼ଶ ପ୍ରବେଶ ଉତ୍ସବ



ଭୋଗରାଇ, ୨୨।୬(ସମିସ) : ଭୋଗରାଇ ବ୍ଲକ ଦେହୁର୍ଦ୍ଦା ପଞ୍ଚାୟତରେ ଥିବା କଳିଙ୍ଗ ପବ୍ଲିକ ସ୍କୁଲରେ ଷୋଡ଼ଶ ପ୍ରବେଶ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଏଥିରେ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ଦୁର୍ଗା ଶଙ୍କର ଜେନା ସଭାପତିତ୍ୱ କରିଥିଲେ। ବିଦ୍ୟାଳୟର ଟ୍ରଷ୍ଟ ବୋର୍ଡର ସଭାପତି ସୁରେଶ କୁମାର ଦାସ, ସମ୍ପାଦକ ସନ୍ତୋଷ କୁମାର ଜେନା, ଉପାଧ୍ୟକ୍ଷା ପୂର୍ଣ୍ଣିମା ବେହେରା, ଉପଦେଷ୍ଟା ହରିଶ ଚନ୍ଦ୍ର ପାତ୍ର, ପ୍ରଶାସନିକ ଅଧିକାରୀ ସଞ୍ଜୟ କୁମାର ମହାନ୍ତି, ପୂଜା ପଟ୍ଟନାୟକ ଉପସ୍ଥିତ ରହି ଛାତ୍ରଛାତ୍ରୀଙ୍କୁ ନୂତନ ଶିକ୍ଷା ବର୍ଷକୁ ସ୍ୱାଗତ କରିବା ସହିତ ଏକ ସଫଳ ଛାତ୍ର ଛାତ୍ରୀ ହେବା ପାଇଁ ପରାମର୍ଶ ଦେଇଥିଲେ। ଏହି ଉତ୍ସବରେ ୨୦୨୪-୨୦୨୫ ବର୍ଷର ସିବିଏସ୍‌ଇ ଦଶମ ଶ୍ରେଣୀରେ ସର୍ବୋଚ୍ଚ ନମ୍ବର ରଖି ବିଦ୍ୟାଳୟକୁ ଗୌରବାନ୍ୱିତ କରିଥିବା ତିନି ଛାତ୍ର ସ୍ୱରାଜ କୁମାର ଜେନା, ଦେବଜିତ କାମିକା ଓ ଆଶିଷ କୁମାର ମହାନ୍ତିଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଏହି ଉତ୍ସବକୁ ବିଦ୍ୟାଳୟର ଶିକ୍ଷକ ଶିକ୍ଷୟିତ୍ରୀ ବିଷ୍ଣୁପଦ ଦାସ, ସୁଦୀପ ଦାସ, ଗଣେଶ ଚନ୍ଦ୍ର ପାତ୍ର, ଅନୁପ ପରିଡା ଅସିତ ମଣ୍ଡଳ, ସୁକୁମାର ମହାନ୍ତି, ମିନାକ୍ଷୀ କର, ସମ୍ଭାବନା ପରିଡ଼ା, କାର୍ଜଲ ଘୋଷ, ଇପ୍ସିତା ଜେନା, ସବାଫ ତବସୁମ ପ୍ରିୟଦର୍ଶିନୀ ପରିଡା ସହଯୋଗ କରିଥିଲେ।

## ବିବିସିସି ନୂତନ ବସ୍ତା ଶାଖା ପରିଚାଳକଙ୍କୁ ସମ୍ବର୍ଦ୍ଧନା

ରାଜଘାଟ, ୨୨।୬ (ସମିସ): ବାଲେଶ୍ୱର ଭଦ୍ରକ କେନ୍ଦ୍ର ସମବାୟ ବ୍ୟାଙ୍କ ବସ୍ତା ଶାଖାରେ ନୂତନ ଶାଖା ପରିଚାଳକ ଶିତିସ୍ମିତା ଦଳେଇଙ୍କୁ ୧୨ଟି ସେବା ସମବାୟ ସମିତିର ସଭାପତି ସମ୍ପାଦକ ଓ ବ୍ୟାଙ୍କର ସମସ୍ତ କର୍ମଚାରୀ ଉତ୍ତରୀୟ ପୁଷ୍ପଗୁଚ୍ଛ ଦେଇ ସ୍ୱାଗତ ସମ୍ବର୍ଦ୍ଧିତ କରିଥିଲେ। ଅତିଥି ଭବନରେ ହରିହର ମହାନ୍ତିଙ୍କ ପୌରହିତ୍ୟରେ ଏକ ସଭାର ଆୟୋଜନ ହୋଇଥିଲା। ଏହି ସଭାରେ ହରିହର ମହାନ୍ତି ଶ୍ୟାମ ସୁନ୍ଦର ମାଝୀ ସେକ୍ରେଟାରୀ ରତିକାନ୍ତ ବୁଗୁଡି, ଅନନ୍ତ ପାତ୍ର, ନିରଞ୍ଜନ ପାତ୍ର, ରାସ ବିହାରି ଦାସ, ଗୋପାଳ ଚନ୍ଦ୍ରଦାସ, ଜ୍ୟୋତିଶଙ୍କର ଭୂୟାଁ, ସୃଷ୍ଟିଧର ପରିଡା, ଅଞ୍ଜନ କୁମାର ଦାସ ସମେତ ୧୨ଟି ସମବାୟ ସମିତିର ସମ୍ପାଦକ ଚାଷୀ ଓ ବ୍ୟାଙ୍କ କର୍ମଚାରୀ ଉପସ୍ଥିତ ଥିଲେ।



# ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା; ବିଜେଡିର ପୂଜାର୍ଚ୍ଚନା







ଭୋଗରାଇ/ଚନ୍ଦନେଶ୍ୱର, ୨୨।୬(ସମିସ)

ଓଡ଼ିଶାର ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକଙ୍କ ଆଜି ମୁମ୍ବାଇ ସ୍ଥିତ ଏକ ହସ୍ପିଟାଲରେ ଅସ୍ତ୍ରୋପଚାର ହେଉଛି। ତେଣୁ ତାଙ୍କର ଆଶୁ ଆରୋଗ୍ୟ କାମନା କରି ଆଜି ଭୋଗରାଇ ବିଜେଡି ପକ୍ଷରୁ ବିଭିନ୍ନ ଦେବା ଦେବୀ ମନ୍ଦିରରେ ପୂଜାର୍ଚ୍ଚନା କରାଯାଇଛି। ଆଜି ସକାଳେ ଭୋଗରାଇ ବିଧାୟକ ଗୌତମ ବୁଦ୍ଧ ଦାସଙ୍କ ସହ ବିଭିନ୍ନ ପଞ୍ଚାୟତର ବିଜେଡି ଦଳର ନେତା ମାନେ ବାବା ଚନ୍ଦନେଶ୍ୱର, ମାଆ ବିଜୟା ବାଶୁଳୀଙ୍କ ଠାରେ ପୂଜାର୍ଚ୍ଚନା କରି ସଫଳ ଅସ୍ତ୍ରୋପଚାର ସହ ତାଙ୍କର ଆଶୁ ଆରୋଗ୍ୟ କାମନା କରିଥିଲେ। ଏହି ପୂଜାର୍ଚ୍ଚନାରେ ବିଜେଡି ସଭାପତି ତଥା ପୂର୍ବତନ ସରପଂଚ ରମାକାନ୍ତ କରଣ, ବ୍ଲକ ଅଧ୍ୟକ୍ଷ ପ୍ରବୀର କୁମାର ଗିରି, ଜିଲ୍ଲା ଉପସଭାପତି ତପନ କୁମାର ପଣ୍ଡା, ଜିଲ୍ଲା ପରିଷଦ ସଭ୍ୟା ଦମୟନ୍ତୀ ସାହୁ ନିବେଦିତା ମହାନ୍ତି, କବିତା ମହାନ୍ତି, ଗିରିଶ ଦତ୍ତ, ଭୋଗରାଇ ସରପଂଚ ସୁଷମା କର, ଗୋପୀନାଥପୁର ସରପଂଚ ରାଜୀବ ଘୋଷ, ସୁଲତାନପୁର ସରପଞ୍ଚ ଅଶୋକ ଜେନା, ଜୟରାମପୁର ସରପଂଚ ଦିପ୍ତୀରାଣୀ ମିଶ୍ର, କୁମ୍ଭାରମୂଳି ସରପଂଚ ବିବେକାନନ୍ଦ ମିଶ୍ର, ସଦସ୍ୟ ଶିର୍ଷେନ୍ଦୁ ମହାନ୍ତି, ସୁନାଧରବଣାଣ ସଦସ୍ୟା ସସ୍ମିତା ଜେନା, ଅନଳିଆ ସଦସ୍ୟ ଗୌତମ ଗିରି, ଗୋପିନାଥପୁର ସଦସ୍ୟାଙ୍କ ପ୍ରତିନିଧି ଦୂର୍ଗା ଚରଣ ସାହୁ, ଆରୁଆବୃତ୍ତି ୧ ପୂର୍ବତନ ସରପଂଚ ଯୋଗେନ୍ଦ୍ର ପାଳ, ଦେହୁର୍ଦ୍ଦା ପଞ୍ଚାୟତର ସଦସ୍ୟା ପ୍ରତିନିଧି ସୁବଳ ଜେନା, ଯୁବ ନେତା ତାପସ ଦାସ ମହାପାତ୍ର, ବିଜୁ ଜନତାଦଳର ଯୁବ ସଭାପତି ଅଶୋକ ସାହୁ ଆଦି ବହୁ ନବୀନ ପ୍ରେମୀ ମାନେ ଉପସ୍ଥିତ ଥିଲେ। ସେହିପରି ଭୋଗରାଇ ବ୍ଲକ ନାରାୟଣ ମହାନ୍ତି ପଡିଆ ଓ କୁମ୍ଭୀରଗଡ଼ି ପଞ୍ଚାୟତ ପକ୍ଷରୁ ବାବା ଭୂଷଣ୍ଡେଶ୍ୱର ପୀଠରେ କୋଟି ଓଡିଆଙ୍କ ହୃଦୟର ସ୍ପନ୍ଦନ ନବୀନ ପଟ୍ଟନାୟକଙ୍କ ଆଶୁ ଆରୋଗ୍ୟ କାମନା କରି ପୂଜାର୍ଚ୍ଚନା କରାଯାଇଥିଲା। ପୂର୍ବତନ ଜିଲ୍ଲା ପରିଷଦ ପ୍ରଦୀପ କୁମାର ବେହେରାଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ କୁମ୍ଭୀରଗଡ଼ି ପଞ୍ଚାୟତର ପୂର୍ବତନ ସମିତି ସଦସ୍ୟ ଭବେନ୍ଦ୍ର ସାହୁ, ନାରାୟଣ ମହାନ୍ତି ପଡିଆ ପଞ୍ଚାୟତର ସରପଞ୍ଚ ରାଧାରାଣୀ ବେହେରା, ସମିତି ସଦସ୍ୟ ବିଶ୍ୱନାଥ ଗିରି, ନାରାୟଣ ମହାନ୍ତି ପଡିଆ ପଞ୍ଚାୟତର ବିଜେଡି ସଭାପତି ତୀର୍ଥ କୁମାର ମାଝୀ, ନାଏବ ସରପଞ୍ଚ ମାନଗୋବିନ୍ଦ ପାତ୍ର, କୁମ୍ଭୀରଗଡ଼ି ପଞ୍ଚାୟତର ବିଜେଡି ସଭାପତି ସୁଶାନ୍ତ ପଟ୍ଟନାୟକ ପ୍ରମୁଖ ଓ ଅନ୍ୟମାନେ ଆଶୁ ଆରୋଗ୍ୟ କାମନା କରି ବାବା ଭୂଷଣ୍ଡେଶ୍ୱରଙ୍କ ନିକଟରେ ପ୍ରାର୍ଥନା କରିଥିଲେ।

**ଜଳେଶ୍ୱର ବ୍ଲକ୍ :** ଜଳେଶ୍ୱର ବିଜେଡ଼ି ପକ୍ଷରୁ ଆଜି ସକାଳ ସମୟରେ ଜଳେଶ୍ୱର ଷ୍ଟେସନ ବଜାରରେ ଥିବା ମା' କାଳୀ ମନ୍ଦିର ପରିସରରେ ଓଡ଼ିଶା ବାସୀଙ୍କ ପ୍ରିୟ ନେତା ପୂର୍ବତନ ମୁଖ୍ୟମନ୍ତ୍ରୀ ଓ ବିଜେଡ଼ି ଦଳର ସୁପ୍ରିମୋ ତଥା ବିରୋଧୀ ଦଳର ନେତା ନବୀନ ପଟ୍ଟନାୟକଙ୍କ ଅସୁସ୍ଥତା କାରଣରୁ ସେ ଚିକିତ୍ସା ପାଇଁ ମୁମ୍ବାଇ ଯାଇଛନ୍ତି। ସେ ଶୀଘ୍ର ସୁସ୍ଥ ହୋଇ ପୁଣି ଓଡ଼ିଶାବାସୀଙ୍କ ସେବାରେ ନିଜକୁ ନିୟୋଜିତ କରନ୍ତୁ ବୋଲି ସାରା ଓଡ଼ିଶା ବାସୀ ଓ ବିଜେଡ଼ିର ବରିଷ୍ଠନେତାମାନଙ୍କ ଠାରୁ ଆରମ୍ଭ କରି ମହିଳା, ଛାତ୍ର, ଯୁବକ ମାନେ ଶୁଭ କାମନା ମନାସିଛନ୍ତି । ସେହିପରି ଆଜି ଓଡ଼ିଶା ସରକାରଙ୍କୁ ପୂର୍ବତନ ମନ୍ତ୍ରୀ ତଥା ବର୍ତ୍ତମାନର ଜଳେଶ୍ୱର ବିଧାୟକ ଅଶ୍ୱିନୀ କୁମାର ପାତ୍ର, ବ୍ଲକ ଅଧ୍ୟକ୍ଷ ମାନସ ଜେନା, ଜିଲ୍ଲା ପରିଷଦ ଉପାଧ୍ୟକ୍ଷା ଅନୁସୟା ପ୍ରଧାନ, ଲେଲିନ ପ୍ରଧାନ, ଦିଲ୍ଲୀପ ସାମଲ, ବିଦ୍ୟାଧର ମଲ୍ଲିକ, ସୁବିନୀତା ଦତ୍ତ, ଅରୁଣ ସେନାପତି, ଗୋବିନ୍ଦ ସାହୁ, ଚିତ୍ତ ରଞ୍ଜନ ମହାନ୍ତି, ଆନନ୍ଦ କର, ସୁରଜ୍ ଚୌରାଶିଆ, ଗୌତମ ପାତ୍ର, ଗୌରବ ଦାସ, ଶିବଶଙ୍କର ସାହୁ, ଗଣେଶ ଦଳାଇ ପ୍ରମୁଖ ଅନେକ ବିଜେଡି ନେତା ଓ କର୍ମୀ ମାନେ ପୂଜାର୍ଚ୍ଚନା ସହିତ ଦୀପ ପ୍ରଜ୍ୱଳନ କରି ଶୁଭେଚ୍ଛା ସହିତ ମଙ୍ଗଳକାମନା କରିଥିଲେ।




**ଲଙ୍ଗଳେଶ୍ୱର:** ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଶରୀର ଅସୁସ୍ଥ ଥିବାରୁ ଚିକିତ୍ସା ପାଇଁ ମୁମ୍ବାଇ ଯାଇଛନ୍ତି। ଖୁବଶୀଘ୍ର ସେ ସୁସ୍ଥ ହୋଇ ଯାଆନ୍ତୁ, ତାଙ୍କର ଆଶୁ ଆରୋଗ୍ୟ କାମନା କରି ବସ୍ତା ବିଧାୟିକା ସୁବାସିନୀ ଜେନା ଲଙ୍ଗଳେଶ୍ୱର ମହାଦେବ ମନ୍ଦିରରେ ଦୀପ ଜାଳି ଥିଲେ। ଆଜି ଅପରାହ୍ନରେ ସେ ମନ୍ଦିରରେ ପହଞ୍ଚି ବାବା ଲଙ୍ଗଳେଶ୍ୱରଙ୍କ ଠାରେ ପୂଜାର୍ଚ୍ଚନା କରିଥିଲେ। ନବୀନ ଖୁବଶୀଘ୍ର ସୁସ୍ଥ ହୋଇ ଓଡିଶା ଆସି ପୁଣି ବିଜେଡିର ମଙ୍ଗ ଧରିବା ପାଇଁ ସେ ସକ୍ରିୟ ହୁଅନ୍ତୁ ବୋଲି ବାବାଙ୍କ ଠାରେ ଗୁହାରି ଜଣାଇଥିଲେ। ପରେ ସେ ଏକ ହଜାର ଦୀପ ପ୍ରଜ୍ୱଳନ କରିଥିଲେ। ବିଧାୟକଙ୍କ ସହିତ ଜିଲ୍ଲା ପରିଷଦ ସଦସ୍ୟ ବେଣୁଧର ଜେନା, ଅଜୟ ସାମଲ, ଦେବ କୁମାର ଦେ, ଅଶ୍ୱିନୀ କୁମାର ଜେନା, ମହିନ୍ଦ୍ର ବାରିକ, ସୌମ୍ୟଦୀପ ଚକ୍ରବର୍ତ୍ତୀ, ବିଜେଡି ବ୍ଲକ ସଭାପତି ଗୋବିନ୍ଦ ଦାସ, ଚକ୍ରଧର ଗୀରି, ରଞ୍ଜିତା ତୁଙ୍ଗ, କସ୍ତୁରୀ ବଳା ପାତ୍ର, ସପନ କୁମାର ରାଉତ, ଭଗବାନ ଗୀରି ସମେତ ଶତାଧିକ ବିଜେଡି କର୍ମୀ ଉପସ୍ଥିତ ଥିଲେ।

# କଷ୍ଟ ପରେ କଷ୍ଟ ସରୁଛି, ସରୁନି ଦେଓଗାଁ ଗଣ୍ଡାନାଳ ସେତୁ କାର୍ଯ୍ୟ

ରାମଚନ୍ଦ୍ରପୁର,୨୨।୬(ସମିସ):



ଦେଓଗାଁ-ରାମଚନ୍ଦ୍ରପୁର ରାସ୍ତାର ଗଣ୍ଡାନାଳ ଉପରେ ପୂର୍ତ୍ତ ବିଭାଗ ପକ୍ଷରୁ ୩କୋଟିରୁ ଅଧିକ ଟଙ୍କା ବ୍ୟୟ ଅଟକଳ କରାଯାଇ ନୂତନ ସେତୁ ନିର୍ମଣା କାର୍ଯ୍ୟ ଚାଲୁଛି। ଏହାର କଚ୍ଛପ ଗତିକୁ ନେଇ କେବେ ଶେଷ ହେବ ସେନେଇ ଅନିଶ୍ଚିତତା ଭିତରକୁ ଠେଲି ହୋଇ ଯାଇଛି। କାର୍ଯ୍ୟ ଆରମ୍ଭର ୧୮ ମାସ ପରେ ବି ସେତୁ କାମ ଅସପୂର୍ଣ୍ଣ ଅବସ୍ଥାରେ। ଫଳରେ ସ୍ଥାନୀୟ ଲୋକେ ଯାତାୟାତରେ ଘୋର ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ସ୍ଥାନୀୟ ବିଧାୟକ ବଦ୍ରିନାରାୟଣ ପାତ୍ର ଏବଂ ତତ୍କାଳୀନ କେନ୍ଦୁଝର ସାଂସଦ ଚନ୍ଦ୍ରାଣୀ ମୁର୍ମୁ ୨୦୨୪ ଫେବୃଆରୀରେ ଉକ୍ତ ସେତୁର ଭିତ୍ତିପ୍ରସ୍ତର ସ୍ଥାପନ କରିବା ପରେ କାର୍ଯ୍ୟ ଆରମ୍ଭ ହୋଇଥିଲା। ଏହି ରାସ୍ତାଟି ରାମଚନ୍ଦ୍ରପୁର ନିକଟରେ ୨୦ ନମ୍ବର ଜାତୀୟ ରାଜପଥକୁ ସଂଯୋଗ କରୁଥିବାରୁ ଏହି ରାସ୍ତା ଦେଇ ହରିଚନ୍ଦନପୁର, କେଶଦୁରାପାଳ, ଦେଓଗାଁ ଅଞ୍ଚଳର ଲୋକେ କଟକ ବଡ଼ ମେଡିକାଲ ସମେତ ରାଜଧାନୀ ଭୁବନେଶ୍ୱରକୁ ସିଧାସଳଖ ଭାବେ ଯିବାଆସିବା କରିଥାଆନ୍ତି। ସେତୁ କାର୍ଯ୍ୟ ସମ୍ପୂର୍ଣ ହୋଇ ନଥିବାରୁ ବର୍ଷା ଦିନରେ ଯିବାଆସିବା ବାଧାପ୍ରାପ୍ତ ହେଉଛି। ଗତ ଲଘୁଚାପ ବର୍ଷାରେ ଆପ୍ରୋଚ ରାସ୍ତା ଉପରକୁ ବର୍ଷା ଜଳ ଚାଲି ଆସିଥିଲା। ଫଳରେ ଦୁଇ ଦିନ ଯାଏଁ ଯାତାୟାତ ବନ୍ଦ ରହିଥିଲା। ଏ ସଂକ୍ରାନ୍ତରେ ପୂର୍ତ୍ତ ବିଭାଗ ଅଧିକାରୀ କେଲୁଚରଣ ବେହେରା କହିଛନ୍ତି ଯେ ଗଣ୍ଡାନାଳ ସେତୁ ନିର୍ମାଣ କରୁଥିବା ଠିକାଦାର ନିର୍ମାଣ କାର୍ଯ୍ୟରେ ବିଳମ୍ବ ଯୋଗୁଁ ଅନେକ ଥର ତାଙ୍କୁ ବିଭାଗୀୟ ଚିଠି ହେବା ସହ ଜରିମାନା ଆଦାୟ ହୋଇଛି। ଚଳିତବର୍ଷ ଶେଷ ସୁଦ୍ଧା କାର୍ଯ୍ୟ ସମାପ୍ତ ହେବ ବୋଲି ଠିକାଦାରଙ୍କୁ କଣ୍ଟ ଦିଆଯାଇଥିବା ସେ କହିଛନ୍ତି।

## ନିର୍ମାଣର ୭ ଦିନ ମଧ୍ୟରେ ରାସ୍ତା ଫାଟିଲା




ତୁରୁମୁଙ୍ଗା, ୨୨।୬(ସମିସ): କେନ୍ଦୁଝର ଜିଲ୍ଲା ସାହାରପଡ଼ା କରଞ୍ଜିଆ ୨୨୦ ନମ୍ବର ଜାତୀୟ ରାଜପଥର ଦେଓ ପୋଲ ସଂଲଗ୍ନ ସାହାରପଡ଼ା ରାସ୍ତା ନିର୍ମାଣର ୭ ଦିନ ନପୂରୁଣୁ ୫ରୁ ଊର୍ଦ୍ଧ୍ୱ ସ୍ଥାନରେ ପିଚୁ ଉଠି ଫାଳ ଫାଳ ହୋଇ ଯାଇଛି। ଦେଓ ନଦୀ ପୋଲ ବାଡ଼ ଉଭୟ ପାର୍ଶ୍ୱ ଆପ୍ରୋଚ ରୋଡର ନିର୍ମାଣ କାର୍ଯ୍ୟ କରୁଥିବା ଠିକାସଂସ୍ଥା କିଛି ଦିନ ହେବ କାମ ଆରମ୍ଭ କରିଥିଲେ। ତେବେ କାମ ହେବାର ୭ଦିନ ନପୂରୁଣୁ ରାସ୍ତାର ବିଭିନ୍ନ ସ୍ଥାନରେ ପିଚୁ ଫାଳ ଫାଳ ହୋଇ ଯାଇଛି। ନୂତନ ମାଟି ପଡ଼ିଥିବା ରାସ୍ତା କାମ ନିମ୍ନମାନର ହୋଇଥିବାରୁ ପିଚୁ ଫାଟି ଯାଇଛି। ତୁରନ୍ତ ରାସ୍ତା କାର୍ଯ୍ୟ ପୁନଃନିର୍ମାଣ କରିବା ସହ କାର୍ଯ୍ୟରେ ଅବହେଳା କରିଥିବା ଠିକାସଂସ୍ଥାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ଦାବି ହୋଇଛି।

## ଟ୍ରକ୍ ଧକ୍କାରେ ଅଟୋ ଓଲଟି ମହିଳା ଗୁରୁତର



ବାଲିବନ୍ଧ, ୨୨।୬ (ସମିସ): ଆଉ ଆଠ ଦିନ ପରେ ଝିଅ ବାହାଘର ହୋଇଥାନ୍ତା। ଟ୍ରକ ଧକ୍କା ଦେବାରୁ ଅଟୋ ଓଲଟି ମା' ଗୁରୁତର ହୋଇ ଚିକିତ୍ସାଧୀନ ଅଛନ୍ତି। ୨୦ନମ୍ବର ଜାତୀୟ ରାଜପଥ ଝୁମ୍ପୁରା ଥାନା ଅନ୍ତର୍ଗତ ବାଲିବନ୍ଧ ନିକଟରେ ଏକ ଟ୍ରକ ଭାରସାମ୍ୟ ହରାଇ ଏକ ଡାଲା ଅଟୋକୁ ପଛ ପଟରୁ ଧକ୍କା ଦେଇଥିଲା। ଅଟୋଟି ରାସ୍ତାକଡ଼କୁ ଛିଟିକି ଓଲଟି ପଡ଼ିବାରୁ ଚାଳକ ଏବଂ ଦୁଇ ଜଣ ପାସେଞ୍ଜର ମଧ୍ୟ ଛିଟିକି ପଡ଼ିଥିଲେ। ଫଳରେ ଜଣେ ମହିଳାଙ୍କ ମୁଣ୍ଡରେ ଆଘାତ ଲାଗିବାରୁ ସେ ଗୁରୁତର ହୋଇଛନ୍ତି। ସେ ହେଲେ ନିଶ୍ଚିନ୍ତପୁର ପଞ୍ଚାୟତ ଘୁଣ୍ଟିପଶି ଗ୍ରାମର ଆଶାଲତା ମହାନ୍ତ। ଆଶାଲତା ଏବଂ ତାଙ୍କ ଭାଇ ବୁଲୁ ଝୁମ୍ପୁରା ବଜାରରୁ ବାହାଘର ସାମଗ୍ରୀ କିଣି ଏକ ଡାଲା ଅଟୋ ଲୋଡ କରି ଘୁଣ୍ଟିପଶିକୁ ଫେରୁଥିଲେ। ସ୍ଥାନୀୟ ଲୋକେ ସେମାନଙ୍କୁ ଉଦ୍ଧାର କରି ଝୁମ୍ପୁରା ଡାକ୍ତରଖାନାକୁ ପଠାଇଥିଲେ। ପୁଲିସ ଅଟୋକୁ ଜବତ କରିବା ସହ ତଦନ୍ତ ଜାରି ରଖିଛି।

## ବିପଦପୂର୍ଣ୍ଣ ବିଦ୍ୟୁତ୍ ଟ୍ରାନ୍ସଫର୍ମର





ରାମଚନ୍ଦ୍ରପୁର,୨୨।୬(ସମିସ): କୋମଳମତି ଶିଶୁଙ୍କ ଜୀବନ ସହ ଖେଳୁଛି ବିଦ୍ୟୁତ ଯୋଗାଣକାରୀ ସଂସ୍ଥା। ଘସିପୁରା ବ୍ଲକ ରାମଚନ୍ଦ୍ରପୁର ପଞ୍ଚାୟତ ବଡପଦନା ପ୍ରାଥମିକ ବିଦ୍ୟାଳୟ ପାଚେରି କଡ଼ରେ ଖୋଲା ମେଲାରେ ଦୀର୍ଘ ଦିନ ହେଲା ରହିଥିବା ବିଦ୍ୟୁତ ଟ୍ରାନ୍ସଫର୍ମରଟି କୋମଳମତି ଶିଶୁଙ୍କ ପାଇଁ ବିପଦ ସାଜିଛି। ଏଥିନେଇ ବିଦ୍ୟାଳୟ କର୍ତ୍ତୃପକ୍ଷ ଅନେକ ଥର କର୍ମଚାରୀଙ୍କୁ ଅବଗତ କରାଇଥିଲେ ମଧ୍ୟ ଏଦିଗରେ କେହି କର୍ଣ୍ଣପାତ କରୁନାହାନ୍ତି। ସେହିପରି ବଡପଦନା ଖଣ୍ଡୁରୀ ମାତା ପୀଠ ପରିସରରେ ଖୋଲାମେଲାରେ ବିପଦପୂର୍ଣ୍ଣ ଅବସ୍ଥାରେ ଟ୍ରାନସଫର୍ମରଟି ଥିଲେ ମଧ୍ୟ ଏଥିପ୍ରତି ବିଭାଗୀୟ କର୍ମଚାରୀଙ୍କ ଦୃଷ୍ଟି ପଡ଼ିନି। କୌଣସି ଅଘଟଣ ଘଟିବା ପୂର୍ବରୁ ଟିପିଏନଡିଓଏଲ କର୍ତ୍ତୃପକ୍ଷ ଚତୁପାଶ୍ୱର୍ରେ ତାର ବାଡ଼ କରିବାକୁ ଗ୍ରାମବାସୀ ଦୃଷ୍ଟି ଆକର୍ଷଣ କରିଛନ୍ତି।

## ପୋଲତଳକୁ ଆତ୍ମହତ୍ୟା ପାଇଁ ଡେଇଁଥିବା ଯୁବତୀ ଉଦ୍ଧାର

ବାରିପଦା,୨୨।୬(ସମିସ): ଜରାଳୀ ସେତୁ ବା ପୋଲତଳକୁ ରବିବାର ସନ୍ଧ୍ୟା ୮ଟା ବେଳେ ଆତ୍ମହତ୍ୟା ପାଇଁ ଡେଇଁଥିବା ଯୁବତୀଙ୍କୁ ଦମକଳ ବାହିନୀ ଉଦ୍ଧାର କରି ଡାକ୍ତରଖାନାରେ ଭର୍ତ୍ତି କରିଛନ୍ତି। ଉକ୍ତ ଯୁବତୀଙ୍କ ପରିଚୟ ମିଳିନଥିବା ବେଳେ ଆତ୍ମହତ୍ୟାର କାରଣ ମଧ୍ୟ ଜଣାପଡ଼ିନାହିଁ। ପୋଲ ତଳେ ପାଣି କମ୍ ଥିବାରୁ ସେ ମୃତ୍ୟୁମୁଖରୁ ବର୍ତ୍ତିଯାଇଛନ୍ତି।

## ସିଭିଲ ସୋସାଇଟିର ଚତୁର୍ଥ ସାମ୍ବିଧାନିକ ସମ୍ମିଳନୀ

ବେତନଟୀ,୨୨।୬(ସମିସ): ବେତନଟୀର ସିଭିଲ ସୋସାଇଟିର ୪ର୍ଥ ସାମ୍ବିଧାନିକ ସମ୍ମିଳନୀ ଶତାଧିକ ସଦସ୍ୟ, ସଦସ୍ୟା ଓ ନିମନ୍ତ୍ରିତ ଅତିଥିଙ୍କ ଉପସ୍ଥିତିରେ ସ୍ଥାନୀୟ ବନ୍ଧନ କଲ୍ୟାଣମଣ୍ଡପରେ ଅନୁଷ୍ଠିତ ହୋଇଯାଇଅଛି। ବରିଷ୍ଠ ସାମ୍ବାଦିକ ହରିଶ ଚନ୍ଦ୍ର ନନ୍ଦ ଗୋସ୍ୱାମୀ ସମ୍ମିଳନୀକୁ ଉଦଘାଟନ କରିଥିଲେ। ସଭାପତି ଚୂଡ଼ାମଣି ମହାପାତ୍ରଙ୍କ ଅଧ୍ୟକ୍ଷତାରେ ସଭାରେ ସମ୍ପାଦକ ସଚ୍ଚିଦାନନ୍ଦ ମହାନ୍ତି ସଂପାଦକୀୟ ବିବରଣୀ ପାଠ କରିଥିଲେ। କବି ନୀରୋଦ ସୁନ୍ଦର ଜେନାଙ୍କ ସଂଯୋଜନାରେ ସଭାକାର୍ଯ୍ୟ ପରିଚାଳିତ ହୋଇଥିଲା। ସୋସାଇଟିର ମିଡିଆ ଅଧିବକ୍ତା ଅରୁଣ କୁମାର ଓତା ଅତିଥିଙ୍କୁ ମଞ୍ଚ ଆହ୍ୱାନ ଓ ପରିଚୟ ପ୍ରଦାନ କରିଥିଲେ। ମୁଖ୍ୟଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ ନେତ୍ରାନନ୍ଦ ମଲ୍ଲିକ ଯୋଗଦେଇ 'ସମାଜ ସୁଧାରରେ ବରିଷ୍ଠ ନାଗରିକମାନଙ୍କ ଭୂମିକା' ସମ୍ପର୍କରେ ଆଲୋଚନା କରିଥିଲେ। ମୁଖ୍ୟବକ୍ତା ଆଡଭୋକେଟ୍ ମନୋଜ କୁମାର ନାୟକ, ସମ୍ପାଦକ, ବାଲେଶ୍ୱର ସିଭିଲ ସୋସାଇଟି ନିଜ ବକ୍ତବ୍ୟରେ ବେତନଟୀ ସିଭିଲ ସୋସାଇଟିର ଉତ୍ତମ କାର୍ଯ୍ୟାବଳୀର ପ୍ରଶଂସା କରିଥିଲେ। ବିଶେଷ ଅତିଥି ରୂପେ ବିଶିଷ୍ଟ ସମାଜସେବୀ ତଥା ଗାନ୍ଧିବାଦୀ ନେତା ଡ. ଆଦିତ୍ୟ କୁମାର ପଟ୍ଟନାୟକ ସମାଜରେ ବରିଷ୍ଠ ନାଗରିକମାନଙ୍କୁ ସରକାରୀ ସାହାଯ୍ୟରୁ ଉପେକ୍ଷା କରା ନଯିବା ଉଚିତ୍ ବୋଲି ମତବ୍ୟକ୍ତ କରିଥିଲେ। ସମ୍ମାନିତ ଅତିଥି ସୁନୀଲ କୁମାର ଦାଶ, ସଭାପତି ବରିଷ୍ଠ ନାଗରିକ ସଂଘ, ବଡ଼ସାହି କହିଥିଲେ ଯେ, ବରିଷ୍ଠ ନାଗରିକଗଣ ନିଜର ସମୟ ଓ ଶ୍ରମଦାନ କରି ସମାଜକୁ ସୁରକ୍ଷା ଦେବା ଅତ୍ୟନ୍ତ ମହତ୍ କାର୍ଯ୍ୟ ଅଟେ। ସମାଜସେବୀ ରବୀନ୍ଦ୍ରନାଥ ମିଶ୍ର ଓ ସତୀଶ ଚନ୍ଦ୍ର ପାତ୍ରଙ୍କ ସହ ଗତ ମ୍ୟାଟ୍ରିକ ପରୀକ୍ଷାରେ ଟପ୍ପର ପ୍ରିୟଙ୍କା ମହାପାତ୍ରଙ୍କୁ ନାଗରିକ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଥିଲା। ମୋନାଲିସା ସାହୁ ସଙ୍ଗୀତ ପରିବେଷଣ କରିଥିଲେ। କାର୍ଯ୍ୟକ୍ରମ ପରିଚାଳନାରେ ବାସୁଦେବ ନାପିତ, ହରେନ୍ଦ୍ର ନାଥବାରିକ, କମଳଲୋଚନ କର, ସନ୍ତୋଷ ଖଣ୍ଡା ଓ ବାସନ୍ତୀ ସାହୁ ପ୍ରମୁଖ ସହଯୋଗ କରିଥିଲେ। ଶେଷରେ ଯତୀନ୍ଦ୍ରନାଥ ସାହୁ ଧନ୍ୟବାଦ ଜ୍ଞାପନ କରିଥିଲେ। ଦ୍ୱିତୀୟ ଅଧିବେଶନରେ ଆଗାମୀ ୩ ବର୍ଷ ନିମନ୍ତେ ନୂତନ କର୍ମକର୍ତ୍ତା ନିର୍ବାଚନ କରାଯାଇ ସଭାପତି ଭାବେ ଚୂଡ଼ାମଣି ମହାପାତ୍ର, କାର୍ଯ୍ୟକାରୀ ସଭାପତି ହରିଶ୍ଚନ୍ଦ୍ର ନନ୍ଦ ଗୋସ୍ୱାମୀ, ସାଧାରଣ ସମ୍ପାଦକ ସଚ୍ଚିଦାନନ୍ଦ ମହାନ୍ତି, କୋଷାଧ୍ୟକ୍ଷ ହରେନ୍ଦ୍ର ନାଥ ବାରିକଙ୍କ ସହ ନୂତନ ଭାବେ ଉପ-ସଭାପତି ଭାବେ ଅରୁଣ କୁମାର ଓତା ଓ ଯୁଗ୍ମ ସାଧାରଣ ସମ୍ପାଦକ ଭାବେ ରବୀନ୍ଦ୍ରନାଥ ମିଶ୍ରଙ୍କ ସହ ୨୧ଜଣିଆ କମିଟି ଶପଥ ଗ୍ରହଣ କରିଥିଲେ।



## ବନ୍ଦ ରହୁଛି ସାଇଁକୁଳ ସିଏଚ୍‌ସି ଔଷଧ କେନ୍ଦ୍ର

ରାମଚନ୍ଦ୍ରପୁର,୨୨।୬(ସମିସ): କେନ୍ଦୁଝର ଜିଲ୍ଲା ଘସିପୁରା ବ୍ଲକ ସାଇଁକୁଳ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ୧୫ଟି ପଞ୍ଚାୟତର ୩୦ ହଜାରରୁ ଅଧିକ ଲୋକ ସ୍ୱାସ୍ଥ୍ୟସେବା ପାଇଁ ନିର୍ଭରଶୀଳ ଥିବା ବେଳେ ଡାକ୍ତର ଅଭାବ ସାଙ୍ଗକୁ ସ୍ୱାସ୍ଥ୍ୟକର୍ମଚାରୀଙ୍କ ଅବହେଳା କାରଣରୁ ମୁହଁ ଫେରାଉଛନ୍ତି ସ୍ଥାନୀୟବାସିନ୍ଦା। ସରକାରଙ୍କ ପକ୍ଷରୁ ରୋଗୀଙ୍କ ଚିକିତ୍ସା ନିମନ୍ତେ ଅନେକ ମାଗଣା ଔଷଧ ଯୋଗାଇ ଦିଆଯାଉଥିବା ବେଳେ ଡାକ୍ତରଖାନା ପକ୍ଷରୁ ଔଷଧ ବିତରଣ କେନ୍ଦ୍ରଟି ନିର୍ଦ୍ଧାରିତ ସମୟ ମଧ୍ୟରେ ଖୋଲୁ ନଥିବାରୁ ଔଷଧ କାଉଣ୍ଟର ଆଗରେ ଘଣ୍ଟାଘଣ୍ଟା ଧରି ରୋଗୀ ଏବଂ ତାଙ୍କ ସମ୍ପର୍କୀୟମାନେ ଠିଆ ହୋଇ ରହୁଛନ୍ତି। ଯାହାଫଳରେ ରୋଗୀମାନେ ଔଷଧ ନପାଇ ବହୁ ଅସୁବିଧାର ସମ୍ମୁଖୀନ ହେବା ସହ ଖୋଲା ବଜାରରୁ ନିଜ ପକେଟରୁ ଟଙ୍କା ଖର୍ଚ୍ଚ କରି ଔଷଧ କ୍ରୟ କରୁଛନ୍ତି। ରୋଗୀ ସମ୍ପର୍କୀୟ ଲୋକମାନେ ଏ ବିଷୟରେ ଡାକ୍ତରଙ୍କୁ ପଚାରି ଫଟୋ ଉଠେଇବା ବେଳେ ଡାକ୍ତଖାନା କର୍ତ୍ତୃପକ୍ଷ ନାଲିଆଖି ଦେଖାଉଥିବା ଅଭିଯୋଗ ହୋଇଛି। ଖୋଦ ମୁଖ୍ୟମନ୍ତ୍ରୀରେ ଜିଲ୍ଲାର ଗୁରୁତ୍ୱ ବହନ କରୁଥିବା ଏହି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଏଭଳି ଅଚଳାବସ୍ଥା ତଥା କର୍ମଚାରୀଙ୍କ ମନମାନି ଘଟଣାକୁ ଅନେକ ନାପସନ୍ଦ କରିଛନ୍ତି। ବିଭାଗୀୟ କର୍ତ୍ତୃପକ୍ଷ ଏଥିପ୍ରତି ତୁରନ୍ତ ଦୃଷ୍ଟି ଦେବାପାଇଁ ରୋଗୀ ଏବଂ ସାଧାରଣରେ ଦାବି କରାଯାଇଛି।



## ଗୋପବନ୍ଧୁ ସ୍ମାରକ ବକ୍ତୃତା ପ୍ରତିଯୋଗିତା



ଯୋଡ଼ା,୨୨।୬(ସମିସ): ଯୋଡ଼ା ପୌରପାଳିକା ଯୋଡାୱେଷ୍ଟ ଅଡିଟୋରିୟମଠାରେ ଯୋଡ଼ା ପୌରପାଳିକା, ବଡ଼ବିଲ ପୌରପାଳିକା ଓ ଯୋଡ଼ା ବ୍ଲକକୁ ନେଇ ଗୋପବନ୍ଧୁ ସ୍ମାରକ ବକ୍ତୃତା ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ବଡ଼ବିଲ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରର ଅଷ୍ଟମଶ୍ରେଣୀ ଛାତ୍ରୀ ସୌମ୍ୟାଶ୍ରୀ ବେହେରା ପ୍ରଥମ ସ୍ଥାନ ଗ୍ରହଣ କରିଥିବାବେଳେ ବିଲେଇପଦା ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରର ନବମ ଶ୍ରେଣୀ ଛାତ୍ରୀ ପାୟଲ ବାରିକ ଦ୍ୱିତୀୟ ସ୍ଥାନ ଗ୍ରହଣ କରିଛନ୍ତି। ସେହିପରି ଟାଟା ଡ଼ିଏଭି ପବ୍ଲିକ ସ୍କୁଲର ଦଶମଶ୍ରେଣୀ ଛାତ୍ରୀ ଆଞ୍ଚେଲ ଶତପଥୀ ତୃତୀୟ ସ୍ଥାନ ଗ୍ରହଣ କରିଛନ୍ତି। କାର୍ଯ୍ୟକ୍ରମରେ ଯୋଡ଼ା ମହିଳା ମହାବିଦ୍ୟାଳୟର ଓଡ଼ିଆ ଅଧ୍ୟାପକ କିଷାନଚନ୍ଦ୍ର ନାଏକ, ରାଜନୀତି ବିଜ୍ଞାନର ଅଧ୍ୟାପକ ପବିତ୍ର ମୋହନ କର, ଜିନ୍ଦଲ ଷ୍ଟିଲର ଅଧିକାରୀ ଚୌଧୁରୀ ପ୍ରଣବ ଦାସ ପ୍ରମୁଖ ମୂଲ୍ୟାଙ୍କନ କରିଥିଲେ। ପ୍ରଥମରେ ମୁଖ୍ୟ ଅତିଥିଭାବେ ଯୋଡ଼ା ପୌରାଧ୍ୟକ୍ଷ ଡା ଜଗଦୀଶ ପ୍ରସାଦ ସାହୁ, ସମ୍ମାନିତ ଅତିଥିଭାବେ ଯୋଡ଼ା ଟ୍ରକ ମାଲିକ ସଂଘର ସମ୍ପାଦକ ସୁଶାନ୍ତ ବାରିକ, ଓକିଲ ସୂର୍ଯ୍ୟକାନ୍ତ ତ୍ରିପାଠୀ ପ୍ରମୁଖ ଯୋଗ ଦେଇଥିଲେ। ଲୋକସେବକ ମଣ୍ଡଳର ରାଷ୍ଟ୍ରୀୟ ସମ୍ପାଦକ ସ୍ୱର୍ଗତ ନିରଞ୍ଜନ ରଥଙ୍କ ଉଦ୍ଦେଶ୍ୟରେ ଦୁଇ ମିନିଟ ନିରବ ପ୍ରାର୍ଥନା କରାଯାଇଥିଲା। ଯୋଡ଼ା ପ୍ରତିନିଧି ପ୍ରକାଶ ମହାନ୍ତି, ବଲାଣି ପ୍ରତିନିଧି ଶିବାଶିଷ ନନ୍ଦ ଓ ବଡ଼ବିଲ ପ୍ରତିନିଧି ବଳରାମ ମହାନ୍ତି ପରିଚାଳନା କରିଥିଲେ। ଯୋଡ଼ା ଗଣମାଧ୍ୟମ ପ୍ରତିନିଧିମାନେ କାର୍ଯ୍ୟକ୍ରମଟିରେ ସହାୟତା କରିଥିଲେ।

## ସରକାରୀ ମହିଳା ମହାବିଦ୍ୟାଳୟରେ ଅନ୍ତର୍ଜାତୀୟ ଯୋଗଦିବସ ପାଳିତ

ବାରିପଦା,୨୨।୬(ସମିସ): ସରକାରୀ ମହିଳା ମହାବିଦ୍ୟାଳୟର ପ୍ରାଙ୍ଗଣରେ ୧୧ତମ ବିଶ୍ୱ ଯୋଗ ଦିବସ ଅବସରରେ ଯୋଗାଭ୍ୟାସ କାର୍ଯ୍ୟକ୍ରମ ହୋଇଥିଲା। ସୁସ୍ଥ ଶରୀର ଗଠନ ନିମନ୍ତେ ଯୋଗର ଗୁରୁତ୍ୱ ରହିଛି। ଯୋଗ ଆମ ପ୍ରାଚୀନ ପରମ୍ପରାର ଏକ ଗୁରୁତ୍ୱପୂର୍ଣ୍ଣ ଅଂଶ। ଏହି ପରିପ୍ରେକ୍ଷୀରେ ଯୋଗ ଗୁରୁ ଶିବଶଙ୍କର ଗିରି ଏବଂ ତାଙ୍କ ସହାୟିକା ମୋନାଲିକା ପରିଡ଼ା ଯୋଗର ମହତ୍ତ୍ୱ ପ୍ରତିପାଦନ କରିବା ସହ ବିଭିନ୍ନ ଯୋଗର ଅଭ୍ୟାସ କରାଇଥିଲେ। ମହାବିଦ୍ୟାଳୟର ଅଧକ୍ଷା ଡ. ସାଗରିକା ସିଂହଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ସମସ୍ତ ଅଧ୍ୟାପକ, ଅଧ୍ୟାପିକା, କର୍ମକର୍ତ୍ତା, ଏନ୍‌ଏସ୍‌ଏସ ଏବଂ ଯୁବ ରେଡକ୍ରସ ସ୍ୱେଚ୍ଛାସେବୀ ତଥା ଛାତ୍ରୀଗଣ ସାମିଲ ହୋଇ ଯୋଗ ଶିକ୍ଷା କରିଥିଲେ।



## ଆନ୍ତର୍ଜାତୀୟ ଯୋଗ ଦିବସ ପାଳିତ

ବଡ଼ସାହି,୨୨।୬(ସମିସ): ସ୍ଥାନୀୟ ବଡ଼ସାହି ପଞ୍ଚାୟତ ସମିତି ମହାବିଦ୍ୟାଳୟର ଜାତୀୟ ସେବା ଯୋଜନା ଆନୁକୂଲ୍ୟରେ ଅନ୍ତର୍ଜାତୀୟ ଯୋଗ ଦିବସ ଅଧକ୍ଷ ଦାୟିତ୍ୱରେ ଥିବା ପ୍ରଫେସର ଫକୀର ଚରଣ ସାହୁଙ୍କ ପୌରହିତ୍ୟରେ ପାଳନ ହୋଇଯାଇଛି। ଏଥିସହ ଯୋଗ ଗୁରୁ ଭାବରେ ଯୋଗୀ ଫକୀରମୁନି ଉପସ୍ଥିତ ରହି ସ୍ୱେଚ୍ଛାସେବୀଙ୍କୁ "ଶରୀର ମାଦ୍ୟମ୍ ଖଲୁ ଧର୍ମ ସାଧନଂ' ଶ୍ଳୋକର ବ୍ୟାଖ୍ୟା ମାଧ୍ୟମରେ ଯୋଗର ମହତ୍ତ୍ୱ ବୁଝାଇବା ସହିତ ଯୋଗାସନ ଶିଖାଇଥିଲେ। ପ୍ରୋଗ୍ରାମ ଅଫିସର ଡ. ରିତୁ ଲତା ବିଶ୍ୱାଳ ସ୍ୱେଚ୍ଛାସେବୀଙ୍କୁ ମନ ଓ ଶରୀରକୁ ସୁସ୍ଥ ରଖିବା ପାଇଁ ପ୍ରତିଦିନ ଯୋଗ କରିବା ତାହେଲେ ଯାଇ ଆମେ ସୁସ୍ଥ ଜୀବନ ଭୋଗ କରିପାରିବା ବୋଲି ବକ୍ତବ୍ୟ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ଡ. ଜୀବନ କୁମାର ପଣ୍ଡିତ, ଗୁଲୁ ସୋରେନ, ଅନ୍ତର୍ଯ୍ୟାମୀ ବେରିଆ, ନିରଞ୍ଜନ ହେମ୍ବ୍ରମ, ସତ୍ୟବାନ୍ ଗୋଚ୍ଛାୟତ, ସନ୍ଧ୍ୟାରାଣୀ ଦାସ ପ୍ରମୁଖ ଅଧ୍ୟାପକ ଯୋଗଦେଇ ସ୍ୱେଚ୍ଛାସେବୀଙ୍କୁ ଉତ୍ସାହିତ କରିଥିଲେ। କୋ-ୟୁନିଟର ସଂଯୋଜକ ଅଧ୍ୟାପକ ଶ୍ରବଣ କୁମାର ମହାପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ।

## ଘସିପୁରାରେ କିଶୋରୀ ସମାବେଶ ଓ ପଦଯାତ୍ରା



ଆନନ୍ଦପୁର, ୨୨।୬ ସମିସ): ଘସିପୁରା ଶିଶୁ ବିକାଶ ବିଭାଗ ପକ୍ଷରୁ ପ୍ରକଳ୍ପସ୍ତରୀୟ କିଶୋରୀ ସୁଭଦ୍ରା ଦିବସ ପାଳିତ ହୋଇଯାଇଛି। ଶିଶୁ ବିକାଶ ଅଧିକାରୀ ଶ୍ରମତି ସୁକାନ୍ତି ନାୟକଙ୍କ ତତ୍ତ୍ୱାବଧାନରେ ବ୍ଲକର ବିଭିନ୍ନ ଗ୍ରାମରୁ ଆସିଥିବା କିଶୋରୀମାନେ ପ୍ଲାକାର୍ଡ ଧରି ଏକ ପଦଯାତ୍ରାରେ ବିଭିନ୍ନ ଅଞ୍ଚଳରେ ବାଲ୍ୟବିବାହ କନ୍ୟା ଭ୍ରୂଣହତ୍ୟା ବନ୍ଦ କର ନାରା ଦେଇ ସଚେତନତା ସୃଷ୍ଟି କରିଥିଲେ। ଏହି ଅବସରରେ କିଶୋରୀଙ୍କ ମଧ୍ୟରେ ନୃତ୍ୟ ସଂଗୀତ ପୁଚିଖେଳ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ପରେ ଘସିପୁରା ବିଡିଓ ବିନିତା ବିଜୟିନୀ ଅତିଥି ଭାବେ କିଶୋରୀ ପ୍ରତିଯୋଗୀଙ୍କୁ ପୁରସ୍କାର ପ୍ରଦାନ କରିଥିଲେ। କାର୍ଯ୍ୟକ୍ରମକୁ ଶିଶୁବିକାଶ ବିଭାଗର ସୁପରଭାଇଜର ଚନ୍ଦ୍ରମଣି ସେଠୀ, ଛବି ଜେନା, ରମାମଣି ରାଉତ, ଘାଷିନୀ ମାଝୀ, ସୀତା ନାୟକ, ମହିଳା ଗୋଷ୍ଠୀ ସଭାନେତ୍ରୀ କଳ୍ପନା ବିଶ୍ୱାଳଙ୍କ ସମେତ ସମସ୍ତ ଅଙ୍ଗନବାଡି କର୍ମୀ, କର୍ମଚାରୀ ଏବଂ ସ୍ୱୟଂ ସହାୟିକା ମହିଳାମାନେ ଯୋଗ ଦେଇଥିଲେ।

## ସୁବର୍ଣ୍ଣରେଖା କେନାଲ ରାସ୍ତା ବିପର୍ଯ୍ୟସ୍ତ

କଳାବାଡିଆ,୨୨।୬(ସମିସ): ବାଙ୍ଗିରିପୋଷି ବ୍ଲକ୍ କଳାବାଡ଼ିଆ ଓ ପଥୁରୀ ପଞ୍ଚାୟତ ଦେଇ ଯାଇଥିବା ସୁବର୍ଣ୍ଣରେଖା ମୁଖ୍ୟ କେନାଲ ରାସ୍ତା ନଷ୍ଟ ହୋଇଯାଇଛି। ବୁଡାମରାରୁ ଜଗନ୍ନାଥ ଖୁଣ୍ଟା ଜାତୀୟ ରାଜପଥ ୧୮ ଅତିକ୍ରମ କରି ଯାଇଥିବା ଦୁଇ କିଲୋମିଟର କେନାଲ ରାସ୍ତାର ପିଚୁ ଉଠିବା ସହିତ ଖାଲଢିପରେ ଭର୍ତ୍ତି ହୋଇଯାଇଛି। ଫଳରେ ଛାତ୍ରଛାତ୍ରୀ, ଗ୍ରାମବାସୀ, ଯାନବାହାନ ଯିବା ଆସିବାରେ ବ୍ୟାଘାତ ସୃଷ୍ଟି ହେଉଛି। ଜାତୀୟ ରାଜପଥ ୧୮ ଦିଗ ପରିବର୍ତ୍ତନ କଲା ପରେ ଏହି କେନାଲ ରାସ୍ତାଟି ସର୍ବସାଧାରଣଙ୍କ ମୁଖ୍ୟରାସ୍ତା ପାଲଟିଛି। ଖାଲ ପାଇଁ ସବୁବେଳେ ଦୁର୍ଘଟଣା ଘଟୁଥିବାରୁ ଜନଅସନ୍ତୋଷ ଦେଖାଯାଇଛି।



## ମହାରାଜା ଶ୍ରୀରାମଚନ୍ଦ୍ର ଭଞ୍ଜଦେଓ ବିଶ୍ୱବିଦ୍ୟାଳୟ

# ଛାତ୍ରଛାତ୍ରୀଙ୍କ ଭବିଷ୍ୟତ ସହିତ ଖେଳ

ବାରିପଦା,୨୨।୬(ସମିସ):



### ନିରପେକ୍ଷ ତଦନ୍ତ ଦାବି କଲେ ପୂର୍ବତନ ସିନେଟ ଓ ସିଣ୍ଡିକେଟ ସଦସ୍ୟ

ଆଦିବାସୀ ବହୁଳ ମୟୂରଭଞ୍ଜର ମହାରାଜା ଶ୍ରୀରାମଚନ୍ଦ୍ର ବିଶ୍ୱବିଦ୍ୟାଳୟ ଅଧୀନରେ ଅଧ୍ୟୟନରତ ଛାତ୍ରଛାତ୍ରୀଙ୍କର ଭବିଷ୍ୟତ ସାଙ୍ଗରେ ଖେଳନେଇ ଅଭିଯୋଗ ହେବା ସହିତ ବିଶ୍ୱବିଦ୍ୟାଳୟର ନିଜସ୍ୱ ପାଣ୍ଠିର ବିନିଯୋଗ ଉପରେ ପ୍ରଶ୍ନ ଉଠିଛି। ପୂର୍ବତନ ସିନେଟ ଓ ସିଣ୍ଡିକେଟ ସଦସ୍ୟ ଆଇନଜୀବୀ ଜ୍ୟୋତିପ୍ରକାଶ ରଥ ଉଭୟ ଘଟଣାର ନିରପେକ୍ଷ ତଦନ୍ତ ଦାବି କରିଛନ୍ତି। ଅନ୍ୟଥା ସେ ଜିଲ୍ଲାର ବୃହତ୍ତ ସ୍ୱାର୍ଥକୁ ଦୃଷ୍ଟିରେ ରଖି ଆଇନର ଆଶ୍ରୟ ନେବେ ବୋଲି ଗଣମାଧ୍ୟମକୁ ଜଣାଇଛନ୍ତି। ଏହି ବିଶ୍ୱବିଦ୍ୟାଳୟରୁ ୨୦୨୨, ୨୦୨୩ ଓ ୨୦୨୪ ମସିହାରେ ପାସ୍ କରିଥିବା ଛାତ୍ରଛାତ୍ରୀ ବର୍ତ୍ତମାନ ସୁଦ୍ଧା ସେମାନଙ୍କ ଡିଗ୍ରୀ ସାର୍ଟିଫିକେଟ୍ ପାଇ ପାରିନାହାନ୍ତି। ଦୀର୍ଘ ୩ବର୍ଷ ପାଖାପାଖି ବିଶ୍ୱବିଦ୍ୟାଳୟର ସ୍ଥାୟୀ କୁଳପତି ନଥିବାରୁ ଛାତ୍ରଛାତ୍ରୀଙ୍କ ସ୍ୱାର୍ଥ କଥା ଚିନ୍ତା ନ କରି ଅନ୍ୟାନ୍ୟ କାର୍ଯ୍ୟରେ କର୍ତ୍ତୃପକ୍ଷ ମାତିଥିବାରୁ ବହୁ ଶିକ୍ଷାର୍ଥୀଙ୍କ ଭବିଷ୍ୟତ ନଷ୍ଟ ହୋଇଯାଉଛି। ୨୦୨୨ ମସିହାରୁ ଛାତ୍ରଛାତ୍ରୀ ସେମାନଙ୍କର ଡିଗ୍ରୀ ସାର୍ଟିଫିକେଟ୍ ପାଇ ନଥିବାରୁ ସେମାନେ ଉଚ୍ଚଶିକ୍ଷା ଓ ଚାକିରୀରୁ ବଞ୍ଚିତ ହେଉଛନ୍ତି। ଏପରିକି ଆଇଆଇଟି ପରି ଅନୁଷ୍ଠାନରେ ପଢ଼ିବା ପାଇଁ କେତେକ ଛାତ୍ର ଏମଟେକ୍ ପ୍ରବେଶିକା ପରୀକ୍ଷାରେ ଉତ୍ତୀର୍ଣ୍ଣ ହୋଇଥିଲେ ମଧ୍ୟ, ବିଶ୍ୱବିଦ୍ୟାଳୟ ଡିଗ୍ରୀ ସାର୍ଟିଫିକେଟ୍ ନଥିବାରୁ ସେମାନଙ୍କର କ୍ୟାରିୟରର ଅପୂରଣୀୟ କ୍ଷତି ହୋଇଛି। ସେହିପରି ବିଶ୍ୱବିଦ୍ୟାଳୟର ବିଭିନ୍ନ ନିର୍ମାଣ କାର୍ଯ୍ୟରେ ମଧ୍ୟ କୋଟି କୋଟି ଟଙ୍କାର ଦୁରୁପଯୋଗ ହୋଇଥିବା ଅଭିଯୋଗ କରି ନିରପେକ୍ଷ ତଦନ୍ତ ଦାବି କରିଛନ୍ତି ଆଡଭୋକେଡ ରଥ। ଶାରିରୀକ ଭିନ୍ନକ୍ଷମ ଲୋକଙ୍କ ବାହାନା ନେଇ ପାଖାପାଖି ଅଢ଼େଇ କୋଟି ଟଙ୍କା ବ୍ୟୟରେ ପାଞ୍ଚଟି ବିଲ୍‌ଡିଂରେ ଲୌହ ରାମ୍ପ ନିର୍ମାଣ ହୋଇଛି। ଯାହା ବ୍ୟବହାର ଉପଯୋଗୀ ନ ହୋଇ ସେହିପରି ପଡ଼ିରହିଛି। ଏହାଠାରୁ ବହୁତ କମ୍ ବ୍ୟୟରେ ଲିଫ୍ଟ ନିର୍ମାଣ ହୋଇଥିଲେ, ତାହା ବ୍ୟବହାର ଉପଯୋଗୀ ହୋଇପାରିଥାନ୍ତା। ସେହିପରି ଭଲ ଅବସ୍ଥାରେ ଥିବା ବିଶ୍ୱବିଦ୍ୟାଳୟ ପରିସର ପିଚୁ ରାସ୍ତାକୁ ଖୋଳି ସେଥିରେ ଅନାବଶ୍ୟକ ଭାବରେ ଫ୍ଲେବର ଟାଇଲ ପକାଇ ଖର୍ଚ୍ଚ କରାଯାଇଛି। ରାଜ୍ୟ ସରକାରଙ୍କ ପାଖରୁ କୌଣସି ଆର୍ଥିକ ଅନୁଦାନ ନ ପାଇ ଓ ବିନା ପ୍ରାକ୍ ଅନୁମତିରେ ବିଶ୍ୱବିଦ୍ୟାଳୟ ନିଜସ୍ୱ ଗଚ୍ଛିତ ପାଣ୍ଠିରୁ କୋଟି କୋଟି ଟଙ୍କା ଅପବ୍ୟବହାର ତଦନ୍ତ ସାପେକ୍ଷ। ତେଣୁ ମୟୂରଭଞ୍ଜର ଛାତ୍ରଛାତ୍ରୀଙ୍କ ହିତ ଦୃଷ୍ଟିରୁ ଉପରୋକ୍ତ ଅବ୍ୟବସ୍ଥା ଓ ଅନିୟମିତତାର ତଦନ୍ତ ଦାବି କରିଛନ୍ତି। ୟୁଜିସିର ନିୟମ ଅନୁଯାୟୀ ଉତ୍ତୀର୍ଣ୍ଣ ଛାତ୍ରଛାତ୍ରୀଙ୍କୁ ୬ ମାସ ଭିତରେ ଡିଗ୍ରୀ ସାର୍ଟିଫିକେଟ୍ ପ୍ରଦାନ କରି ନ ପାରିଲେ, ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷଙ୍କୁ ଦଣ୍ଡ ବିଧାନ ବ୍ୟବସ୍ଥା ଥିବାରୁ ବିଶ୍ୱବିଦ୍ୟାଳୟର କର୍ତ୍ତୃପକ୍ଷଙ୍କ ଅବହେଳାର ତଦନ୍ତ କରି ତାଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ନିଆଯାଉ। ଏନେଇ ଭାରପ୍ରାପ୍ତ କୁଳପତି ସନ୍ତୋଷ ତ୍ରିପାଠୀ ଓ କୁଳସଚିବ ସୁନିତା ସିଂଙ୍କୁ ପଚାରିବା ପାଇଁ ଯୋଗାଯୋଗ କରିବାରୁ ସମ୍ଭବ ହୋଇନାହିଁ। ତେବେ ବିଶ୍ୱବିଦ୍ୟାଳୟ ପରୀକ୍ଷା ନିୟନ୍ତ୍ରକ ସୁବ୍ରତ କୁମାର ରଣାଙ୍କୁ ପଚାରିବାରୁ ବିଶ୍ୱବିଦ୍ୟାଳୟ ନାମ ପରିବର୍ତ୍ତନ ପାଇଁ ଟେଣ୍ଡର ପ୍ରକ୍ରିୟାରେ ବିଳମ୍ବ ପାଇଁ ଉତ୍ତୀର୍ଣ୍ଣ ଛାତ୍ରଛାତ୍ରୀଙ୍କୁ ସାର୍ଟିଫିକେଟ ଦିଆଯାଇନାହିଁ ବୋଲି ସ୍ୱୀକାର କରିଛନ୍ତି। ଜୁଲାଇ ମାସରେ କନ୍‌ଭକେସନରେ ତାହା ନିଶ୍ଚିତ ପ୍ରଦାନ କରାଯିବ ବୋଲି ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି।

## ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୬.୭୫ ● ପାଉଣ୍ଡ ୧୧୭.୦୮
- ୟୁରୋ ୯୯.୩୭ ● ୟେନ୍ ୦.୫୯

## ସୁନା, ରୁପା ଦର (ଟଙ୍କାରେ)




୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୯୨,୩୫୦ (ନୂଆଦିଲ୍ଲୀ)
- ରୁପା : ୧,୨୦,୧୦୦ (କେଜି)



## ଷ୍ଟକ୍ ମାର୍କେଟ୍

ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୨,୪୦୮.୦୦
- ନିଫ୍ଟି ୨୫,୧୧୨.୦୦



## ପେଟ୍ରୋଲ-ଡିଜେଲ୍

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦




### ଇରାନ୍ ଉପରେ ଆମେରିକାର ପ୍ରହାର

# ଅଶୋଧିତ ତୈଳ ୧୦୦ ଡଲାର ଟପିବ

ନୂଆଦିଲ୍ଲୀ,୨୨।୬(ଏଜେନ୍ସି)

ଇରାନ-ଇସ୍ରାଏଲ ଯୁଦ୍ଧରେ ଆମେରିକା ପ୍ରବେଶ କରିଛି। ଇରାନର ପରମାଣୁ କେନ୍ଦ୍ର ଉପରେ

- ହର୍ମୁଜ୍ ପ୍ରଣାଳୀ ବନ୍ଦ ହେଲେ ୧୩୦ ଡଲାର ଛୁଇଁବ
- ଜୁନ୍‌ରେ ୨୪ ପ୍ରତିଶତ ବଢ଼ିଛି ତେଲ ଦର




ଆମେରିକା ବିମାନ ଆକ୍ରମଣ କରିଛି। ଏହି ଆକ୍ରମଣ ପରେ ମଧ୍ୟପ୍ରାଚ୍ୟରେ ପୁଣି ଥରେ ଭୂ-ରାଜନୈତିକ ଉତ୍ତେଜନା ବୃଦ୍ଧି ପାଇଛି। ଏହାର ପ୍ରଭାବରେ ସୋମବାର ଅନ୍ତର୍ଜାତୀୟ ବଜାରରେ ଅଶୋଧିତ ତେଲର ମୂଲ୍ୟ ବୃଦ୍ଧି ପାଇପାରେ। ଏମିତିକି ସୋମବାର ବିଶ୍ୱର ସେୟାର ବଜାରରେ ବଡ଼ ହ୍ରାସ ହୋଇପାରେ। ବିଶେଷଜ୍ଞମାନେ ଆକଳନ କରିଛନ୍ତି ଯେ ସୋମବାର ଅଶୋଧିତ ତେଲ ଦର ବ୍ୟାରେଲ ପିଛା ୮୦ ଡଲାରରୁ ଆରମ୍ଭ ହୋଇ ୯୦ ଡଲାର ବ୍ୟାରେଲ ପର୍ଯ୍ୟନ୍ତ ପହଞ୍ଚିପାରେ। ଯଦି ହର୍ମୁଜ୍ ପ୍ରଣାଳୀ ବନ୍ଦ ହୁଏ, ତେବେ ଅଶୋଧିତ ତେଲର ମୂଲ୍ୟ ମଧ୍ୟ ୧୩୦ ଡଲାର ପ୍ରତି ବ୍ୟାରେଲ ପର୍ଯ୍ୟନ୍ତ ପହଞ୍ଚିପାରେ। ଏହାର ଅର୍ଥ ହେଉଛି ବିଶ୍ୱର ଅଶୋଧିତ ତେଲ ଆମଦାନୀ କରୁଥିବା ଦେଶଗୁଡିକ ଏଥିଯୋଗୁ ବଡ଼ କ୍ଷତି ସହିବେ। ଏଥିରେ ଭାରତ ଅନ୍ୟତମ ଦେଶ। ଭାରତ ଏହାର ଅଶୋଧିତ ତେଲ ଆବଶ୍ୟକତାର ୮୫ ରୁ ୯୦ ପ୍ରତିଶତ ଆମଦାନୀ କରେ।

ବିଶେଷଜ୍ଞମାନେ ଆକଳନ କରିଛନ୍ତି ଯେ,, ସୋମବାର ବଜାର କାରବାର ଆରମ୍ଭରୁ ଅଶୋଧିତ ତେଲ ଦର ପ୍ରତି ବ୍ୟାରେଲ ପ୍ରାୟ ୮୦ ଡଲାରରେ ଖୋଲି ଏହା ୧୦୦ ଡଲାର ଉପରେ ଯାଇପାରେ। ସବୁଠାରୁ ଖରାପ ପରିସ୍ଥିତିରେ ଯଦି ହରମୁଜ୍ ପ୍ରଣାଳୀ ବନ୍ଦ ହୁଏ ତେବେ ମୂଲ୍ୟ ୧୩୦ ଡଲାର ଉପରେ ପହଞ୍ଚିବ ବୋଲି ଆଶଙ୍କା କରାଯାଉଛି। ଜୁନ୍ ମାସରେ ଏ ପର୍ଯ୍ୟନ୍ତ ଅଶୋଧିତ ତେଲର ମୂଲ୍ୟ ୨୪ ପ୍ରତିଶତ ବୃଦ୍ଧି ପାଇ ପ୍ରତି ବ୍ୟାରେଲ ୭୭ ଡଲାର ହୋଇଛି। ଯେତେବେଳେ କି ମେ' ମାସରେ, ଅ ଶୋଧିତ ତେଲର ମୂଲ୍ୟ ୪ ପ୍ରତିଶତ ବୃଦ୍ଧି ପାଇଛି। ହରମୁଜ୍ ପ୍ରଣାଳୀ ଏକ ରଣନୈତିକ ଚକପଏଣ୍ଟ ଯାହା ବିଶ୍ୱ ତୈଳ ଯୋଗାଣର ପ୍ରାୟ ୨୦ପ୍ରତିଶତ ପରିଚାଳନା କରିଥାଏ। ଏହାକୁ ନେଇ ଏବେ ଚିନ୍ତା ବଢ଼ିଛି। ଅନ୍ୟପକ୍ଷରେ, କେଡିଆ ଆଡଭାଇଜରିର ନିର୍ଦ୍ଦେଶକ ଅଜୟ କେଡିଆ କହିଛନ୍ତି ଯେ ଉତ୍ତେଜନା ବହୁତ ବୃଦ୍ଧି ପାଇଛି ଏବଂ ଆମେରିକା ଯୁଦ୍ଧରେ ଡେଇଁବା ପରେ, ଇରାନ ହର୍ମୁଜ୍ ପ୍ରଣାଳୀକୁ ବନ୍ଦ କରିବାକୁ ନିଷ୍ପତ୍ତି ନେଇପାରେ। ଏଥିଯୋଗୁଁ ତୈଳ ଦର ପ୍ରତି ବ୍ୟାରେଲ ୯୫ ରୁ ୧୦୦ ଡଲାର ମଧ୍ୟରେ ପହଞ୍ଚିପାରେ। ଏହାସହିତ, ସୋମବାର ଅଶୋଧିତ ତୈଳ ମୂଲ୍ୟରେ ୧୦ ରୁ ୧୫ ପ୍ରତିଶତ ବୃଦ୍ଧି ଦେଖାଯାଇପାରେ। ଅନ୍ୟପକ୍ଷରେ, ପରିସ୍ଥିତି ନିୟନ୍ତ୍ରଣ କରିବାକୁ ଆମେରିକା ମଧ୍ୟ ତୈଳ ଯୋଗାଣ ବୃଦ୍ଧି କରିବାକୁ ଯାଉଛି।

ଅଶୋଧିତ ତୈଳ ମୂଲ୍ୟରେ ବୃଦ୍ଧି ଭାରତକୁ ମଧ୍ୟ ପ୍ରଭାବିତ କରିବ। ଭାରତ ଏହାର ଆବଶ୍ୟକତାର ୮୫ରୁ ୯୦ ପ୍ରତିଶତ ତୈଳ ଆମଦାନି କରେ। ଯଦି ମୂଲ୍ୟ ବୃଦ୍ଧି ପାଏ, ତେବେ ଦେଶ ଅନେକ ଆର୍ଥିକ ଆହ୍ୱାନର ସମ୍ମୁଖୀନ ହୋଇପାରେ। ଅଶୋଧିତ ତୈଳରେ ପ୍ରତି ବ୍ୟାରେଲରେ ୧୦ ଡଲାର ବୃଦ୍ଧି ଭାରତର ଚଳନ୍ତି ଖାତା ନିଅଣ୍ଟକୁ ଜିଡିପିର ୦.୩ ପ୍ରତିଶତ ବୃଦ୍ଧି କରିପାରେ ଏବଂ ମୁଦ୍ରାସ୍ଫୀତି ଚାପ ମଧ୍ୟ ବଢ଼ାଇପାରେ। ଜଣେ ମୁଦ୍ରା ବଜାର ବିଶେଷଜ୍ଞଙ୍କ ଅନୁଯାୟୀ, ସୋମବାର ଭାରତୀୟ ଟଙ୍କା ଡଲାର ତୁଳନାରେ ୫୦ ରୁ ୭୫ପଇସା ମଧ୍ୟରେ ହ୍ରାସ ପାଇପାରେ। ଯାହାର ପ୍ରଭାବ ଜିଡିପି ଉପରେ ମଧ୍ୟ ଦେଖାଯାଇପାରେ। ଏହା ବ୍ୟତୀତ, ସୋମବାର ଭାରତର ଷ୍ଟକ ବଜାରରେ ଭାରି ଚାପ ଦେଖିବାକୁ ମିଳିପାରେ। ବିଶେଷଜ୍ଞମାନେ ଚେତାବନୀ ଦେଇଛନ୍ତି ଯେ ଯଦି ଇରାନ ହର୍ମୁଜ ପ୍ରଣାଳୀରେ ଯାତାୟାତ ବାଧା ସୃଷ୍ଟି କରିବାକୁ ଚେଷ୍ଟା କରେ, ତେବେ ଅଶୋଧିତ ତୈଳର ମୂଲ୍ୟ ପ୍ରତି ବ୍ୟାରେଲ ୧୨୦-୧୩୦ ଡଲାର ପର୍ଯ୍ୟନ୍ତ ବୃଦ୍ଧି ପାଇପାରେ, ଯାହା ବିଶ୍ୱ ଷ୍ଟକ ବଜାର ଉପରେ ଗଭୀର ପ୍ରଭାବ ପକାଇବ। ବର୍ତ୍ତମାନ ଅନ୍ତର୍ଜାତୀୟ ବଜାରରେ ଅଶୋଧିତ ତୈଳ ମୂଲ୍ୟ ପ୍ରତି ବ୍ୟାରେଲ ୭୭ ଡଲାରରେ ରହିଛି। ଏଥିରେ ବିଶେଷ କଥା ହେଉଛି ଯେ ଗତ ଗୋଟିଏ ମାସରେ ଅଶୋଧିତ ତୈଳ ମୂଲ୍ୟ ପ୍ରାୟ ୨୦ ପ୍ରତିଶତରୁ ଅଧିକ ବୃଦ୍ଧି ପାଇଛି। ଅନ୍ୟପକ୍ଷରେ, ଶୁକ୍ରବାର ଆମେରିକୀୟ ଅଶୋଧିତ ତୈଳର ମୂଲ୍ୟ ସାମାନ୍ୟ ବୃଦ୍ଧି ସହିତ ବ୍ୟାରେଲ ପିଛଶ ୭୫ ଡଲାରକୁ ଖସିଆସିଛି। ତଥାପି, ଗୋଟିଏ ମାସରେ ଆମେରିକୀୟ ଅଶୋଧିତ ତୈଳର ମୂଲ୍ୟ ପ୍ରାୟ ୨୨ ପ୍ରତିଶତ ବୃଦ୍ଧି ପାଇଛି।

## ଯୁଦ୍ଧ ବଢିଲେ ଭାରତ ସହିବ ବଡ଼ କ୍ଷତି | ମହଙ୍ଗା ହେବ ବଜାର

ନୂଆଦିଲ୍ଲୀ,୨୨।୬(ଏଜେନ୍ସି): ଇରାନ ଏବଂ ଇସ୍ରାଏଲ ମଧ୍ୟରେ ଚାଲିଥିବା ଉତ୍ତେଜନା ଏବେ ଏକ ବିପଜ୍ଜନକ ସ୍ଥିତିରେ ପହଞ୍ଚିଛି। ବିଶେଷଜ୍ଞମାନେ ବିଶ୍ୱାସ କରନ୍ତି ଯେ ଯଦି ଏହି ଯୁଦ୍ଧ ଆହୁରି ବଢ଼େ ତେବେ ଏହାର ସବୁଠାରୁ ବଡ଼ ପ୍ରଭାବ ପଶ୍ଚିମ ଏସିଆର ଦେଶଗୁଡ଼ିକ ସହିତ ଭାରତର ବାଣିଜ୍ୟ ଉପରେ ପଡ଼ିବ। ଏଥିରେ ଇରାନ, ଇରାକ, ଜୋର୍ଡାନ, ଲେବାନନ, ସିରିଆ ଏବଂ ୟେମେନ ଭଳି ଦେଶ ଅନ୍ତର୍ଭୁକ୍ତ, ଯେଉଁଠିକି ଭାରତର ମୋଟ ରପ୍ତାନି ୮.୬ ବିଲିୟନ ଡଲାର ଏବଂ ଆମଦାନି ୩୩.୧ ବିଲିୟନ ଡଲାର ରହିଛି।



ମୁମ୍ବାଇର ରପ୍ତାନିକାରୀ ଏବଂ ଟେକ୍ନୋକ୍ରାଫ୍ଟ ଇଣ୍ଡଷ୍ଟ୍ରିଜ୍ ଇଣ୍ଡିଆର ପ୍ରତିଷ୍ଠାତା ଶରଦ କୁମାର ସରାଫ ଚେତାବନୀ ଦେଇଛନ୍ତି ଯେ ଏହି ଯୁଦ୍ଧ ଭାରତର ବାଣିଜ୍ୟ ଉପରେ ଏକ ବଡ଼ ପ୍ରଭାବ ପକାଇବ। ଭାରତ ଆର୍ଥିକ ବର୍ଷ ୨୦୨୪-୨୫ରେ ଇରାନକୁ ମୋଟ ୧.୨୪ ବିଲିୟନ ଡଲାରର ରପ୍ତାନି କରିଥିଲା, ଯେଉଁଥିରେ ବାସମତୀ ଚାଉଳ ୭୫୩.୨ ନିୟୁତ ଡଲାର), କଦଳୀ, ସୋୟାବିନ୍ ମିଲ୍, ଚଣା ଏବଂ ଚା' ଭଳି କୃଷି ଉତ୍ପାଦ ପ୍ରମୁଖ ଥିଲା। ଏହି ସମୟ ମଧ୍ୟରେ ଭାରତ ଇରାନରୁ ୪୪୧.୮ ନିୟୁତ ଡଲାରର ଆମଦାନୀ ମଧ୍ୟ କରିଥିଲା। ଇସ୍ରାଏଲ ସହିତ ଭାରତର ବାଣିଜ୍ୟ ୨.୧ ବିଲିୟନ ଡଲାର (ରପ୍ତାନି) ଏବଂ ୧.୬ ବିଲିୟନ ଡଲାର (ଆମଦାନୀ) ଥିଲା। ଜିଟିଆର୍‌ଆଇ ଅନୁଯାୟୀ, ଆମେରିକାର ପ୍ରତିବନ୍ଧକ ଯୋଗୁଁ ଏହି ଉଭୟ ଦେଶ ପୂର୍ବରୁ ଆର୍ଥିକ ଚାପରେ ଅଛନ୍ତି। ବର୍ତ୍ତମାନ ଯୁଦ୍ଧ ଯୋଗୁଁ, ବର୍ଦ୍ଧିତ ପେମେଣ୍ଟ ବ୍ୟବସ୍ଥା ଏବଂ ପରିବହନ ବିପଦ ଯୋଗୁଁ ଭାରତର ବାଣିଜ୍ୟ ଆହୁରି ପ୍ରଭାବିତ ହୋଇପାରେ। ଏଥିରେ ସବୁଠାରୁ ବଡ଼ ଚିନ୍ତା ହେଉଛି ହର୍ମୁଜ୍ ପ୍ରଣାଳୀ, ଯେଉଁଠାରୁ ଭାରତର ୬୦-୬୫% ଅଶୋଧିତ ତୈଳ ଯୋଗାଣ ହୁଏ। ଇରାନ ଏହି ଜଳପଥକୁ ବନ୍ଦ କରିବାକୁ ଧମକ ଦେଇଛି। ଏହି ମାର୍ଗ ଏତେ ଗୁରୁତ୍ୱପୂର୍ଣ୍ଣ ଯେ ଏହା କେବଳ ବିଶ୍ୱ ତୈଳ ବାଣିଜ୍ୟର ପ୍ରାୟ ୨୦ ପ୍ରତିଶତ ପରିଚାଳନା କରେ। ଏହି ପ୍ରଣାଳୀ ଇରାନ ଏବଂ ଓମାନ / ସଂଯୁକ୍ତ ଆରବ ଏମିରେଟ୍ସ ମଧ୍ୟରେ ଅବସ୍ଥିତ। ଏହା ମାଧ୍ୟମରେ ସାଉଦି ଆରବ, ଇରାନ, ଇରାକ, କୁଏତ ଏବଂ କତାରରୁ ତେଲ ଏବଂ ଏଲଏନଜି ରପ୍ତାନି କରାଯାଏ। ଯଦି ଏଠାରେ ଯୋଗାଣ ବାଧାପ୍ରାପ୍ତ ହୁଏ, ତେବେ ଭାରତରେ ଇନ୍ଧନ ମହଙ୍ଗା ହୋଇଯିବ, ମୁଦ୍ରାସ୍ଫୀତି ବୃଦ୍ଧି ପାଇବ, ଟଙ୍କା ଉପରେ ଚାପ ପଡ଼ିବ ଏବଂ ଆର୍ଥିକ ସନ୍ତୁଳନ ଖରାପ ହୋଇପାରେ।

ହୁଥି ବିଦ୍ରୋହୀଙ୍କ ଆକ୍ରମଣ ଯୋଗୁଁ ଲାଲ ସାଗର ମାର୍ଗ ପୂର୍ବରୁ ପ୍ରଭାବିତ ହୋଇଛି, ଯାହା ଭାରତ-ୟୁରୋପ ଏବଂ ଭାରତ-ଆମେରିକା ମଧ୍ୟରେ ବାଣିଜ୍ୟକୁ ପ୍ରଭାବିତ କରିଛି। ଭାରତର ୮୦% ୟୁରୋପୀୟ ବାଣିଜ୍ୟ ଏବଂ ମୋଟ ରପ୍ତାନିର ୩୪% ଏହି ସମୁଦ୍ର ପଥ ଦେଇ ହୋଇଥାଏ। ବିଶ୍ୱ ବାଣିଜ୍ୟ ସଂଗଠନ (ଡବ୍ଲ୍ୟୁଟିଓ) ମଧ୍ୟ ଚେତାବନୀ ଦେଇଛି ଯେ ଯଦି ପରିସ୍ଥିତି ସମାନ ରହେ, ତେବେ ୨୦୨୫ରେ ବିଶ୍ୱ ବାଣିଜ୍ୟ ୦.୨% ହ୍ରାସ ପାଇପାରେ, ଯେତେବେଳେ କି ପୂର୍ବରୁ କାରବାରରେ ୨.୭% ଅଭିବୃଦ୍ଧି ଆକଳନ କରାଯାଇଥିଲା। ଭାରତ ଇରାନ ସହିତ ଐତିହାସିକ ଏବଂ ରଣନୈତିକ ସମ୍ପର୍କ ରହିଛି। ଛାବାହାର ବନ୍ଦର, ଯାହା ଭାରତକୁ ଆଫଗାନିସ୍ତାନ ଏବଂ ମଧ୍ୟ ଏସିଆକୁ ସିଧାସଳଖ ପ୍ରବେଶ ପ୍ରଦାନ କରେ।



## ଲାଲ୍‌ଚାନ୍ଦ୍‌ର ମନ୍‌ସୁନ୍ ସେଲ୍




ଭୁବନେଶ୍ୱର,୨୨।୬(ସମିସ): ଲାଲ୍‌ଚନ୍ଦ ଜୁଏଲର୍ସ ଏହାର ଗ୍ରାହକମାନଙ୍କ ଲାଗି 'ମନ୍‌ସୁନ୍ ସେଲ୍' ଅଫର ଆଣିଛି। ଏଥିରେ ସମସ୍ତ ୨୨ କ୍ୟାରେଟ୍ ଏଚ୍‌ୟୁଆଇଡି ମେସିନ୍-ନିର୍ମିତ ସୁନା ଚେନ୍‌ରେ ଗଢ଼ା ମଜୁରୀ ଫ୍ଲାଟ୍ ୭୯୯ ଟଙ୍କା/ଗ୍ରାମ୍ ରହିଛି। ସେହିପରି ସମସ୍ତ ୨୨ କ୍ୟାରେଟ୍ ଏଚ୍‌ୟୁଆଇଡି ଡିଜାଇନର୍ ସୁନା ଅଳଙ୍କାରରେ ଗଢ଼ା ମଜୁରୀ ଫ୍ଲାଟ୍ ୧୧୯୯ ଟଙ୍କା/ଗ୍ରାମ୍,ସମସ୍ତ ୨୨ କ୍ୟାରେଟ୍ ଏଚ୍‌ୟୁଆଇଡି ଆଣ୍ଟିକ୍ ଏବଂ ଇଟାଲିଆନ୍ ଡିଜାଇନ୍‌ର ସୁନା ଅଳଙ୍କାରରେ ଗଢ଼ା ମଜୁରୀ ଫ୍ଲାଟ୍ ୧୩୯୯ ଟଙ୍କା/ଗ୍ରାମ୍ ଏବଂ ରୁପା ଗହଣାର ଗଢ଼ା ମଜୁରୀରେ ଫ୍ଲାଟ୍ ୫୦% ରିଆତି ରହିଛି। ଏହାଛଡା ଲାଲ୍‌ଚନ୍ଦ୍‌ର ମନ୍‌ସୁନ୍ ସେଲ୍‌ରେ ଗ୍ରାହକ ହୀରା ଅଳଙ୍କାର ଉପରେ ଫ୍ଲାଟ୍ ୨୦,୦୦୦ ଟଙ୍କା/କ୍ୟାରେଟ୍ ରିହାତି, ନିର୍ଦ୍ଦିଷ୍ଟ ହାତଘଣ୍ଟାର ଏମ୍‌ଆର୍‌ପି ଉପରେ ଫ୍ଲାଟ୍ ୨୦% ରିଆତି,ବ୍ରାଣ୍ଡେଡ୍ ସାମଗ୍ରୀ ଉପରେ ଫ୍ଲାଟ୍ ୧୫% ରିଆତି ରହିଛି। ଏତଦ୍‌ବ୍ୟତୀତ ପୁରୁଣା ଏଚ୍‌ୟୁଆଇଡି ସୁନା ଏକ୍ସଚେଞ୍ଜ୍‌ରେ ଗ୍ରାହକ ୧୦୦% ସୁନା ମୂଲ୍ୟ ପାଇପାରିବେ। ଆଗାମୀ ଲକ୍ଷପତି ଲକି ଡ୍ର' ଜୁଲାଇ ମାସରେ ଅନୁଷ୍ଠିତ ହେବ ବୋଲି ଲାଲ୍‌ଚନ୍ଦ ଜୁଏଲର୍ସପକ୍ଷରୁ କୁହାଯାଇଛି।



## ଲ୍ୟାରି ଏଲିସନ୍ ବିଶ୍ୱର ଦ୍ୱିତୀୟ ଧନୀ

ନୂଆଦିଲ୍ଲୀ,୨୨।୬(ଏଜେନ୍ସି)

- ଜେଫ୍ ବେଜୋସ, ମାର୍କ ଜୁକରବର୍ଗଙ୍କୁ ପଛରେ ପକାଇଲେ
- ସମ୍ପତ୍ତି ୨୫୦.୯ ବିଲିୟନ୍ ଡଲାର

୮୦ ବର୍ଷ ବୟସରେ ବିଶ୍ୱର ଦ୍ୱିତୀୟ ଧନୀ ବ୍ୟକ୍ତି ହେଲେ ଟେକ୍ନୋଲୋଜି କମ୍ପାନୀ ଓରାକଲ ପ୍ରତିଷ୍ଠାତା ଲ୍ୟାରି ଏଲିସନ୍। ସେ ଆମଜାନର ଜେଫ୍ ବେଜୋସ୍ ଏବଂ ମେଟାର ମାର୍କ ଜୁକରବର୍ଗଙ୍କୁ ପଛରେ ପକାଇ ବିଶ୍ୱର ଦ୍ୱିତୀୟ ଧନୀ ବ୍ୟକ୍ତି ହୋଇଛନ୍ତି। ଫର୍ଚ୍ୟୁନ ରିପୋର୍ଟ ଅନୁସାରେ ତାଙ୍କର ବିଜନେସ୍ ଷ୍ଟକ୍‌ରେ ୪୦ ମିଲିଅନ ଡଲାର ପର୍ଯ୍ୟନ୍ତ ବୃଦ୍ଧି ହୋଇଛି। ତାଙ୍କ ସମ୍ପତ୍ତି ମୂଲ୍ୟ ୨୫୦.୯ ବିଲିୟନ ଡଲାର ହୋଇଯାଇଛି। ଧନୀ ତାଲିକାରେ ଏଲିସନ୍ ବର୍ତ୍ତମାନ କେବଳ ଟେସଲା ସିଇଓ ଏଲନ ମସ୍କଙ୍କ ପଛରେ ରହିଛନ୍ତି। ମସ୍କ ୪୦୫.୮ ବିଲିୟନ ଡଲାର ସମ୍ପତ୍ତି ସହ ବିଶ୍ୱର ଏକ ନମ୍ବର ଧନୀ ବ୍ୟକ୍ତି ହୋଇଛନ୍ତି। ଏଲିସନଙ୍କ ପାଖରେ କମ୍ପାନୀର ପ୍ରାୟ ୪୧ ପ୍ରତିଶତ ସେୟାର ଅଛି ଏବଂ ଓରାକେଲର ସେୟାର ବୃଦ୍ଧି ପାଇବା ପରେ, ତାଙ୍କ ସମ୍ପତ୍ତି ଗୋଟିଏ ଦିନରେ ୨୫ ବିଲିୟନ ଡଲାର ବୃଦ୍ଧି ପାଇଥିଲା। ତା›ପରେ ପୁଣିଥରେ ଆଉ ୧୬ ବିଲିୟନ ଡଲାର ବୃଦ୍ଧି ପାଇଥିଲା। ଗତ ମଙ୍ଗଳବାର କମ୍ପାନୀ ଏହାର ଆୟ ରିପୋର୍ଟ ପ୍ରକାଶ କରିବାର ଗୋଟିଏ ଦିନ ପୂର୍ବରୁ, ଏଲିସନଙ୍କ ନେଟ୍ ସମ୍ପତ୍ତି ୨୧୩ ବିଲିୟନ ଡଲାର ଥିଲା। ଓରାକେଲର ଅଧ୍ୟକ୍ଷ ଏବଂ ଚିଫ୍ ଟେକ୍ନୋଲୋଜି ଅଫିସର ଲ୍ୟାରି ଏଲିସନ୍ ଅନ୍ୟମାନଙ୍କ ସହ ୧୯୭୭ ମସିହାରେ ଏକ ଡାଟାବେସ୍ ସଫ୍ଟୱେର୍ କମ୍ପାନୀ ଭାବରେ ଓରାକେଲ୍ ପ୍ରତିଷ୍ଠା କରିଥିଲେ। ସମୟ ଅନୁସାରେ



ଏହି କମ୍ପାନୀ ବିଶ୍ୱସ୍ତରୀୟ କ୍ଲାଉଡ୍ କମ୍ପ୍ୟୁଟିଂର ପାୱାର ହାଉସରେ ପରିଣତ ହୋଇଥିଲା। ଯାହା ଏଲିସନ୍‌ଙ୍କୁ ବିଶ୍ୱର ୧୦ ଧନୀ ବ୍ୟକ୍ତି ତାଲିକାରେ ସାମିଲ୍ କରାଇଥିଲା। ହେଲେ ଏବେ ୮୦ ବର୍ଷ ବୟସରେ ସେ ବିଶ୍ୱର ଦ୍ୱିତୀୟ ଧନୀ ବ୍ୟକ୍ତି ହୋଇଛନ୍ତି। ଏଲିସନ ନିଜର ରୋକ୍‌ଠୋକ୍ ବ୍ୟକ୍ତିତ୍ୱ ଓ ଅସାଧାରଣ ଜୀବନଶୈଳୀ ପାଇଁ ଜଣାଶୁଣା। ଜୀବନକୁ ବିଳାସପୂର୍ଣ୍ଣ କରିବାରେ ତାଙ୍କର ଅଧିକ ଖର୍ଚ୍ଚ ହୋଇଥାଏ। ଏଲିସନ ୨୦୧୨ରେ ହାୱାଇର ଷଷ୍ଠ ବୃହତମ ଦ୍ୱୀପ ଲାନାଇର ୯୮% ଏରିଆକୁ ପ୍ରାୟ ୩୦୦ ନିୟୁତ ଡଲାରରେ କିଣିଥିଲେ।

କେବଳ ସେତିକି ନୁହେଁ, ତାଙ୍କ ପାଖରେ ନିଜର ସ୍ୱତନ୍ତ୍ର ବିମାନ ରହିଥିବା ବେଳେ ପାଇଲଟ ଭାବରେ ଲାଇସେନ୍ସ ବି ଅଛି। ଏଲନ ମସଙ୍କର ସେ ଜଣେ ଭଲ ବନ୍ଧୁ ହୋଇଥିବା ବେଳେ ଟେସ୍‌ଲାରେ ସେ ବଡ଼ ନିବେଶ କରିଛନ୍ତି। ଏକଥା ସେ ନିଜେ କହିଥିଲେ। ତେବେ ସବୁଠାରୁ ବଡ଼ କଥା ହେଲା ଆଇଏମ୍‌ଏଫ୍ ଆକଳନ ଅନୁଯାୟୀ, ଏଲିସନଙ୍କ ମୋଟ ସମ୍ପତ୍ତି କେବଳ ଆରବପତିଙ୍କ ସମ୍ପତ୍ତିଙ୍କୁ ଟପି ନାହିଁ ବରଂ ଏହା କେତେକ ଦେଶର ମୋଟ ଜିଡିପିକୁ ମଧ୍ୟ ଅତିକ୍ରମ କରିଯାଇଛି।

## ଡିଜିସିଏର ସତର୍କବାଣୀ; ବଢୁଛି ଏୟାର୍ ଇଣ୍ଡିଆର ସମସ୍ୟା

ନୂଆଦିଲ୍ଲୀ, ୨୨।୬(ଏଜେନ୍ସି): ଅହମଦାବାଦ ବିମାନ ଦୁର୍ଘଟଣା ପରେ ଏୟାର ଇଣ୍ଡିଆର ସମସ୍ୟା ଥମିବାର ନାଁ ନେଉନି। ଗୋଟିଏ ପଟେ ଏୟାର ଇଣ୍ଡିଆର ଉଡାଣ ବାତିଲ୍ ହେଉଛି ତ ଅନ୍ୟପଟେ ବୈଷୟିକ ତ୍ରୁଟି ଯୋଗୁ ଉଡାଣ ପୁନଃ କାର୍ଯ୍ୟସୂଚୀ ପ୍ରସ୍ତୁତ ହେଉଛି। ଏଣୁ ଏୟାର ଇଣ୍ଡିଆ ଏବେ ପରିଚାଳନାଗତ ସମସ୍ୟା ମଧ୍ୟରେ ଛନ୍ଦି ହୋଇଯାଇଛି। ଏଥିରେ ଏବେ ବେସାମରିକ ବିମାନ ଚଳାଚଳ ମହାନିର୍ଦ୍ଦେଶାଳୟ (ଡିଜିସିଏ) ଏୟାର ଇଣ୍ଡିଆକୁ ସବୁଠୁ ବଡ଼ ଚେତାବନୀ ଜାରି କରିଛନ୍ତି। ଡିଜିସିଏ ଏୟାର ଇଣ୍ଡିଆକୁ ଚେତାବନୀ ଜାରି କରି କହିଛନ୍ତି ଯେ ଯଦି ବିମାନ ପରିଚାଳନାରେ ଏପରି ସମସ୍ୟା ଜାରି ରୁହେ ବେ ଆଗକୁ ଏୟାର ଲାଇନ୍ସର



ଲାଇସେନ୍ସ ବାତିଲ୍ କରାଯାଇ ପରେ। ନିୟାମକଙ୍କଠୁ ମିଳିଥିବା ଏହି ଚେତାବନୀ ଏୟାରଲାଇନ୍ସର ଭବିଷ୍ୟତକୁ ନେଇ ପ୍ରଶ୍ନ ଚିହ୍ନ ଲଗାଇଛି। ନିକଟରେ ଏୟାର ଇଣ୍ଡିଆ ୩ ବରିଷ୍ଠ ଅଧିକାରୀଙ୍କୁ ସେମାନଙ୍କ ପଦରୁ ହଟାଇଛି। ଏଥିରେ ଏୟାର ଇଣ୍ଡିଆର ଡିଭିଜନାଲ ଭାଇସ୍ ପ୍ରେସିଡେଣ୍ଟ କ୍ରୁ ସିଡ୍ୟୁଲିଂ ମ୍ୟାନେଜର ଓ କ୍ରୁ ସିଡ୍ୟୁଲିଂ ପ୍ଲାନିଂ ଅଫିସରଙ୍କୁ ସେମାନଙ୍କ ପଦରୁ ହଟାଇଯାଇଛି। ରିପୋର୍ଟ ଅନୁସାରେ ଏୟାର ଇଣ୍ଡିଆ ପାଇଲଟ ଡ୍ୟୁଟି ସିଡ୍ୟୁଲିଂ, ପରିଚଳନା ଏବଂ ଗମ୍ଭୀର ଉଲ୍ଲଂଘନ ଜଣାପଡିବା ପରେ ଡିଜିସିଏ ଏପରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛି। ବିମାନ ନିୟାମକ ସ୍ପଷ୍ଟ କରିଛନ୍ତି ଯେ ଫ୍ଲାଇଟ୍ ସିଡ୍ୟୁଲିଂ ଅଥବା ଉଡ଼ାଣ ସମୟ ସମ୍ପର୍କିତ କୌଣସି ନିୟମ ଉଲ୍ଲଂଘନ ମାମଲାରେ ଏବେ ଏୟାର ଇଣ୍ଡିଆ ବିରୋଧରେ କଡ଼ା କାର୍ଯ୍ୟାନୁଷ୍ଠାନ ନିଆଯିବ । ଏହି କାର୍ଯ୍ୟାନୁଷ୍ଠାନରେ ଅପରେଟର ପରମିସନ ବାତିଲ୍ ବି ହୋଇପାରେ। କେବଳ ଏତିକି ନୁହେଁ ଡିଜିସିଏ ଏୟାର ଇଣ୍ଡିଆକୁ ୨୦୨୪ ବର୍ଷରେ କରାଯାଇଥିବା ସବୁ ଇନସ୍ପେକ୍ସନ ଓ ଅଡିଟ ବିବରଣୀ ତୁରନ୍ତ ପ୍ରଦାନ କରିବାକୁ କହିଛନ୍ତି। ସେହିପରି ଏୟାର ଇଣ୍ଡିଆ ବିମାନ ଦୁର୍ଘଟଣା ପରେ ଡିଜିସିଏ ଦେଶର ପୁରା ବିମାନ ଚଳାଚଳ ପ୍ରଣାଳୀର ୩୬୦ ଡିଗ୍ରି ସ୍କାନିଂ ଆଦେଶ ଦେଇଛନ୍ତି। ଏଥିରେ ବିମାନ ଉଡ଼ାଣ ସଞ୍ଚାଳନ, ରକ୍ଷଣାବେକ୍ଷଣା, ଲାଇସେନ୍ସିଂ, ସୁରକ୍ଷା ପ୍ରବନ୍ଧନ, ପ୍ରଶିକ୍ଷଣ ସଂସ୍ଥାନ, ଏମଆରଓରୁ ଆରମ୍ଭ କରି ଏଟିସି ପର୍ଯ୍ୟନ୍ତ ପୁରା ଯାଞ୍ଚ ହେବ।

## ଡକ୍ଟର ଶିବ ପ୍ରସାଦ ମହାନ୍ତି ଭାରତୀୟ ସାର ସଂଘର ସହାଧ୍ୟକ୍ଷ ନିର୍ବାଚିତ

ନୂଆଦିଲ୍ଲୀ, ୨୨।୬(ଏଜେନ୍ସି): ହିନ୍ଦୁସ୍ତାନ ଉର୍ବାରକ ଏବଂ ରସାୟନ ଲିମିଟେଡ୍ (ଏଚ୍‌ୟୁଆର୍‌ଏଲ୍)ର ପରିଚାଳନା ନିର୍ଦ୍ଦେଶକ ଡକ୍ଟର ସିବା ପ୍ରସାଦ ମହାନ୍ତି ଭାରତୀୟ ସାର ସଂଘ(ଏଫ୍‌ଏଆଇ)ର ସହାଧ୍ୟକ୍ଷ ନିର୍ବାଚିତ ହୋଇଛନ୍ତି। ଏ ନେଇ ଏଚ୍‌ୟୁଆର୍‌ଏଲ୍ ପକ୍ଷରୁ ଘୋଷଣା କରାଯାଇଛି। ଏହି ସମ୍ମାନଜନକ ନିଯୁକ୍ତି ସାର କ୍ଷେତ୍ରରେ ସ୍ଥାୟୀ କୃଷି ଏବଂ ନବସୃଜନକୁ ପ୍ରୋତ୍ସାହିତ କରିବାରେ ଡକ୍ଟର ମହାନ୍ତିଙ୍କ ନିରନ୍ତର ନେତୃତ୍ୱକୁ ପ୍ରତିଫଳିତ କରୁଛି। ଏହି ପ୍ରମୁଖ ଭୂମିକାରେ ତାଙ୍କର ନିର୍ବାଚିତ ହେବା ଶିଳ୍ପ ମଧ୍ୟରେ ଗଭୀର ସହଯୋଗ ଏବଂ ରଣନୈତିକ



ଅଭିବୃଦ୍ଧି ଦିଗରେ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ। ସହାଧ୍ୟକ୍ଷ ଭାବରେ ଡକ୍ଟର ମହାନ୍ତି ରାଷ୍ଟ୍ର ପାଇଁ ସନ୍ତୁଳିତ ସାର ବ୍ୟବହାର, ନୀତିଗତ ସମର୍ଥନ ଏବଂ ଖାଦ୍ୟ ସୁରକ୍ଷାର ମିଶନକୁ ଆଗକୁ ବଢ଼ାଇବା ପାଇଁ ଏଫ୍‌ଏଆଇ ସଦସ୍ୟ କମ୍ପାନୀଗୁଡ଼ିକ ସହିତ କାମ କରିବେ।

## ୨୦୨୪-୨୫ରେ ୨.୨୩ ଲକ୍ଷ କୋଟିର ଜିଏସ୍‌ଟି ଚୋରି

ନୂଆଦିଲ୍ଲୀ,୨୨।୬(ଏଜେନ୍ସି)

କେନ୍ଦ୍ରୀୟ ପରୋକ୍ଷ ଟିକସ ଏବଂ ସୀମା ଶୁଳ୍କ ବୋର୍ଡ (ସିବିଆଇସି) ୨୦୨୪-୨୫ରେ୨.୨୩

### ତଦନ୍ତ ନିର୍ଦ୍ଦେଶ ଦେଲେ ଅର୍ଥମନ୍ତ୍ରୀ

ଲକ୍ଷ କୋଟି ଟଙ୍କାର ସାମଗ୍ରୀ ଏବଂ ସେବା ଟିକସ (ଜିଏସ୍‌ଟି) ଠକେଇ ଚିହ୍ନଟ କରିଛି। ଗୁରୁବାର ଏଠାରେ ଅନୁଷ୍ଠିତ ସିବିଆଇସି ସମ୍ମିଳନୀରେ ଦିଆଯାଇଥିବା ସରକାରୀ ତଥ୍ୟରେ ଏହା ପ୍ରକାଶ ପାଇଛି। ଏହାପରେ କେନ୍ଦ୍ର ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣ ଏହି ଘଟଣାର ତଦନ୍ତ ନିର୍ଦ୍ଦେଶ ଦେଇଛନ୍ତି।

ସମ୍ମିଳନୀରେ ଅଧ୍ୟକ୍ଷତା କରି ଅର୍ଥମନ୍ତ୍ରୀ ସୀମା ଶୁଳ୍କ ଏବଂ ସିଜିଏସ୍‌ଟି ମାମଲାର ତଦନ୍ତ ଶୀଘ୍ର ସମାପ୍ତ କରିବାକୁ, ଟିକସ ଠକେଇ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଏବଂ ଜିଏସ୍‌ଟି ପଞ୍ଜିକରଣ ଏବଂ ଅଭିଯୋଗ ସମାଧାନରେ ସମୟୋଚିତ ଉନ୍ନତି ଆଣିବାକୁ ନିର୍ଦ୍ଦେଶ ଦେଇଛନ୍ତି। ୨୦୨୩ ଆର୍ଥିକବର୍ଷରେ ପ୍ରାୟ ୬୨.୨୧ ପ୍ରତିଶତ ଜିଏସ୍‌ଟି ଦାତାଙ୍କ ଅଡିଟ୍ କରାଯାଇଥିଲା ଏବଂ ୨୦୨୫ ଆର୍ଥିକ ବର୍ଷରେ ଏହି ସଂଖ୍ୟା ୮୮.୭୪ ପ୍ରତିଶତକୁ ବୃଦ୍ଧି ପାଇଛି। ଅଧିକାରୀମାନେ କହିଛନ୍ତି ଯେ ତିନି ବର୍ଷରେ କୌଣସି କରଦାତାଙ୍କର ଏକାଧିକ ଥର ଅଡିଟ୍ କରାଯାଇନାହିଁ। ରିଫଣ୍ଡରେ ଉନ୍ନତି




ବିଷୟରେ ସୂଚନା ଦେଇ କୁହାଯାଇଥିଲା ଯେ ୬୦ ଦିନର ନିର୍ଦ୍ଧାରିତ ଅବଧି ମଧ୍ୟରେ ୮୫ ପ୍ରତିଶତ ଦାବି ସମାଧାନ କରାଯାଇଛି। ୨୦୨୪-୨୫ ମଧ୍ୟରେ ଜିଏସ୍‌ଟିଆର୍-୩ବି ରିଟର୍ଣ୍ଣ ଦାଖଲ କରିବାର ଜାତୀୟ ହାର ୯୪.୩ ପ୍ରତିଶତ ଥିଲା। ଏହି ସମୟରେ, ଅଭିଯୋଗ ସମାଧାନରେ ମଧ୍ୟ ଉନ୍ନତି ଦେଖାଯାଇଛି ଏବଂ ହାରାହାରି ସମାଧାନ ସମୟ ନିର୍ଦ୍ଧାରିତ ୨୧ ଦିନରୁ ହ୍ରାସ ପାଇ ୯ ଦିନ ହୋଇଛି। ବିଜ୍ଞପ୍ତିରେ କୁହାଯାଇଛି, କେନ୍ଦ୍ରୀୟ ସାର୍ବଜନୀନ ଅଭିଯୋଗ ସମାଧାନ ଏବଂ ମନିଟରିଂ ସିଷ୍ଟମ ଉପରେ ୯୫ ରୁ ୯୭ ପ୍ରତିଶତ ଆବେଦନ ୩୦ ଦିନ ମଧ୍ୟରେ ସମାଧାନ କରାଯାଉଛି, ଯାହା ଏକ ଉତ୍କୃଷ୍ଟ ପ୍ରଦର୍ଶନ। ଏହି ପ୍ରଦର୍ଶନ ଗତ ବର୍ଷ ଫେବୃଆରୀଠାରୁ ଏହି ସିଷ୍ଟମରେ ରାଙ୍କିଙ୍ଗରେ ୯୦ ଟି କେନ୍ଦ୍ରୀୟ ମନ୍ତ୍ରଣାଳୟ ମଧ୍ୟରେ ସିବିଆଇସିକୁ ଶୀର୍ଷ ପାଞ୍ଚଟି ସ୍ଥାନରେ ପହଞ୍ଚାଇଛି। ସୀତାରମଣ ବିଭାଗକୁ କରଦାତା ଏବଂ ବାଣିଜ୍ୟ ସଂଗଠନ ମଧ୍ୟରେ ସଚେତନତା ଅଭିଯାନ ବୃଦ୍ଧି କରିବାକୁ କହିଛନ୍ତି। ବିଶେଷକରି ଜିଏସ୍‌ଟି ପଞ୍ଜିକରଣ ପାଇଁ ଆବଶ୍ୟକୀୟ ଡକ୍ୟୁମେଣ୍ଟ ଉପରେ ଅର୍ଥମନ୍ତ୍ରୀ ଗୁରୁତ୍ୱ ଦେଇଛନ୍ତି।



## ଆଜିର ରାଶିଫଳ

**ମେଷ:** ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ସମ୍ଭାଳି ପାରନ୍ତି । ଦୃଢ଼ ସଂକଳ୍ପ ସହ ଲକ୍ଷ୍ୟ ହାସଲ କରିବାକୁ ଯୋଜନା କରିବେ । ଅଯଥା ଖର୍ଚ୍ଚରୁ ଦୂରେଇ ରୁହନ୍ତୁ । କ୍ଷମତା ଉପରେ ଭରସା ରଖନ୍ତୁ । ବୈବାହିକ ଜୀବନ ସୁଖମୟ ହେବ ।

**ବୃଷ:** ଘନିଷ୍ଠ ଲୋକଙ୍କ ସହଯୋଗ ରହିବ । ଆର୍ଥିକ ଅବସ୍ଥା ସ୍ୱଚ୍ଛଳ ରହିବ । ପୁରୁଣା ବନ୍ଧୁଙ୍କ ସହ ସାକ୍ଷାତ ହେବ । ନିଜକୁ କମଜୋର ଭାବନ୍ତୁ ନାହିଁ । ଛାତ୍ରଛାତ୍ରୀ କୃତକାର୍ଯ୍ୟ ହେବେ । ଦୀର୍ଘ ଦିନର ଆଶା ପୂରଣ ହେବ ।

**ମିଥୁନ:** ଦୂରଯାତ୍ରାରୁ ଥକ୍କାପଣ ଅନୁଭବ କରିବେ । ଅନ୍ୟର ଥଟ୍ଟା ପରିହାସକୁ ଅଣଦେଖା କରନ୍ତୁ । ଦୀର୍ଘ ଦିନରୁ ପଡ଼ିରହିଥିବା କାର୍ଯ୍ୟ ପୂରଣ ହେବ । ପାରିବାରିକ ସୁଖ ଶାନ୍ତି ମିଳିବ । ଯାନବାହନ କ୍ରୟ କରିପାରନ୍ତି ।

**କର୍କଟ:** ନିଜ ପରିଶ୍ରମକୁ ଗୁରୁତ୍ୱ ଦିଅନ୍ତୁ । ମନୋରଞ୍ଜନ ପାଇଁ ଅଧିକ ଖର୍ଚ୍ଚାନ୍ତ ହୋଇପାରନ୍ତି । ଜୀବନସାଥିଙ୍କ ସହଯୋଗ ଲୋଡିବେ । ବିଦ୍ୟାର୍ଥୀମାନଙ୍କ ପାଇଁ ଭଲ ସମୟ । ରାଜନେତାଙ୍କ ପାଇଁ ଭଲ ସମୟ ।

**ସିଂହ:** କୌଣସି କାର୍ଯ୍ୟ କରିବା ପୂର୍ବରୁ ହଜାର ଥର ଚିନ୍ତା କରନ୍ତୁ । ଧନପ୍ରାପ୍ତି ଯୋଗ ରହିଛି । ପିଲାମାନଙ୍କ ଉନ୍ନତିରେ ଖୁସି ଅନୁଭବ କରିବେ । କିଣା-ବିକାରେ ସମୟ ବିତିବ । ବୈବାହିକ ଜୀବନ ସୁଖମୟ ହେବ ।

**କନ୍ୟା:** ଜମି କିଣାବିକା ପାଇଁ ଭଲ ସମୟ । ଆୟ ଅନୁସାରେ ବ୍ୟୟ କମ୍ ହେବ । ପ୍ରିୟଜନଙ୍କ ସହ ଦୂରଯାତ୍ରା କରିପାରନ୍ତି । ପ୍ରେମୀଯୁଗଳଙ୍କ ପାଇଁ ଦିନଟି ଆଦୌ ଭଲ ନୁହେଁ । ଅଫିସ୍ ସହକର୍ମୀଙ୍କ ସହଯୋଗ ମିଳିବ ।

**ତୁଳା:** ପୁରୁଣା ରୋଗରୁ ଆରାମ ମିଳିପାରେ । ଅକସ୍ମାତ ଖୁସି ଖବର ପାଇବେ । ଜୀବନସାଥିଙ୍କ ସହ ଖୁସିର ମୁହୂର୍ତ୍ତ ବିତାଇବେ । ବ୍ୟବସାୟରୁ ଲାଭ ପାଇବେ । କର୍ମକ୍ଷେତ୍ରରେ ନୂତନ ସହଯୋଗୀଙ୍କ ସାହାଯ୍ୟ ମିଳିବ ।

**ବିଛା:** କର୍ମକ୍ଷେତ୍ରରେ ପ୍ରଶଂସା ପାଇବେ । ସାମାଜିକ ଏବଂ ଧାର୍ମିକ ସମାରୋହ ପାଇଁ ଦିନଟି ଭଲ । ବିଦ୍ୟାର୍ଥୀମାନେ କ୍ୟାରିୟର କଥା ଚିନ୍ତା କରିବେ । ସାମାଜିକ କାର୍ଯ୍ୟରେ ସାମିଲ ହେବେ ।

**ଧନୁ:** ବନ୍ଧୁ ମିଳନ ଯୋଗ ରହିଛି । ଅଧିକ ଚିନ୍ତା କରନ୍ତୁନି । ନୂତନ ବ୍ୟବସାୟ ଆରମ୍ଭ କରିପାରିବେ । ପତି-ପତ୍ନୀଙ୍କ ମଧ୍ୟରେ ଉତ୍ତମ ବୁଝାମଣା ରହିବ । ମହିଳାମାନେ ଧର୍ମପରାୟଣା ହେବେ । କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ ।

**ମକର:** ସ୍ୱାସ୍ଥ୍ୟପ୍ରତି ଧ୍ୟାନ ଦିଅନ୍ତୁ । ଉଧାର ଦେଉଥିଲେ ସାବଧାନ ହୋଇଯାଆନ୍ତୁ । ପରିବାର ସହିତ କିଛି ସମୟ ବିତାନ୍ତୁ । କର୍ମକ୍ଷେତ୍ରରେ ପଦୋନ୍ନତି ଯୋଗ ରହିଛି । ବୟସ୍କ ବ୍ୟକ୍ତିଙ୍କ ସ୍ୱାସ୍ଥ୍ୟ ପ୍ରତି ଧ୍ୟାନ ଦିଅନ୍ତୁ ।

**କୁମ୍ଭ:** ସମସ୍ୟାରେ ପଡ଼ିପାରନ୍ତି । ଅତିଥିଙ୍କ ସ୍ୱାସ୍ଥ୍ୟସମସ୍ୟାକୁ ନେଇ ଚିନ୍ତାପ୍ରକଟ କରିବେ । ପିଲାମାନଙ୍କ କାର୍ଯ୍ୟ କଳାପରେ ଦିନଟି ଭଲରେ ବିତିବ । ଜୀବନସାଥିଙ୍କ ପାଇଁ କୌଣସି କାର୍ଯ୍ୟ ଗଡ଼ବଡ଼ ହୋଇପାରେ ।

**ମୀନ:** ଆଖି ବୁଜି ଅନ୍ୟମାନଙ୍କ ଉପରେ ଭରସା କରନ୍ତୁନି । ନିଜ କଥା ଉପରେ ନିୟନ୍ତ୍ରଣ ରଖନ୍ତୁ । ପିଲାମାନେ ପଢ଼ାପଢ଼ିରେ ଅଧିକ ଧ୍ୟାନ ଦେବେ । ଅପ୍ରିୟ ସତ କହି ସମସ୍ୟାରେ ପଡ଼ିପାରନ୍ତି ।

## ଆଜିର ଇତିହାସ

- ୧୭୬୧- ମହାନ ମରାଠା ପେଶୱା ବାଲାଜୀ ବାଜିରାଓଙ୍କ ବିୟୋଗ ।
- ୧୯୫୩- ଭାରତୀୟ ଜନସଂଘର ସଂସ୍ଥାପକ ଡ.ଶ୍ୟାମାପ୍ରସାଦ ମୁଖାର୍ଜୀଙ୍କ ଦେହାନ୍ତ ।
- ୧୯୮୦- ଇନ୍ଦିରା ଗାନ୍ଧୀଙ୍କ ପୁତ୍ର ସଞ୍ଜୟ ଗାନ୍ଧୀଙ୍କ ବିମାନ ଦୁର୍ଘଟଣାରେ ମୃତ୍ୟୁ ।
- ୧୯୯୪-ଉତ୍ତର କୋରିଆ ପରମାଣୁ କାର୍ଯ୍ୟକ୍ରମ ସ୍ଥଗିତ ରଖିବା ପାଇଁ ଘୋଷଣା କଲା ।
- ୨୦୧୬- ବ୍ରିଟେନବାସୀ ୟୁରୋପୀୟ ସଂଘରୁ ଅଲଗା ହେବା ସପକ୍ଷରେ ଭୋଟ୍ ଦେଲେ ।

## ପାଞ୍ଚ ମିନିଟ୍‌ରେ ଖାଇଲେ ୩୨ଟି ଆମ୍ବ



ସାମାଜିକ ଗଣମାଧ୍ୟମରେ ଅନେକ ସମୟରେ ଫୁଡ୍ ଚ୍ୟାଲେଞ୍ଜର ଭିଡିଓଗୁଡ଼ିକ ଭାଇରାଲ ହୋଇଥାଏ । ଏହି କ୍ରମରେ ବିହାରର ଇଶାନ କୁମାର ମାତ୍ର ପାଞ୍ଚ ମିନିଟ୍‌ରେ ୩୨ଟି ଆମ୍ବ ଖାଇ ଏବେ ଚର୍ଚ୍ଚାରେ ରହିଛନ୍ତି । ବିହାର, ମଧୁବନି ଜିଲ୍ଲାର ସରସୋମାହି ଗାଁ ସ୍ଥିତ ସାର୍ ଗଙ୍ଗାନାଥ ଝା ପାଠାଗାରରେ ପ୍ରତିବର୍ଷ 'ମିଥିଳା ଆମ୍ବ ଉତ୍ସବ' ଆୟୋଜିତ ହୋଇଥାଏ । ପ୍ରତିବର୍ଷ ପରି ଚଳିତବର୍ଷ ମଧ୍ୟ ଏହି ଉତ୍ସବକୁ ନେଇ ସ୍ଥାନୀୟ ବାସିନ୍ଦାଙ୍କ ମନରେ ପ୍ରବଳ ଉତ୍ସାହ ଦେଖିବାକୁ ମିଳିଥିଲା । 'ଆମ୍ବ ଖାଅ ପ୍ରତିଯୋଗିତା'ରେ ଛୋଟ ପିଲାଠୁ ଆରମ୍ଭ କରି ବୟସ୍କ ପର୍ଯ୍ୟନ୍ତ ସମସ୍ତେ ଅଂଶଗ୍ରହଣ କରିଥିଲେ । ଚଳିତବର୍ଷ ଏହି ଆୟୋଜନରେ ଭାଗ ନେଇଥିବା ପ୍ରତିଯୋଗୀଙ୍କ ମଧ୍ୟରୁ ଇଶାନ କୁମାର ମାତ୍ର ୫ମିନିଟ୍ ମଧ୍ୟରେ ୩୨ ଟି ଆମ୍ବ ଖାଇ ପ୍ରଥମ ସ୍ଥାନ ଅଧିକାର କରିଥିଲେ । ସେହିଭଳି ରାଜେଶ ମଣ୍ଡଳ ପାଞ୍ଚ ମିନିଟ୍‌ରେ ୨୬ଟି ଆମ୍ବ ଖାଇ ଦ୍ୱିତୀୟ ସ୍ଥାନରେ ଏବଂ ହର୍ଷ ନାଥ ଝା ୫ ମିନିଟ୍ ୨୨ଟି ଆମ୍ବ ଖାଇ ତୃତୀୟ ସ୍ଥାନ ଅଧିକାର କରିଥିଲେ । ବିଜେତାମାନଙ୍କୁ ପୁରସ୍କାର ଦିଆଯାଇ ସମ୍ମାନିତ କରାଯାଇଥିଲା । ତେବେ ମିଥିଳାରେ ଆୟୋଜିତ ହେଉଥିବା ଏହି ଉତ୍ସବ ପାଇଁ ବିଭିନ୍ନ ସ୍ଥାନରୁ ଆମ୍ବର ଭିନ୍ନ ଭିନ୍ନ କିସମ ଅଣାଯାଇଥାଏ । ଏହାବାଦ୍ ସ୍ଥାନୀୟ ଚାଷୀଙ୍କଠାରୁ ଆମ୍ବ କିଣାଯାଇ ଏହାକୁ ଉତ୍ସବରେ ପ୍ରଦର୍ଶନ କରାଯାଇଥାଏ । ଡିଜିଟାଲ ଦୁନିଆରୁ ଲୋକଙ୍କୁ କିଛି ସମୟ ବାହାର କରି ଆଣିବା ତଥା ପରମ୍ପରାଗତ ଖାଦ୍ୟକୁ ପ୍ରୋତ୍ସାହନ ଦେବା ନିମନ୍ତେ ଏହି ଉତ୍ସବର ଆୟୋଜନ କରାଯାଉଥିବା ଏହାର ଆୟୋଜକମାନେ କହିଛନ୍ତି ।

## କିଆରାଙ୍କ ପାଇଁ ଯଶ୍ ନେଲେ ଏହି ନିଷ୍ପତ୍ତି



ବଲିଉଡ୍ ଅଭିନେତ୍ରୀ କିଆରା ଆଡ଼ଭାନୀ ଏବେ ଗର୍ଭବତୀ ଥିବାରୁ କିଛି ଫିଲ୍ମରୁ ସେ ବାଦ୍ ପଡ଼ି ଯାଇଛନ୍ତି । 'ଡନ୍-୩'ରୁ ସେ ବାଦ୍ ପଡ଼ିବା ପରେ ଏବେ ତାଙ୍କ ବଦଳରେ ଏଥିରେ କ୍ରିତି ସାନନ୍ ନଜର ଆସିବେ । ଏହାବାଦ୍ କିଆରା ସାଉଥ୍ ସୁପରଷ୍ଟାର୍ ଯଶ୍‌ଙ୍କ ସହ 'ଟକ୍ସିକ୍' ଫିଲ୍ମରେ ନଜର ଆସିବେ । ଏହି ଫିଲ୍ମର କିଛି ଅଂଶ ସୁଟ୍ କରାଯାଇଥିଲେ ବି ଅଧାରୁ ଅଧିକ ସୁଟିଂ ବାକି ଅଛି । ତେବେ ଯଶ୍, କିଆରା ଗର୍ଭବତୀ ଥିବା କଥା ଜାଣି ଫିଲ୍ମକୁ ନେଇ ଏକ ବଡ଼ ନିଷ୍ପତ୍ତି ନେଇଛନ୍ତି । ଫିଲ୍ମର ସୁଟିଂ ବେଙ୍ଗାଲୁରୁରେ ହେଉଥିଲା । ଯଶ୍ କିଆରାଙ୍କ ପାଇଁ ଏବେ ଏହାର ସେଟ୍ ମୁମ୍ବାଇରେ କରିବାକୁ ନିର୍ଦ୍ଦେଶକ ଗୀତୁ ମୋହନଦାସ ଓ ପ୍ରଯୋଜକ ଭେଙ୍କଟ କେ. ନାରାୟଣଙ୍କୁ ଅନୁରୋଧ କରିଛନ୍ତି । କିଆରାଙ୍କୁ ଯେମିତି ଯାତ୍ରା କରିବା ଯୋଗୁଁ କୌଣସି ଅସୁବିଧା ନ ହେବ ଯଶ୍ ଏପରି କରିଥିବା ଜଣାପଡ଼ିଛି । ଏହା ୧୯ ମାର୍ଚ୍ଚ, ୨୦୨୬ରେ ରିଲିଜ୍ ହେବ । ଏହି ଆକ୍ସନ-ଆଡଭେଞ୍ଚର ଫିଲ୍ମରେ ହୁମା କ୍ୟୁରେସି, ତାରା ସୂତାରିଆ, ଅକ୍ଷୟ ଓବରୟ ମଧ୍ୟ ନଜର ଆସିବେ । ଏହି ଫିଲ୍ମ ହିନ୍ଦୀ ବ୍ୟତୀତ କନ୍ନଡ଼, ଇଂରାଜୀ ସହ ଅନ୍ୟ ଛଅଟି ଭାଷାରେ ରିଲିଜ୍ ହେବ । ଫିଲ୍ମର ପୋଷ୍ଟର୍‌ରେ ଯଶ୍‌ଙ୍କ ଲୁକ୍ ଦେଖି ଦର୍ଶକେ ଏହାକୁ ନେଇ ବେଶ୍ ଉତ୍ସାହିତ ଅଛନ୍ତି ।



## ମରିବା ପୂର୍ବରୁ ମାଛ ଯନ୍ତ୍ରଣାରେ ଛଟପଟ ହୁଏ



ପ୍ରତିଦିନ ମଣିଷଙ୍କ ଖାଇବା ପାଇଁ ଲକ୍ଷ ଲକ୍ଷ ସଂଖ୍ୟକ ମାଛ ମରାଯାଏ । ମାଛ ମରିବା ପୂର୍ବରୁ ଭୀଷଣ ଯନ୍ତ୍ରଣାରେ ଛଟପଟ ହୋଇଥାଏ ବୋଲି ନିକଟରେ ଏକ ଗବେଷଣାରୁ ପ୍ରକାଶ ପାଇଛି । କେତେକ ମାଛ ମରିବା ପୂର୍ବରୁ ୨-୨୦ ମିନିଟ୍ ପର୍ଯ୍ୟନ୍ତ ଅସହ୍ୟ ଯନ୍ତ୍ରଣାରେ ଛଟପଟ ହୋଇଥାନ୍ତି ବୋଲି ଏହି ଗବେଷଣାରେ କୁହାଯାଇଛି । ତେବେ ଏହି ଗବେଷଣା ରେନ୍‌ବୋ ଟ୍ରାଉଟ୍ ନାମକ ମାଛ ଉପରେ କରାଯାଇଥିଲା । ଏହି ମାଛକୁ ମାରିବା ପାଇଁ ଏୟାର ଆସ୍‌ଫିକ୍‌ସିଏସନ (ଶ୍ୱାସରୁଦ୍ଧ କରି ମାରିବା) ପଦ୍ଧତିର ସାହାଯ୍ୟ ନିଆଯାଇଥିଲା । ଉକ୍ତ ପ୍ରକ୍ରିୟାରେ ପ୍ରଥମେ ମାଛକୁ ପାଣିରୁ ବାହାର କରାଯାଏ । ଏହାପରେ ମାଛଗୁଡ଼ିକୁ ପବନରେ ଛାଡ଼ି ଦିଆଯାଏ । ଏହି ପ୍ରକ୍ରିୟାରେ ଧୀରେ ଧୀରେ ଅମ୍ଳଜାନ ଅଭାବରୁ ମାଛଟି ଶ୍ୱାସରୁଦ୍ଧ ହୋଇ ମରିଯାଏ । ସେହିପରି ପବନରେ ମାଛଟି କେବଳ ଗୋଟିଏ ମିନିଟ୍ ରହିବା ପରେ ହିଁ ତା'ର ଶରୀରରେ ପ୍ରତିକ୍ରିୟା ଆରମ୍ଭ ହୋଇଯାଏ । ଏହାଦ୍ୱାରା ମାଛର ଯନ୍ତ୍ରଣା ବୃଦ୍ଧି ପାଏ ଏବଂ ଏହା ୨-୨୦ ମିନିଟ୍ ପର୍ଯ୍ୟନ୍ତ ଚାଲେ । ଏହି କାରଣ ଯୋଗୁଁ ମାଛକୁ ଅସହନୀୟ ଯନ୍ତ୍ରଣା ସହିବାକୁ ପଡ଼ିଥାଏ । ସେହିପରି କିଛି ସ୍ଥାନରେ ମାଛକୁ ମାରିବା ପୂର୍ବରୁ ବରଫରେ ରଖାଯାଏ । ହେଲେ ଏହି ଉପାୟ ଅତ୍ୟନ୍ତ ଯନ୍ତ୍ରଣାଦାୟକ । ବରଫରେ ମାଛର ମେଟାବଲିଜିମ୍ ଧୀମା ହୋଇଯାଏ । ଏହାଦ୍ୱାରା ସେମାନେ ଚେତାଶୂନ୍ୟ ହେବା ଲାଗି ଅଧିକ ସମୟ ଲାଗେ । ଫଳରେ ସେମାନଙ୍କର ଯନ୍ତ୍ରଣା ସହିବା ସମୟ ଅଧିକ ହୋଇଯାଏ । ସେହିପରି ଏହି ଗବେଷଣାରେ ଏହାର ସମାଧାନ ସମ୍ପର୍କରେ ବି କୁହାଯାଇଛି । ଇଲେକଟ୍ରିକ୍ ଷ୍ଟନିଂ (ବିଦ୍ୟୁତ୍ ଅଚେତନ ବିଧି) କୁ ଆପଣାଇବା ଦ୍ୱାରା ମାଛର ଯନ୍ତ୍ରଣା କମ୍ ହୋଇଥାଏ ବୋଲି ଏଥିରେ କୁହାଯାଇଛି । ତେବେ ଏହି ଗବେଷଣା ସମୟରେ ଗବେଷକମାନେ ୱେଲଫେୟାର୍ ଫୁଟ୍‌ପ୍ରିଣ୍ଟ ଫ୍ରେମ୍‌ୱାର୍କ ନାମକ ଏକ ବୈଜ୍ଞାନିକ ପଦ୍ଧତିର ସାହାଯ୍ୟ ନେଇଥିଲେ । ଏହାଦ୍ୱାରା ପ୍ରତି ମିନିଟ୍‌ର ଯନ୍ତ୍ରଣାକୁ ଆକଳନ କରାଯାଏ । ତେବେ ଏହି ଗବେଷଣା ମାଛମାନଙ୍କ ପ୍ରତି ମାନବୀୟ ବ୍ୟବହାର ପ୍ରଦର୍ଶନ ପାଇଁ ଆହ୍ୱାନ ସୃଷ୍ଟି କରିଛି ।



## ଘୋଷ ଯାତ୍ରା

**ଆଷାଢ଼ ଶୁକ୍ଳ ଦ୍ୱିତୀୟା ତିଥିରେ ପାଳିତ ହୁଏ ରଥଯାତ୍ରା । ଏହାକୁ 'ଘୋଷ ଯାତ୍ରା', 'ଶ୍ରୀଗୁଣ୍ଡିଚା ଯାତ୍ରା', 'ପତିତପାବନ ଯାତ୍ରା', 'ଆଡ଼ପମଣ୍ଡପ ଯାତ୍ରା', 'ଦଶାବତାର ଯାତ୍ରା' ବୋଲି ମଧ୍ୟ କୁହାଯାଏ । ଓଡ଼ିଶାର ମୁଖ୍ୟ ଯାତ୍ରା ଭାବେ ପୁରୀ ରଥଯାତ୍ରା ବିଶ୍ୱ ପ୍ରସିଦ୍ଧ । ସେହିପରି ଏହା ଜଗନ୍ନାଥ ମନ୍ଦିରରେ ପାଳିତ ଦ୍ୱାଦଶ ଯାତ୍ରା ମଧ୍ୟରେ ପ୍ରଧାନ । ଏହା ପୁରୀ ବ୍ୟତୀତ ବିଭିନ୍ନ ସ୍ଥାନରେ ପାଳିତ ହେଉଛି ।**


ମହାପ୍ରଭୁ ଶ୍ରୀଜଗନ୍ନାଥ ବର୍ଷକୁ ଥରେ ରତ୍ନସିଂହାସନ ଛାଡ଼ି ଭକ୍ତଗହଣକୁ ରଥଯାତ୍ରା ଦିନ ଆସନ୍ତି । ରତ୍ନବେଦୀ ଛାଡି ଜନ୍ମବେଦୀକୁ ନବଦିନାତ୍ମକ ଯାତ୍ରାରେ ଯାଇଥାନ୍ତି ଚତୁର୍ଦ୍ଧାମୂର୍ତ୍ତି । ଘଣ୍ଟଘଣ୍ଟା, ଭଜନ କୀର୍ତ୍ତନ କାହାଳିରେ ଝୁଲି ଝୁଲି ଆସି ରଥାରୁଢ଼ ହୋଇଥାନ୍ତି ଶ୍ରୀଜୀଉ । ଏହି ଦିନ ଘଣ୍ଟ, ଶଙ୍ଖ ବାଦରେ ବଡ଼ଦାଣ୍ଡ ପ୍ରକମ୍ପିତ ହୁଏ । ଶ୍ରୀମନ୍ଦିରରୁ ପହଣ୍ଡି ହୋଇ ତିନି ରଥରେ ଶ୍ରୀବିଗ୍ରହ ବିଜେ କରନ୍ତି । ସେହିପରି ରଥ ଉପରେ ମହାପ୍ରଭୁଙ୍କ ଦର୍ଶନ ସହ ରଥ ଟାଣିବାକୁ ଉତ୍କଣ୍ଠାର ସହ ଭକ୍ତମାନେ ଚାହିଁଥାନ୍ତି ।

## ମେହେନ୍ଦି ଲଗାଇବାର ମହତ୍ତ୍ୱ

**ଜ୍ୟୋତିଷ ଶାସ୍ତ୍ର ଅନୁସାରେ, ଆଷାଢ଼ ମାସରେ ମେହେନ୍ଦି ଲଗାଇବାର ବିଶେଷ ମହତ୍ତ୍ୱ ଅଛି । ମୁଖ୍ୟତଃ ଏହି ମାସରେ ପାଣିପାଗରେ ପରିବର୍ତ୍ତନ ଦେଖାଦିଏ । ଏଣୁ ଏହି ସମୟରେ ମେହେନ୍ଦି ଲଗାଇଲେ ଏହା ଶରୀରକୁ ଶୀତଳତା ପ୍ରଦାନ କରିବା ସହ ମନକୁ ଶାନ୍ତ ରଖେ ।**

ଆଷାଢ଼ ମାସରେ ମେହେନ୍ଦି ରଙ୍ଗ ଯେତେ ଗାଢ଼ ହେବ, ଏହା ସେତିକି ଶୁଭ ହୋଇଥାଏ ବୋଲି ବିଶ୍ୱାସ ରହିଛି । ଏହି ରଙ୍ଗ କେବଳ ହାତକୁ ସୁନ୍ଦର କରି ନ ଥାଏ, ଏହାର ସମ୍ବନ୍ଧ ଗ୍ରହ ସହ ବି ଜଡ଼ିତ ଥାଏ । ଜାତକରେ ମଙ୍ଗଳ ଓ ଶୁକ୍ର ଗ୍ରହକୁ ଶାନ୍ତ କରିବା ଲାଗି ମେହେନ୍ଦି ଲଗାଇବା ଶୁଭ । କାରଣ ମଙ୍ଗଳ ଗ୍ରହ ଶକ୍ତି ଓ କ୍ରୋଧ ସହ ସମ୍ବନ୍ଧିତ ଥିବା ବେଳେ ଶୁକ୍ର ଗ୍ରହ ପ୍ରେମ ଏବଂ ସମ୍ପର୍କ ସହ ଜଡ଼ିତ । ତେଣୁ ମେହେନ୍ଦି ଲଗାଇବା ଦ୍ୱାରା ଏହି ଦୁଇ ଗ୍ରହ ସନ୍ତୁଳନରେ ରହେ ।

କୁହାଯାଏ, ବିବାହିତା ମହିଳା ଆଷାଢ଼ରେ ମେହେନ୍ଦି ଲଗାଇଲେ ବୈବାହିକ ଜୀବନ ସୁଖମୟ ହୋଇଥାଏ । ଘରେ ଶାନ୍ତି ବଜାୟ ରହେ । ସେହିପରି ମାନ୍ୟତା ଅଛି, ସନ୍ତାନ ପ୍ରାପ୍ତି ଲାଗି ମେହେନ୍ଦି ଲଗାଇବା ଶୁଭ । ଆଷାଢ଼ ମାସରେ ଭଗବାନ ବିଷ୍ଣୁଙ୍କ ପୂଜାର ବିଶେଷ ମହତ୍ତ୍ୱ ଅଛି । ଏହି ମାସରେ ଦେବଶୟନ ଏକାଦଶୀ ବ୍ରତ ପାଳନ କରାଯାଏ । ଏହି ଅବସରରେ ମେହେନ୍ଦି ଲଗାଇବା ଭଲ । ଏହି ସମୟରେ ଭଗବାନ ବିଷ୍ଣୁ ଶୟନ ଅବସ୍ଥାରେ ଥାନ୍ତି । ଏହି ସମୟରେ ଭଗବାନ ବିଷ୍ଣୁଙ୍କୁ ମେହେନ୍ଦି ଅର୍ପଣ କରିବା ଶୁଭ । ଜାତକରେ ନକାରାତ୍ମକ ପ୍ରଭାବ ଅନୁଭୂତ ହେଉଥିଲେ ମେହେନ୍ଦି ଲଗାଇବା ଶୁଭ । ଜ୍ୟୋତିଷ ଶାସ୍ତ୍ର ଅନୁସାରେ, ମେହେନ୍ଦି ଲଗାଇବାର ଉତ୍ତମ ଦିନ ହେଉଛି ବୁଧବାର ଓ ଶୁକ୍ରବାର ।




## ଜନ୍ମବାରରୁ ବ୍ୟକ୍ତିତ୍ୱ



**ଜ୍ୟୋତିଷ ଶାସ୍ତ୍ର ଅନୁସାରେ, ଜାତକ, ରାଶି, ଜନ୍ମତିଥିରୁ ଯେଭଳି ଜଣକ ବ୍ୟକ୍ତିତ୍ୱ ଓ ସ୍ୱଭାବ ସମ୍ପର୍କରେ ଜାଣି ହୁଏ । ଠିକ୍ ସେହିପରି ଜନ୍ମବାରରୁ ଜଣଙ୍କ ସ୍ୱଭାବ ଓ ବ୍ୟବହାର ବାବଦରେ ଜାଣିବା ସମ୍ଭବ । ଏହି କ୍ରମରେ କେଉଁ ବାରରେ ଜନ୍ମଗ୍ରହଣ କରିଥିବା ବ୍ୟକ୍ତିଙ୍କ ସ୍ୱଭାବ କିଭଳି ହୋଇଥାଏ, ସେ ସମ୍ପର୍କରେ ଜାଣିବା ।**

**ରବିବାର:** ରବିବାର ଜନ୍ମଗ୍ରହଣ କରିଥିବା ବ୍ୟକ୍ତି ଭାଗ୍ୟଶାଳୀ ହୋଇଥାନ୍ତି । ସେମାନଙ୍କଠାରେ ଛୋଟ ପିଲାଙ୍କଠାରୁ ଆରମ୍ଭ କରି ପ୍ରାଣୀଙ୍କୁ ମଧ୍ୟ ନିଜ ପ୍ରତି ଆକର୍ଷିତ କରିବାର କଳା ଥାଏ । ସେହିପରି ଏଭଳି ଲୋକେ ସହଜରେ ସାଙ୍ଗସାଥୀ ଓ ପରିବାର ସଦସ୍ୟଙ୍କୁ ପ୍ରଭାବିତ କରିପାରନ୍ତି । ମୁକ୍ତ ଚିନ୍ତାଧାରାର ହୋଇଥିବା ବେଳେ ସ୍ୱାଧୀନତାକୁ ଭଲପାଆନ୍ତି । ସେହିପରି ଥରେ ଯାହା ନିର୍ଣ୍ଣୟ ନେଇଥାନ୍ତି, ସେମାନେ ସେହି କାମ କରନ୍ତି ।

**ସୋମବାର:** ଏହି ବାରରେ ଜନ୍ମିତ ବ୍ୟକ୍ତି ସ୍ୱଭାବରେ ଯତ୍ନବାନ ହୋଇଥାନ୍ତି । ଲୋକଙ୍କୁ ସୁରକ୍ଷିତ ଓ ସହଜ ଅନୁଭବ କରାଇବାକୁ ସେମାନେ ଭଲପାଆନ୍ତି । ଲୋକଙ୍କ ସହ ସହଜରେ ମିଶି ଯାଆନ୍ତି । ତେଣୁ ଲୋକଙ୍କଠାରୁ ଦୂରେଇବା କଷ୍ଟକର ହୁଏ । ଘରେ ରହିବାକୁ ଭଲପାଆନ୍ତି ଏବଂ ଘରେ ହିଁ ସେମାନେ ବାସ୍ତବିକ ଶାନ୍ତିକୁ ଅନୁଭବ କରନ୍ତି ।

**ମଙ୍ଗଳବାର:** ଯେଉଁ ବ୍ୟକ୍ତି ମଙ୍ଗଳବାର ଜନ୍ମଗ୍ରହଣ କରିଥାନ୍ତି, ସେମାନେ ଉର୍ଜାବାନ ହୋଇଥାନ୍ତି । ସବୁବେଳେ କିଛି ନୂଆ କରିବାକୁ ପ୍ରସ୍ତୁତ ଥାନ୍ତି । ଏଭଳି ଲୋକଙ୍କ ଗୋଡ଼ ହଲାଇବା ଅଭ୍ୟାସ ଥାଏ । ତେବେ ନୂଆ ଜିନିଷ ସନ୍ଧାନ କରିବାକୁ ପସନ୍ଦ କରନ୍ତି ଏବଂ ବୁଝି ବିଚାରି କଥା କୁହନ୍ତି ।

**ବୁଧବାର:** ଯେଉଁମାନେ ବୁଧବାରରେ ଜନ୍ମ ହୋଇଥାନ୍ତି, ସେମାନେ ଯୋଗାଯୋଗ ମାମଲାରେ କୁଶଳୀ ହୋଇଥାନ୍ତି । ଏଭଳି ବ୍ୟକ୍ତିଙ୍କଠାରେ କଥା ମାଧ୍ୟମରେ ଅନ୍ୟକୁ ସହଜରେ ପ୍ରଭାବିତ କରିବାର କ୍ଷମତା ଥାଏ । ବେବେଳେବେଳେ ବେପରୁଆ ମନୋଭାବ ଦେଖାନ୍ତି । ଭ୍ରମଣ ପ୍ରିୟ ହୋଇଥିବା ବେଳେ ଅନ୍ୟମାନଙ୍କଠାରୁ ବେଶି କିଛି ଆଶା ରଖନ୍ତି ନାହିଁ ।

**ଗୁରୁବାର:** ଗୁରୁବାର ଜନ୍ମିତ ବ୍ୟକ୍ତି ସୌଭାଗ୍ୟଶାଳୀ ଓ ଉତ୍ତମ ପରାମର୍ଶଦାତା ହୋଇଥାନ୍ତି । ଠିକ୍ ସମୟରେ ଉନ୍ନତି କରିବା ସହ ଖୁସି ଅନୁଭବ କରନ୍ତି । ସେମାନଙ୍କର ଅନ୍ୟତମ ବିଶେଷତ୍ୱ ହେଉଛି, ପରିବାର କଥା ବହୁତ ଚିନ୍ତା କରନ୍ତି । ଏଭଳି ଲୋକ ଶୀଘ୍ର ଏବଂ ସହଜରେ ବିରକ୍ତି ହୋଇଥାନ୍ତି । ତେଣୁ ଜୀବନକୁ ରୋମାଞ୍ଚକର କରିବା ପାଇଁ ନୂଆ ଉପାୟର ଖୋଜନ୍ତି ।

**ଶୁକ୍ରବାର:** ଉକ୍ତ ବାରରେ ଜନ୍ମଗ୍ରହଣ କରିଥିବା ବ୍ୟକ୍ତିବିଶେଷ ଆକର୍ଷଣୀୟ ଓ ସୃଜନାତ୍ମକ ହୋଇଥାନ୍ତି । ଆରାମ ଓ ବିଳାସପୂର୍ଣ୍ଣ ଜୀବନ ଜିଇଁବାକୁ ପସନ୍ଦ କରନ୍ତି । ସବୁ କାମରେ ପୂର୍ଣ୍ଣତା ଚାହିଁଥାନ୍ତି । ବିଶେଷକରି ପ୍ରେମ ବ୍ୟାପାରରେ ।

**ଶନିବାର:** ଶନିବାର ଜନ୍ମିତ ବ୍ୟକ୍ତି ସ୍ୱଭାବରେ କଠିନ ପରିଶ୍ରମୀ, ବିଶ୍ୱାସଯୋଗ୍ୟ ଏବଂ ଦାୟିତ୍ୱବାନ ହୋଇଥାନ୍ତି । ଯେଉଁ କାମ କରନ୍ତି, ସେଥିରେ ବୁଡ଼ି ରହିବାକୁ ପସନ୍ଦ କରନ୍ତି । ସେମାନଙ୍କରଠାରେ ଉତ୍ତମ ବ୍ୟାବସାୟିକ କଳା ଥାଏ । ସେହିପରି ସ୍ୱଭାବରେ ଲାଜକୁଳା ହୋଇଥିବାରୁ ଏକାକୀ ଓ ଅଲଗା ରହିବାକୁ ଭଲପାଆନ୍ତି । ଏପରିକି ବେଳେ ବେଳେ ପ୍ରେମ ମାମଲାରୁ ଦୂରେଇ ରହନ୍ତି ।

## ଉପହାରରେ ଧାର୍ମିକ ଗ୍ରନ୍ଥ

**ଜ୍ୟୋତିଷ ଶାସ୍ତ୍ର ତଥା ପୁରାଣରେ ଦାନର ବିଶେଷ ମହତ୍ତ୍ୱ ଥିବା କୁହାଯାଇଛି । ଉପହାରକୁ ବି ଦାନର ସ୍ୱରୂପ ଭାବେ ବିବେଚନା କରାଯାଏ । ଏହି କ୍ରମରେ ଉପହାରରେ ଭଗବଦ ଗୀତା, ରାମଚରିତ ମାନସ, ରାମାୟଣ, ଠାକୁରଙ୍କ ମୂର୍ତ୍ତି ଆଦି ପ୍ରଦାନ କରଯାଏ । ତେବେ ଏସବୁ ଦେବା ଠିକ୍ ନା ଭୁଲ୍, ସେ ସମ୍ପର୍କରେ ଜାଣିବା ।**



- ଧାର୍ମିକ ଗ୍ରନ୍ଥ ଉପହାରରେ ପ୍ରଦାନ କରିବା ଅତ୍ୟନ୍ତ ପବିତ୍ର । ଏହାକୁ ସାତ୍ୱିକ ଓ ଧାର୍ମିକ ବ୍ୟକ୍ତିଙ୍କୁ ଦିଅନ୍ତୁ ।
- ସତକର୍ମ କରୁଥିବା ବ୍ୟକ୍ତିଙ୍କୁ ଭଗବାନଙ୍କ ମୂର୍ତ୍ତି ବା ଭଗବଦ ଗୀତା ଦେବା ଶୁଭ ।
- ତେବେ ଧାର୍ମିକ କାର୍ଯ୍ୟ ପ୍ରତି ଆଗ୍ରହ ନ ଥିବା ବ୍ୟକ୍ତିବିଶେଷଙ୍କୁ ଏଭଳି ଜିନିଷ ଉପହାରରେ ଦିଅନ୍ତୁ ନାହିଁ ।
- ସ୍କନ୍ଦ ପୁରାଣ ଅନୁସାରେ ଭଗବଦ ଗୀତା, ରାମଚରିତ ମାନସ, ରାମାୟଣ ଭଳି ପବିତ୍ର ଗ୍ରନ୍ଥ ଅପାତ୍ରରେ ଦାନ କରନ୍ତୁ ନାହିଁ ।

## ଅଫିସ୍ ବ୍ୟାଗ୍‌ରେ କେଉଁ ଜିନିଷ ରଖିବେ ନାହିଁ

**ସାଧାରଣତଃ ଅଫିସ୍ ବ୍ୟାଗ୍‌ରେ ଅଫିସ୍ ଜିନିଷ ସମେତ କିଛି ନିତ୍ୟବ୍ୟବହାର୍ଯ୍ୟ ଜିନିଷ ରଖାଯାଏ । ଯାହାକି ଜ୍ୟୋତିଷ ଶାସ୍ତ୍ର ଅନୁସାରେ ଠିକ୍ ନୁହେଁ । ତେବେ କେଉଁ ଜିନିଷ ଅଫିସ୍ ବ୍ୟାଗ୍‌ରେ ରଖିବେ ନାହିଁ, ତାହା ନିମ୍ନରେ ପ୍ରଦତ୍ତ କରାଗଲା ।**

- ଅଫିସ୍ ବ୍ୟାଗ୍‌ରେ ପାନିଆ, ଟୁଥ୍‌ବ୍ରଶ ଆଦି ରଖନ୍ତୁ ନାହିଁ । ଏଭଳି ଜିନିଷ ରଖିବା ଦ୍ୱାରା ନକାରାତ୍ମକ ଶକ୍ତ ସଞ୍ଚାର ହୁଏ । କ୍ୟାରିୟର ଉନ୍ନତିରେ ହୁଏ ନାହିଁ ।
- ଅନେକେ ଅଫିସ୍ ବ୍ୟାଗ୍‌ରେ ଛୋଟ ଛୁରୀ ନଚେତ୍ ନେଲ୍ କଟର ରଖନ୍ତି । ବାସ୍ତୁ ନିୟମ ଦୃଷ୍ଟିରୁ ଏଭଳି କରିବା ଅଶୁଭ । ଏସବୁ ଜିନିଷ ରଖିବା ଦ୍ୱାରା ସହକର୍ମୀଙ୍କ ସହ ବିବାଦ ଉପୁଜେ । ବ୍ୟକ୍ତିତ୍ୱ ପ୍ରଭାବିତ ହେବା ସହ କ୍ୟାରିୟର ବାଧାପ୍ରାପ୍ତ ହୁଏ ।
- ସେହିପରି ଅଫିସ୍ ବ୍ୟାଗ୍‌ରେ ଅପରିଷ୍କାର କପଡ଼ା ରଖନ୍ତୁ ନାହିଁ । ଏହା ଦ୍ୱାରା ସ୍ୱଭାବରେ ପରିବର୍ତ୍ତନ ଆସେ । ବିଶେଷକରି ଚିଡଚିଡାପଣ, କ୍ରୋଧ, ଥକ୍କାପଣ ଦେଖା ଦିଏ । ଫଳରେ ଅଫିସ୍ କାର୍ଯ୍ୟରେ ମନ ଲାଗେ ନାହିଁ ।

### ବୁମ୍‌ରାଙ୍କ ଘାତକ ବୋଲିଂ, ୯୯ ରନ୍‌ରେ ଆଉଟ ହେଲେ ବ୍ରୁକ୍

# ଇଂଲଣ୍ଡ ବିପକ୍ଷରେ ଭାରତ ପ୍ରଥମ ଇନିଂସ ଆଗୁଆ

ଲିଡ୍ସ, ୨୨।୬ (ଏଜେନ୍ସି)



ବିଶ୍ୱର ଶ୍ରେଷ୍ଠ ଫାଷ୍ଟ ବୋଲର ଯଶପ୍ରୀତ୍ ବୁମ୍‌ରାଙ୍କ ଫ୍ଲାଟ୍ ପିଚ୍‌ରେ ଚମତ୍କାର ବୋଲିଂ ବଳରେ ଏଠାରେ ଇଂଲଣ୍ଡ ସହ ଚାଲିଥିବା ପ୍ରଥମ ଟେଷ୍ଟରେ ଭ୍ରମଣକାରୀ ଭାରତ ପ୍ରଥମ ଇନିଂସ ଅଗ୍ରଣୀ ନେବାରେ ସମର୍ଥ ହୋଇଛି। ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ଭାରତ ପ୍ରଥମ ଇନିଂସରେ ୪୭୧ ରନ୍ କରିଥିଲା। ଜବାବରେ ହ୍ୟାରି ବ୍ରୁକ୍‌ର ୯୯ ଓ ଶେଷ ଭାଗ ବ୍ୟାଟରଙ୍କ ଉପଯୋଗୀ ଯୋଗଦାନ ଫଳରେ ତୃତୀୟ ଦିନ ଟି ସୁଦ୍ଧା ଇଂଲଣ୍ଡ ୪୬୫ ରନ୍‌ରେ ଅଲ୍‌ଆଉଟ ହୋଇଯାଇଥିଲା। ଇଂଲଣ୍ଡର ୫ଜଣ ଖେଳାଳିଙ୍କୁ ଆଉଟ କରି ବୁମ୍‌ରା ସର୍ବାଧିକ କ୍ଷତି ଘଟାଇଥିଲେ। କିନ୍ତୁ ତାଙ୍କ ବୋଲିଂରେ ଭାରତୀୟ ଫିଲ୍ଡରମାନେ ମଧ୍ୟ ୪ଟି କ୍ୟାଚ୍ ହାତଛଡ଼ା କରିଥିଲେ। ଅନ୍ୟ ଦୁଇ ପେସ ବୋଲର ପ୍ରସିଦ୍ଧ କ୍ରିଷ୍ଣା ୩ଟି ଓ ମହମ୍ମଦ୍ ସିରାଜ ୨ଟି ୱିକେଟ ପାଇଥିଲେ। ଏହା ଫଳରେ ଇଂଲଣ୍ଡ ଇନିଂସରେ ସମସ୍ତ ୧୦ଟି ଯାକ ୱିକେଟ ପେସ୍ ବୋଲରଙ୍କୁ ମିଳିଥିଲା। ଫିଲ୍ଡରମାନେ କ୍ୟାଚ୍ ହାତଛଡ଼ା କରିବା, ପିଚ୍ ଟର୍ଣ୍ଣ ନେବା ଓ ମେଘୁଆ ପାଗରେ ଭାରତୀୟମାନଙ୍କୁ ବ୍ୟାଟିଂ କରିବା କଷ୍ଟକର ହୋଇପାରେ। ଶେଷ ଖବର ସୁଦ୍ଧା ଭାରତ ଦ୍ୱିତୀୟ ଇନିଂସରେ ୧ ୱିକେଟ୍ ହରାଇ ୪୫ ରନ୍ କରିଛି। ଏହି ସମୟରେ ରାହୁଲ ୨୪ ଓ ସୁଦର୍ଶନ ୧୬ ରନ୍‌ରେ ବ୍ୟାଟିଂ କରୁଥିଲେ।

#### ■ ଇଂଲଣ୍ଡକୁ ସମ୍ଭାଳିଲେ ହ୍ୟାରୀ ବ୍ରୁକ୍

ଏଠାରେ ଇଂଲଣ୍ଡ ମ୍ୟାଚ୍‌ର ତୃତୀୟ ଦିନ ୩ ୱିକେଟରେ ୨୦୯ ରନ୍‌ରୁ ସତର୍କତାର ସହ ଖେଳିଥିଲା। ପୂର୍ବଦିନ ଶତକ ହାସଲ କରିଥିବା ଓଲି ପୋପ ଆଉ ୬ ରନ୍ କରିବା ପରେ ୧୦୬ ରନ୍ କରି ପ୍ରଥମ ଖେଳାଳି ଭାବେ ଆଉଟ ହୋଇଥିଲେ। କିନ୍ତୁ ଶୂନ୍ ରନ୍‌ରେ ଅପରାଜିତ ଥିବା ଇଂଲଣ୍ଡ ସୀମିତ ଓଭର ଅଧିନାୟକ ହ୍ୟାରୀ ବ୍ରୁକ୍ ଚମତ୍କାର ଭଙ୍ଗୀରେ ଭାରତୀୟ ବୋଲରଙ୍କୁ ଆକ୍ରମଣ କରିବା ସହ ଶେଷ ଭାଗ ଖେଳାଳିଙ୍କ ସହାୟତାରେ ଦ୍ରୁତ ରନ୍ ସଂଗ୍ରହ କରିଥିଲେ। ସେ ଖାତା ଖୋଲିବା ପୂର୍ବରୁ କଟ୍ ହୋଇଥିଲେ। କିନ୍ତୁ ତାହା ନୋ ବଲ ଥିଲା। ସେହିପରି ସେ ୮୩ ରନ୍ କରିଥିଲାବେଳେ ବୁମ୍‌ରାଙ୍କ ବୋଲିଂରେ ଯଶସ୍ୱୀ ଜୟସ୍ୱାଲ ଗଲି ଅଞ୍ଚଳରେ ତାଙ୍କ କ୍ୟାଚ୍ ହାତଛଡ଼ା କରିଥିଲେ। ବ୍ରୁକ୍ କିନ୍ତୁ ଶତକ ହାସଲ କରି ପାରି ନ ଥିଲେ। ସେ ୯୯ ରନ୍ କରିଥିଲାବେଳେ କ୍ରିଷ୍ଣାଙ୍କ ବୋଲିଂରେ ଦେଇଥିବା ସୁଯୋଗକୁ ଶାର୍ଦ୍ଦୁଳ ଠାକୁର କ୍ୟାଚ୍ ନେଇ ଆଉଟ କରିଥିଲେ। ତାଙ୍କୁ ସୁଯୋଗ ଦେବା କେତେ ମହଙ୍ଗା ହେବ ତାହା ପରେ ଜଣାପଡ଼ିବ। ଇଂଲଣ୍ଡର ଅନ୍ୟ ଖେଳାଳିମାନେ ମଧ୍ୟ ଉପଯୋଗୀ ସହାୟତା ଦେଇଥିଲେ। ସେମାନଙ୍କ ମଧ୍ୟରୁ ୱିକେଟରକ୍ଷକ ଜେମି ସ୍ମିଥ ୫୨ ବଲ୍ ଖେଳି ୪୦, କ୍ରିସ୍ ଓକ୍ସ ୫୫ ବଲ୍ ଖେଳି ୩୮ ଓ ବ୍ରାଇଡନ କାର୍ସ ୨୩ ବଲ୍‌ରୁ ୨୨ ରନ୍ ସଂଗ୍ରହ କରିବା ଫଳରେ ଭାରତଠାରୁ ଇଂଲଣ୍ଡ ମାତ୍ର ୬ ରନ୍ ପଛରେ ରହିଥିଲା।

#### ■ ବୁମ୍‌ରାଙ୍କ ବୋଲିଂରେ ୪ଟି କ୍ୟାଚ୍ ଡ୍ରପ୍

ଏହି ଟେଷ୍ଟରେ ଇଂଲଣ୍ଡ ପ୍ରଥମ ଇନିଂସରେ ଭାରତର ଷ୍ଟ୍ରାଇକ୍ ବୋଲର ଯଶପ୍ରୀତ୍ ବୁମ୍‌ରାଙ୍କ ବୋଲିଂରେ ଫିଲ୍ଡରମାନେ ୪ଟି କ୍ୟାଚ୍ ଡ୍ରପ୍ କରିଛନ୍ତି। ଏହାର ଫାଇଦା ନିଶ୍ଚିତଭାବେ ଇଂଲଣ୍ଡକୁ ମିଳିଛି। ଏହି ୪ଟି ମଧ୍ୟରୁ ଯୁବ ଖେଳାଳି ଯାଓ୍ୱୀ ଜୟସ୍ୱାଲ ୩ଟି ଓ ଅଲରାଉଣ୍ଡର ରବୀନ୍ଦ୍ର ଜାଡେଜା ଗୋଟିଏ କ୍ୟାଚ୍ ଡ୍ରପ୍ କରିଥିଲେ। ଖେଳର ଦ୍ୱିତୀୟ ଦିନ ୩ଟି ଓ ତୃତୀୟ ଦିନ ଗୋଟିଏ କ୍ୟାଚ୍ ଡ୍ରପ୍ ହୋଇଥିଲା। କ୍ୟାଚ୍ ଡ୍ରପ୍ ଖେଳର ଏକ ଅଂଶବିଶେଷ ହୋଇପାରେ, କିନ୍ତୁ ଘରୋଇ ମାଟିରେ ଖେଳୁଥିବା ଇଂଲଣ୍ଡ ଏଥିରୁ କେତେ ଫାଇଦା ଉଠାଇବ ତାହା ସମୟ କହିବ। କ୍ୟାଚ୍ ଡ୍ରପ୍ ସତ୍ତ୍ୱେ ବୁମ୍‌ରା ଏହି ସର୍ବାଧିକ ୫ଟି ୱିକେଟ ନେଇଥିଲେ। ଟେଷ୍ଟ କ୍ରିକେଟର ଗୋଟିଏ ଇନିଂସରେ ସେ ଏହାକୁ ମିଶାଇ ୧୪ଥର ସକାଶେ ଏହି ସଫଳତା ପାଇଛନ୍ତି। ତାହା ମଧ୍ୟରୁ ପ୍ରସିଦ୍ଧ କ୍ରିଷ୍ଣାଙ୍କୁ ୩ଟି ଓ ମହମ୍ମଦ୍ ସିରାଜଙ୍କ ଖାତାରେ ୨ଟି ରହିଛି।

#### ସଂକ୍ଷିପ୍ତ ସ୍କୋର

**ଭାରତ ପ୍ରଥମ ଇନିଂସ**: ୪୭୧ (ଗିଲ-୧୪୭, ପନ୍ତ-୧୩୪, ଜୟସ୍ୱାଲ-୧୦୧, ଷ୍ଟୋକ୍ସ-୪/୬୬, ଟଙ୍ଗ୍-୪/୮୬)।
**ଇଂଲଣ୍ଡ ପ୍ରଥମ ଇନିଂସ** : ୪୬୫ (ପୋପ୍-୧୦୬, ବ୍ରୁକ୍-୯୯, ଡକେଟ-୬୨, ବୁମ୍‌ରା-୫/୮୩, କ୍ରିଷ୍ଣା-୩/୧୨୮, ସିରାଜ-୨/୧୨୨)।
**ଭାରତ ଦ୍ୱିତୀୟ ଇନିଂସ** : ୪୫/୧ (ରାହୁଲ-୨୪*, ସୁଦର୍ଶନ-୧୬*, କାର୍ସ-୧/୨୭)।

### ଗୋଟିଏ ଟେଷ୍ଟରେ ଦୁଇଥର କଳାବ୍ୟାଜ୍ ପିନ୍ଧିଲେ ଖେଳାଳି

ଲିଡ୍ସ, ୨୨।୬ (ଏଜେନ୍ସି): ଭାରତ ଓ ଇଂଲଣ୍ଡ ମଧ୍ୟରେ ଏଠାରେ ଚାଲିଥିବା ପ୍ରଥମ ଟେଷ୍ଟର ତୃତୀୟ ଦିନରେ ଖେଳାଳିମାନେ କଳାବ୍ୟାଜ ପିନ୍ଧି ଖେଳିଥିଲେ। ଆଜି ଇଂଲଣ୍ଡର ପୂର୍ବତନ ଫାଷ୍ଟ ବୋଲର ତଥା ବ୍ରିଟେନରେ ଜନ୍ମିତ ପ୍ରଥମ କୃଷ୍ଣକାୟ କ୍ରିକେଟର ଡେଭିଡ ଲରେନ୍ସଙ୍କ ୬୧ ବର୍ଷରେ ବିୟୋଗ ହୋଇଥିଲା। ତାଙ୍କ ଅମର ଆତ୍ମାକୁ ସମ୍ମାନ ଜଣାଇ ଆଜି ଉଭୟ ଦଳର ଖେଳାଳିମାନେ ହାତରେ କଳାବ୍ୟାଜ୍ ପିନ୍ଧି ଖେଳିଥିଲେ। ଏହା ପୂର୍ବରୁ ଭାରତର ଅହମ୍ମଦାବାଦ୍‌ରେ ଅନୁଷ୍ଠିତ ବିମାନ ଦୁର୍ଘଟଣାରେ ମୃତାହତଙ୍କୁ ସମ୍ମାନ ଜଣାଇ ଉଭୟ ଦଳର ଖେଳାଳିମାନେ ମଧ୍ୟ କଳା ବ୍ୟାଜ୍ ପିନ୍ଧି ଖେଳିଥିଲେ। ନିକଟ ଅତୀତରେ ଗୋଟିଏ ଟେଷ୍ଟରେ ଦୁଇଥର ଖେଳାଳି କଳାବ୍ୟାଜ୍ ପିନ୍ଧି ଖେଳିଛନ୍ତି।

● ଫିଫା କ୍ଲବ୍ ବିଶ୍ୱକପ୍

### ପ୍ରି-କ୍ୱାର୍ଟରରେ ଡର୍ଟମଣ୍ଡ

ସିନ୍‌ସିନାଟି, ୨୨।୬ (ଏଜେନ୍ସି): ଜର୍ମାନୀର ପ୍ରସିଦ୍ଧ କ୍ଲବ୍ ବୋରୁସିଆ ଡର୍ଟମଣ୍ଡ ୪-୩ ଗୋଲ୍‌ରେ ଦକ୍ଷିଣ ଆଫ୍ରିକୀୟ ଚାମ୍ପିଅନ ମାମେଲୋଡି ସନ୍‌ଡାଉନ୍‌କୁ ପରାସ୍ତ କରି ଗ୍ରୁପ୍-ଏଫ୍‌ର ଶୀର୍ଷସ୍ଥାନକୁ ଉନ୍ନୀତ ହୋଇଛି। ବିଜୟୀ ଦଳ ପକ୍ଷରୁ ଫେଲିକ୍ସ ନେମ୍‌ଚା, ସେରହୋ ଗୁଇରାସି ଓ ଗୋବ୍ ବେଲିଙ୍ଗ୍‌ହାମ୍ ଗୋଟିଏ ଲେଖାଏଁ ଗୋଲ ସ୍କୋର କରିଥିଲେ। ସନ୍‌ଡାଉନର ଗୋଟିଏ ଆତ୍ମଘାତୀ ଗୋଲ ଡର୍ଟମଣ୍ଡକୁ ବିଜୟୀ କରାଇଥିଲା। ବ୍ରିଟିଶ କ୍ଲବ୍ ଚେଲସିକୁ ୩-୧ ଗୋଲରେ ପରାସ୍ତ କରି ଫ୍ଲେମେଙ୍ଗୋ ପ୍ରି-କ୍ୱାର୍ଟରରେ ପ୍ରବେଶ କରିଛି।

୭୮ତମ ଜାତୀୟ ସିନିଅର ଜଳକ୍ରୀଡ଼ା ଉଦ୍‌ଘାଟିତ

## ଓଡ଼ିଶା ପାଇଁ ସ୍ୱର୍ଣ୍ଣ ଜିତିଲେ ସ୍ରିଷ୍ଟି

ଭୁବନେଶ୍ୱର,୨୨।୬ (ସମିସ): ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମସ୍ଥିତ ଇଣ୍ଡୋର ଆକ୍ୱାଟିକ ସେଣ୍ଟରରେ ରବିବାରଜାତୀୟସିନିଅରଜଳକ୍ରୀଡ଼ାଚାମ୍ପିଅନସିପ୍‌ର ୭୮ତମ ସଂସ୍କରଣ ଉଦ୍‌ଘାଟିତ ହୋଇଯାଇଛି। ଏହି ସମ୍ମାନଜନକ ସନ୍ତରଣ ପ୍ରତିଯୋଗିତାରେ




ଆୟୋଜକ ଓଡ଼ିଶା ପ୍ରଥମ ଦିନରେ ସ୍ୱର୍ଣ୍ଣିମ ସଫଳତା ପାଇଛି। ସ୍ରିଷ୍ଟି ଉପାଧ୍ୟାୟ ଘରୋଇ ଦର୍ଶକଙ୍କ ସାମ୍ନାରେ ଏହି ସ୍ୱର୍ଣ୍ଣପଦକ ସଫଳତା ଆଣିଛନ୍ତି। ରବିବାର ସନ୍ଧ୍ୟାରେ ଅନୁଷ୍ଠିତ ମହିଳା ୧୦୦ ମିଟର ବଟରଫ୍ଲାଏ ଇଭେଣ୍ଟର ଫାଇନାଲରେ ସ୍ରିଷ୍ଟି ୧ ମିନିଟ୍ ୦୩.୫୦ ସେକେଣ୍ଡରେ ଫିନିଶ୍ କରି ପୋଡିୟମର ପ୍ରଥମ ସ୍ଥାନରେ ରହିଥିଲେ। ରେଲୱେ ସ୍ପୋର୍ଟ୍ସ ପ୍ରମୋସନ ବୋର୍ଡ (ଆର୍‌ଏସ୍‌ପିବି)ର ଆସ୍ଥା ଚୌଧୁରୀ ଓ କର୍ଣ୍ଣାଟକର ଧିନିଧି ଦେଶିଂହୁ ଯଥାକ୍ରମେ ଦ୍ୱିତୀୟ ଓ ତୃତୀୟ ସ୍ଥାନରେ ରହିଥିଲେ। ସବୁଠୁ ଉଲ୍ଲେଖନୀୟ କଥା ହେଉଛି ଅଲିମ୍ପିଆନ ଧିନିଧିଙ୍କୁ ପଛରେ ପକାଇ ସ୍ରିଷ୍ଟି ଏହି ସଫଳତା ପାଇଛନ୍ତି। ୧୫ ବର୍ଷୀୟା ଧିନିଧି ଗତବର୍ଷ ପ୍ୟାରିସ ଅଲିମ୍ପିକ୍ସରେ ଅଂଶଗ୍ରହଣ କରିଥିଲେ। ସେ ପ୍ୟାରିସରେ ଦେଶର ସର୍ବକନିଷ୍ଠ ଅଲିମ୍ପିଆନ ହେବାର ସୌଭାଗ୍ୟ ଲାଭ କରିଥିଲେ। ସେହିଭଳି ଓଡ଼ିଶାର ଅନ୍ୟତମ ଜଣାଶୁଣା ସନ୍ତରଣକାରୀ ମନ୍ନତା ମିଶ୍ର ଅଳ୍ପକେ ପୋଡିୟମ ଫିନିଶ କରିବାରୁ ବଞ୍ଚିତ ହୋଇଥିଲେ। ସେ ମହିଳା ୨୦୦ ମିଟର ବ୍ରେଷ୍ଟଷ୍ଟ୍ରୋକ୍ ଫାଇନାଲକୁ ୨ ମିନିଟ୍ ୪୧.୪୩ ସେକେଣ୍ଡରେ ଫିନିଶ କରି ୪ର୍ଥ ସ୍ଥାନରେ ରହିଥିଲେ। ଏହି ଇଭେଣ୍ଟରେ ଅନ୍ୟତମ ଓଡ଼ିଆ ସନ୍ତରଣକାରୀ ଦିବ୍ୟାଙ୍କା ଦିବ୍ୟଜ୍ୟୋତି ପ୍ରଧାନ (୨:୪୨.୯୮) ୬ଷ୍ଠ ସ୍ଥାନରେ ରହିଥିଲେ। ଆର୍‌ଏସ୍‌ପିବିର ହର୍ଷିତା ଜୟରାମ (୨:୩୭.୭୨) ଏଥିରେ ସ୍ୱର୍ଣ୍ଣପଦକ ଜିତିଥିଲେ।

ରବିବାର ସକାଳେ ଏହି ସମ୍ମାନଜନକ ଜଳକ୍ରୀଡ଼ା ପ୍ରତିଯୋଗିତା ଆରମ୍ଭ ହୋଇଥିଲା। ତେବେ ଅପରାହ୍ଣରେ କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ, ଭାରତୀୟ ସନ୍ତରଣ ମହାସଂଘର ସଭାପତି ଆର୍.ଏନ୍. ଜୟପ୍ରକାଶ ଓ ରାଜ୍ୟ କ୍ରୀଡ଼ା ବିଭାଗର ବରିଷ୍ଠ ଅଧିକାରୀ ଅତିଥିଭାବେ ଉପସ୍ଥିତ ରହି ଏହାକୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିଥିଲେ। ରବିବାର ସକାଳେ ଏହି ସମ୍ମାନଜନକ ଜଳକ୍ରୀଡ଼ା ପ୍ରତିଯୋଗିତା ଆରମ୍ଭ ହୋଇଥିଲା। ତେବେ ଅପରାହ୍ଣରେ କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ, ଭାରତୀୟ ସନ୍ତରଣ ମହାସଂଘର ସଭାପତି ଆର୍.ଏନ୍. ଜୟପ୍ରକାଶ ଓ ରାଜ୍ୟ କ୍ରୀଡ଼ା ବିଭାଗର ବରିଷ୍ଠ ଅଧିକାରୀ ଅତିଥିଭାବେ ଉପସ୍ଥିତ ରହି ଏହାକୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିଥିଲେ।

## ଟି-୨୦ ବିଶ୍ୱକପ୍‌କୁ କାନାଡାର ଯୋଗ୍ୟତା

ଓଣ୍ଟାରିଓ, ୨୨।୬ (ଏଜେନ୍ସି): ପୁରୁଷ ଟି-୨୦ ବିଶ୍ୱକପ୍‌ର ଆଗାମୀ ସଂସ୍କରଣକୁ ୧୩ତମ ଦଳ ଭାବେ କାନାଡା ଯୋଗ୍ୟତା ଅର୍ଜନ କରିଛି। ଭାରତ ଓ ଶ୍ରୀଲଙ୍କାରେ ମିଳିତ ଭାବେ ଟି-୨୦ ବିଶ୍ୱକପ୍‌ର ୧୦ମ ସଂସ୍କରଣ ୨୦୨୬ରେ ଖେଳାଯିବ। କାନାଡା ପୂର୍ବରୁ ଦୁଇ ଆୟୋଜକ ଭାରତ ଓ ଶ୍ରୀଲଙ୍କା ସମେତ ଆଫଗାନିସ୍ତାନ, ଅଷ୍ଟ୍ରେଲିଆ, ବାଂଲାଦେଶ, ଇଂଲଣ୍ଡ, ଦକ୍ଷିଣ ଆଫ୍ରିକା, ଆମେରିକା, ୱେଷ୍ଟଇଣ୍ଡିଜ, ଆୟର୍ଲାଣ୍ଡ, ନ୍ୟୁଜିଲାଣ୍ଡ ଓ ପାକିସ୍ତାନ ଯୋଗ୍ୟତା ଅର୍ଜନ କରିଥିଲେ। ଏଥିପୂର୍ବରୁ ୨୦୨୪ରେ ଆମେରିକାରେ ଅନୁଷ୍ଠିତ ସଂସ୍କରଣକୁ କାନାଡା ଯୋଗ୍ୟତା ଅର୍ଜନ କରିଥିଲା। ଏଥିରେ ଗ୍ରୁପ୍ ପର୍ଯ୍ୟାୟର ୪ଟି ମ୍ୟାଚରୁ କେବଳ ଆୟର୍ଲାଣ୍ଡ ବିପକ୍ଷରେ କାନାଡା ବିଜୟ ହାସଲ କରିଥିଲା।

● ଜାତୀୟ ସିନିଅର ବଧିର କ୍ରୀଡ଼ା

## ଓଡ଼ିଶା ଟାଏକ୍ୱୋଣ୍ଡୋ ଦଳକୁ ୩ ପଦକ



ଭୁବନେଶ୍ୱର, ୨୨।୬ (ସମିସ): ଉତ୍ତର ପ୍ରଦେଶର କାନପୁରଠାରେ ଅନୁଷ୍ଠିତ ୨୭ତମ ଜାତୀୟ ସିନିଅର ବଧିର କ୍ରୀଡ଼ା ପ୍ରତିଯୋଗିତାରେ ଓଡ଼ିଶା ଟାଏକ୍ୱୋଣ୍ଡୋ ଦଳ ୩ଟି ପଦକ ବିଜୟୀ ହୋଇଛି। ଯେଉଁଥିରେ ୨ଟି ରୌପ୍ୟ ଓ ଗୋଟିଏ କାଂସ୍ୟ ପଦକ ରହିଛି। ଓଡ଼ିଶା ପାଇଁ ମଣ୍ଡଳ ନାୟକ ୮୦ କିଗ୍ରାରୁ କମ୍ ବର୍ଗ ଓ ଶୁଭମ ହେମ୍ବ୍ରମ ୬୯ କିଗ୍ରାରୁ କମ୍ ବର୍ଗରେ ରୌପ୍ୟ ପଦକ ହାସଲ କରିଥିଲେ। ସେହିଭଳି ୫୮ କିଗ୍ରା ବର୍ଗରେ ମନୋଜ ଦାସ କାଂସ୍ୟପଦକ ଜିତି ରାଜ୍ୟ ପାଇଁ ଗୌରବ ଆଣିଛନ୍ତି।

ଚତୁଃରାଷ୍ଟ୍ରୀୟ କନିଷ୍ଠ ପୁରୁଷ ହକି

## ଅଷ୍ଟ୍ରେଲିଆକୁ ହରାଇଲା ଭାରତ

ବର୍ଲିନ, ୨୨।୬ (ଏଜେନ୍ସି): ଜର୍ମାନୀର ରାଜଧାନୀ ବର୍ଲିନରେ ଚାଲିଥିବା ଚତୁଃରାଷ୍ଟ୍ରୀୟ କନିଷ୍ଠ ପୁରୁଷ ହକିରେ ଭାରତୀୟ ଦଳ ଦ୍ୱିତୀୟ ମୁକାବିଲାରେ ଦମ୍‌ଦାର ବିଜୟ ହାସଲ କରିଛି। ରବିବାର ଖେଳାଯାଇଥିବା ଏକ ମ୍ୟାଚରେ ଭାରତ ୩-୧ ଗୋଲ୍‌ରେ ଶକ୍ତିଶାଳୀ ଅଷ୍ଟ୍ରେଲିଆକୁ ମାତ୍ ଦେଇଛି। ପ୍ରତିଯୋଗିତାରେ ଭାରତର ଏହା ପ୍ରଥମ ବିଜୟ। ପୂର୍ବରୁ ପ୍ରଥମ ମ୍ୟାଚରେ ଘରୋଇ ଜର୍ମାନୀ ନିକଟରୁ ୭-୧ ଗୋଲ୍‌ରେ ଭାରତ ପରାସ୍ତ ହୋଇଥିଲା। ଭାରତ ପରବର୍ତ୍ତୀ ମ୍ୟାଚରେ ମଙ୍ଗଳବାର ସ୍ପେନକୁ ଭେଟିବ। ରବିବାର ଖେଳାଯାଇଥିବା ଏହି ମ୍ୟାଚର ୧୫ତମ ମିନିଟ୍‌ରେ ଶ୍ରଦ୍ଧାନନ୍ଦ ତିୱାରୀଙ୍କ ଗୋଲ୍ ବଳରେ ଭାରତ ପ୍ରଥମାର୍ଦ୍ଧରେ ୧-୦ରେ ଅଗ୍ରଣୀ ରହିଥିଲା। ଏହାପରେ ଦ୍ୱିତୀୟାର୍ଦ୍ଧ ତଥା ୩ୟ କ୍ୱାର୍ଟରରେ ଭାରତ ଆଉ ଦୁଇଟି ଗୋଲ୍ ଦେଇଥିଲା। ୩୬ତମ ମିନିଟ୍‌ରେ ସୌରଭ ଆନନ୍ଦ ଖୁସୱାହ ଓ ୪୩ତମ ମିନିଟ୍‌ରେ ଅମିର ଅଲି ଏହି ଦୁଇଟି ଗୋଲ୍ ଦେଇଥିଲେ। ଫଳରେ ତୃତୀୟାର୍ଦ୍ଧ ସୁଦ୍ଧା ୩-୦ରେ ଭାରତ ଏକପାଖିଆ ଅଗ୍ରଣୀ ରହି ପ୍ରଭାବ ବିସ୍ତାର କରିଥିଲା। ତେବେ ଅନ୍ତିମ ତଥା ୪ର୍ଥ କ୍ୱାର୍ଟରରେ ଅଷ୍ଟ୍ରେଲିଆ ପାଇଁ ଓଲିଭର ୱିଲ୍ ଗୋଟିଏ ଗୋଲ୍ ଶୁଝାଇଦେଇଥିଲେ ମଧ୍ୟ ଦଳକୁ ୩-୧ରେ ପରାଜୟରୁ ରକ୍ଷା କରିପାରି ନ ଥିଲେ। ଆୟୋଜକ ଜର୍ମାନୀ ବ୍ୟତୀତ ଭାରତ, ଅଷ୍ଟ୍ରେଲିଆ ଓ ସ୍ପେନ ଏହି ଟୁର୍ଣ୍ଣାମେଣ୍ଟରେ ଅଂଶଗ୍ରହଣ କରୁଛନ୍ତି। ରାଉଣ୍ଡ-ରବିନ୍ ଫର୍ମାଟ୍‌ରେ ପ୍ରତି ଦଳ ପରସ୍ପର ବିପକ୍ଷରେ ଥରେ ଲେଖାଏ ଖେଳିବେ। ଏହାପରେ ସର୍ବାଧିକ ପଏଣ୍ଟ ରଖିଥିବା ଦୁଇ ଦଳ ଫାଇନାଲକୁ ଯୋଗ୍ୟତା ଅର୍ଜନ କରିବେ।

## ସର୍ବନିମ୍ନ ସ୍ଥାନରେ ଭାରତୀୟ ମହିଳା ଦଳ

ଏଫ୍‌ଆଇଏଚ୍ ପ୍ରୋ ଲିଗ୍

ଆଣ୍ଟୱର୍ପ,୨୨।୬ (ଏଜେନ୍ସି): ଚଳିତ ଏଫ୍‌ଆଇଏଚ୍ ପ୍ରୋ ଲିଗ୍‌ରେ ଭାରତୀୟ ମହିଳା ଦଳ ୟୁରୋପ୍ ଲେଗ୍ (ଚରଣ)ରେ ଏହାର ପରାଜୟଧାରା ଜାରି ରଖିଛି। ରବିବାର ଏଠାରେ ଅନୁଷ୍ଠିତ ଏକ ମ୍ୟାଚରେ ଘରୋଇ ବେଲ୍‌ଜିୟମ ମହିଳା ଦଳ ୨-୦ ଗୋଲ୍‌ରେ ଭାରତକୁ ପରାସ୍ତ କରିଛି। ମ୍ୟାଚର ପ୍ରଥମାର୍ଦ୍ଧ ଗୋଲ୍‌ଶୂନ୍ୟ ରହିଥିଲା। ଦ୍ୱିତୀୟାର୍ଦ୍ଧରେ ଆମ୍ବ୍ରେ ବାଲେଙ୍ଗଇନ ଓ ଲିଏନ ହିଲ୍‌ୱର୍ଟ ଗୋଟିଏ ଲେଖାଏ ଗୋଲ୍ ଦେଇ ବେଲ୍‌ଜିୟମକୁ ବିଜୟୀ କରାଇଥିଲେ। ପୂର୍ବରୁ ଶନିବାର ମଧ୍ୟ ଭାରତୀୟ ମହିଳା ଦଳ ୧-୫ ଗୋଲ୍‌ରେ ବେଲ୍‌ଜିୟମଠାରୁ ହାରିଥିଲା। ଫଳରେ ପ୍ରୋ ଲିଗ୍‌ର ୟୁରୋପ୍ ଚରଣରେ ଭାରତ କ୍ରମାଗତ ୬ଷ୍ଠ ପରାଜୟବରଣ କରିଛି। ଚଳିତ ଏଫ୍‌ଆଇଏଚ୍ ପ୍ରୋ ଲିଗ୍‌ରେ ଭାରତୀୟ ମହିଳା ଦଳ ୧୪ ମ୍ୟାଚରୁ ୯ ପରାଜୟ ସହ ୧୦ ପଏଣ୍ଟ ପାଇ ୯ ଦଳୀୟ ଟେବଲ୍ ତାଲିକାର ସର୍ବନିମ୍ନ ସ୍ଥାନକୁ ଖସିଯାଇଛି। ଭାରତ ଏହାର ଶେଷ ଦୁଇ ମ୍ୟାଚରେ ଚାଇନା ବିପକ୍ଷରେ ଖେଳିବ। ଯଦି ଉଭୟ ମ୍ୟାଚ୍‌ରେ ଚାଇନା ବିପକ୍ଷରେ ବିଜୟୀ ହୁଏ ତେବେ ପ୍ରୋ ଲିଗ୍‌ର ପରବର୍ତ୍ତୀ ସଂସ୍କରଣରେ ଖେଳିବାର ଆଶା ଉଜ୍ଜୀବିତ ରଖିବ। କିନ୍ତୁ ଯଦି ପରାଜୟବରଣ କରି ପଏଣ୍ଟ ଟେବଲ୍‌ର ସର୍ବନିମ୍ନ ସ୍ଥାନରେ ରୁହେ ତେବେ ଏଫ୍‌ଆଇଏଚ୍ ପ୍ରୋ ଲିଗର ୨୦୨୫-୨୬ ସଂସ୍କରଣରୁ ବାଦ୍ ପଡ଼ିବ।

ଅପରପକ୍ଷରେ ଭାରତୀୟ ପୁରୁଷ ଦଳ ମଧ୍ୟ ବେଲ୍‌ଜିୟମ ସହ ମୁକାବିଲା କରିଛି। ଶେଷ ଖବର ସୁଦ୍ଧା ୩ୟ କ୍ୱାର୍ଟର ଜାରି ରହିଥିବାବେଳେ ଉଭୟ ଦଳ ୨ଟି ଲେଖାଏ ଗୋଲ୍ ଦେଇଛନ୍ତି। ହରମନପ୍ରୀତ୍ ସିଂହଙ୍କ ନେତୃତ୍ୱାଧୀନ ଭାରତ ୧୫ ମ୍ୟାଚରୁ ୧୦ ପରାଜୟ ସହ ୮ମ ସ୍ଥାନରେ ରହିଛି।

ରାଜ୍ୟ ଓପନ୍ ଚେସ୍

## ଲବ୍ୟଜ୍ୟୋତିଙ୍କୁ ଟାଇଟଲ୍



ଭୁବନେଶ୍ୱର, ୨୨।୬ (ସମିସ): କେନ୍ଦ୍ରାପଡ଼ାର ଲବ୍ୟଜ୍ୟୋତି ରାଉତରାୟ ଏଠାରେ ରବିବାର ଅନୁଷ୍ଠିତ ଚତୁର୍ଥ ଅଲେଖ ଚନ୍ଦ୍ର ଦେବତା ସ୍ମାରକୀ ଚେସ୍ ପ୍ରତିଯୋଗିତାରେ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛନ୍ତି। ଓଡ଼ିଶା ରାଜ୍ୟ ଚେସ ସଂଘ ଦ୍ୱାରା କେଶୁରା ରୟାଲ ପବ୍ଲିକ୍ ସ୍କୁଲ ପରିସରରେ ଅନୁଷ୍ଠିତ ଏହି ଟୁର୍ଣ୍ଣାମେଣ୍ଟରେ ଲବ୍ୟଜ୍ୟୋତି ଓ ବାଲେଶ୍ୱରର ଶୁଭେନ୍ଦୁ କୁମାର ପାତ୍ର ସମାନ ୪.୫ ପଏଣ୍ଟ ଲେଖାଏଁ ସଂଗ୍ରହ କରିଥିଲେ। କିନ୍ତୁ ଲବ୍ୟଜ୍ୟୋତି ପ୍ରଥମ ଓ ଶୁଭେନ୍ଦୁ ଦ୍ୱିତୀୟ ସ୍ଥାନରେ ରହିଥିଲେ। ଏମାନଙ୍କ ପଛକୁ ୪ଜଣ ଖେଳାଳି ୪ ପଏଣ୍ଟ ଲେଖାଏଁ ସଂଗ୍ରହ କରିଥିଲେ। ସେମାନେ ହେଲେ ଜଟଣୀର ସ୍ଥିତପ୍ରଜ୍ଞ ସାହୁ, କଟକର ପ୍ରତ୍ୟୁଷ ମହାପାତ୍ର, ଭୁବନେଶ୍ୱରର ବିନୀତ ନାୟକ ଓ ଜଟଣୀର ରଶ୍ମିରଞ୍ଜନ ପାତ୍ର ଯଥାକ୍ରମେ ଦ୍ୱିତୀୟରୁ ଷଷ୍ଠ ସ୍ଥାନ ଅଧିକାର କରିଥିଲେ। ଖେଳଶେଷରେ ସିଡ୍ରିମ୍‌ଜର ଏମ୍‌ଡି ଚିତ୍ତରଞ୍ଜନ ଦେବତା ଅତିଥିଭାବେ ଯୋଗ ଦେଇ ପୁରସ୍କାର ପ୍ରଦାନ କରିଥିଲେ। ଆୟୋଜକ ଓଡ଼ିଶା ରାଜ୍ୟ ଚେସ ସଂଘ ନିର୍ଦ୍ଦେଶକ ଦେବାଶିଷ ପାଣିଗ୍ରାହୀ ଖେଳ ପରିଚାଳନା କରିଥିଲେ।

ମାଷ୍ଟର୍ସ କପ୍ ହକି

## ଓଡ଼ିଶା-ଆନ୍ଧ୍ର କ୍ୱାର୍ଟର ଫାଇନାଲ୍ ଆଜି

ଭୁବନେଶ୍ୱର, ୨୨।୬ (ସମିସ): ହକି ଇଣ୍ଡିଆ ଆନୁକୂଲ୍ୟରେ ଚେନ୍ନଇରେ ଚାଲିଥିବା ପ୍ରଥମ ମାଷ୍ଟର୍ସ କପ୍‌ର ପୁରୁଷ ବିଭାଗ କ୍ୱାର୍ଟର ଫାଇନାଲ ସୋମବାର ଖେଳାଯିବ। ଓଡ଼ିଶା ହକି ଦଳ ଦ୍ୱିତୀୟ କ୍ୱାର୍ଟରରେ ଆନ୍ଧ୍ର ପ୍ରଦେଶକୁ ଭେଟିବ। ଲାଜରୁସ୍ ବାର୍ଲାଙ୍କ ନେତୃତ୍ୱରେ ଖେଳୁଥିବା ଓଡ଼ିଶା ଭେଟେରାନ ହକି ଦଳ ପୂର୍ବରୁ ପୁଲ୍ ପର୍ଯ୍ୟାୟରେ ପୁଡୁଚେରୀକୁ ୬-୩ ଗୋଲ୍‌ରେ ଓ ପଞ୍ଜାବକୁ ୫-୨ ଗୋଲ୍‌ରେ ହରାଇ କ୍ୱାର୍ଟର ଫାଇନାଲକୁ ଉଠିଛି। ଉଲ୍ଲେଖଯୋଗ୍ୟ, ୪୦ ବର୍ଷରୁ ଉର୍ଦ୍ଧ୍ୱ ଅବସରପ୍ରାପ୍ତ ଭାରତୀୟ ହକି ଖେଳାଳିଙ୍କୁ ନେଇ ପ୍ରଥମଥର ଲାଗି ମାଷ୍ଟର୍ସ କପ୍ ଖେଳାଯାଉଛି। ଏଥିରେ ପୁରୁଷ ବିଭାଗରେ ୧୧ଟି ଓ ମହିଳାରେ ୮ଟି ଦଳ ଅଂଶଗ୍ରହଣ କରୁଛନ୍ତି। ମହିଳା ବିଭାଗରେ ଓଡ଼ିଶା ୨ଟି ମ୍ୟାଚ୍ ଖେଳି ଗୋଟିଏ ଲେଖାଏ ବିଜୟ ଓ ପରାଜୟ ସହ ୩ ପଏଣ୍ଟ ପାଇଛି।

୧୯ ବର୍ଷରୁ କମ୍ ଆନ୍ତଃଜିଲ୍ଲା କ୍ରିକେଟ୍

## କଟକ-ଏ ଚାମ୍ପିଅନ

କଟକ,୨୨।୬(ସମିସ)




ବାରବାଟୀ ଷ୍ଟାଡିୟମରେ ରବିବାର ଆୟୋଜିତ ୧୯ ବର୍ଷରୁ କମ୍ ବାଳକ ଆନ୍ତଃଜିଲ୍ଲା କ୍ରିକେଟ ଟୁର୍ଣ୍ଣାମେଣ୍ଟର ଫାଇନାଲ ମୁକାବିଲାରେ କଟକ-ଏ ୬୭ ରନରେ ଭୁବନେଶ୍ୱର-ଏ'କୁ ପରାସ୍ତ କରି ଚାମ୍ପିଅନ ହୋଇଛି। ପୁରସ୍କାର ସ୍ୱରୂପ ବିଜୟୀ କଟକ-ଏ ଦଳକୁ ଟ୍ରଫି ଏବଂ ୧ଲକ୍ଷ ଟଙ୍କା ଆର୍ଥିକ ରାଶି ପ୍ରଦାନ କରାଯାଇଥିଲା। ରନର୍ସଅପ ଭୁବନେଶ୍ୱର-ଏ ଦଳକୁ ଟ୍ରଫି ଏବଂ ୫୦ ହଜାର ଟଙ୍କା ପୁରସ୍କାର ଦିଆଯାଇଥିଲା। ଓଡ଼ିଶା କ୍ରିକେଟ୍ ଆସୋସିଏସନ (ଓସିଏ) ଯୁଗ୍ମ ସମ୍ପାଦକ ପ୍ରଭାତ ଭୋଳ, କୋଷାଧ୍ୟକ୍ଷ ବିକାଶ ପ୍ରଧାନ ପୁରସ୍କାର ବିତରଣୀ କାର୍ଯ୍ୟକ୍ରମରେ ଅତିଥି ଭାବେ ଯୋଗ ଦେଇଥିଲେ।

ଫାଇନାଲରେ ଘରୋଇ କଟକ-ଏ ଦଳ ଟସ୍ ଜିତି ପ୍ରଥମେ ବ୍ୟାଟିଂ ନିଷ୍ପତ୍ତି ନେଇଥିଲା। ଅନିଲ ସାହୁଙ୍କ ଶତକୀୟ ପାଳି ସହାୟତାରେ ଦଳ ୪୫ ଓଭରରେ ୮ ୱିକେଟ ହରାଇ ୨୩୭ ରନ ସଂଗ୍ରହ କରିଥିଲା। ଅନିଲ ୧୩୨ ବଲରୁ ୧୦୮ ରନର ଅପରାଜିତ ପାଳି ଖେଳିଥିଲେ। ସେହିଭଳି ପିୟୂଷ ମନ୍ତ୍ରୀ ୧୫ ବଲରୁ ଦ୍ରୁତ ୪୦ ରନ ସଂଗ୍ରହ କରିଥିଲେ। ଭୁବନେଶ୍ୱର-ଏ ପକ୍ଷରୁ ଚନ୍ଦ୍ରାଂଶୁ ବାଘେଲ ଏବଂ ପ୍ରଜ୍ଞା କୁମାର ପତ୍ରି ଯଥାକ୍ରମେ ୩ଟି ଓ ୨ଟି ୱିକେଟ ଦଖଲ କରିଥିଲେ। ଜବାବରେ ୨୩୮ ରନର ବିଜୟ ଲକ୍ଷ୍ୟକୁ ପିଛା କରିବାକୁ ଯାଇ ଭୁବନେଶ୍ୱର-ଏ'ର ପାଳି ୧୭୦ ରନରେ ସୀମିତ ରହିଥିଲା। ସ୍ୱାଗତ ମିଶ୍ର ୫୧ ରନର ସଂଘର୍ଷପୂର୍ଣ୍ଣ ପାଳି ଖେଳିଥିଲେ। ବିଜୟୀ ଦଳ ତରଫରୁ ସମ୍ବିତ ବେଜା ଏବଂ ଜନ୍ମେଜୟ ଜେନା ୨ଟି ଲେଖାଏ ୱିକେଟ ଦଖଲ କରିଥିଲେ। ଅପରାଜିତ ଶତକୀୟ ପାଳି ଖେଳିଥିବା ଅନିଲଙ୍କୁ ଫାଇନାଲର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଥିଲା। ପୁରସ୍କାର ବିତରଣୀ କାର୍ଯ୍ୟକ୍ରମରେ ଓସିଏ ସଦସ୍ୟ ଧୀରେନ ପଲାଇ, ସଂଗ୍ରାମ କେଶରୀ ଗୁମାନ ସିଂହ, ନୃସିଂହ ଚରଣ ଚୌଧୁରୀ, ସୁଶାନ୍ତ ମହାନ୍ତି, ନିର୍ବାଣ ରାୟ, ଶିବବ୍ରତ ମଲ୍ଲିକ ପ୍ରମୁଖ ଉପସ୍ଥିତ ଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS